

୪୦୦ କୋଟିର 'ରାମାୟଣ'
▶ପୃଷ୍ଠା ୧୧ ଦେଖନ୍ତୁ...


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-24 ◆FRIDAY ◆18 JULY 2025 ◆PAGE-12 ◆₹ 6.00 | JEYPORE | ◆ବର୍ଷ-୪୩ ◆ସଂଖ୍ୟା-୨୪ ◆ଶୁକ୍ରବାର ◆୧୮ ଜୁଲାଇ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ଇରାକ ସପିଙ୍ଗ୍ ମଲ୍‌ରେ ଅଗ୍ନିକାଣ୍ଡ; ୬୦ ମୃତ



■ **ବାଗଦାଗ, ୧୭ ।୭ (ଏଜେନ୍ସି):** ଇରାକ୍‌ର କୁଟ୍ ସହରର ଏକ ବଡ଼ ସପିଙ୍ଗ୍ ମଲ ତଥା ସୁପର ମାର୍କେଟ୍‌ରେ ଭୀଷଣ ଅଗ୍ନିକାଣ୍ଡ ଯୋଗୁଁ ୬୦ ଜଣ ବ୍ୟକ୍ତି ଜୀବନ୍ତ ଦଗ୍ଧ ହୋଇଯାଇଛନ୍ତି । ଏଥିରେ ୫୦ରୁ ଅଧିକ ଆହତ ହୋଇଛନ୍ତି । ସେମାନଙ୍କୁ ବିଭିନ୍ନ ହସପିଟାଲରେ ଭର୍ତ୍ତି କରାଯାଇଛି । ଅଗ୍ନିକାଣ୍ଡକୁ ଆୟତ୍ତ କରାଯାଇଥିଲେ ମଧ୍ୟ ୧୧ ଜଣ ନିଖୋଜ ରହିଛନ୍ତି ବୋଲି ଇରାକର ସରକାରୀ ସମାଚାର ଏଜେନ୍ସି ଆଇଏନ୍‌ଏ ସୂଚନା ଦେଇଛି । ଏଥିରେ କୁହାଯାଇଛି ଯେ ୫୯ ଜଣ ମୃତକଙ୍କ ପରିଚୟ ମିଳିସାରିଛି ଏବଂ ଜଣେ ବ୍ୟକ୍ତିର ମୃତଦେହ ଅତି ଭୟଙ୍କର ଭାବେ ଜଳି ଯାଇଥିବାରୁ ତା'ର ପରିଚୟ ମିଳିପାରି ନାହିଁ । ୫ ଦିନ ପୂର୍ବରୁ ଏହି ସୁପରମାର୍କେଟ ଖୋଲାଯାଇଥିଲା । ତେବେ କ'ଣ ପାଇଁ ଏହି ଅଗ୍ନିକାଣ୍ଡ ଘଟିଥିଲା ତାହାର କାରଣ ଜଣାପଡ଼ିନାହିଁ । ଘଟଣା ଯାଞ୍ଚ ପାଇଁ ଇରାକ ପ୍ରଧାନମନ୍ତ୍ରୀ ମହମ୍ମଦ ସିଆ ଅଲ-ସୁଦାନୀ ନିର୍ଦ୍ଦେଶ ଦେଇଛନ୍ତି । ଗତ ୨୦୨୩ରେ ଉତ୍ତର ଇରାକର ଏକ ୱେଡିଂ ହଲ୍‌ରେ ନିଆଁ ଲାଗିଯିବାରୁ ୧୦୦ରୁ ଅଧିକ ଲୋକ ପ୍ରାଣ ହରାଇଥିଲେ ।

## ପାଟନା ହସ୍ପିଟାଲ୍‌ରେ ଗ୍ୟାଙ୍ଗଷ୍ଟରକୁ ଗୁଳିକରି ହତ୍ୟା



■ **ପାଟନା, ୧୭ ।୭(ଏଜେନ୍ସି):** ୫ ଜଣ ସଶସ୍ତ୍ର ଯୁବକ ଆସିଲେ । ହାତରେ ପିସ୍ତଲ ଧରି ମେଡିକାଲ ଭିତରେ ପଶିଲେ । ମେଡିକାଲରେ ଚିକିତ୍ସାଧୀନ ଥିବା ରୋଗୀ ଉପରେ ଗୁଳି ବର୍ଷା କଲେ । ସେ ମରିଯିବା ପରେ ୩୦ ସେକଣ୍ଡ ଭିତରେ ମେଡିକାଲରୁ ଫେରାର ହୋଇଯାଇଥିଲେ । ଏହା କୌଣସି ଚଳଚ୍ଚିତ୍ରର ଦୃଶ୍ୟ ନୁହେଁ, ବରଂ ଏହା ହେଉଛି ବିହାର ରାଜଧାନୀ ପାଟନାରେ ଅପରାଧୀଙ୍କ ଜଘନ୍ୟ କାଣ୍ଡର ନଗ୍ନ ନମୁନା । ମୃତ ବ୍ୟକ୍ତି ଜଣକ ହେଉଛି ଦୁର୍ଦ୍ଦାନ୍ତ ଅପରାଧୀ ଚନ୍ଦନ ମିଶ୍ରା । ୧୨ଟି ହତ୍ୟା ମାମଲାରେ ଜେଲରେ ସଜା କାଟୁଥିବା ଚନ୍ଦନ ପାରୋଲରେ ଆସି ମେଡିକାଲରେ ଚିକିତ୍ସିତ ହେଉଥିବା ବେଳେ ତାକୁ ଏଭଳି ହତ୍ୟା କରାଯାଇଛି । ଏହି ହତ୍ୟାକାଣ୍ଡ ପଛରେ ବିରୋଧୀ ଗୋଷ୍ଠୀ ଶେରୁ ସିଂ ଗ୍ୟାଙ୍ଗର ହାତ ଥିବାର ସନ୍ଦେହ କରାଯାଉଛି ।

ପାଟନାର ପାରସ ହସ୍ପିଟାଲ୍‌ରେ ସ୍ପଷ୍ଟ ଦିବାଲୋକରେ ଗୁରୁବାର ଫିଲ୍ମ ଷ୍ଟାଇଲ୍‌ରେ ଗ୍ୟାଙ୍ଗଷ୍ଟର ହତ୍ୟାକାଣ୍ଡର ସିସିଟିଭି ଫୁଟେଜ୍ ସାମ୍ନାକୁ ଆସିଛି । ଏଥିରେ ୫ ଜଣ ▶ପୃଷ୍ଠା-୭

## ସୌମ୍ୟାଶ୍ରୀ ନିର୍ଯାତନା ନିଆଁ; ସାରା ରାଜ୍ୟରେ କ୍ରୋଧ

# ବନ୍ଦ ସ୍ୱତଃସ୍ଫୂର୍ତ୍ତ, ଶାନ୍ତିପୂର୍ଣ୍ଣ

**ବାଲେଶ୍ୱର ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟ ଛାତ୍ରୀ ଆତ୍ମାହୁତି ଘଟଣାର ପ୍ରତିବାଦରେ ଗୁରୁବାର ଓଡ଼ିଶା ବନ୍ଦ ଶାନ୍ତିପୂର୍ଣ୍ଣ ଓ ସଫଳ ହୋଇଛି । ମିଳିତ ବିରୋଧୀ ଦଳ ପକ୍ଷରୁ ଦିଆଯାଇଥିବା ଏହି ବନ୍ଦ ଡକରାକୁ ସ୍ୱତଃସ୍ଫୂର୍ତ୍ତ ସମର୍ଥନ ଦେଇ ସାରା ଓଡ଼ିଶାର ଜନସାଧାରଣ ଦିବଂଗତ ଛାତ୍ରୀଙ୍କୁ ସମ୍ମାନ ଓ ଶ୍ରଦ୍ଧାଞ୍ଜଳି ଜଣାଇବା ସହ ବ୍ୟବସ୍ଥାଗତ ତ୍ରୁଟିକୁ ପରୋକ୍ଷରେ ଧିକ୍କାର କରିଛନ୍ତି । ନାରୀ ସୁରକ୍ଷା ଓ ମହିଳା ସଶକ୍ତୀକରଣର ନାରା ଦେଇ କ୍ଷମତାକୁ ଆସିଥିବା ରାଜ୍ୟ ବିଜେପି ସରକାରର ମାତ୍ର ଏକ ବର୍ଷର ଶାସନ ପରେ ସାଧାରଣ ଜନତାଙ୍କ ତିକ୍ତ ଉପଲବ୍ଧିର ସ୍ୱର ସରକାରଙ୍କ ପାରିବାପଣିଆକୁ ଅଙ୍ଗୁଳି ନିର୍ଦ୍ଦେଶ କରିଛି ।**

### ଦୋକାନବଜାର ବନ୍ଦ, ବସ୍ ଓ ରେଳ ଚଳାଚଳ ପ୍ରଭାବିତ
### କଂଗ୍ରେସ ସମେତ ସାମିଲ ହେଲେ ୮ ସମଭାବାପନ୍ନ ଦଳ
### ଯୋଗଦେଲେ ମହିଳା ଓ ଛାତ୍ର କଂଗ୍ରେସ ଜାତୀୟ ସଭାପତି



■ **ଭୁବନେଶ୍ୱର, ୧୭।୭ (ସମିସ):** ସାରା ରାଜ୍ୟବାସୀଙ୍କ ମନରେ କ୍ରୋଧ ସୃଷ୍ଟି କରିଛି ସୌମ୍ୟାଶ୍ରୀ ନିର୍ଯାତନା ଓ ଆତ୍ମଦାହ ନିଆଁ । ଗାଁଠୁ ସହର, ଉପାନ୍ତରୁ ଉପକୂଳ ପର୍ଯ୍ୟନ୍ତ ସବୁଠି ସୌମ୍ୟାଶ୍ରୀଙ୍କ ମୃତ୍ୟୁ ସୃଷ୍ଟି କରିଛି ଆଲୋଡ଼ନ । ଯାହାର ପ୍ରତିଫଳନ ଆଜି ସାରା ରାଜ୍ୟରେ ଦେଖିବାକୁ ମିଳିଛି କଂଗ୍ରେସ ଓ ସମଭାବାପନ୍ନ ୮ ବିରୋଧୀଦଳ ଡକରାରେ ଆଜି ବନ୍ଦ ହୋଇ ଯାଇଛି ଅଖଚକ, ଦୋକାନବଜାର । ଶୂନଶାନ ହୋଇ ଯାଇଛି ସଡ଼କ, ଅଚଳ ହୋଇଯାଇଛି ବେପାରବଣିଜ । ଏଫ୍‌ଏମ୍ କଲେଜ ଛାତ୍ରୀଙ୍କୁ ନ୍ୟାୟ ଦାବିରେ ଗୁରୁବାର ଦିଆଯାଇଥିବା ୧୨ ଘଣ୍ଟିଆ ବନ୍ଦ ଡାକରା ପ୍ରଭାବରେ ସାରା ରାଜ୍ୟରେ ଏଭଳି ସ୍ଥିତି ସୃଷ୍ଟି ହୋଇଛି । ଲୋକମାନେ ସ୍ୱତଃପ୍ରବୃତ୍ତ ଭାବରେ ବନ୍ଦକୁ ସମର୍ଥନ ପ୍ରଦାନ କରିଛନ୍ତି । କେବଳ ଜରୁରୀକାଳୀନ ସେବାରେ ନିୟୋଜିତ କିଛି ଗାଡ଼ିକୁ ଛାଡ଼ି ଦେଲେ ରାଜ୍ୟସାରା ବନ୍ଦ ପ୍ରଭାବ ଦେଖିବାକୁ ମିଳିଛି । ଭୁବନେଶ୍ୱର, କଟକ, ସମ୍ବଲପୁର, ବ୍ରହ୍ମପୁର, ରାଉରକେଲା, ପୁରୀ, ବାରିପଦା, ଅନୁଗୋଳ, ଜୟପୁର, ବଲାଙ୍ଗିର ସହ ରାଜ୍ୟର ବିଭିନ୍ନ ସହରରେ ଯାନବାହନ ଚଳାଚଳ ବନ୍ଦ ହୋଇ ଯାଇଛି । ଜିଲ୍ଲା ମୁଖ୍ୟାଳୟ, ବ୍ଲକ୍, ଏପରିକି ଗାଁରେ ମଧ୍ୟ ଏହାର ପ୍ରଭାବ ଦେଖିବାକୁ ମିଳିଛି ।

ସାରା ରାଜ୍ୟରେ ଖାଁ ଖାଁ ସ୍ଥିତି ସୃଷ୍ଟି ହୋଇଛି । ସକାଳ ୬ଟାରୁ ବନ୍ଦର ପ୍ରଭାବ ଆରମ୍ଭ ହୋଇଥିବାରୁ କଂଗ୍ରେସ ଓ ସହଯୋଗୀ ବିରୋଧୀ ଦଳର ନେତାମାନେ ବିଭିନ୍ନ ସ୍ଥାନରେ ପିକେଟିଂ କରି ବନ୍ଦରେ ସାମିଲ ହେବାକୁ ଲୋକଙ୍କୁ ନିବେଦନ କରିଛନ୍ତି । ବସ୍ ଓ ଟ୍ରେନ୍ ଚଳାଚଳ ବ୍ୟାହତ ହେବା ଯୋଗୁଁ ପରିବହନ ବ୍ୟବସ୍ଥା ଉପରେ ଗୁରୁତର ପ୍ରଭାବ ପଡ଼ିଛି । କାଁ ଭାଁ ଛୋଟଛୋଟ ଘଟଣାକୁ ବାଦ ଦେଲେ ରାଜ୍ୟର ପ୍ରାୟ ସବୁ ସ୍ଥାନରେ ବନ୍ଦ ଶାନ୍ତିପୂର୍ଣ୍ଣ ରହିଛି । ରାଜଧାନୀ ଭୁବନେଶ୍ୱରରେ ସକାଳୁ ସକାଳୁ ପିସିସି ▶ପୃଷ୍ଠା-୭

**୨୧ରୁ ସଂସଦର ମୌସୁମୀ ଅଧିବେଶନ**

## କେନ୍ଦ୍ର ପାଇଁ ଶିରପୀଡ଼ା ହେବ ଓଡ଼ିଶା ପ୍ରସଙ୍ଗ

■ **ଭୁବନେଶ୍ୱର/ନୂଆଦିଲ୍ଲୀ ୧୭।୭ (ସମିସ):** ଆସନ୍ତା ୨୧ରୁ ଆରମ୍ଭ ହେବ ସଂସଦର ମୌସୁମୀ ଅଧିବେଶନ । ଏଥିପାଇଁ ୨୦ ତାରିଖରେ ସର୍ବଦଳୀୟ ବୈଠକ ଅନୁଷ୍ଠିତ ହେବ । ମାତ୍ର ଆଗାମୀ ଅଧିବେଶନରେ କେନ୍ଦ୍ର ସରକାରଙ୍କୁ ଘେରିବା ନିମନ୍ତେ ୧୯ରେ ରଣନୀତି ପ୍ରସ୍ତୁତ କରିବ ବିରୋଧୀଙ୍କ ଇଣ୍ଡିମେଣ୍ଟ । ବିଶେଷ ଭାବରେ ଆଗାମୀ ଅଧିବେଶନରେ ଜାତୀୟ ପ୍ରସଙ୍ଗ ସହ ବିରୋଧୀଙ୍କ ପାଇଁ ଓଡ଼ିଶା ଘଟଣା ପ୍ରମୁଖ ପ୍ରସଙ୍ଗ ପାଲଟିବ ବୋଲି କୁହାଯାଉଛି । ଗତ ଦୁଇ ମାସ ମଧ୍ୟରେ ବିଭିନ୍ନ ଘଟଣା ଜାତୀୟ ଓ ଆନ୍ତର୍ଜାତୀୟ ସ୍ତରରେ ଓଡ଼ିଶାର ଛବିକୁ ମଳିନ କରିଛି । ଗୋପାଳପୁର ଗଣ ବଳାତ୍କାର ଘଟଣା, ରଥଯାତ୍ରା ଅଘଟଣ ଓ ଦଳାଚକଟାରେ ୩ ମୃତ, ବିଏମ୍‌ସି କାର୍ଯ୍ୟାଳୟରେ ଅତିରିକ୍ତ କମିଶନରଙ୍କୁ ଘୋଷାରି ଘୋଷାରି ମାଡ଼, ଧରାକୋଟରେ ଦୁଇ ଦଳିତଙ୍କ ପ୍ରତି ବର୍ବର ବ୍ୟବହାର ଏବଂ ଏବେ ବ୍ୟବସ୍ଥା ଦ୍ୱାରା ନିର୍ଯାତିତ ହୋଇ ଛାତ୍ରୀ ସୌମ୍ୟାଶ୍ରୀଙ୍କ ଆତ୍ମଦାହ ଘଟଣା ଓଡ଼ିଶାକୁ ଜାତୀୟସ୍ତରରେ ନିନ୍ଦିତ କରିଛି । ରାଜ୍ୟର ଆଇନଶୃଙ୍ଖଳା ଓ ପ୍ରଶାସନିକ ଅପାରଗତା ଯୋଗୁଁ ଏପରି ଘଟଣା ଘଟୁଥିବା ଜାତୀୟ ରାଜନୈତିକ ଦଳଗୁଡ଼ିକ ଅଭିଯୋଗ କରିଛନ୍ତି । ବିଶେଷ ଭାବରେ ବିରୋଧୀଦଳ ନେତା ରାହୁଲ ଗାନ୍ଧୀ, ସାଂସଦ ପ୍ରିୟଙ୍କା ଗାନ୍ଧୀ, ଏଆଇସିସି ସଭାପତି ମଲ୍ଲିକାର୍ଜ୍ଜୁନ ଖଡ଼୍‌ଗେ, ବରିଷ୍ଠ ନେତା ଜୟରାମ ରମେଶ, ତୃଣମୂଳ କଂଗ୍ରେସ ମୁଖ୍ୟ ମମତା ବାନାର୍ଜୀ ଯେପରି ଓଡ଼ିଶା ପ୍ରସଙ୍ଗରେ ସକ୍ରିୟ ହୋଇଛନ୍ତି; ତାହା ବିରୋଧୀଙ୍କ ଆଭିମୁଖ୍ୟକୁ ସ୍ପଷ୍ଟ କରିଛି । ସେହିପରି ଓଡ଼ିଶାରେ ବଙ୍ଗଳାଭାଷୀ ଶ୍ରମିକଙ୍କୁ ଅଟକ ପ୍ରସଙ୍ଗକୁ ନେଇ ତୃଣମୂଳ କଂଗ୍ରେସ



### ୧୯ରେ ଇଣ୍ଡିମେଣ୍ଟ ବୈଠକ; ପ୍ରସ୍ତୁତ ହେବ ରଣନୀତି

କଠୋର ଆଭିମୁଖ୍ୟ ପୋଷଣ କରିଛି । ଗତକାଲି ପଶ୍ଚିମବଙ୍ଗ ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ ଏହି ପ୍ରସଙ୍ଗରେ ବିଜେପି ଓ ଏହି ଦଳ ଶାସିତ ରାଜ୍ୟକୁ ନିଶାଣ କରିଛନ୍ତି । ପଶ୍ଚିମ ବଙ୍ଗ ଲୋକଙ୍କୁ ବିଜେପି ଶାସିତ ରାଜ୍ୟ ।।ରେ ଅଟକ ରଖାଯାଇଥିବାରୁ ଏହାର ପ୍ରତିବାଦ କରି କୋଲକାତାରେ ଏକ ବିଶାଳ ରାଲିର ଆୟୋଜନ କରିଥିଲେ । ତୃଣମୂଳ କଂଗ୍ରେସ ଏହି ପ୍ରସଙ୍ଗକୁ ▶ପୃଷ୍ଠା-୭

**ଏଫ୍‌ଏମ୍ ଛାତ୍ରୀ ଆତ୍ମଦାହ ଘଟଣା**

## କ୍ରାଇମବ୍ରାଞ୍ଚ ଟିମ୍‌ର ଖୋଳତାଡ଼

■ **ବାଲେଶ୍ୱର/କଟକ, ୧୭ ।୭ (ସମିସ):** ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟ ଛାତ୍ରୀ ସୌମ୍ୟାଶ୍ରୀ ବିଶି ଆତ୍ମଦାହ ଘଟଣାରେ ତଦନ୍ତ ପ୍ରକ୍ରିୟାକୁ ଜୋରଦାର୍ କରିଛି କ୍ରାଇମବ୍ରାଞ୍ଚ । ଆଜି ଅପରାହ୍ଣରେ କ୍ରାଇମବ୍ରାଞ୍ଚର ୫ ଜଣିଆ ଟିମ୍ କଲେଜରେ ପହଞ୍ଚି ଖୋଳତାଡ଼ କରିଛି । ଏହି ଟିମ୍‌ରେ ୱିମେନ ୱିଙ୍ଗର ଆଇଜି ଏସ୍‌ଏସ୍ ସାଇନିଙ୍କ ସହ ଡିଏସ୍‌ପି ଇମାମ କଲ୍ୟାଣ ନାୟକ, ଇନ୍ସପେକ୍ଟର ପାଂଚାଳି ରାଉତ ପ୍ରମୁଖ ରହିଥିଲେ । ଅପରାହ୍ଣ ପ୍ରାୟ ୪ଟା୧୫ରେ ସର୍କିଟ ହାଉସଠାରୁ ବାହାରି ଉକ୍ତ ଟିମ୍ ଫକୀର ମୋହନ ମହାବିଦ୍ୟାଳୟକୁ ଯାଇଥିଲେ । ଆଜି ପେଟ୍ରୋଲକୁ ନେଇ ତନାଘନା ହୋଇଥିବା ଜଣାଯାଇଛି । ଘଟଣା ଦିନ ସୌମ୍ୟାଶ୍ରୀ ସାଙ୍ଗରେ କଲେଜକୁ ପେଟ୍ରୋଲ ଆଣିଥିଲେ ନା ତାଙ୍କୁ କିଏ ପେଟ୍ରୋଲ ଦେଇଥିଲା, ଯଦି ଅନ୍ୟ କିଏ ତାଙ୍କୁ ଯୋଗାଇଛି ତେବେ ସେ କିଏ? ସେହିପରି, କଲେଜ ପରିସରକୁ ପଲିଥିନ୍‌ରେ ପେଟ୍ରୋଲ ଅଣାଯାଇଥିଲା ନା କୌଣସି ଡବାରେ ଏବଂ କେଉଁ ପେଟ୍ରୋଲ ପମ୍ପରୁ ପେଟ୍ରୋଲ ଅଣାଯାଇଥିଲା, ସେନେଇ କ୍ରାଇମବ୍ରାଞ୍ଚ ତନାଘନା କରିଛି । ଘଟଣା ଘଟିବାର କିଛି ସମୟ ପୂର୍ବରୁ ଜଣେ କଲେଜ ଛାତ୍ର ନିକଟସ୍ଥ ▶ପୃଷ୍ଠା-୭

**କ୍ୟାମ୍ପସକୁ କିଏ ଆଣିଥିଲା ପେଟ୍ରୋଲ, କିଏ ଦିଆସିଲି?**

**ଏସ୍‌ସିବିରେ ଜ୍ୟୋତିପ୍ରକାଶଙ୍କୁ ପଚରାଉଚରା**

### ଆଜିଠୁ ଉଚ୍ଚସ୍ତରୀୟ କମିଟି ତଦନ୍ତ

■ **ଭୁବନେଶ୍ୱର, ୧୭ ।୭ (ସମିସ):** ଫକୀରମୋହନ ମହାବିଦ୍ୟାଳୟ ଛାତ୍ରୀ ଆତ୍ମଦାହ ମାମଲାରେ କ୍ରାଇମବ୍ରାଞ୍ଚ ଓ ଉଚ୍ଚଶିକ୍ଷା ବିଭାଗ ତଦନ୍ତ କରିଛି । ମାମଲାରେ ସମ୍ପୃକ୍ତ ଅଧ୍ୟାପକ ଓ ଅଧ୍ୟକ୍ଷ ଜେଲ୍ ଯାଇଥିବା ବେଳେ ଆଭ୍ୟନ୍ତରୀଣ ଅଭିଯୋଗ କମିଟି (ଆଇସିସି) ଙ୍କ ଭୂମିକାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି । ଏହାର ତଦନ୍ତ ପାଇଁ ଆସନ୍ତାକାଲି ଅର୍ଥାତ୍ ଶୁକ୍ରବାର ଆଉ ଏକ ଉଚ୍ଚସ୍ତରୀୟ କମିଟି କଲେଜକୁ ଯିବ । ଆଇସିସି କମିଟିର ସମସ୍ତ ସଦସ୍ୟଙ୍କୁ ଗୋଟି ଗୋଟି କରି ପଚରାଉଚରା ▶ପୃଷ୍ଠା-୭

**ବ୍ୟକ୍ତିଗତ ହାଜିରା ଦେବେ ସମସ୍ତ ଆଇସିସି ସଦସ୍ୟ**

## ଛାତ୍ରୀଙ୍କୁ ଯୌନ ଶୋଷଣ; ଅଧ୍ୟାପକ ଗିରଫ

■ **ସମ୍ବଲପୁର, ୧୭ ।୭ (ସମିସ):** ବାଲେଶ୍ୱର ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟରେ ଅଧ୍ୟାପକଙ୍କ ନିର୍ଯାତନାର ଶିକାର ହୋଇ ଛାତ୍ରୀ ସୌମ୍ୟାଶ୍ରୀ ବିଶି ଜୀବନ ହାରିବା ଘଟଣାକୁ ଦିନ ୨ଟା ନ ବିତୁଣୁ ସମ୍ବଲପୁରରୁ ପୁଣି ଏକ ଛାତ୍ରୀ ନିର୍ଯାତନାର ଖବର ଆସିଛି । ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟର ଜଣେ ଅଧ୍ୟାପକ ବିବାହର ପ୍ରଲୋଭନ ଦେଖାଇ ଜଣେ ଛାତ୍ରୀଙ୍କୁ ଯୌନ ଶୋଷଣ କରୁଥିବା ଭଳି ସଂଗିନ୍ ଅଭିଯୋଗ ହୋଇଛି । ଏନେଇ ଥାନାରେ ମାମଲା ପରେ ପୁଲିସ୍ ଏଜୁକେସନ୍ ବିଭାଗର ଆସିଷ୍ଟାଣ୍ଟ ପ୍ରଫେସର୍ ଡ. ଗୋପିକାନ୍ତ ସୁନା (୩୨) ଙ୍କୁ ଗିରଫ କରିଛି । ତାଙ୍କ ଘର ବରଗଡ଼ ଜିଲ୍ଲାରେ । ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷ ତାଙ୍କୁ ନିଲମ୍ବିତ କରିଛନ୍ତି ।

ସୂଚନାନୁସାରେ, ବିଶ୍ୱବିଦ୍ୟାଳୟର ବିଏ ବିଏଡ୍ ଯୁକ୍ତ ଦୁଇବର୍ଷର ଜଣେ ଛାତ୍ରୀ ଗତକାଲି ମହିଳା ଥାନାର ଦ୍ୱାରସ୍ଥ ହୋଇଥିଲେ ।



ଅଭିଯୋଗ ଅନୁସାରେ, ୨୦୨୩ ଡିସେମ୍ବରରୁ ଏକାଡେମିକ୍ କ୍ଷେତ୍ରରେ ସାହାଯ୍ୟ କରିବା ଆଳରେ ଗୋପିକାନ୍ତ ତାଙ୍କ ସହ ସଂପର୍କ ବଢ଼ାଇଥିଲେ । ଏପରିକି, ପରେ ବିବାହର ପ୍ରତିଶ୍ରୁତି ଦେଇ ବାରମ୍ବାର ଶାରୀରିକ ସମ୍ପର୍କ ରଖିଥିଲେ । କିନ୍ତୁ, ବର୍ତ୍ତମାନ ଅଧ୍ୟାପକ ଜଣଙ୍କ ବିବାହ କରିବା ପାଇଁ ରାଜି ହେଉନାହାନ୍ତି । ଏଥିରେ ଛାତ୍ରୀଜଣଙ୍କ ମାନସିକସ୍ତରରେ ଭାଙ୍ଗିପଡ଼ିଛନ୍ତି । ତେଣୁ, ନ୍ୟାୟ ପାଇବା ଆଶାରେ ବାଧ୍ୟ ହୋଇ ବୁଧବାର ମହିଳା ଥାନାର ଦ୍ୱାରସ୍ଥ ହୋଇଥିଲେ । ପୁଲିସ୍ ମାମଲା ରୁଜୁ କରି ଅଭିଯୁକ୍ତ ଗୋପିକାନ୍ତଙ୍କୁ ବୁଢ଼ାରଜାରୁ ଗିରଫ କରି କୋର୍ଟଚାଲାଣ କରିଛି । ଏହି ଘଟଣା ସାମ୍ନାକୁ ଆସିବା ▶ପୃଷ୍ଠା-୭

**ସମ୍ବଲପୁରରେ ଲଜ୍ଜା!**

**ମଙ୍ଗଳ ବିଭାଗରେ ପୁଣି ଅମଙ୍ଗଳ**

## ଆବାସିକ ବିଦ୍ୟାଳୟ ଆଦିବାସୀ ଛାତ୍ରୀ ଗର୍ଭବତୀ

■ **ବିଷମ କଟକ, ୧୭।୭ (ସମିସ):** ମଙ୍ଗଳ ବିଭାଗରେ ପୁଣି ଅମଙ୍ଗଳ । ରାୟଗଡ଼ା ଜିଲ୍ଲାରେ ଘଟିଛି ଆଉ ଏକ ଲଜ୍ଜାଜନକ ଘଟଣା । ବିଷମକଟକ ବ୍ଲକ୍ ଡକୁମ୍ ଗ୍ରାମରେ ଥିବା ଅନୁସୂଚିତ ଜାତି ଓ ଜନଜାତି ତଥା କଲ୍ୟାଣ ବିଭାଗ ଦ୍ୱାରା ପରିଚାଳିତ ସରକାରୀ ଆବାସିକ ବିଦ୍ୟାଳୟର ଜଣେ ନାବାଳିକା ଛାତ୍ରୀ ଗର୍ଭବତୀ ହୋଇଛନ୍ତି । ବୁଧବାର ରାତିରେ ବିଷମକଟକ ଥାନାରେ ଏତଲା ଦିଆଯାଇଛି । ପୁଲିସ ଜଣେ ଯୁବକଙ୍କୁ ଥାନାରେ ଅଟକ ରଖି ପଚରାଉଚରା ଚଳାଇଛି । ଛାତ୍ରୀଙ୍କ ପୁନଃ ଡାକ୍ତରୀମାଇନା ପରେ ତାଙ୍କୁ ଶିଶୁ ମଙ୍ଗଳ କମିଟିରେ ହାଜର କରାଯିବ ବୋଲି ଥାନା ଅଧିକାରୀ ସୂର୍ଯ୍ୟଚନ୍ଦ୍ର ପାଢ଼ୀ କହିଛନ୍ତି ।

ଗତକାଲି ବିଷମ କଟକ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭ୍ରାମ୍ୟମାଣ ଦଳ ଡୁକୁମ ସରକାରୀ ଉଚ୍ଚ ଆବାସିକ ବିଦ୍ୟାଳୟ ଆନ୍ତେବାସୀ ଛାତ୍ରୀମାନଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରିଥିଲେ । ସମ୍ପୃକ୍ତ ଛାତ୍ରୀଙ୍କ ସ୍ୱାସ୍ଥ୍ୟ ସମସ୍ୟା ଦେଖାଦେଇଥିବା ବେଳେ ପରୀକ୍ଷାରୁ ସେ ଗର୍ଭବତୀ ଥିବା ଜଣାପଡ଼ିଥିଲା । ଏ ସଂକ୍ରାନ୍ତରେ ସ୍ୱାସ୍ଥ୍ୟ ଚିକିତ୍ସକ ପ୍ରଧାନ ଶିକ୍ଷୟିତ୍ରୀଙ୍କୁ ଅବଗତ କରାଇଥିଲେ । ପ୍ରଧାନ ଶିକ୍ଷୟିତ୍ରୀ ଛାତ୍ରୀଙ୍କୁ ଡାକି ସମସ୍ତ କଥା ପଚାରି ବୁଝିଥିଲେ । ଛାତ୍ରୀଜଣଙ୍କ ଗ୍ରୀଷ୍ମଛୁଟିରେ ଘରକୁ ଯାଇଥିବା ବେଳେ ତାଙ୍କ ମାମୁପୁଅ ତାଙ୍କ ସହ ଅନୈତିକ ସମ୍ପର୍କ ରଖିଥିଲା । ଏ ସମସ୍ତ କଥା ଝିଅର ବାପା, ମା'ଙ୍କୁ ଶିକ୍ଷୟିତ୍ରୀ ସୂଚନା ଦେଇଥିଲେ । ଛାତ୍ରୀଜଣଙ୍କ ଗର୍ଭବତୀ ରହିଥିବା ନେଇ ବିଭାଗୀୟ କର୍ତ୍ତୃପକ୍ଷଙ୍କୁ ମଧ୍ୟ ଅବଗତ କରିଥିଲେ । କର୍ତ୍ତୃପକ୍ଷଙ୍କ ନିର୍ଦ୍ଦେଶ ଅନୁସାରେ ପ୍ରଧାନ ଶିକ୍ଷୟିତ୍ରୀ ବିଷମକଟକ ଥାନାରେ ଲିଖିତ ଅଭିଯୋଗ କରିଥିଲେ ।

**ନାଳିଫିତା ତଳେ ତଦନ୍ତ**

## ନ୍ୟାୟ ଅପେକ୍ଷାରେ ଆଉଜଣେ ସୌମ୍ୟା

■ **ପଟ୍ଟାମୁଣ୍ଡାଇ, ୧୭।୭ (ସମିସ):** ଏଫ୍‌ଏମ୍ କଲେଜ ଛାତ୍ରୀ ସୌମ୍ୟା ବିଶିଙ୍କ ଆତ୍ମଦାହ ଘଟଣାକୁ ନେଇ ସାରା ଓଡ଼ିଶାର ବିଭିନ୍ନ ରାଜନୈତିକ ସଂଗଠନ, ଗଣ ସଂଗଠନ ଓ ଛାତ୍ର ସଂଗଠନ ଆନ୍ଦୋଳନକୁ ଓହ୍ଲାଇଛନ୍ତି । ତେବେ ବହୁଚର୍ଚ୍ଚିତ ପଟ୍ଟାମୁଣ୍ଡାଇ କଲେଜର ଯୁକ୍ତ ୨ ଛାତ୍ରୀ ସୌମ୍ୟା ଶାଶ୍ୱତୀ ନାୟକଙ୍କ ଆତ୍ମହତ୍ୟା ଘଟଣାର ପର୍ଦ୍ଦାଫାଶ କେବେ ହେବ ଓ ଦୋଷୀ ଦଣ୍ଡ ପାଇବେ ସେନେଇ ଅଞ୍ଚଳବାସୀ ଅପେକ୍ଷା କରିଛନ୍ତି । ଘଟଣାର ୫ ମାସ ପରେ ବି ତଦନ୍ତ ନାଳିଫିତା ତଳେ ଚାପି ହୋଇରହିଛି । ଛାତ୍ରୀଙ୍କ ଆତ୍ମହତ୍ୟା ଘଟଣାର ରହସ୍ୟ ଏବେ ମଧ୍ୟ ସାର୍ବଜନୀନ ହୋଇପାରି ନାହିଁ । ପୁଲିସର ତଦନ୍ତ ମଧ୍ୟ ସନ୍ଦେହ ଘେରରେ ରହିଛି ।

ଅନ୍ୟପକ୍ଷରେ ଉଚ୍ଚ ଶିକ୍ଷା ବିଭାଗର ତଦନ୍ତ ମଧ୍ୟ ଦିଶାହୀନ ହୋଇପଡ଼ିଥିବା ପଟ୍ଟାମୁଣ୍ଡାଇ କଲେଜ ଆଲମୁନି ଆସୋସିଏସନର ସମ୍ପାଦକ ଆଡଭୋକେଟ ଗୋପୀନାଥ ତ୍ରିପାଠୀ ଓ ପଟ୍ଟାମୁଣ୍ଡାଇ ବିକାଶ ପରିଷଦର ସଭାପତି ତଥା କାଉନସିଲର ଗୋପୀବଲ୍ଲଭ ନାୟକ କ୍ଷୋଭକ୍ତି ପ୍ରକାଶ କରିଛନ୍ତି । କାହା ଇଙ୍ଗିତରେ ତଦନ୍ତ ବାଟବଣା ହେଉଛି ବୋଲି ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି । କେନ୍ଦ୍ରାପଡ଼ା ଜିଲ୍ଲାର ଦ୍ୱିତୀୟ ବୃହତ୍ତମ ପଟ୍ଟାମୁଣ୍ଡାଇ କଲେଜରେ ଏଭଳି ସମ୍ବେଦନଶୀଳ ଘଟଣା କଲେଜର ଖ୍ୟାତି ଓ ପ୍ରତିଷ୍ଠାରେ ଆଞ୍ଚ ଆଣିଛି । ଏହି ସମ୍ବେଦନଶୀଳ ଘଟଣାର ତଦନ୍ତ ଓ କାର୍ଯ୍ୟାନୁଷ୍ଠାନ ପାଇଁ ଉଚ୍ଚ ଶିକ୍ଷାମନ୍ତ୍ରୀଙ୍କ ନିର୍ଦ୍ଦେଶ ଏବେ ମଧ୍ୟ କାର୍ଯ୍ୟକାରୀ ହୋଇନଥିବାରୁ ବିଭାଗୀୟ ପାରିବାପଣିଆକୁ ପଦାରେ ପକାଇଛି ।

ଘଟଣାରେ ତତ୍କାଳୀନ ଅଧ୍ୟକ୍ଷଙ୍କ ବିବାଦୀୟ ବୟାନକୁ ନେଇ ବହୁ ଛାତ୍ର, ଅଣଛାତ୍ର, ରାଜନୈତିକ ସଂଗଠନ ପକ୍ଷରୁ ଦୃଢ ନିନ୍ଦା କରାଯିବା ସହିତ ଅଧ୍ୟକ୍ଷ ଦିଲ୍ଲୀପ ଭୂୟାଁଙ୍କୁ ତଦନ୍ତ ପରିସରଭୁକ୍ତ କରିବା ପାଇଁ ଦାବି ହୋଇ ଆସୁଥିବା ବେଳେ କୌଣସି କାର୍ଯ୍ୟାନୁଷ୍ଠାନ ହୋଇନାହିଁ । ଏନେଇ ସାଧାରଣରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି । ଗୋଟିଏ ପଟେ ଘଟଣାର ତଦନ୍ତ କରୁଥିବା ପୁଲିସ ସ୍ଥାନୀୟ ଲୋକ ଓ ବିଭିନ୍ନ ସଂଗଠନର ନେତୃବର୍ଗଙ୍କ କଥାକୁ ଗୁରୁତ୍ୱ ଦେଇନଥିବା ବେଳେ ମୃତା ଛାତ୍ରୀଙ୍କ ମାଆଙ୍କ ଉପରେ କଲେଜ ବିରୁଦ୍ଧରେ କେସ ନକରିବା ପାଇଁ ଚାପ ପକାଇଥିବା ଅଭିଯୋଗ ହୋଇଆସୁଛି ।

ଘଟଣାର ଉଚ୍ଚସ୍ତରୀୟ ତଦନ୍ତ କରାଯିବାକୁ କହିଥିବା ରାଜ୍ୟ ଉଚ୍ଚ ଶିକ୍ଷାମନ୍ତ୍ରୀଙ୍କ ଆଦେଶ କାର୍ଯ୍ୟକାରୀ ନହୋଇଥିବାରୁ ଏହା ପାଣିରେ ଗାର ସଦୃଶ ହୋଇଛି ବୋଲି ସାଧାରଣରେ ମତପ୍ରକାଶ ପାଇଛି । ▶ପୃଷ୍ଠା-୭

- **ଅସଦାଚରଣର ଶିକାର ହୋଇ କରିଥିଲେ ଆତ୍ମହତ୍ୟା**
- **ମାମଲା ନକରିବାକୁ ପୁଲିସ ପକାଉଥିଲା ଚାପ**
- **ତଦନ୍ତ ପାଇଁ ପ୍ରତିଶ୍ରୁତି ଦେଇଥିଲେ ଉଚ୍ଚ ଶିକ୍ଷାମନ୍ତ୍ରୀ**






## ବିଏଲ୍ଏ ଆକ୍ରମଣରେ ୨୭ ପାକ୍ ସୈନ୍ୟ ମୃତ

କ୍ୱେଟା, ୧୭ ।୭(ଏଜେନ୍ସି): ପାକିସ୍ତାନର ବେଲୁଚିସ୍ଥାନ ରାଜ୍ୟରେ ବିଦ୍ରୋହୀ ବେଲୁଚିସ୍ତାନ ଲିବରେସନ ଆର୍ମି (ବିଏଲ୍ଏ) ଆଉ ଏକ ବଡ଼ କାଣ୍ଡ ଘଟାଇଛି। ବିଏଲ୍ଏ ଆକ୍ରମଣରେ ୨୭ ଜଣ ପାକିସ୍ତାନ ସୈନ୍ୟ ପ୍ରାଣ ହରାଇଛନ୍ତି। ଗତ ୧୨ ଘଣ୍ଟା ମଧ୍ୟରେ ଅବାରାନ, କ୍ୱେଟା ଓ କଲାଜ ଜିଲ୍ଲାରେ ବିଏଲ୍ଏ ଆକ୍ରମଣ କରି ପାକିସ୍ତାନ ସେନାର ବଡ଼ କ୍ଷତି ଘଟାଇଛି। ସେନାର ଏକ ଟ୍ରାନ୍ସପୋର୍ଟ ବସକୁ ଟାର୍ଗେଟ କରି ବିଏଲ୍ଏ ବିଦ୍ରୋହୀ ଆକ୍ରମଣ କରିଥିଲେ। ଏଥିରେ ଏକାଧିକ ସୈନ୍ୟ ଆହତ ହୋଇଛନ୍ତି। ଏହି ବସ୍ କରାଚୀରୁ କ୍ୱେଟା ଯାଉଥିଲା। ସେହିପରି ଅନ୍ୟ ଏକ ଘଟଣାରେ କ୍ୱେଟାର ହାଜରଗଞ୍ଜି ଅଞ୍ଚଳରେ ବିଏଲ୍ଏ ବିଦ୍ରୋହୀଙ୍କ ଆକ୍ରମଣରେ ୨ ଜଣ ସୈନ୍ୟ ମୃତ୍ୟୁବରଣ କରିଥିବା ବେଳେ ୭ ଜଣ ଆହତ ହୋଇଛନ୍ତି। ଗତ ଏକ ଦଶନ୍ଧି ଧରି ପାକିସ୍ତାନରୁ ଅଲଗା ହୋଇ ସ୍ୱାଧୀନତା ହାସଲ କରିବାକୁ ବେଲୁଚିସ୍ତାନରେ ଏହି ବିଦ୍ରୋହ ଦେଖାଯାଇଛି ଓ ଏହା ଦିନକୁ ଦିନ ତୀବ୍ରତର ହେବାକୁ ଲାଗିଛି।

## ଭାଇଭାଉଜ, ପୁତୁରା ଉପରେ କାର୍ ଚଢ଼ାଇଦେଲେ ଓକିଲ

ମୋଗା, ୧୭ ।୭(ଏଜେନ୍ସି): ପଞ୍ଜାବର ମୋଗା ଜିଲ୍ଲାରେ ଏକ ପରିବାରରେ ଚାଲିଥିବା ଜମି ବିବାଦ ଶେଷରେ ହିଂସକ ରୂପ ଧାରଣ କରିଛି। ଜଣେ ବ୍ୟକ୍ତି ନିଜ ଭାଇ, ଭାଉଜ ଓ ପୁତୁରା ଉପରେ କାର୍ ଚଢ଼ାଇ ଦେଇଛନ୍ତି। ଏଥିରେ ୩ ଜଣ ଯାକ ଆହତ ହୋଇଛନ୍ତି। ରକ୍ତ ଜୁଡୁବୁଡୁ ଅବସ୍ଥାରେ ଏହି ୩ ଜଣଙ୍କୁ ସ୍ଥାନୀୟ ସିଭିଲ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ଏହି ଘଟଣା ଘର ବାହାରେ ଲଗାଯାଇଥିବା ସିସିଟିଭି କ୍ୟାମେରାରେ ରେକର୍ଡ ହୋଇଛି। ଏହା ଭାଇରାଲ ହେବାରେ ଲାଗିଛି। ପୁତୁରାର ମୁଣ୍ଡ ଓ ନାକରେ ଆଘାତ ଲାଗିଥିବା ବେଳେ ବଡ଼ ଭାଇ ଗମ୍ଭୀର ଭାବେ ଆହତ ହୋଇଛନ୍ତି। ଅଭିଯୁକ୍ତ ସାନ ଭାଇ ଓ ତାଙ୍କ ପତ୍ନୀଙ୍କ ବିରୋଧରେ ପୁଲିସ୍ ମାମଲା ରୁଜୁ କରିଛି। ୩.୫ ଏକର ଜମି ପାଇଁ ଦୁଇ ଭାଇଙ୍କ ମଧ୍ୟରେ ଦୀର୍ଘ ଦିନ ହେବ ବିବାଦ ଚାଲିଛି।

## ବ୍ରିଟେନରେ ମତଦାନ ବୟସ ୧୬କୁ ହ୍ରାସ

ଲଣ୍ଡନ, ୧୭ ।୭(ଏଜେନ୍ସି): ଦୀର୍ଘ ୫୬ ବର୍ଷ ପରେ ବ୍ରିଟେନ ନିର୍ବାଚନ ପ୍ରକ୍ରିୟାରେ ଏକ ବଡ଼ ପରିବର୍ତ୍ତନ କରାଯାଇଛି। ଏବେ ଏହି ଦେଶରେ ୧୬ ଓ ୧୭ ବର୍ଷର ପିଲାଙ୍କୁ ମତଦାନ ଅଧିକାର ମିଳିଛି। ବ୍ରିଟେନରେ ମତଦାନର ସର୍ବନିମ୍ନ ବୟସ ୧୬କୁ ହ୍ରାସ କରାଯାଇଛି। ପୂର୍ବରୁ ୧୯୬୯ରେ ବ୍ରିଟେନରେ ମତଦାନର ବୟସ ଶେଷ ଥର ପାଇଁ ପରିବର୍ତ୍ତନ କରାଯାଇଥିଲା। ସେତେବେଳେ ଏହାକୁ ୨୧ରୁ ୧୮ ବର୍ଷ କରାଯାଇଥିଲା। ଏହାକୁ ବ୍ରିଟେନ ନିର୍ବାଚନ ପ୍ରକ୍ରିୟାରେ ସବୁଠାରୁ ବଡ଼ ସଂସ୍କାର ବୋଲି କୁହାଯାଉଛି। ପୂର୍ବରୁ କେବଳ ସ୍କଟଲାଣ୍ଡ ଓ ୱେଲ୍ସରେ କେତୋଟି ନିର୍ବାଚନରେ ଯୁବ ଭୋଟରମାନେ ମତଦାନ ଦେବାର ଅଧିକାର ପାଇଥିଲେ। କିନ୍ତୁ ଏବେ ସାରା ବ୍ରିଟେନ୍‌ରେ ୧୬ ବର୍ଷ ବୟସର ପିଲାମାନେ ମତଦାନ କରିପାରିବେ। ଏହାଦ୍ୱାରା ସାରା ଦେଶରେ ୯୫ ଲକ୍ଷ ଲୋକ ଲାଭବାନ ହୋଇପାରିବେ। ଏଥିସହ ସରକାର ଭୋଟ ପରିଚୟ ପତ୍ର ନିୟମରେ ମଧ୍ୟ ପରିବର୍ତ୍ତନ କରିଛନ୍ତି। ଡ୍ରାଇଭିଂ ଲାଇସେନ୍ସ, ବ୍ୟାଙ୍କ କାର୍ଡ ଦେଖାଇ ଭୋଟର ମତଦାନ କରିପାରିବେ।

## ପାକିସ୍ତାନର ପଞ୍ଜାବରେ ଭୟଙ୍କର ବନ୍ୟା

ଇସଲାମାବାଦ୍, ୧୭ ।୭(ଏଜେନ୍ସି): ପାକିସ୍ତାନର ପଞ୍ଜାବ ପ୍ରଦେଶରେ ଗୁରୁବାର ପ୍ରବଳ ବର୍ଷା ହେବା ସହ ଭୟଙ୍କର ବନ୍ୟା ଆସିଛି। ଏଥିରେ ଗତ ୨୪ ଘଣ୍ଟା ମଧ୍ୟରେ ୬୩ ଜଣ ମୃତ୍ୟୁବରଣ କରିଥିବା ବେଳେ ୨୯୦ ଜଣ ଆହତ ହୋଇଛନ୍ତି। ସ୍ଥିତିର ଗମ୍ଭୀରତାକୁ ହୃଦୟଙ୍ଗମ କରି ସରକାର କେତେକ ଅଞ୍ଚଳରେ ଏମର୍ଜେନ୍ସି ଲାଗୁ କରିଛନ୍ତି। ଲାହୋରରେ ୧୫, ଫୈସଲାବାଦ୍‌ରେ ୯, ସାହିବାଲ୍‌ରେ ୫, ପାକପଟ୍ଟନରେ ୩ ଓ ଓକାରାରେ ୯ ଜଣ ପ୍ରାଣ ହରାଇଛନ୍ତି ବୋଲି ପଞ୍ଜାବ ଡିଜାଷ୍ଟର ମ୍ୟାନେଜମେଣ୍ଟ ଅଥରିଟି (ପିଡିଏମ୍ଏ) ସୂଚନା ଦେଇଛି। ମୃତକଙ୍କ ପରିବାରକୁ ଅନୁକମ୍ପାମୂଳକ ରାଶି ଦେବାକୁ ସରକାର ଘୋଷଣା କରିଛନ୍ତି। ପ୍ରବଳ ବର୍ଷା ହେବ ବୋଲି ପାଣିପାଗ ବିଭାଗ ପୂର୍ବରୁ ସତର୍କ ସୂଚନା ଜାରି କରିଥିଲା। ବନ୍ୟା ପ୍ରଭାବିତ ଲୋକଙ୍କୁ ଉଦ୍ଧାର କରିବାକୁ ଉଦ୍ଧାରକାରୀ ଦଳ ଲାଗି ପଡ଼ିଛନ୍ତି। ରାଜଧାନୀ ଇସ୍‌ଲାମାବାଦ୍‌ରେ ପ୍ରବଳ ବର୍ଷା ହେବ ବୋଲି ସତର୍କ କରାଇ ଦିଆଯାଇଛି।

## ୟୁଲିଆ ୟୁକ୍ରେନର ନୂଆ ପ୍ରଧାନମନ୍ତ୍ରୀ

କିଭ୍, ୧୭ ।୭(ଏଜେନ୍ସି): ଯୁଦ୍ଧ ବିଧ୍ୱସ୍ତ ୟୁରୋପୀୟ ଦେଶ ୟୁକ୍ରେନରେ ଏବେ ଜଣେ ନୂଆ ପ୍ରଧାନମନ୍ତ୍ରୀ ନିଯୁକ୍ତ ହୋଇଛନ୍ତି। ୩୯ ବର୍ଷୀୟା ୟୁଲିଆ ସିରିଡେଙ୍କୋ ମହିଳା ପ୍ରଧାନମନ୍ତ୍ରୀ ଭାବେ ଦାୟିତ୍ୱ ଗ୍ରହଣ କରିଛନ୍ତି। ରାଷ୍ଟ୍ରପତି ଭୋଲୋଡାମିର



ଜେଲେଁସ୍କି ତାଙ୍କ ନାମ ସୁପାରିସ କରିଥିଲେ। ପରେ ୟୁଲିଆଙ୍କୁ ସଂସଦରେ ନୂଆ ପ୍ରଧାନମନ୍ତ୍ରୀ ଭାବେ ନିର୍ବାଚିତ କରାଯାଇଥିଲା। ସେ ଜେଲେଁସ୍କିଙ୍କ ବିଶ୍ୱସ୍ତ ଅନୁଗତ ଭାବେ ଜଣାଶୁଣା। ପୂର୍ବରୁ ୟୁଲିଆ ଉପ-ପ୍ରଧାନମନ୍ତ୍ରୀ ଓ ଅର୍ଥମନ୍ତ୍ରୀ ଭାବେ ଦାୟିତ୍ୱ ତୁଲାଉଥିଲେ। ସେ ମଧ୍ୟ ଜଣେ ଅର୍ଥଶାସ୍ତ୍ରୀ ରହିଛନ୍ତି। ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ସହ ଖଣିଜ ଚୁକ୍ତି କରାଇବାରେ ସେ ଅଗ୍ରଣୀ ଭୂମିକା ଗ୍ରହଣ କରିଥିଲେ। ଏଥିପାଇଁ ସେ ସବୁ ମହଲରୁ ପ୍ରଶଂସିତ ହୋଇଥିଲେ। ଏଥିସହ ନୂଆ କ୍ୟାବିନେଟ୍‌ରେ ମଧ୍ୟ କିଛି ପରିବର୍ତ୍ତନ ହୋଇଛି। ୨୦୦୮ରେ ସେ ଅର୍ଥଶାସ୍ତ୍ରୀ ଭାବେ କ୍ୟାରିଅର ଆରମ୍ଭ କରିଥିଲେ। ୨୦୨୧ରେ ସେ ୟୁକ୍ରେନର ପ୍ରଥମ ଉପ-ପ୍ରଧାନମନ୍ତ୍ରୀ ଓ ଆର୍ଥିକ ବିକାଶ ମନ୍ତ୍ରୀ ଭାବେ ଦାୟିତ୍ୱ ଗ୍ରହଣ କରିଥିଲେ। ୧୯୮୫ ଡିସେମ୍ବର ୨୫ରେ ସେ ଚେରନିହିଭ ସହରରେ ୟୁଲିଆ ଜନ୍ମଗ୍ରହଣ କରିଥିଲେ।

# ସମାଧିସ୍ଥଳର ଛାତିଥରା କାହାଣୀ

ବେଙ୍ଗାଲୁରୁ, ୧୭।୭ (ଏଜେନ୍ସି): କର୍ଣ୍ଣାଟକ ଦକ୍ଷିଣ କନ୍ନଡ ଜିଲ୍ଲା ସ୍ଥିତ ଧର୍ମସ୍ଥଳ ସହରରୁ ଯୌନ ଉତ୍ପୀଡ଼ନ, ହିଂସା ଏବଂ ହତ୍ୟାର ହୃଦୟ ବିଦାରକ କାହାଣୀର ପର୍ଦ୍ଦାଫାସ ହୋଇଛି। ମହିଳା, ଛାତ୍ରୀ, ନାବାଳିକା ଆଦିଙ୍କୁ ଅପହରଣ କରି କ୍ଷମତାଶାଳୀଙ୍କ ଯୌନସୁଖ ମେଣ୍ଟା ଯାଉଥିଲା। ନିର୍ଯାତନା ଦେବା ପରେ ହତ୍ୟା କରି ମୃତଦେହକୁ ଠିକଣାରେ ଲଗା ଯାଉଥିଲା। କୌଣସି ଗୋଟିଏ ସ୍ଥାନରେ ପୋତିଲେ ଜଣାପଡ଼ିବା ବୋଲି କର୍ମଚାରୀଙ୍କୁ ଲଗାଇ ଭିନ୍ନ ଭିନ୍ନ ସ୍ଥାନରେ ମୃତଦେହ ପୋତି କିମ୍ବା ଜଳାଇ ଦିଆଯାଉଥିଲା। ଏହାର କୌଣସି ଖବର ମଧ୍ୟ ମିଳୁ ନଥିଲା। ଦୀର୍ଘ ବର୍ଷ ଧରି ଏହି ମୃତ୍ୟୁ ଏବଂ ଅତ୍ୟାଚାରର ଖେଳ ଚାଲିଥିଲା। ସହରରୁ ଜଣଙ୍କ ପରେ ଜଣେ ଯୁବତୀ, ମହିଳା, ଛାତ୍ରୀ ନିଖୋଜ ହେବାରେ ଲାଗିଥିଲେ। ଅଭିଯୋଗ ସତ୍ତ୍ୱେ ଯାଞ୍ଚ ଆଗେଇ ପାରୁ ନ ଥିଲା। ପୁଲିସ ପୀଡ଼ିତାଙ୍କ ଖୋଜ ଖବର ମଧ୍ୟ ପାଉ ନଥିଲା। କିଛି ଦିନ ପରେ ପୁଣି ମାମଲା ଦବି ଯାଉଥିଲା। ଶହେରୁ ଅଧିକ ମହିଳାଙ୍କ ମୃତଦେହ ଧର୍ମସ୍ଥଳର ଆଖପାଖରେ ପୋତା ଯାଇଛି। ଯିଏ ଏ ବିଷୟରେ ମୁହଁ ଖୋଲୁଥିଲା ତାକୁ ଧମକ ଦିଆଯାଉଥିଲା। ନ ମାନିଲେ ମାରି ଦିଆଯାଉଥିଲା। ଆଶ୍ଚର୍ଯ୍ୟର ବିଷୟ ଏହି କି ଯେ ମେଙ୍ଗାଲୁରୁର ନେତ୍ରାବତୀ ନଦୀକୂଳରେ ଥିବା ଏହି ମଞ୍ଜୁନାଥ ମନ୍ଦିରରେ ୧୯ ବର୍ଷ ପର୍ଯ୍ୟନ୍ତ କାର୍ଯ୍ୟ କରିଥିବା ଜଣେ ସଫେଇ କର୍ମୀ ଏହି ଦାବି କରିଛନ୍ତି।

ଅନେକ ବର୍ଷ ପର୍ଯ୍ୟନ୍ତ ସେ ଏହି ହତ୍ୟାର ମୂକସାକ୍ଷୀ ହୋଇ ରହିଥିଲେ। ଏହା ସତ୍ତ୍ୱେ ତାଙ୍କ ପରିବାରର ଝିଅକୁ ମଧ୍ୟ ଛଡ଼ା ଯାଇ ନ ଥିଲା। ଏହା ଦେଖିବା ପରେ ଉକ୍ତ ସଫେଇ କର୍ମୀ ପରିବାର ସହ ଉକ୍ତ ଅଞ୍ଚଳ ଛାଡ଼ି ପଳାଇ ଥିଲେ। ଡରି ଡରି କର୍ଣ୍ଣାଟକ ଆଖପାଖ ରାଜ୍ୟରେ ଶରଣ ନେଉଥିଲେ। ମାତ୍ର ୧୯ ବର୍ଷର ଏହି ଯନ୍ତ୍ରଣା ତାଙ୍କୁ ଶାନ୍ତିରେ ବଞ୍ଚିବାକୁ ଦେଇ ନଥିଲା। ଶେଷରେ ସେ ବେଲ୍‌ଥାଗଣ୍ଡି କୋର୍ଟରେ ଏକ ଖପୁରୀ ସହ ହାଜର ହୋଇ ଏହି କରୁଣ କାହାଣୀ

### ଶହ ଶହ ମହିଳାଙ୍କୁ ଦୁଷ୍କର୍ମ ଓ ହତ୍ୟା ପରେ ପୋତାଯାଇଛି

ବର୍ଣ୍ଣନା କରିଥିଲେ। ଏହି ମନ୍ଦିରରେ ହିନ୍ଦୁ ପୂଜା କରୁଥିବାବେଳେ ତାହାକୁ ଏକ ଜୈନ ପରିବାର ଚଳାଉ ଥିଲା। ଗତ ୧୧ ତାରିଖରେ କୋର୍ଟରେ ହାଜର ହୋଇ ଉକ୍ତ ବ୍ୟକ୍ତି ଏହି ତଥ୍ୟ ଦେଇଛନ୍ତି। ତାଙ୍କୁ କୋର୍ଟରେ ହାଜର କରିବା ସମୟରେ ଅଭୂତପୂର୍ବ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଥିଲା। ସାରା ଶରୀର ମୁଖା ଲଗାଇ ତାଙ୍କୁ କୋର୍ଟରେ ହାଜର କରାଯାଇଥିଲା। କେବଳ ଦେଖିବା ପାଇଁ ଟିକେ ଫାଙ୍କ ରହିଥିଲା। ଜୀବନ ଏବଂ ପରିବାର ପ୍ରତି ବିପଦ ଥିବାରୁ ଏବଂ କେହି ତାଙ୍କ ପରିଚୟ ନ ଜାଣିବା ଲାଗି ଏହି ପଦକ୍ଷେପ ନିଆଯାଇଥିଲା। ବୟାନ ରେକର୍ଡ କରିବା ପରେ ତାଙ୍କୁ ଏକ ଅଜଣା ସ୍ଥାନକୁ ନେଇ ରଖା ଯାଇଥିଲା। ସେ କରିଥିବା ଦାବି ଯଦି ସତ୍ୟ ସାବ୍ୟସ୍ତ ହୁଏ ତେବେ ଏହା ଦେଶକୁ ଦୋହଲାଇ ଦେଇଥିବା ଖୁଲାସା ହେବ।

ଧର୍ମସ୍ଥଳର ପୂର୍ବରୁ କାମ କରୁଥିବା ଏହି ସଫେଇ କର୍ମୀ କହିଥିଲେ ଯେ ୧୯ ବର୍ଷ ହେଲା ଧର୍ମସ୍ଥଳ ଗାଁରେ ଅନେକ ମୃତଦେହକୁ ସେ ଠିକଣାରେ ଲଗାଇଛନ୍ତି। ଏମାନଙ୍କ ମଧ୍ୟରେ ଅନେକ ମହିଳା ଏବଂ ଯୁବତୀ ସାମିଲ ଅଛନ୍ତି। ତାଙ୍କ ଦେହରେ କପଡ଼ା ନ ଥିଲା କି ଅନ୍ତର୍ବସ୍ତ୍ର ପିନ୍ଧି ନ ଥିଲେ। ଶରୀରରେ କ୍ଷତ ଚିହ୍ନ ଥିଲା। ବେକ କାଟି ହତ୍ୟା କରାଯାଇଥିଲା। ସମସ୍ତେ ଯୌନ ଉତ୍ପୀଡନର ଶିକାର ହୋଇଥିବା ସ୍ପଷ୍ଟ ବାରି ହୋଇ ପଡୁଥିଲା। ୧୯୯୫ରୁ ୨୦୧୪ ମଧ୍ୟରେ ଏଭଳି କାଣ୍ଡ ଘଟିଥିଲା। ଏକ ପ୍ରଭାବଶାଳୀ ପରିବାର ଦ୍ୱାରା ପରିଚାଳିତ ଏହି ମନ୍ଦିରରେ ପୂର୍ବରୁ ଏହି ଧାରା ଜାରି ରହିଥିଲା ବୋଲି କୁହାଯାଉଛି। ତେବେ ଆଶ୍ଚର୍ଯ୍ୟର ବିଷୟ ଏହି କି ଯେ ଅଭିଯୋଗ ହେବା ସତ୍ତ୍ୱେ ପୁଲିସ ଏ ପର୍ଯ୍ୟନ୍ତ ମାମଲାର ତଦନ୍ତ ଆରମ୍ଭ କରିନାହିଁ। ସେ ପୂର୍ବରୁ ଦକ୍ଷିଣ କନ୍ନଡ ଜିଲ୍ଲାର ଏସଏସପିଙ୍କୁ ଚିଠି ଲେଖି ଏହି ଅଭିଯୋଗ କରିଥିଲେ। ସେ କୋର୍ଟ ଏବଂ ପୁଲିସକୁ ପ୍ରମାଣ ଦେବା ଲାଗି ଖପୁରୀ ଧରି କୋର୍ଟକୁ ଆସିଥିଲେ।

ଏହି ବ୍ୟକ୍ତି ଅଭିଯୋଗ କରିବା ପରେ ଅନେକ ପୀଡ଼ିତ ସାମ୍ନାକୁ ଆସିଲେଣି। ସୌଜନ୍ୟା (୨୦୧୨), ଅନନ୍ୟା (୨୦୦୩ ମେଡିକାଲ ଛାତ୍ରୀ), ନାରାୟଣ, ଯମୁନା, ବେଦାବଲ୍ଲି, ପଦ୍ମଲତା ଆଦିଙ୍କ ମାମଲାର ସତ୍ୟ ଏ ପର୍ଯ୍ୟନ୍ତ ସାମ୍ନାକୁ ଆସିନାହିଁ।

## ବେଙ୍ଗାଲୁରୁ ଦଳାଚକଟାରେ ଆର୍‌ସିବି, କୋହଲିଙ୍କ ଭୂମିକା ରହିଛି



ବେଙ୍ଗାଲୁରୁ, ୧୭।୭ (ଏଜେନ୍ସି): ଆଇପିଏଲ ବିଜୟ ପରେ ବେଙ୍ଗାଲୁରୁରେ ରୟାଲ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ (ଆରସିବି)ର ବିଜୟ ପରେଡରେ ହୋଇଥିବା ଦଳାଚକଟାର ସରକାରୀ ରିପୋର୍ଟ ସାମ୍ନାକୁ ଆସିଛି। ଏହି ରିପୋର୍ଟରେ ସରକାରଙ୍କୁ କ୍ଲିନ୍‌ଚିଟ୍ ଦିଆଯାଇଛି। ଦୁର୍ଘଟଣା ପାଇଁ ଆରସିବିକୁ ଦାୟୀ କରାଯାଇଛି। ଏଥିରେ କ୍ରିକେଟର ବିରାଟ କୋହଲିଙ୍କ ନାମ ମଧ୍ୟ ରହିଛି। କର୍ଣ୍ଣାଟକ ସରକାର କହିଛନ୍ତି ଯେ ଚିନ୍ନାସ୍ୱାମୀ ଷ୍ଟାଡିୟମରେ ଆୟୋଜିତ ବିଜୟ ପରେଡ୍ ପାଇଁ ଆରସିବି ସରକାରଙ୍କଠାରୁ କୌଣସି ଅନୁମତି ନେଇ ନ ଥିଲା। କିନ୍ତୁ ଖାଲି ଏହାର ସୂଚନା ଦିଆଯାଇଥିଲା। ଆଇନ ଅନୁଯାୟୀ ଏପରି କାର୍ଯ୍ୟକ୍ରମ ପାଇଁ ଅତିକମରେ ସାତ ଦିନ ପୂର୍ବରୁ ଅନୁମତି ନେବାକୁ ପଡେ। କିନ୍ତୁ ଆରସିବି ସରକାରୀ ଅନୁମତି ପାଇଁ ଆବେଦନ କରି ନ ଥିଲା। କେତେ ଲୋକ ଆସିବେ, ବ୍ୟବସ୍ଥା କିମ୍ବା ସମ୍ଭାବ୍ୟ ସମସ୍ୟା ବିଷୟରେ ଅବଗତ କରାଯାଇ ନ ଥିଲା। ତେଣୁ ଅନୁମତି ଦିଆଯାଇ ନ ଥିଲା। ବିରାଟ କୋହଲିଙ୍କ ନାମରେ ଲୋକଙ୍କୁ ଡକା

### ରିପୋର୍ଟରେ ସରକାରଙ୍କୁ କ୍ଲିନ୍‌ଚିଟ୍

### ମାଗଣା ପାସ୍ ଯୋଗୁଁ ଅଣାୟତ୍ତ ହୋଇଥିଲା ସ୍ଥିତି

ଯାଇଥିଲା। ମାଗଣା ପାସ୍ ମଧ୍ୟ ବଣ୍ଟା ଯାଇଥିଲା। ଅସମ୍ଭାଳ ଭିଡ଼ ଯୋଗୁଁ ଦଳାଚକଟା ହୋଇଥିଲା। ଏଥିରେ ୧୧ ଜଣଙ୍କ ମୃତ୍ୟୁ ହୋଇଥିବାବେଳେ ୫୦ ଜଣ ଆହତ ହୋଇଥିଲେ।

ଏହି ରିପୋର୍ଟରେ କୁହାଯାଇଛି ଯେ ଯଦି କାର୍ଯ୍ୟକ୍ରମକୁ ହଠାତ୍ ବାତିଲ କରାଯାଇଥାନ୍ତା ତେବେ ହିଂସା ସୃଷ୍ଟି ହେବାର ଆଶଙ୍କା ଥିଲା। ସହରରେ ଆଇନ ଶୃଙ୍ଖଳା ମଧ୍ୟ ବିପର୍ଯ୍ୟସ୍ତ ହୋଇଥାନ୍ତା। ଗତ ୧୫ ତାରିଖରେ ସରକାରଙ୍କ ପକ୍ଷରୁ ହାଇକୋର୍ଟରେ ଏହି ରିପୋର୍ଟ ଦାଖଲ କରାଯାଇଥିଲା। ଏହି ରିପୋର୍ଟକୁ ଗୋପନୀୟ ରଖିବା ପାଇଁ ସରକାର ଅନୁରୋଧ କରିଥିଲେ। ମାତ୍ର ଏପରି ଗୋପନୀୟତାର କୌଣସି ଆଇନଗତ ଆଧାର ନାହିଁ ବୋଲି ହାଇକୋର୍ଟ କହିଥିଲେ। ସେହିପରି କର୍ଣ୍ଣାଟକ ମନ୍ତ୍ରୀ ଶରଣ ପ୍ରକାଶ ପାଟିଲ କହିଛନ୍ତି ଯେ କୌଣସି ବଡ଼ ଆୟୋଜନ ବିଭାଗର ଦାୟିତ୍ୱ ହୋଇଥାଏ। ନିଶ୍ଚିତ ଭାବେ ଏଠାରେ ଭୁଲ୍ ହୋଇଛି। ଯୁବ ବର୍ଗଙ୍କ ଜୀବନ ଯାଇଛି। ଏହାକୁ ସହଜରେ ନ ନେଇ ଆମେ କାର୍ଯ୍ୟାନୁଷ୍ଠାନ ନେବୁ।

## ସୁନା ଚୋରା ଚାଲାଣ: ରାନ୍ୟାଙ୍କୁ ଏକବର୍ଷ ଜେଲ୍ ଦଣ୍ଡ



ନୂଆଦିଲ୍ଲୀ, ୧୭ ।୭(ଏଜେନ୍ସି): କନ୍ନଡ ଅଭିନେତ୍ରୀ ରାନ୍ୟା ରାଓଙ୍କୁ ସୁନା ଚୋରା ଚାଲାଣ ମାମଲାରେ ଏକ ବର୍ଷର ଜେଲ୍ ଦଣ୍ଡାଦେଶ ଦିଆଯାଇଛି। ବୁଧବାର ଉପଦେଷ୍ଟା କମିଟି ମୁଦ୍ରା ସଂରକ୍ଷଣ ଓ ଚୋରା ଚାଲାଣ ଗତିବିଧିକୁ ରୋକିବା ଅଧିନିୟମ (ସିଓଏଫଇପିଓଏସ୍ଏ) ଅନୁସାରେ ଏହି ଦଣ୍ଡାଦେଶ ଦେଇଛି। ଜେଲ୍‌ରେ ରହିବା ବେଳେ ରାନ୍ୟାଙ୍କୁ ଏହି କମିଟି ଜାମିନ ଆବେଦନ ଓ ପାଇବାର ଅଧିକାର ଦେବାକୁ ମନା କରିଛି। ଗତ ମେ ୨୦ରେ ବେଙ୍ଗାଲୁରୁର ଏକ କୋର୍ଟ ରାନ୍ୟାଙ୍କ ସହ ଅନ୍ୟ ଅଭିଯୁକ୍ତ ତରୁଣ ରାଜୁଙ୍କୁ ଜାମିନ ଦେଇଥିଲା। ୨ ଲକ୍ଷ ଟଙ୍କାର ବଣ୍ଡରେ କୋର୍ଟ ଏହି ଦୁଇଜଣଙ୍କୁ କେତୋଟି ସର୍ତ୍ତ ସହ ଡିଫଲ୍ଟ ଜାମିନ ଦେଇଥିଲା। ଦୁଇଜଣଙ୍କୁ ଦେଶ ଛାଡି ନ ଯିବା ପାଇଁ ଓ ଏହି ଅପରାଧ ନ ଦୋହରାଇବା ପାଇଁ ନିର୍ଦ୍ଦେଶ ଦେଇଥିଲା।

## ଦର୍ଶନଙ୍କ ପାଇଁ ହାଇକୋର୍ଟଙ୍କୁ ସୁପ୍ରିମକୋର୍ଟଙ୍କ ଭର୍ତ୍ସନା

ନୂଆଦିଲ୍ଲୀ, ୧୭ ।୭(ଏଜେନ୍ସି): ବହୁ ଚର୍ଚ୍ଚିତ ରେଣୁକାସ୍ୱାମୀ ହତ୍ୟାକାଣ୍ଡ ମାମଲାରେ ସୁପ୍ରିମକୋର୍ଟ କର୍ଣ୍ଣାଟକ ହାଇକୋର୍ଟଙ୍କୁ ଭର୍ତ୍ସନା କରିଛନ୍ତି। ଏହି ମାମଲାର ଅଭିଯୁକ୍ତ କନ୍ନଡ ଅଭିନେତା ଦର୍ଶନ ଥୁଗୁଦୀପାଙ୍କୁ ହାଇକୋର୍ଟ ଜାମିନ ଦେଇଥିଲେ। ତେବେ ସୁପ୍ରିମକୋର୍ଟ ଜାମିନ ଦେବା ନେଇ ହାଇକୋର୍ଟଙ୍କୁ ପ୍ରଶ୍ନ କରିଛନ୍ତି। ବିଚାରପତି ଜେବି ପାର୍ଦ୍ଦିୱାଲା ଓ ଆର ମହାଦେବନଙ୍କ ଖଣ୍ଡପୀଠ ହାଇକୋର୍ଟଙ୍କ ଜାମିନ ନିଷ୍ପତ୍ତି ନେଇ ଆଦୌ ସହମତ ନୁହଁନ୍ତି ବୋଲି କହିଛନ୍ତି। ହାଇକୋର୍ଟ ଏହି ମାମଲାରେ ଯେଉଁଭଳି ଭାବେ ବିବେକ ପ୍ରୟୋଗ କରିଛନ୍ତି ସେ ନେଇ ସୁପ୍ରିମକୋର୍ଟ ସନ୍ତୁଷ୍ଟ ନୁହଁନ୍ତି। ଏ ନେଇ ଖଣ୍ଡପୀଠ ଦର୍ଶନଙ୍କ ତରଫରୁ ମାମଲା ଲଢୁଥିବା ବରିଷ୍ଠ ଓକିଲ କପିଲ ଶିବଲଙ୍କୁ ମଧ୍ୟ ପ୍ରଶ୍ନ କରିଛନ୍ତି। ଉଲ୍ଲେଖଥାଉ କି, ଦର୍ଶନଙ୍କ ସମେତ ଅଭିନେତ୍ରୀ ପବିତ୍ରା ଗୌଡା ଓ ଅନ୍ୟ କେତେକ ସାଥି ହୋଇ ୩୩ ବର୍ଷୀୟ ରେଣୁକାସ୍ୱାମୀ ନାମକ ଜଣେ ପ୍ରଶଂସକଙ୍କୁ ଅପହରଣ କରି ହତ୍ୟା କରିଥିଲେ।

**ଅହମଦାବାଦ ବିମାନ ଦୁର୍ଘଟଣା**

## ପାଇଲଟଙ୍କୁ କାହିଁକି ଦୋଷ ଦେଉଛି ବିଦେଶୀ ଗଣମାଧ୍ୟମ

ନୂଆଦିଲ୍ଲୀ, ୧୭।୭ (ଏଜେନ୍ସି): ଅହମଦାବାଦ ବିମାନ ଦୁର୍ଘଟଣାକୁ ନେଇ ଆମେରିକୀୟ ଖବରକାଗଜ 'ୱାଲ୍ ଷ୍ଟ୍ରିଟ ଜର୍ଣ୍ଣାଲ' (ଡବ୍ଲ୍ୟୁଏସ୍‌ଜେ) ନୂଆ ଦାବି କରିଛି। ଏହି ବିମାନର ପାଇଲଟ ସୁମିତ ସଭରୱାଲ ଇଞ୍ଜିନକୁ ଇନ୍ଧନ ଯୋଗାଣ ବନ୍ଦ କରି ଦେଇଥିଲେ ବୋଲି କୁହାଯାଇଛି। ଉଭୟ ପାଇଲଟଙ୍କ ମଧ୍ୟରେ ହୋଇଥିଲା ବାର୍ତ୍ତାଳାପର କକ୍‌ପିଟ ରେକର୍ଡିଂରୁ ଏହି ସୂଚନା ମିଳିଛି। ଭଏସ ରେକର୍ଡିଂରୁ ଜଣାପଡ଼ିଛି ଯେ ବୋଇଂ ବିମାନ ଉଡ଼ାଉ ଥିବା କୋ-ପାଇଲଟ କ୍ଲାଇଭ କୁନ୍ଦର ସୁମିତଙ୍କୁ କହିଥିଲେ ଯେ ଆପଣ ଫୁଏଲ ସ୍ୱିଚ୍‌କୁ 'କଟ୍‌ଅଫ୍' ପୋଜିସନ୍‌କୁ କାହିଁକି ଆଣିଥିଲେ? ଏହି ପ୍ରଶ୍ନ କରିବା ସମୟରେ କୋ-ପାଇଲଟ ବିଚଳିତ ହୋଇ ଯାଇଥିଲେ। ତାଙ୍କ ସ୍ୱରରେ ଭୟ ଥିଲା। କିନ୍ତୁ କ୍ୟାପ୍‌ଟେନ୍ ସୁମିତ ଶାନ୍ତ ଥିଲେ ବୋଲି ଡବ୍ଲ୍ୟୁଏସ୍‌ଜେ ପକ୍ଷରୁ କୁହାଯାଇଛି। ଦୁର୍ଘଟଣାର ଯାଞ୍ଚ ସମ୍ବନ୍ଧିତ ଆମେରିକା ସୂତ୍ରରୁ ଖବରକାଗଜ ଏହି ସୂଚନା ଦେଇଛି। ତେବେ ଭାରତୀୟ ଏଜେନ୍ସି ପକ୍ଷରୁ ଏ ନେଇ କୌଣସି ସୂଚନା ଦିଆଯାଇନାହିଁ। କିନ୍ତୁ ବିମାନ କମ୍ପାନୀ ବୋଇଂକୁ ବଞ୍ଚାଇବା ଲାଗି ବିଦେଶୀ ଗଣମାଧ୍ୟମ ପାଇଲଟ୍‌ଙ୍କ

### ନିର୍ଦ୍ଦିଷ୍ଟ ଉଦ୍ଦେଶ୍ୟ ରଖି ଦୋଷ ଲଦାଯାଉଛି: ଏଏଆଇବି

### ଭାରତଠାରୁ ଅଧିକ ସୂଚନା ରଖିଛ କି: ଭାରତୀୟ ବିଶେଷଜ୍ଞ

ଉପରେ ଦୋଷ ବୋଳିବାକୁ ଚାହୁଁଛନ୍ତି ବୋଲି କୁହାଯାଉଛି। ପୂର୍ବରୁ ମଧ୍ୟ ଅନେକ ଦୁର୍ଘଟଣାର ପାଇଲଟ୍‌ଙ୍କୁ ଦୋଷ ଦେଇ କମ୍ପାନୀଙ୍କୁ ସୁରକ୍ଷା ଦିଆଯାଇଥିବା ନଜିର ରହିଛି। ରିପୋର୍ଟ



ଅନୁଯାୟୀ ଏବେ ସୁଦ୍ଧା ସାରା ବିଶ୍ୱରେ ୬ ହଜାରରୁ ଅଧିକ ବୋଇଂ ବିମାନ ଦୁର୍ଘଟଣାଗ୍ରସ୍ତ ହେଲାଣି। ଏଥିରୁ ୪୧୫ଟି ଭୟଙ୍କର ଦୁର୍ଘଟଣା ଥିଲା। ଏଥିରେ ୯ ହଜାର ଲୋକଙ୍କ ଜୀବନ ଯାଇଛି। ତେଣୁ ବୋଇଂକୁ ଉଡ଼ନ୍ତା ମୃତ୍ୟୁ ବୋଲି କୁହାଯାଏ। ଏପରି ସ୍ଥଳେ ବୋଇଂର ଛବି ଖରାପ ନ କରିବା ପାଇଁ ଡବ୍ଲ୍ୟୁଏସ୍‌ଜେ ଏପରି ରିପୋର୍ଟିଂ କରୁଥିବା କୁହାଯାଉଛି।

ଅନ୍ୟପଟେ ଡବ୍ଲ୍ୟୁଏସ୍‌ଜେର ରିପୋର୍ଟକୁ ଭାରତର ଏୟାରକ୍ରାଫ୍ଟ ଆକ୍ସିଡେଣ୍ଟ ଇନଭେଷ୍ଟିଗେସନ ବ୍ୟୁରୋ (ଏଏଆଇବି) ଆଧାରହୀନ କହିଛି। ନିର୍ଦ୍ଦିଷ୍ଟ ଉଦ୍ଦେଶ୍ୟ ରଖି ଏବଂ ବିନା ଯାଞ୍ଚ ରିପୋର୍ଟିଂ କରାଯାଇଥିବା କୁହାଯାଇଛି। ଚୂଡ଼ାନ୍ତ ରିପୋର୍ଟ ନ ଆସିବା ପୂର୍ବରୁ ନିଷ୍କର୍ଷରେ ପହଞ୍ଚିବାକୁ ଆମେରିକା ଖବରକାଗଜ ପ୍ରୟାସ କରୁଛି। ତଦନ୍ତ ଜାରି ରହିଥିବାବେଳେ ଏଭଳି ଦାବି କରିବା ଦାୟିତ୍ୱହୀନତାର ପରିଣାମକୁ ଦର୍ଶାଉଛି। ସେହିପରି ଆଭିଏସନ ବିଶେଷଜ୍ଞ ସଞ୍ଜୟ ଲଜାର ଯାଞ୍ଚ ରିପୋର୍ଟ ଲିକ୍ ହେବା ଉପରେ ଚିନ୍ତା ପ୍ରକଟ କରିଛନ୍ତି। ସେ କହିଛନ୍ତି ଯେ ଆମେରିକା ଗଣମାଧ୍ୟମ ଭାରତର ସଂସଦ ଏବଂ ବେସାମରିକ ବିମାନ ଚଳାଚଳ ମନ୍ତ୍ରାଳୟଠାରୁ ଅଧିକ ସୂଚନା ରଖିଥିବା ପରି ଲାଗୁଛି। ଏହା ରିପୋର୍ଟ ସ୍ୱଚ୍ଛତା ଉପରେ ପ୍ରଶ୍ନ ଉଠାଉଛି।

## ଆମନ୍ତ୍ରଣ ପରେ ଫଡ଼ନାଭୀସଙ୍କୁ ଭେଟିଲେ ଉଦ୍ଧବ

ମୁମ୍ବାଇ, ୧୭।୭ (ଏଜେନ୍ସି): ମହାରାଷ୍ଟ୍ର ରାଜନୀତି ସରଗରମ ହୋଇ ପଡ଼ିଛି। ରାଜ୍ୟରେ ନୂଆ ସମୀକରଣ ନେଇ ଚର୍ଚ୍ଚା ହେଉଛି। ମୁଖ୍ୟମନ୍ତ୍ରୀ ଦେବେନ୍ଦ୍ର ଫଡନାଭୀସ ଏବଂ ଶିବସେନା (ୟୁବିଟି) ମୁଖ୍ୟ ଉଦ୍ଧବ ଠାକରେଙ୍କ ଭେଟଘାଟକୁ ନେଇ ଏହି ଚର୍ଚ୍ଚା ଜୋର୍ ଧରିଛି। ଉଭୟ ନେତା ବିଧାନପରିଷଦ ଅଧ୍ୟକ୍ଷ ରାମ ସିନ୍ଦେଙ୍କ କାର୍ଯ୍ୟାଳୟରେ ୨୦ ମିନିଟ ପର୍ଯ୍ୟନ୍ତ ଆଲୋଚନା କରିଛନ୍ତି। ଏହି ସମୟରେ ଉଦ୍ଧବଙ୍କ ପୁଅ ଆଦିତ୍ୟ ଠାକରେ ମଧ୍ୟ ଉପସ୍ଥିତ ଥିଲେ। ଏହାର ଦିନକ ତଳେ ବୁଧବାର ମୁଖ୍ୟମନ୍ତ୍ରୀ ଫଡନାଭୀସ ଏକ କାର୍ଯ୍ୟକ୍ରମରେ ଉଦ୍ଧବଙ୍କୁ ସରକାରରେ ସାମିଲ ହେବାକୁ ଆହ୍ୱାନ ଦେଇଥିଲେ। ସେ ଉଦ୍ଧବଙ୍କୁ କହିଥିଲେ ଯେ ୨୦୨୯ ପର୍ଯ୍ୟନ୍ତ ବିଜେପି ତାଙ୍କ ସହ ବିରୋଧୀ ଦଳରେ ସାମିଲ ହେବାର ସମ୍ଭାବନା ନାହିଁ। କିନ୍ତୁ ଉଦ୍ଧବ କ୍ଷମତାସୀନଙ୍କ ପକ୍ଷକୁ ଆସିପାରିବେ। ଏହା ଉପରେ ମଧ୍ୟ ବିଚାର କରାଯାଇପାରେ। ଚଳିତ ଥର ଆମେ ଅଲଗା ଭାବେ ଚିନ୍ତା କରିବୁ ବୋଲି ଫଡନାଭୀସ କହିଥିଲେ। ଏହାର ମାତ୍ର ୨୪ ଘଣ୍ଟା ଭିତରେ ଉଦ୍ଧବ ନିଜ ପୁଅକୁ ଧରି ମୁଖ୍ୟମନ୍ତ୍ରୀଙ୍କୁ ଭେଟିବା ଘଟଣା ଭିନ୍ନ କିଛି ସଙ୍କେତ ଦେଉଛି

### ବିଜେପି-ଶିବସେନା ଏକାଠି ହେବା ନେଇ ଚର୍ଚ୍ଚା !



ବୋଲି କୁହାଯାଉଛି। ଏହି ସମୟରେ ଉଦ୍ଧବ ଫଡନାଭୀସଙ୍କୁ ଏକ ପୁସ୍ତକ ଉପହାର ଦେଇଥିଲେ। ଏଥିରେ ଲେଖା ଯାଇଥିଲା ଯେ ହିନ୍ଦୀ ପ୍ରତି କଠୋର କାହିଁକି ଏବଂ ତ୍ରିଭାଷା ଜରୁରୀ କାହିଁକି? ଏବେ ଏହି ଚର୍ଚ୍ଚାକୁ ନେଇ ରାଜନୈତିକ ଅଙ୍କକଷା ଜାରି ରହିଛି। ତେବେ ପୂର୍ବରୁ ବିଜେପି ଉଦ୍ଧବଙ୍କୁ ଧୋକାବାଜ କହିଥିଲା। ଆଉ ତାଙ୍କ ସହ ମେଣ୍ଟ କରାଯିବ ନାହିଁ ବୋଲି କୁହାଯାଇଥିଲା।

୨୦୧୪ ପର୍ଯ୍ୟନ୍ତ ଶିବସେନା-ବିଜେପି ମେଣ୍ଟ ଠିକ୍‌ଠାକ୍ ଚାଲିଥିଲା। ମାତ୍ର ୨୦୧୪ ବିଧାନସଭା ନିର୍ବାଚନରେ ଆସନ ବୁଝାମଣାକୁ ନେଇ ତିକ୍ତତା ସୃଷ୍ଟି ହୋଇଥିଲା। ୨୦୧୯ ବିଧାନସଭା ନିର୍ବାଚନ ଜିତିବା ପରେ ମୁଖ୍ୟମନ୍ତ୍ରୀ ପଦକୁ ନେଇ ବିବାଦ ହେବାରୁ ଦୁଇ ଦଳ ଅଲଗା ହୋଇଥିଲେ। କଂଗ୍ରେସ, ଏନ୍‌ସିପି ସହ ମିଶି ସରକାର ଗଠନ କରି ଉଦ୍ଧବ ମୁଖ୍ୟମନ୍ତ୍ରୀ ହୋଇଥିଲେ।

## ହନିଟ୍ରାପ୍‌ରେ ଫସିଛନ୍ତି ୭୨ରୁ ଊର୍ଦ୍ଧ୍ୱ ଅଧିକାରୀ: ନାନା ପଟୋଲେ

ମୁମ୍ବଇ, ୧୭ ।୭(ଏଜେନ୍ସି): ମହାରାଷ୍ଟ୍ର କଂଗ୍ରେସର ପୂର୍ବତନ ଅଧ୍ୟକ୍ଷ ନାନା ପାଟୋଲେ ରାଜ୍ୟ ସରକାରଙ୍କ ବିରୋଧରେ ଏକ ବଡ଼ ଅଭିଯୋଗ ଆଣିଛନ୍ତି। ସାମ୍ନାକୁ ଆସିଥିବା ହନିଟ୍ରାପ୍ କାଣ୍ଡରେ ରାଜ୍ୟର କେତେଜଣ ମନ୍ତ୍ରୀ, ବରିଷ୍ଠ ଆଇଏଏସ୍ ଓ ଆଇପିଏସ୍ ଅଧିକାରୀ ଫସିଛନ୍ତି ବୋଲି ସେ କହିଛନ୍ତି। ରାଜ୍ୟ ସରକାରଙ୍କ ସୂଚନା ଅନୁସାରେ ୭୨ ଜଣ ଏଥିରେ ଫସିଛନ୍ତି। କିନ୍ତୁ ପ୍ରକୃତରେ ଆହୁରି ଅଧିକ ବିଶିଷ୍ଟ ବ୍ୟକ୍ତି ଏଥିରେ ଫସିଛନ୍ତି। ମୋ ପାଖରେ ଥିବା ପେନ୍ ଡ୍ରାଇଭ୍‌ରେ ସବୁ ପ୍ରମାଣ ରହିଛି। ତେବେ ଆମେ କାହାର ବ୍ୟକ୍ତିଗତ ଚରିତ୍ର ସଂହାର କରିବାକୁ ଚାହୁଁନାହୁଁ ଓ ଏଥିପାଇଁ ଏହାକୁ ସାର୍ବଜନୀନ କରୁନାହୁଁ। କିନ୍ତୁ ସରକାର ଯଦି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ ନ କରନ୍ତି, ତେବେ ବିରୋଧୀ ଦଳ ଏହାକୁ ସାର୍ବଜନୀନ କରିବାକୁ ବାଧ୍ୟ ହେବ ବୋଲି ସେ ସତର୍କ କରାଇଛନ୍ତି।

## ଭଦ୍ରାଙ୍କ ବିରୋଧରେ ଆରୋପପତ୍ର

ଗୁରୁଗ୍ରାମ୍, ୧୭ ।୭(ଏଜେନ୍ସି): ହରିୟାଣାର ଗୁରୁଗ୍ରାମ୍‌ରେ ଜମି ଚୁକ୍ତି ମାମଲାରେ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) କଂଗ୍ରେସ ନେତ୍ରୀ ତଥା ସାଂସଦ ପ୍ରିୟଙ୍କା ଭଦ୍ରାଙ୍କ ସ୍ୱାମୀ ରବର୍ଟ ଭଦ୍ରାଙ୍କ ବିରୋଧରେ ଆରୋପ ପତ୍ର ଦାଖଲ କରିଛି। ଏହା ଜମି କାରବାର ସହିତ ଜଡିତ ମନି ଲଣ୍ଡରିଂ ବାବଦରେ ଏହି ଆରୋପ ପତ୍ର ଜାରି କରାଯାଇଛି। ପ୍ରଥମଥର ପାଇଁ କୌଣସି ଯାଞ୍ଚ ଏଜେନ୍ସି କୌଣସି ଅପରାଧ ମାମଲାରେ ରବର୍ଟଙ୍କ ବିରୋଧରେ ଆରୋପ ପତ୍ର ଦାଏର କରିଛି। ଏଥିରେ ଅନ୍ୟ ବ୍ୟକ୍ତିଙ୍କ ସହ କମ୍ପାନୀଗୁଡିକର ନାମ ମଧ୍ୟ ସାମିଲ କରାଯାଇଛି। ୨୦୦୮ରେ ଗୁରୁଗ୍ରାମ୍‌ର ଶିକୋହପୁରରେ ଏହି ଲ୍ୟାଣ୍ଡ ଡିଲ୍ ହୋଇଥିଲା। ଏହି ମାମଲାରେ ସେବେକାର ମୁଖ୍ୟମନ୍ତ୍ରୀ ଭୁପେନ୍ଦ୍ର ସିଂ ହୁଡ୍ଡା, ରିୟଲ ଇଷ୍ଟେଟ କମ୍ପାନୀ ଡିଏଲ୍ଏଫ୍ ଓ ଜଣେ ପ୍ରପର୍ଟି ଡିଲରଙ୍କ ନାମରେ ୨୦୧୮ରେ ମାମଲା ରୁଜୁ କରାଯାଇଥିଲା। ଏହି ଏଫ୍ଆଇଆରରେ ଦୁର୍ନୀତି, ଷଡ଼ଯନ୍ତ୍ର, ଠକାମୀ ସହିତ ଅନ୍ୟ ଅଭିଯୋଗ ମଧ୍ୟ ହୋଇଥିଲା। ରବର୍ଟଙ୍କ ସହିତ ଜଡିତ କମ୍ପାନୀ ୭ କୋଟି ଟଙ୍କାରେ ଜମି କିଣି ୫୮ କୋଟି ଟଙ୍କାରେ ବିକ୍ରି କରିଥିବା ଅଭିଯୋଗ ହୋଇଛି।

## 'ସତ୍ୟଜିତ ରୟଙ୍କ ପୈତୃକ ଘର ଭଙ୍ଗାଯିବା ଖବର ଠିକ୍ ନୁହେଁ'

ନୂଆଦିଲ୍ଲୀ, ୧୭ ।୭(ଏଜେନ୍ସି): ପ୍ରଖ୍ୟାତ ସିନେମା ନିର୍ଦ୍ଦେଶକ ସତ୍ୟଜିତ ରୟଙ୍କ ପୈତୃକ ବାସଭବନ ଭଙ୍ଗାଯିବା ନେଇ ଚାଲିଥିବା ଚର୍ଚ୍ଚା ଓ ଖବରକୁ ବାଂଲାଦେଶ ସରକାର ଖଣ୍ଡନ କରିଛନ୍ତି। ମିମେନସିଂ ସହରରେ ସତ୍ୟଜିତଙ୍କ ଘରକୁ ବୁଲଡୋଜର ଦ୍ୱାରା ଭଙ୍ଗାଯାଇଛି ବୋଲି ଗଣମାଧ୍ୟମଗୁଡିକରେ ଖବର ପ୍ରକାଶ ପାଇଥିଲା। କିନ୍ତୁ ଭଙ୍ଗାଯାଇଥିବା ଘର ସହିତ ସତ୍ୟଜିତଙ୍କ ପରିବାରର କୌଣସି ସମ୍ପର୍କ ନାହିଁ ବୋଲି ସରକାର କହିଛନ୍ତି। ଏହି ଘର ଜମିଦାର ଶଶିକାନ୍ତ ଆଚାର୍ଯ୍ୟ ଚୌଧୁରୀଙ୍କ ଥିଲା। ଜମିଦାରୀ ପ୍ରଥା ଉଠିଯିବା ପରେ ଏହି ଘର ସରକାରଙ୍କ ନିୟନ୍ତ୍ରଣକୁ ଆସିଥିଲା ଓ ଏହାକୁ ବାଂଲାଦେଶ ଶିଶୁ ଏକାଡେମୀକୁ ପ୍ରଦାନ କରାଯାଇଥିଲା। ତେବେ ସତ୍ୟଜିତଙ୍କ ବାସଭବନ ବହୁପୂର୍ବରୁ ବିକ୍ରି ହୋଇସାରିଛି ଓ ଏଠାରେ ଏକ ବହୁତଳ କୋଠା ନିର୍ମାଣ କରାଯାଇଛି। ମେମେନସିଂର ହରିକିଶୋର ରୟ ରୋଡ୍‌ରେ ଥିବା ଘର ସତ୍ୟଜିତ୍‌ଙ୍କ ଅଣ ଜେଜେ ହରିକିଶୋର ରାୟଙ୍କ ନାମରେ ରହିଥିଲା। ଏହି ଘର ପୂର୍ବରୁ ବିକ୍ରି ହୋଇସାରିଛି ବୋଲି ବାଂଲାଦେଶର ଅନ୍ତରୀଣ ସରକାର କହିଛନ୍ତି।

## ସ୍ୱଚ୍ଛ ସର୍ବେକ୍ଷଣ ରାଙ୍କିଙ୍ଗ୍

# ଦେଶରେ ଦ୍ୱିତୀୟ ସ୍ଥାନରେ ଆସ୍କା, ଚିକିଟି

ଭୁବନେଶ୍ୱର, ୧୭।୭ (ସମିସ): ବର୍ଷ ୨୦୨୪-୨୫ ପାଇଁ ଜାତୀୟସ୍ତରରେ ସ୍ୱଚ୍ଛ ସର୍ବେକ୍ଷଣ ରାଙ୍କିଙ୍ଗ ପ୍ରକାଶ ପାଇଛି। ଏଥିରେ ଓଡ଼ିଶାର ଆସ୍କା ଓ ଚିକିଟି ଦ୍ୱିତୀୟ ସ୍ଥାନରେ ରହିଥିବା ବେଳେ ରାଜଧାନୀ ଭୁବନେଶ୍ୱର ୯ମ, ରାଉରକେଲା ୧୫ତମ ଓ କଟକ ୩୦ତମ ସ୍ଥାନ ଅକ୍ତିଆର କରିଛି। ସେହିପରି, ସ୍ୱଚ୍ଛ ସର୍ବେକ୍ଷଣରେ

**ନବମ ସ୍ଥାନରେ ଭୁବନେଶ୍ୱର, ୧୫ତମ ସ୍ଥାନରେ ରାଉରକେଲା**

ରାଜ୍ୟରେ ଆସ୍କା ପ୍ରଥମ ସ୍ଥାନରେ ରହିଛି।

ଭୁବନେଶ୍ୱରକୁ ୩ଲକ୍ଷରୁ ୧୦ଲକ୍ଷ ଜନସଂଖ୍ୟା ବିଶିଷ୍ଟ ସହର ଶ୍ରେଣୀରେ ଏହି ରାଙ୍କ୍ ପ୍ରଦାନ କରାଯାଇଛି। ନୂଆଦିଲ୍ଲୀସ୍ଥିତ ବିଜ୍ଞାନ ଭବନରେ ଆୟୋଜିତ ଏକ ଉତ୍ସବରେ କେନ୍ଦ୍ରୀୟ ଗୃହ ଏବଂ ଉନ୍ନୟନ ବିଭାଗ ପକ୍ଷରୁ ଭୁବନେଶ୍ୱରକୁ ଏଥିପାଇଁ ମନ୍ତ୍ରଣାଳୟ ସ୍ତରୀୟ ପୁରସ୍କାର- ପ୍ରମିଜିଂ ସ୍ୱଚ୍ଛ ସହର ରାଜ୍ୟ /କେନ୍ଦ୍ରଶାସିତ ଅଞ୍ଚଳ ଭାବେ ପୁରସ୍କୃତ କରାଯାଇଛି। ରାଜ୍ୟସ୍ତରୀୟ ରାଙ୍କିଙ୍ଗ୍‌ରେ ଆସ୍କା ଏନ୍‌ଏସି ଶ୍ରେଷ୍ଠ ପ୍ରଦର୍ଶନ କରି ୧ନମ୍ବର ସ୍ଥାନ ହାସଲ କରିଥିଲା କେନ୍ଦ୍ରୀୟ ରାଙ୍କିଙ୍ଗ୍‌ରେ ୨ନମ୍ବର ସ୍ଥାନ ପାଇ ରାଷ୍ଟ୍ରପତି ପୁରସ୍କାର ପାଇଛି। ରାଉଲକେଲା ୧୫ ନମ୍ବର ସ୍ଥାନରେ ରହିଥିଲା ବେଳେ କଟକ ୩୦ତମ ସ୍ଥାନରେ ରହିଛି।



ଭୁବନେଶ୍ୱରକୁ ସ୍ୱଚ୍ଛ ସର୍ବେକ୍ଷଣ ରାଙ୍କି ୨୦୨୪-୨୫ରେ ୧୦୫୪୮ ନମ୍ବର ନିଆଯାଇଛି। ଏଣୁ ରାଜ୍ୟ ସମସ୍ତ ସହର ମଧ୍ୟରେ ରାଙ୍କିରେ ୨ନମ୍ବର ସ୍ଥାନରେ ରହିଛି। ଗାର୍ବେଜ୍ ଫ୍ରି' ସିଟିରେ ୩ଷ୍ଟାର୍ ଦିଆଯାଇଛି। ଘଟଣାସ୍ଥଳରେ ଅଳିଆ ପୃଥକୀକରଣ ପାଇଁ ୭୮ପ୍ରତିଶତ ନମ୍ବର ଦିଆଯାଇଛି। ସେହିପରି ଓଡିଏଫ୍ ଷ୍ଟାଟସ୍ ୱାଟର+ ରହିଥିଲା ବେଳେ ପ୍ରକ୍ରିୟାକରଣରେ ୯୮ ପ୍ରତିଶତ ଏବଂ ଡୋର୍ ଟୁ ଡୋର୍ ବର୍ଜ୍ୟ ସଂଗ୍ରହରେ ୯୭ ପ୍ରତିଶତ ରହିଛି।

ରାଜ୍ୟ ନଗର ଉନ୍ନୟନ ମନ୍ତ୍ରୀ କୃଷ୍ଣଚନ୍ଦ୍ର ମହାପାତ୍ର, ଭୁବନେଶ୍ୱର ମେୟର ସୁଲୋଚନା ଦାସ, ନଗର ଉନ୍ନୟନ ବିଭାଗର ସଚିବ ଉଷା ପାଢ଼ୀ ଏବଂ ବିଏମସି କମିସନର ରାଜେଶ ପ୍ରଭାକର ପାଟିଲ ସମାରୋହରେ ଏହି ପୁରସ୍କାର ଗ୍ରହଣ କରିଥିଲେ। ଭୁବନେଶ୍ୱର ବ୍ୟତୀତ, ଗଞ୍ଜାମ ଜିଲ୍ଲାର ଆସ୍କା ଏବଂ ଚିକିଟି ଏନଏସିକୁ ମଧ୍ୟ ଏହି ସମାରୋହରେ ସମ୍ମାନିତ କରାଯାଇଥିଲା। ଆସ୍କା ଏନଏସି ୨୦,୦୦୦ରୁ ୫୦,୦୦୦ ଜନସଂଖ୍ୟା ବର୍ଗରେ ସ୍ୱଚ୍ଛତା ପୁରସ୍କାର ପାଇଛି। ରାଙ୍କିଙ୍ଗ୍‌ରେ ୧୦୭୭୨ ନମ୍ବର ରଖି ରାଜ୍ୟର ସମସ୍ତ ସହର ତୁଳନାରେ ଭଲ ପ୍ରଦର୍ଶନ କରି ୧ ନମ୍ବର ସ୍ଥାନ ଅକ୍ତିଆର କରିଥିଲା ବେଳେ ଦେଶରେ ୨ନମ୍ବର ସ୍ଥାନରେ ରହିଛି। ସେହିପରି ଚିକିଟି ଏନ୍‌ଏସି ୨୦,୦୦୦ ରୁ କମ ଜନସଂଖ୍ୟା ବର୍ଗରେ ସ୍ୱଚ୍ଛ ସହର ପୁରସ୍କାର ପାଇଛି। ବିଏମସି କର୍ତ୍ତୃପକ୍ଷ ରାଜଧାନୀ ନଗରୀର ଲୋକମାନଙ୍କୁ ସେମାନଙ୍କ ଅଞ୍ଚଳକୁ ସ୍ୱଚ୍ଛ ରଖିବା ପାଇଁ କରିଥିବା ପ୍ରୟାସ ବଦଳରେ ଧନ୍ୟବାଦ ଜଣାଇଛନ୍ତି।

## ସେବାଶ୍ରମ ସ୍କୁଲରେ ଛାତ୍ରଙ୍କ ସନ୍ଦେହଜନକ ମୃତ୍ୟୁ

# ହତ୍ୟା କରି ଗଛରେ ଟାଙ୍ଗିଦେଲେ!

ନୂଆପଡ଼ା, ୧୭।୭ (ସମିସ): ନୂଆପଡ଼ା ଜିଲ୍ଲା କୋମନା ଥାନା ସାହାଜଟ ସେବାଶ୍ରମ ବିଦ୍ୟାଳୟରେ ବୁଧବାର ବିଳମ୍ବିତ ରାତିରେ ଜଣେ ଅଷ୍ଟମ ଶ୍ରେଣୀ ଛାତ୍ରଙ୍କ ସନ୍ଦେହଜନକ ମୃତ୍ୟୁ ଘଟିଛି। ମୃତ ଛାତ୍ରଜଣଙ୍କ ହେଲେ, ଅଶ୍ୱିନୀ ବନ୍‌ଛୋର (୧୩)। ତାଙ୍କ ଘର ଖଡ଼ିଆଳ ଥାନା ବଡମହେଶ୍ୱରରେ ହୋଇଥିବା ବେଳେ କୁଲିଗାଁ ନିବାସୀ ତଥା ସାହଜଟ ସ୍କୁଲରେ ସହକାରୀ ଶିକ୍ଷକ ଭାବେ କାର୍ଯ୍ୟରତ ଜଗଦୀଶ ନାଗଙ୍କ ତତ୍ତ୍ୱାବଧାନରେ ରହି ପାଠ ପଢୁଥିଲେ। ଶିକ୍ଷକ ଓ କିଛି ଛାତ୍ର ତାଙ୍କୁ ଏକ ମହୁଲ ଗଛରୁ ଝୁଲନ୍ତା ଅବସ୍ଥାରେ ଉଦ୍ଧାର କରି କୋମନା ହସ୍‌ପିଟାଲରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ତେବେ ଏହା ଏକ ଯୋଜନାବଦ୍ଧ ହତ୍ୟା କାଣ୍ଡ ବୋଲି କିଛି ନେତା ଅଭିଯୋଗ କରିଛନ୍ତି। ଅନ୍ୟପଟେ, ଜିଲ୍ଲା ମଙ୍ଗଳ ଅଧିକାରୀ ଦୀପ୍ତିମନ୍ତ ଭୋଇଙ୍କ ନେତୃତ୍ୱରେ ଏକ ଟିମ୍ ବିଦ୍ୟାଳୟରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି। ଏହା ଏସ୍‌ସି/ଏସ୍‌ଟି ସେବାଶ୍ରମ ବିଦ୍ୟାଳୟ ହୋଇଥିବା ବେଳେ ଜଣେ ଓବିସି ବର୍ଗର ଛାତ୍ର ହଷ୍ଟେଲରେ ଦୀର୍ଘ ୩ ବର୍ଷ ଧରି ରହୁଥିଲେ। ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଚଳାଇଛି।

ବୁଧବାର ରାତି ପ୍ରାୟ ୯ଟା ବେଳେ ସମସ୍ତ ପିଲା ଖାଇ ସାରି ହଷ୍ଟେଲରେ ପ୍ରବେଶ କରିଥିଲେ। ହେଲେ ଅଶ୍ୱିନୀ ମଳତ୍ୟାଗ ଆଳରେ ବାହାରକୁ ଯାଇଥିଲେ। ବିଳମ୍ବ ହେବାରୁ ସହପାଠୀମାନେ ତାଙ୍କୁ ଖୋଜାଖୋଜି କରିଥିଲେ। ଏହି ସମୟରେ ହଷ୍ଟେଲ ନିକଟ ଏକ ମହୁଲ ଗଛରେ ତାଙ୍କ ଶବ ଝୁଲୁଥିବା ଦେଖିବାକୁ ପାଇଥିଲେ। ସେତେବେଳକୁ ରାତି ପ୍ରାୟ ୧୨ଟା ହୋଇଥିଲା। ହଷ୍ଟେଲରେ ଜଗୁଆଳି କି ହଷ୍ଟେଲ ସୁପରିନଟେଣ୍ଡେଣ୍ଟ ପାଖରେ ନଥିଲେ। ଖବର ପାଇ ଶିକ୍ଷକ ଆସି ତାଙ୍କୁ ହସ୍‌ପିଟାଲକୁ ନେଇଥିଲେ।

ଅଶ୍ୱିନୀ କିଛି ଦିନ ହେବ ମାନସିକ ଦୁଶ୍ଚିନ୍ତାରେ ରହୁଥିବା ତାଙ୍କର ସାଙ୍ଗମାନେ ପ୍ରକାଶ କରିଛନ୍ତି। ଏହି ଖବର ପାଇବା ପରେ ଜିଲ୍ଲାପାଳଙ୍କ ନିର୍ଦ୍ଦେଶକ୍ରମେ ଜିଲ୍ଲାମଙ୍ଗଳ ଅଧିକାରୀଙ୍କ ନେତୃତ୍ୱରେ ଏକ ଟିମ



ବିଦ୍ୟାଳୟରେ ପହଞ୍ଚି ତଦନ୍ତ ଆରମ୍ଭ କରିଛନ୍ତି। ଅନ୍ୟପକ୍ଷେ ଏସ୍‌ଡିପିଓ ସ୍ୱାଧୀନ ମିଶ୍ରଙ୍କ ନେତୃତ୍ୱରେ ପୁଲିସ୍‌ର ଏକ ଟିମ ଘଟଣାସ୍ଥଳରେ ପହଞ୍ଚି ଛାନଭିନ୍ ଆରମ୍ଭ କରିଛି। ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ମୃତ୍ୟୁର କାରଣ ଜଣାପଡ଼ିବ ବୋଲି କୁହାଯାଉଛି। ଘଟଣା ସ୍ଥଳରେ ଜିଲ୍ଲା ଆଦିବାସୀ କଲ୍ୟାଣ ସଂଘ ସଭାପତି ଭାନୁପ୍ରତାପ ସିଂ ମାଝୀ, ଜିଲ୍ଲା ବିଜେଡି ସଭାପତି ଅବନୀ ରଞ୍ଜନ ଯୋଶୀ, ସମ୍ପାଦକ ସୁଧୀର ମିଶ୍ର, ଜିଲ୍ଲା ଯୁବ କଂଗ୍ରେସ ସଭାପତି ପପୁ ଅହୀର ପ୍ରମୁଖ ଏହାର ଉଚ୍ଚସ୍ତରୀୟ ତଦନ୍ତ କରିବାକୁ ଦାବି କରିଛନ୍ତି।

## ଛାତ୍ରୀ ଓ ମହିଳା କର୍ମଚାରୀଙ୍କ ସୁରକ୍ଷା ଚିନ୍ତା

# ହେଲ୍ପଲାଇନ ନମ୍ବର ଜାରି କଲା ଗଣଶିକ୍ଷା ବିଭାଗ

ଭୁବନେଶ୍ୱର, ୧୭।୭ (ସମିସ): ବାଲେଶ୍ୱର ଫକୀରମୋହନ ମହାବିଦ୍ୟାଳୟ ଛାତ୍ରୀଙ୍କ ଆତ୍ମହତ୍ୟା ଉଦ୍ୟମ କରି ମୃତ୍ୟୁ ଘଟଣା ପରେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ଚେତା ପଶିଛି। ଉଚ୍ଚ ଶିକ୍ଷାନୁଷ୍ଠାନ ପରି ବିଦ୍ୟାଳୟରେ ମଧ୍ୟ ଛାତ୍ରୀ ଓ ମହିଳା କର୍ମଚାରୀଙ୍କ ସୁରକ୍ଷା ନେଇ ତତ୍ପରତା ପ୍ରକାଶ କରିଛି। କର୍ମ କ୍ଷେତ୍ରରେ ମହିଳାଙ୍କୁ

- ଆଇସିସି ଗଠନ କରିବାକୁ କଡ଼ା ନିର୍ଦ୍ଦେଶ
- ସୁରକ୍ଷିତ ପରିବେଶ ସୃଷ୍ଟି କରିବାକୁ ଗୁରୁତ୍ୱ
- ପ୍ରମୁଖ ସ୍ଥାନରେ ଲାଗିବ ସଚେତନତା ପୋଷ୍ଟର

ଯୌନ ନିର୍ଯାତନା ଆଇନ ୨୦୧୩କୁ କଡ଼ାକଡ଼ି ପାଳନ କରିବାକୁ ନିର୍ଦ୍ଦେଶନାମା ଜାରି କରିଛି। ଏନେଇ ସମସ୍ତ ଜିଲ୍ଲା ଶିକ୍ଷା ଅଧିକାରୀ (ଡିଇଓ) ଙ୍କୁ ଗଣଶିକ୍ଷା ବିଭାଗ ପକ୍ଷରୁ ଅବଗତ କରାଯିବା ସହ ୪ଟି ହେଲ୍ପଲାଇନ ନମ୍ବର ଜାରି କରିଛି।

ବିଦ୍ୟାଳୟରେ ମହିଳା କର୍ମଚାରୀ ଏବଂ ଛାତ୍ରୀଙ୍କ ସୁରକ୍ଷା ପାଇଁ ହେଲ୍ପଲାଇନ ନମ୍ବର ଜାରି କରାଯାଇଛି। ଓମେନ୍ସ ହେଲ୍ପଲାଇନ- ୧୮୧, ଶିଶୁ ହେଲ୍ପଲାଇନ-୧୦୯୮ ଓ ପୁଲିସ୍ ହେଲ୍ପଲାଇନ୍-୧୧୨କୁ ଯୋଗାଯୋଗ ପାଇଁ କୁହାଯାଇଛି। ସେହିପରି ସମସ୍ତ ବିଦ୍ୟାଳୟରେ ଆଭ୍ୟନ୍ତରୀଣ ଅଭିଯୋଗ କମିଟି(ଆଇସିସି) ଗଠନ ପାଇଁ ନିର୍ଦ୍ଦେଶ ଦିଆଯାଇଛି। ମହିଳା କର୍ମଚାରୀଙ୍କ ସୁରକ୍ଷା ସୁନିଶ୍ଚିତ କରିବା ଏବଂ ସୁରକ୍ଷିତ ପରିବେଶ ସୃଷ୍ଟି କରିବାକୁ ଡିଇଓ ଏବଂ ଡିପିସିଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ଛାତ୍ରଛାତ୍ରୀଙ୍କ ଶାରୀରିକ, ମାନସିକ ଏବଂ ସାମାଜିକ-ଭାବପ୍ରବଣ ସୁସ୍ଥତା ପାଇଁ ବିଦ୍ୟାଳୟଗୁଡ଼ିକରେ ଏକ ସୁରକ୍ଷିତ ପରିବେଶ ସୃଷ୍ଟି କରିବାକୁ କୁହାଯାଇଛି। ଲିଙ୍ଗଭିତ୍ତିକ ହିଂସା ଦୂର କରିବା ପାଇଁ ଉଦ୍ଦିଷ୍ଟ ଲିଙ୍ଗ ସମାନତା କାର୍ଯ୍ୟକ୍ରମ ପାଠ୍ୟକ୍ରମକୁ ରାଜ୍ୟର ସମସ୍ତ ପ୍ରାଥମିକ ଏବଂ ମାଧ୍ୟମିକ ବିଦ୍ୟାଳୟଗୁଡ଼ିକରେ ସାମାଜିକ ଅଧ୍ୟୟନ ପାଠ୍ୟକ୍ରମ ସହିତ ସମନ୍ୱୟ କରି କଡ଼ାକଡ଼ି ପାଳନ କରିବାକୁ କୁହାଯାଇଛି। ବିଦ୍ୟାଳୟରେ ପଢୁଥିବା ଛାତ୍ରୀଛାତ୍ରମାନେ କୌଣସି ସମସ୍ୟାର ସମ୍ମୁଖୀନ ହେଲେ, ତୁରନ୍ତ ହେଲ୍ପଲାଇନ ନମ୍ବର ୧୮୦୦୩୪୫୬୭୨୨ ନମ୍ବରରେ ଯୋଗାଯୋଗ କରିପାରିବେ। ସମସ୍ତ ହେଲ୍ପଲାଇନ ନମ୍ବର ପ୍ରମୁଖ ସ୍ଥାନରେ ପ୍ରଦର୍ଶିତ କରାଯିବ। ଅନ୍ୟଥା ଦୃଢ଼ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ବିଭାଗ ପକ୍ଷରୁ ସ୍ପଷ୍ଟ କୁହାଯାଇଛି।

## ସାଂସଦ ଅପରାଜିତାଙ୍କ ଉପରେ ବର୍ଷିଲା ବିଜେଡି

# ନାରୀର ମୃତ୍ୟୁ ଉପରେ ଶସ୍ତା ରାଜନୀତି

ଭୁବନେଶ୍ୱର,୧୭।୭(ସମିସ): ଭୁବନେଶ୍ୱର ସାଂସଦ ଅପରାଜିତା ଷଡ଼ଙ୍ଗୀ ସୌମ୍ୟାଶ୍ରୀ ଆତ୍ମାହୁତି ଘଟଣାରେ ଦେଇଥିବା ମନ୍ତବ୍ୟକୁ ବିଜେଡି କଟୁ ସମାଲୋଚନା କରିଛି। ଶଙ୍ଖ ଭବନଠାରେ ଗୁରୁବାର ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ, ଦଳର ଉପସଭାପତି ସ୍ନେହାଙ୍ଗିନୀ ଛୁରିଆ ଓ ପୂର୍ବତନ ସାଂସଦ ଡଃ ରାଜଶ୍ରୀ ମଲ୍ଲିକ ଅପରାଜିତାଙ୍କ ଉପରେ ବର୍ଷିବା ସହ ତାଙ୍କୁ ନୈତିକତାର ପାଠ ପଢ଼ାଇଛନ୍ତି। ଶ୍ରୀମତୀ ଛୁରିଆ କହିଛନ୍ତି, ସାଂସଦ ଅପରାଜିତା ଜଣେ ନାରୀ ହୋଇ ଆଉ ଜଣେ ନାରୀର ମୃତ୍ୟୁ ଉପରେ ଶସ୍ତା ରାଜନୀତି କରୁଛନ୍ତି। ସେ ଆଜି ଦେଇଥିବା ମନ୍ତବ୍ୟ କେବଳ ନିଜ ଦଳର ସରକାରଙ୍କ ପିଠି ଥାପୁଡ଼ାଇବା ପାଇଁ ଉଦ୍ଦିଷ୍ଟ। ଯେତେବେଳେ, ସମଗ୍ର ରାଜ୍ୟର ଜନସାଧାରଣ ସୌମ୍ୟାଶ୍ରୀଙ୍କ ଦୁଃଖଦ ମୃତ୍ୟୁ ପାଇଁ ମ୍ରିୟମାଣ, ସେତେବେଳେ ସାଂସଦ ଅପରାଜିତା ନିଜ ଦଳର ସରକାରଙ୍କ ପ୍ରଶଂସାରେ ଶତମୁଖ ହୋଇଛନ୍ତି। ବିଏମ୍‌ସିରେ ଯେତେବେଳେ ତାଙ୍କ ଦଳର ଗୁଣ୍ଡାମାନେ ଅତିରିକ୍ତ କମିସନରଙ୍କ ଉପରେ ଅମାନବୀୟ ଆକ୍ରମଣ କରିଥିଲେ, ଅପରାଜିତାଙ୍କ ମନ୍ତବ୍ୟ ଗୋଟିଏ ପ୍ରକାର ଥିଲା। ଏବେ ବାଲେଶ୍ୱର ଛାତ୍ରୀ ଆତ୍ମାହୁତି ଘଟଣାରେ ତାଙ୍କ ସ୍ୱର ଦବି ଯାଉଛି କାହିଁକି ବୋଲି ଶ୍ରୀମତୀ ଛୁରିଆ ପ୍ରଶ୍ନ କରିଛନ୍ତି। ଶ୍ରୀମତୀ ଛୁରିଆ କହିଥିଲେ, ଅନ୍ୟ ଦଳର ଲୋକ ସୌମ୍ୟାଶ୍ରୀଙ୍କୁ ବିରୋଧ କରି ଟାହିଟାପରା କରୁଥିଲେ। ଯାହା ତାଙ୍କୁ ଏପରି ଚରମ ପଦକ୍ଷେପ ନେବାକୁ ବାଧ୍ୟକଲା ବୋଲି ବିଜେପି କହୁଛି। ଏହି ମନ୍ତବ୍ୟ କେବଳ ରାଜନୀତି ପାଇଁ ଉଦ୍ଦିଷ୍ଟ। ରାଜ୍ୟରେ ବିଜେପି ସରକାର ଅଛି, ଯିଏ ବି ଦୋଷୀ ତାଙ୍କୁ ଦଣ୍ଡ ଦିଆଯାଉ। ମାତ୍ର ଅନ୍ୟ ଉପରେ ଦୋଷ ଲଦି ଜନମାନସକୁ ବିଭ୍ରାନ୍ତ କରା ନ ଯାଉ। ଆରମ୍ଭରୁ ପୀଡ଼ିତାଙ୍କ ଏତଲା ଗ୍ରହଣ କରି କ'ଣ ପାଇଁ ପୁଲିସ ମାମଲା ରୁଜୁ କଲା ନାହିଁ। ସେତେବେଳେ ଶାସକ ଦଳର କେଉଁ ନେତା ପୁଲିସ ଉପରେ ଚାପ ପକାଇଥିଲେ ତାହା ମଧ୍ୟ ତଦନ୍ତ ହେବାର ଆବଶ୍ୟକତା ଅଛି ବୋଲି ଶ୍ରୀମତୀ ଛୁରିଆ କହିଛନ୍ତି।

ସେ ଆହୁରି କହିଛନ୍ତି ଯେ ଛାତ୍ରୀଙ୍କ ମୃତ୍ୟୁ ପରେ ଅପରାଜିତା ଶୂନ୍ୟସହନଶୀଳତା କଥା କହୁଛନ୍ତି। କିନ୍ତୁ ଯେତେବେଳେ ସେ ନ୍ୟାୟ ପାଇଁ ବାର ଦୁଆର ବୁଲୁଥିଲା, ସେତେବେଳେ ସରକାର କ'ଣ କୁମ୍ଭକର୍ଣ୍ଣ



ନିଦ୍ରାରେ ଶୋଇଥିଲେ କି ବୋଲି ସେ ପ୍ରଶ୍ନ କରିଛନ୍ତି। ପୀଡିତା ଛାତ୍ରୀ କଲେଜ ଅଧ୍ୟକ୍ଷଙ୍କୁ ଅଭିଯୋଗ କରିବା ବ୍ୟତୀତ ସାଂସଦ, ବିଧାୟକ, ଉଚ୍ଚଶିକ୍ଷା ମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀଙ୍କ ହସ୍ତକ୍ଷେପ ଲୋଡ଼ିଥିଲେ। ନ୍ୟାୟ ନ ମିଳିଲେ ଆତ୍ମହତ୍ୟା କରିବେ ବୋଲି ସିଧାସଳଖ ଜଣାଇଥିଲେ ମଧ୍ୟ କେହି ତାଙ୍କ ଅଭିଯୋଗ ଉପରେ କାର୍ଯ୍ୟାନୁଷ୍ଠାନ ନେଇ ନ ଥିଲେ। ଏ ଘଟଣାରେ କଲେଜ ଅଧ୍ୟକ୍ଷ ଓ ଅଭିଯୁକ୍ତ ଅଧ୍ୟାପକ ଯେତିକି ଦାୟୀ, ଯେଉଁମାନେ ଛାତ୍ରୀଙ୍କର ଅଭିଯୋଗକୁ ଅଣଦେଖା କରିଛନ୍ତି, ସେମାନେ ମଧ୍ୟ ସମପରିମାଣରେ ଦାୟୀ। ସାଂସଦ ଅପରାଜିତା ସେହିଦିଗ ପ୍ରତି ନିରବ କାହିଁକି ବୋଲି ବେଜେଡି ପ୍ରଶ୍ନ କରିଛି।

ସେହିପରି ଡଃ ରାଜଶ୍ରୀ ମଲ୍ଲିକ କହିଥିଲେ, ନିଜ ସରକାରଙ୍କ ଅପାରଗତାକୁ ଲୁଚାଇବାକୁ ଯାଇ ବିଜେଡି ସରକାର ଓ ନବୀନ ପଟ୍ଟନାୟକଙ୍କୁ ଦୋଷ ଦେଉଛନ୍ତି। ରାଜ୍ୟରେ ମହିଳାଙ୍କ ସମ୍ମାନ ବୃଦ୍ଧି କ୍ଷେତ୍ରରେ ଓ ମହିଳାଙ୍କୁ ନ୍ୟାୟ ପ୍ରଦାନ କ୍ଷେତ୍ରରେ ନବୀନ ପଟ୍ଟନାୟକଙ୍କ ନେତୃତ୍ୱାଧୀନ ସରକାର ଦେଶରେ ଅଗ୍ରଣୀ ଭୂମିକା ନିର୍ବାହ କରିଥିଲା।

- ଛାତ୍ରୀଙ୍କ ମୃତ୍ୟୁ ପୂର୍ବରୁ ସରକାରଙ୍କ ଶୂନ୍ୟସହନଶୀଳତା କେଉଁଠି ଥିଲା
- ଅନ୍ୟକୁ ଆକ୍ଷେପ ଛାଡ଼ି ପୀଡ଼ିତାଙ୍କୁ ନ୍ୟାୟ ପାଇଁ ସ୍ୱର ଉତ୍ତୋଳନ କରନ୍ତୁ

ଯେଉଁଥିପାଇଁ ଓଡ଼ିଶାର ଜନସାଧାରଣ ନବୀନଙ୍କୁ ପାଞ୍ଚ ପାଞ୍ଚ ଥର ଆଶୀର୍ବାଦ କରିଥିଲେ। ସାଂସଦ ଅପରାଜିତା ନବୀନ ପଟ୍ଟନାୟକଙ୍କ ଉପରେ ମନ୍ତବ୍ୟ ଦେବା ପୂର୍ବରୁ ନିଜ ଆଡ଼କୁ ଟିକେ ଦେଖନ୍ତୁ। ସାଂସଦ ଭାବେ ତାଙ୍କ ଉପଲବ୍‌ଧି କଣ ରହିଛି? କେବଳ ଏକ ଫୁଟ୍ ଓଭରବ୍ରିଜ ବ୍ୟତୀତ ଆଉ ବିଶେଷ କିଛି ନାହିଁ। ତେଣୁ ସେ ଅନ୍ୟକୁ ଆକ୍ଷେପ କରିବା ଛାଡ଼ନ୍ତୁ। ଜଣେ ନାରୀ ନେତ୍ରୀ ହିସାବରେ ପୀଡିତା ଛାତ୍ରୀ କିପରି ନ୍ୟାୟ ପାଇବେ ସେ ଦିଗରେ ଧ୍ୟାନ ଦିଅନ୍ତୁ ବୋଲି ଡଃ ମଲ୍ଲିକ କହିଛନ୍ତି। ସୂଚନା ଥାଉ କି ଗୁରୁବାର ସାଂସଦ ଶ୍ରୀମତୀ ଷଡ଼ଙ୍ଗୀ ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟ ଛାତ୍ରୀ ଆତ୍ମାହୁତି ଘଟଣାରେ ବିଜେଡିକୁ ପ୍ରତିଆକ୍ଷେପ କରିବା ସହ ବିରୋଧୀ ଦଳଗୁଡ଼ିକୁ ସମାଲୋଚନା କରିଛନ୍ତି।

## ନାବାଳିକାଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର ଘଟଣା

# ଗାଁ ଦାଣ୍ଡରେ ୧୫ ପୁଲିସ୍ ୪ ଘଣ୍ଟା ଅଟକ

ପାଟଣାଗଡ଼, ୧୭।୭ (ସମିସ): ଅଭିଯୁକ୍ତମାନଙ୍କ ପ୍ରତି ଅହେତୁକ ଅନୁକମ୍ପା ଏବଂ ତଦନ୍ତରେ ଅବହେଳା ଅଭିଯୋଗରେ ଗାଁ ଦାଣ୍ଡରେ ପୁଲିସ୍‌କୁ ଘଣ୍ଟାଘଣ୍ଟା ଧରି ଅଟକ। ବଲାଙ୍ଗିର ଜିଲ୍ଲା ଭଇଁଷା ଗାଁ ନୂଆପଡ଼ାରେ ଆଜି ଏପରି ଏକ ଅଭାବନୀୟ ଘଟଣା ଦେଖିବାକୁ ମିଳିଛି। ଗ୍ରାମବାସୀମାନେ ପାଟଣାଗଡ଼ ଥାନାର ୧୫ କର୍ମଚାରୀଙ୍କୁ ୪ ଘଣ୍ଟାରୁ ଊର୍ଦ୍ଧ୍ୱ ସମୟ ଧରି ଅଟକ ରଖିଥିଲେ। ଏହାକୁ ନେଇ ଗାଁରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଥିଲା। ତେବେ ପରିସ୍ଥିତି କ୍ରମଶଃ ଜଟିଳ ଘଟଣାସ୍ଥଳରେ ଏସ୍‌ଡିପିଓ ସଦାନନ୍ଦ ପୂଝାରୀଙ୍କ ସମେତ ପୁଲିସ ଫୋର୍ସ ପହଞ୍ଚି ଉତ୍ତ୍ୟକ୍ତ ଗ୍ରାମବାସୀଙ୍କୁ ବୁଝାସୁଝା କରିଥିଲା। ପରେ ପୁଲିସ୍ ଅଭିଯୁକ୍ତମାନଙ୍କୁ ଗିରଫ କରିବାରୁ ପରିସ୍ଥିତି ଶାନ୍ତ ପଡ଼ିଥିଲା ଏବଂ ଆନ୍ଦୋଳନକାରୀମାନେ ପୁଲିସ୍‌କୁ ଛାଡ଼ି ଦେଇଥିଲେ।

ସୂଚନାନୁଯାୟୀ, ନୂଆପଡ଼ାର ମଧୁସୂଦନ ବର୍ଗେଙ୍କ ନାବାଳିକା ଝିଅ ଭୂମିସୂତାଙ୍କ ଝୁଲନ୍ତା ମୃତଦେହ ଗତ ଜୁନ ୧୫ ତାରିଖରେ ତାଙ୍କ ଘରୁ ଉଦ୍ଧାର କରିଥିଲା। ତେବେ ପଡ଼ୋଶୀ ଘର ମାଆ-ଝିଅ ଓ ବୋହୂ ମିଶି ଝିଅକୁ ତଣ୍ଟି ଚିପି ହତ୍ୟା କରିବା ପରେ ଏହାକୁ ଆତ୍ମହତ୍ୟାର ରୂପ ଦେବା ପାଇଁ ଚେଷ୍ଟା



କରିଛନ୍ତି ବୋଲି ଭୂମିସୂତାର ବାପା ଓ ମାମୁ ଏହାର ପରଦିନ ପାଟଣାଗଡ଼ ଥାନାରେ ଅଭିଯୋଗ କରିଥିଲେ। ଏନେଇ ପୁଲିସ ଏକ ମାମଲା ରୁଜୁ କରିଥିଲେ ହେଁ ଅଭିଯୁକ୍ତମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନେଇନଥିଲା। ଏହାର ପ୍ରତିବାଦରେ ଗତ ୫ ତାରିଖରେ ଭୂମିସୂତାଙ୍କ ପରିବାର ସହ ଗାଁର ୫୦ରୁ ଊର୍ଦ୍ଧ୍ୱ ମହିଳା ବଲାଙ୍ଗିର ଏସ୍‌ପି ଅଭିଳାଷଜୀଙ୍କୁ ଭେଟି ମାମଲାରେ ହସ୍ତକ୍ଷେପ କରିବାକୁ ଗୁହାରି କରିଥିଲେ। ପରେ ପାଟଣାଗଡ଼ ପୁଲିସର ଏକ ଟିମ୍ ପଡ଼ୋଶୀ ପରିବାରର ମା', ଝିଅ ଓ ବୋହୂଙ୍କୁ ସେହିଦିନ ସନ୍ଧ୍ୟାରେ ଥାନାକୁ ଉଠାଇ ଆଣି ଅଟକ ରଖିଥିଲା। କିନ୍ତୁ ପରଦିନ ସେମାନଙ୍କୁ ଛାଡ଼ି ଦେବାରୁ ଗ୍ରାମବାସୀମାନେ ଉତ୍‌କ୍ଷିପ୍ତ ହୋଇପଡ଼ିଥିଲେ। ତେବେ ଆଜି ମଧ୍ୟାହ୍ନ ପ୍ରାୟ ୧ଟାରେ ଥାନା ଅଧିକାରୀ ହରିବନ୍ଧୁ ଗଡତ୍ୟାଙ୍କ ନେତୃତ୍ୱରେ ଦୁଇଟି ଗାଡ଼ିରେ ୧୫ରୁ ଊର୍ଦ୍ଧ୍ୱ ପୁଲିସ୍ ଅଭିଯୁକ୍ତଙ୍କ ଘରକୁ ଯାଇଥିଲେ। ଥାନା ଅଧିକାରୀଙ୍କ ସହ କିଛି କର୍ମଚାରୀ ଅଭିଯୁକ୍ତଙ୍କ ଘର ଭିତରକୁ ଯାଇ ଦୀର୍ଘ ସମୟ ପର୍ଯ୍ୟନ୍ତ ରୁଦ୍ଧଦ୍ୱାର ବୈଠକ କରିବାରୁ ଏହାକୁ ନେଇ ମୃତ ନାବାଳିକାଙ୍କ ପରିବାର ଏବଂ ପଡ଼ୋଶୀଙ୍କ ମନରେ ସନ୍ଦେହ ସୃଷ୍ଟି ହୋଇଥିଲା। ଫଳରେ ଗାଁର ମହିଳାମାନେ ଏକତ୍ରିତ ହୋଇ ହୋହଲ୍ଲା କରିଥିଲେ। ଅଭିଯୁକ୍ତଙ୍କ ଘର ଭିତରେ କ'ଣ ପାଇଁ ରୁଦ୍ଧଦ୍ୱାର ବୈଠକ ଚାଲିଛି ବୋଲି ପ୍ରଶ୍ନ କରିବା ସହ ପୁଲିସ ଗାଡ଼ି ସହ କର୍ମଚାରୀଙ୍କୁ ଘେରି ଯାଇଥିଲେ। ଏସ୍‌ପି ଏବଂ ଜିଲ୍ଲାପାଳ ଘଟଣାସ୍ଥଳକୁ ନ ଆସିବା ପର୍ଯ୍ୟନ୍ତ କାହାରିକୁ ଛାଡ଼ିବେ ନାହିଁ ବୋଲି କହିଥିଲେ। ତେବେ ଖବର ପାଇ ସନ୍ଧ୍ୟା ପ୍ରାୟ ସାଢ଼େ ୫ଟାରେ ଏସ୍‌ଡିପିଓ ସଦାନନ୍ଦ ପୂଝାରୀଙ୍କ ସହ ପୁଲିସ୍ ଫୋର୍ସ ପହଞ୍ଚି ଗ୍ରାମବାସୀଙ୍କୁ ପୁଲିସ ଗାଡ଼ି ସହ କର୍ମଚାରୀଙ୍କୁ ଛାଡ଼ି ଦେବାକୁ କହିଥିଲେ। ପୁଲିସ ଅଭିଯୁକ୍ତ ପରିବାରର ମାଆ ଭାରତୀ ବାରଲେଣ୍ଡି(୫୫), ବୋହୂ ଝରବାରଲେଣ୍ଡିଆ (୩୨) ଏବଂ ନାବାଳିକା ଝିଅଙ୍କୁ ଗିରଫ କରି ଥାନାକୁ ନେଇଥିବା ସହ ପରିବାରବର୍ଗ ଏବଂ ଗ୍ରାମବାସୀଙ୍କୁ ଲିଖିତ ପ୍ରତିଶ୍ରୁତି ଦେଲା ପରେ ଆନ୍ଦୋଳନକାରୀ ପୁଲିସକୁ ଛାଡ଼ି ଦେଇଥିଲେ।

# ଜାଲରେ ପଡ଼ିଲା କ୍ୱିଣ୍ଟାଲ ଓଜନର ମାଛ

ବିନିକା,୧୭।୭(ସମିସ): ବିନିକା ଦେଇ ପ୍ରବାହିତ ଚିରସ୍ରୋତା ମହାନଦୀରୁ ୧ କ୍ୱିଣ୍ଟାଲର ବୋଦା ମାଛ ମିଳିଛି। ଏହାକୁ ଦେଖିବା ପାଇଁ



ଲୋକଙ୍କ ଭିଡ଼ ପରିଲକ୍ଷିତ ହୋଇଛି। ବିନିକାର ମତ୍ସ୍ୟଜୀବୀ ଅନ୍ତରାମ ମୁଦୁଲି ଓ ସୁଜିତ ସେଠୀ ଡଙ୍ଗାରେ ନଦୀକୁ ଯାଇ ମାଛ ମାରୁଥିଲେ। ଏହି ସମୟରେ ତାଙ୍କ ଜାଲରେ ଏକ ୬ଫୁଟ୍ ଲମ୍ବର ବୋଦା ମାଛ ପଡ଼ିଥିଲା। ସେମାନେ ଟିକିଏ ଭୟଭୀତ ହୋଇଥିଲେ ହେଁ ସାହସ କରି ମାଛକୁ ୩ଜଣ ବହୁ କଷ୍ଟରେ ଟେକି ଆଣିଥିଲେ। ମାଛଟିର ଓଜନ ୧କୁଇଣ୍ଟାଲ ହେବ ବୋଲି ଜଣାପଡ଼ିଛି। ଏହି ଖବର ପ୍ରଚାରିତ ହେବା ପରେ ମାଛକୁ ଦେଖିବା ପାଇଁ ଲୋକଙ୍କ ନାହିଁ ନଥିବା ଭିଡ଼ ଜମିଥିଲା। ଏହି ମାଛର ବହୁ ଔଷଧୀୟ ଗୁଣ ଥିବା କିଛି ମତ୍ସ୍ୟଜୀବୀ କହିଛନ୍ତି।

## ଲଗାଣ ବର୍ଷାରେ ବେହାଲ ଚାଷୀ

# ଆର୍ଥିକ ମେରୁଦଣ୍ଡକୁ ମାଡ଼

ଭୁବନେଶ୍ୱର, ୧୭।୭(ସମିସ): ଖରିଫ ଧାନ ଅମଳ ପରେ କିଛି ରୋଜଗାର ଆଶାରେ ଚଳିତ ରବିଋତୁରେ ଚାଷୀ ପନିପରିବା ଚାଷ କରିଥିଲା। ଚାଷ ଆରମ୍ଭରୁ ପାଗ ଭଲ ରହିଲା। ଆବଶ୍ୟକ ବର୍ଷା-ଖରା ହେଲା। ଫଳରେ ଭଲ ପରିବା ଉତ୍ପାଦନ ହେବ ବୋଲି ଆଶା ଥିଲା। ହେଲେ ମୌସୁମୀ ଓ ଲଗାଣ ବର୍ଷା ଚାଷୀର ସେ ଆଶାକୁ ମାରିଦେଛି।

ଗତ ମାସେ ହେଲା ଲଗାଣ ବର୍ଷା ହେବା କାରଣରୁ ଜମିରେ ଲାଗିଥିବା ଅମୃତଭଣ୍ଡା, ଭେଣ୍ଡି,କାକୁଡି, ଜହ୍ନି, ଛଚିନ୍ଦ୍ରା, ବାଇଗଣ ଆଦି ବର୍ଷା ପାଣିରେ ପଚିଗଲାଣି। ବିଶେଷକରି ଅମୃତଭଣ୍ଡା ମୂଳରେ ବର୍ଷା ପାଣି ରହି ଗଛକୁ ନଷ୍ଟ କରୁଛି। ସେହିପରି ବାଇଗଣ ଫସଲ ମଧ୍ୟ ବିଶେଷ ନଷ୍ଟ ହେଉଛି। ବର୍ଷା ଯୋଗୁଁ ପନିପରିବା ଫସଲ ଜମିରୁ ପାଣି ସମ୍ପୂର୍ଣ ନିଷ୍କାସନ ହୋଇ ନ ପାରି ଫସଲ ମୂଳରେ ଜମି ରହୁଛି। ଏଥିସହ ବର୍ଷା ପ୍ରଭାବରେ ଫୁଲରେ ଫଳ ଆସିବା କମି ଯାଇଛି। ମେଘୁଆ ପାଗ ସାଙ୍ଗକୁ ମାଟିରେ ଆର୍ଦ୍ରତା କାରଣରୁ ଫସଲରେ ଅଧିକ ରୋଗପୋକଙ୍କ ଆକ୍ରମଣ ବି ଦାଉ ସାଧିଲାଣି। ଏଥିସହ ଚାଷୀ ବହୁ କମ୍ ପରିମାଣରେ ପରିବା ଅମଳ କରୁଛନ୍ତି। ଏହାର ପ୍ରଭାବ ବଜାର ଉପରେ ପଡୁଛି। ଗ୍ରାହକଙ୍କ ଉପରେ ମହଙ୍ଗା ମାଡ଼ ହେଉଛି। ଆଗରୁ ଯେତିକି ପରିବା ଘରକୁ ନେଉଥିଲେ, ସେତିକି ନ ନେଇ ଅଳ୍ପରେ ସନ୍ତୁଷ୍ଟ ହେବାକୁ ପଡୁଛି ବୋଲି ଖାଉଟିମାନେ କହୁଛନ୍ତି। ରାଜଧାନୀ ଉପକଣ୍ଠ ବାଲିଅନ୍ତା, ବାଲିପାଟଣା, ବାଲକାଟି, ଝିଣ୍ଟି ସମେତ ରାଜ୍ୟର ପ୍ରମୁଖ କଞ୍ଚା ପରିବା ଉତ୍ପାଦନ କରୁଥିବା କଟକ, ବାଙ୍କୀ, ଅନୁଗୋଳ ସମେତ ପଶ୍ଚିମ ଓଡ଼ିଶାର ବରଗଡ଼, ସମ୍ବଲପୁର

- ବଢୁଛି ପନିପରିବା ଦର
- ଆହୁରି ଦୁଇ ମାସ କନ୍ଦେଇବ

ପର୍ଯ୍ୟନ୍ତ ସବୁଆଡେ ଏବେ ସମାନ ସ୍ଥିତି ଦେଖିବାକୁ ମିଳୁଛି।

ଏବେ ଶ୍ରାବଣ, ଭାଦ୍ରବ ଓ ଆଶ୍ୱିନ ମାସ ପର୍ଯ୍ୟନ୍ତ ପ୍ରାୟତଃ ସ୍ଥାନୀୟ ପନିପରିବା ବଜାର ଚାହିଦା ମେଣ୍ଟାଇଥା'ନ୍ତି। ପରବର୍ତ୍ତୀ ସମୟରେ କାର୍ତ୍ତିକ ମାସ ବେଳକୁ ବାହାର ପରିବା ଉପରେ ନିର୍ଭର କରିବାକୁ ପଡ଼ିଥାଏ। ମାତ୍ର ଏବେ ବର୍ଷାରେ ଫସଲ ନଷ୍ଟ ହୋଇଯିବାରୁ କଞ୍ଚାପରିବାର ଅଭାବ ଦେଖାଯିବ। ତେଣୁ ଆସନ୍ତା ଦୁଇ ତିନି ମାସ ପର୍ଯ୍ୟନ୍ତ ପରିବା ଦର ଉଚ୍ଚା ରହିବ ବୋଲି ବଜାର ବିଶେଷଜ୍ଞ ଆକଳନ କରିଛନ୍ତି।

ଏକ ନମ୍ବର ହାଟର ଗ୍ରାହକ ବିଶ୍ୱରଞ୍ଜନ ବେହେରା କହିଛନ୍ତି, ପରିବା ଫସଲ ପ୍ରଭାବିତ କାରଣରୁ ପରିବା ଚାଷୀମାନେ କ୍ଷତି ସହିବା ସାଙ୍ଗକୁ ବଜାରରେ ମଧ୍ୟ ପରିବା ଦର ବଢୁଛି। ଆମେ ଦରବୃଦ୍ଧିର ଶିକାର ହେଉଛୁ। ପରିବା ଦର ଆମ ପକେଟ ଖାଲି କରିଦେଉଛି। ସ୍ଥିତି ଏମିତି ହୋଇଛି ଯେ ପରିବା ମାର୍କେଟ୍‌ରେ ହାତ ମାରି ହେଉନି। ପରିବା କିଣିଲା ବେଳକୁ ବ୍ୟାଗ୍ ଭର୍ତ୍ତି ହେଉନି ବୋଲି ସେ କହିଛନ୍ତି। ବ୍ୟବସାୟୀ ନକୁଳନାଥ ସାହୁ କହିଛନ୍ତି, ଯେଉଁ ପରିବା ଦର କିଛିଦିନ ପୂର୍ବେ କେଜି ପ୍ରତି ୨୦, ୩୦ଟଙ୍କାରେ ବିକ୍ରି ହେଉଥିଲା, ତାହା ଏବେ ୫୦ରୁ ୭୦ ଟଙ୍କା ହୋଇଛି। ବାଇଗଣ ୭୦ରୁ ୮୦ ଦର ପାର କରିଛି। ଝୁଡ଼ଙ୍ଗ ୬୦, କଲରା ୬୦ଟପିଛି। ଚାଷୀ ନଟବର ଗିରି କହିଛନ୍ତି, ବିଗତ ବର୍ଷ ବି ଏମିତି କ୍ଷତି ହୋଇଥିଲା। ଗଲା ଡିସେମ୍ବର ମାସ ଶେଷ ସପ୍ତାହରେ ଅଦିନିଆ ଲଗାଣ ବର୍ଷା ପରକୁ ଜାନୁଆରୀ ମାସର ପ୍ରଥମ ସପ୍ତାହରେ ଘନ କୁହୁଡି ପିଆଜ, ଫୁଲକୋବି, ବାଇଗଣ, କାକୁଡି ସମେତ ବିଭିନ୍ନ ପନିପରିବା ଚାଷକୁ କ୍ଷତିଗ୍ରସ୍ତ କରିଥିଲା। ତେଣୁ ଦଇବ ଯେଉଁଭଳି ଦାଉ ସାଧୁଛ. ଚାଷ ଆଉ କରିହେବନି ବୋଲି ସେ କହିଛନ୍ତି।

# ଜଙ୍ଗଲ ଭିତରେ ମାଓବାଦୀଙ୍କ ବଙ୍କର

ଭୁବନେଶ୍ୱର,୧୭।୭(ସମିସ): କାଶ୍ମୀର ଆତଙ୍କବାଦୀ ରାସ୍ତାରେ ଏବେ ମାଓବାଦୀ। ସୁରକ୍ଷାକର୍ମୀଙ୍କୁ ଚକମା ଦେବାକୁ ଯାଇ ସେମାନେ ମାଟିତଳେ ବଙ୍କର କରି ଲୁଚିରହୁଛନ୍ତି। ସେମାନଙ୍କୁ ନା ଡ୍ରୋନ୍ ଆକାଶ ମାର୍ଗରୁ ଠାବ କରିପାରୁଛି, ନା ସୁରକ୍ଷାକର୍ମୀ। ସେମାନେ ବଙ୍କର ଭିତରେ ଲୁଚି ରହି ଷଡ଼ଯନ୍ତ୍ର କରୁଛନ୍ତି। ତା ଭିତରେ ବୋମା ଏବଂ ଲ୍ୟାଣ୍ଡମାଇନ୍ ପ୍ରସ୍ତୁତ କରୁଛନ୍ତି। ବଙ୍କରରେ ନିଜର ସୁରକ୍ଷା ସହ ଅସ୍ତ୍ରଶସ୍ତ୍ରକୁ ସୁରକ୍ଷିତ ରଖୁଛନ୍ତି।

କନ୍ଧମାଳ ଜିଲ୍ଲା ଗୁମା ସଂରକ୍ଷିତ ଜଙ୍ଗଲରେ ବାଓବାଦୀଙ୍କର ଏଭଳି ଠାବ କରାଯାଇଛି। ମାଟିତଳେ ନକ୍ସଲ ପୋତି ରଖିଥିଲେ ୬୦୦ ଡିଟୋନେଟର ସହ ରିମୋଟ୍। ମାଓବାଦୀ ବିସ୍ଫୋରକ ଲୁଚାଇ ରଖିଥିବା ସୂଚନା ଆଧାରରେ ଆରମ୍ଭ ହୋଇଥିଲା ବଡ଼ ଧରଣର ଅପରେସନ। ମାଟି ତଳେ ପୋତାଯାଇଥିବା ସମସ୍ତ ଡିଟୋନେଟର ଜବତ ହୋଇଛି। ଏହାପୂର୍ବରୁ ଗତ ସପ୍ତାହ ମାଓବାଦୀ ବଙ୍କରରୁ ମିଳିଥିଲା ବିପୁଳ ଅସ୍ତ୍ରଶସ୍ତ୍ର। ଝାଡ଼ଖଣ୍ଡ ଚାଇବାସା ଛୋଟାନାଗରାରେ ମଧ୍ୟ ନକ୍ସଲଙ୍କ ବଡ଼ ବଙ୍କର ଠାବ କରାଯାଇଥିଲା। ଏହି ବଙ୍କର୍ ତଳେ ବିସ୍ଫୋରକ ଖଞ୍ଜିଥିଲେ ମାଓବାଦୀ। ଏଭଳି ୫ଟି ବଡ଼ ବଡ଼ ବଙ୍କରକୁ ଠାବ କରି ଧ୍ୱଂସ କରିଛନ୍ତି ସୁରକ୍ଷା ଯବାନ।

- ଆକାଶ ମାର୍ଗରୁ ଡ୍ରୋନ୍ ଠାବ କରିପାରୁନି
- ଲ୍ୟାଣ୍ଡମାଇନ୍, ବନ୍ଧୁକ ବି ଲୁଚାଇ ରଖୁଛନ୍ତି
- ସୁରକ୍ଷା ବାହିନୀର ଚିନ୍ତା ବଢ଼ିଲା

ମିଳିଥିବା ସୂଚନା ଅନୁସାରେ ମାଓବାଦୀମାନେ ଜଙ୍ଗଲ କିମ୍ବା ଗୁମ୍ଫାରେ ନିଜକୁ ସୁରକ୍ଷିତ ମଣୁନାହାନ୍ତି। କାରଣ ସେମାନେ ଜଙ୍ଗଲ କିମ୍ବା ଗୁମ୍ଫାରେ ରହିଲେ ପୁଲିସର ଡ୍ରୋନ୍ ଏବଂ ସାଟ୍‌ଲାଇଟ୍ ଇମେଜ ସେମାନଙ୍କୁ ଧରି ଦେଉଛି। ତେଣୁ ଏହାର ବିକଳ୍ପ ଭାବେ ଜଙ୍ଗଲରେ ମାଟି ଖୋଳି ବଙ୍କର ତିଆରି କରୁଛନ୍ତି। ତାହା ଭିତରେ ରୋଷେଇ ଠାରୁ ଆରମ୍ଭ କରି ଅସ୍ତ୍ରଶସ୍ତ୍ର ଲୁଚାଇବା କାମ କରାଯାଉଛି। ଏହି ବଙ୍କର ଗେଟ୍‌ରେ ସେମାନେ ଜଙ୍ଗଲ ପତର ଏବଂ ମାଟି ଘୋଡାଇ ଦେଉଛନ୍ତି। ଯାହାଫଳରେ ଏହାକୁ ସୁରକ୍ଷାକର୍ମୀ ଠାବ କରିବା ସହଜ ହୋଇନଥାଏ। ଆନ୍ଧ୍ର କ୍ୟାଡର ମାଓବାଦୀ ଓଡ଼ିଶାର ମଙ୍ଗ ସମ୍ଭାଳିବା ପରେ ଏଭଳି ବଙ୍କର ପନ୍ଥା ଆପଣାଇଛନ୍ତି। କନ୍ଧମାଳ, ମାଲକାନଗିରି, କୋରାପୁଟ ଆଦି ମାଓ ପ୍ରବଣ ଅଞ୍ଚଳରେ ଏଭଳି ଅନେକ ବଙ୍କର ରହିଥିବା ସନ୍ଦେହ କରାଯାଉଛି।

ଆଣ୍ଟି ନକ୍ସଲ ଅପରେସନ ବେଳେ ଏଭଳି ବଙ୍କର ଉପରେ ଫୋକସ କରାଯାଉଥିବା କହିଛନ୍ତି ଏଡିଜି ସଞ୍ଜିବ ପଣ୍ଡା। ସେ କହିଛନ୍ତି ଯେ ପୁଲିସ ପାଖରେ ଥିବା ଅତ୍ୟାଧୁନିକ ଟେକ୍ନୋଲୋଜି ମାଧ୍ୟମରେ ଏହି ବଙ୍କର ଠାବ କରାଯାଉଛି ଏବଂ ସେଗୁଡ଼ିକୁ ଧ୍ୱଂସ କରାଯାଉଛି।

● ଦୋକାନରୁ ସିନ୍ଧିଚୋରି ଉଦ୍ୟମ

## ଚୋର ଓ କାର୍‌କୁ ଧରି ପୁଲିସ ଜିମା ଦେଲେ

ପୋଡ଼ାଗଡ଼,୧୭।୭(ସମିସ): କୋରାପୁଟ ଜିଲ୍ଲା ଦଶମନ୍ତପୁର ବ୍ଲକ ଅନ୍ତର୍ଗତ ପୋଡ଼ାଗଡ ପଞ୍ଚାୟତ ସଦର ମହକୁମାର ହାଟପଦାରେ ଏକ କିରାନ୍ ଦୋକାନରେ ଚୋରି ଉଦ୍ୟମ କରି ବିଫଳ ହୋଇଛି ଚୋର। ଲୋକେ ତାକୁ କାବୁ କରି ପୋଲିସରେ ଦେଇଛନ୍ତି। ସୂଚନାରୁ ଜଣାପଡ଼ିଛି ଯେ ବୁଧବାର ହାଟ ଥିଲା। ଦୋକାନୀ ନିଜ ଦୋକାନ ରାତି ପ୍ରାୟ ୯ଟା ସମୟରେ ବନ୍ଦ କରି ନିଜ ଗ୍ରାମ ଛଟାଗୁଡା ଗ୍ରାମକୁ ଯାଇଥିଲେ। କିନ୍ତୁ ସେହି ରାତି ପ୍ରାୟ ୨ଘଣ୍ଟା ସମୟରେ ଏକ ସୁଇଫ୍ଟ ଡିଜାର କାର ନମ୍ବର ଓଡି ୨୩କେ ୭୩୯୯ ରେ ତିନି ଜଣ ଚୋର ଆସି ଦୋକାନ ଗୃହ ପଛ ପଟ କାନ୍ଥ ଖୋଳି ଉଦ୍ୟମ କରିଥଇଲେ। ଏହି ଶବ୍ଦ ଶୁଣି ପାଖ ଦୋକାନ ଗୃହରେ ଶୋଇଥିବା ବ୍ୟକ୍ତି ଜାଣି ପାରିଥିଲେ। କିନ୍ତୁ ଜଣେ ଥିବା ହେତୁ ଚୋରି ହୋଇଥିବା ଦୋକାନ ମାଲିକ ରାଜେନ୍ଦ୍ର ବେନିଆଙ୍କୁ ଓ ଅନ୍ୟ ଦୋକାନି ମାନଙ୍କୁ ଫୋନ କରି ଡାକିଥିଲେ। କିନ୍ତୁ ସମସ୍ତେ ଆସିବା ପୂର୍ବରୁ ଜଣେ ସେଠାରୁ ଚମ୍ପଟ ମାରିଥିଲେ। ଅନ୍ୟ ଦୁଇ ଜଣଙ୍କୁ ଦୋକାନୀ ମାନେ କାବୁ କରିବାରେ ସଫଳ ହୋଇଥିଲେ। ଦୁଇ ଜଣଙ୍କୁ ଓ ସେମାନେ ଆସିଥିବା କାରକୁ କାବୁ କରି ନେଇଥିଲେ। ଚୋରି କରିବା ପୂର୍ବରୁ ଚୋର ମାନଙ୍କୁ କାବୁ କରି ନେଇଥିଲେ। କାବୁ କରି କୋରାପୁଟ ସଦର ପୋଲିସକୁ ଖବର ଦେଇ ଥିଲେ। ଖବର ପାଇ ସଦର ପୋଲିସ ପହଞ୍ଚି ଉକ୍ତ ଦୁଇ ଜଣଙ୍କୁ ଓ କାରକୁ ଥାନାକୁ ନେଇ ଅଟକ ରଖିଥିବା ଜଣାପଡ଼ିଛି। ଏନେଇ ଆମେ କୋରାପୁଟ ସଦର ଥାନ ଅଧିକାରୀଙ୍କୁ ଯୋଗାଯୋଗ କରିବାରୁ ଦୁଇ ଜଣଙ୍କୁ ଅଟକ ରଖିଥିବା ଏବଂ କୌଣସି ଲିଖିତ ଅଭିଯୋଗ କରିନଥିବା ମଧ୍ୟ କହିଛନ୍ତି। ସ୍ଥାନୀୟ ଲୋକ ସନ୍ଦେହ କରୁଛନ୍ତି କି ବିଗତ ଦିନରେ ପୋଡ଼ାଗଡ ଲ୍ୟାମ୍ପସରେ ଚୋରି ଉଦ୍ୟମରେ ଏମାନେ ସମ୍ପୃକ୍ତ ରହିଛନ୍ତି।

## ବିଜେଡିର କ୍ୟାଣ୍ଡେଲ ଶୋଭାଯାତ୍ରା




ଉମରକୋଟ,୧୭।୭ (ସମିସ): ବାଲେଶ୍ୱର ଫକୀର ମୋହନ ମହାବିଦ୍ୟାଳୟର ଛାତ୍ରୀଙ୍କ ମୃତ୍ୟୁ ଘଟଣାରେ ଆଜି ସନ୍ଧ୍ୟାରେ ବିଜେଡି ପକ୍ଷରୁ ଉମରକୋଟ ଠାରେ ଏକ ବିଶାଳ କ୍ୟାଣ୍ଡେଲ ଶୋଭାଯାତ୍ରା ପୂର୍ବତନ ସାଂସଦ ରମେଶ ଚନ୍ଦ୍ର ମାଝୀଙ୍କ ନେତୃତ୍ୱରେ ନୂଆ ବସଷ୍ଟାଣ୍ଡଠାରୁ ବାହାରିଥିଲା। ରାଲି ଗାନ୍ଧିଛକ ଠାରେ ଥିବା ମହାତ୍ମା ଗାନ୍ଧୀଙ୍କ ମୂର୍ତ୍ତୀ ନିକଟରେ କ୍ୟାଣ୍ଡେଲ ଜାଳିଥିଲେ। ପରେ ଏକ ପଥପ୍ରାନ୍ତ ସଭା ଅନୁଷ୍ଠିତ ହେଇଥିଲା। ଏଥିରେ ପୂର୍ବତନ ସାଂସଦ ରମେଶ ଚନ୍ଦ୍ର ମାଝୀ ଭାଷଣ ଦେଇ ରାଜ୍ୟ ସରକାରଙ୍କ ଉପରେ ପ୍ରବଳ ବର୍ଷିଥିଲେ ଏବଂ ବାଲେଶ୍ୱର ଏମ୍‌ପି, ବିଧାୟକ, ଉଚ୍ଚଶିକ୍ଷା ମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀଙ୍କ ଇସ୍ତଫା ଦାବି କରିବା ସହ ଆଗାମୀ ଦିନରେ ନାରୀଙ୍କୁ ସୁରକ୍ଷା ଦେବା ପାଇଁ ଯତ୍ନବାନ ହୁଅନ୍ତୁ, ନଚେତ ଆଗାମୀ ଦିନରେ ଆନ୍ଦୋଳନ ତୀବ୍ରତର କରାଯିବ ବୋଲି କହିଛନ୍ତି। ଏହି ରାଲିରେ ଉମରକୋଟ ପୌରଧକ୍ଷା ରାଧା ଭତ୍ରା, ବ୍ଲକ ଅଧକ୍ଷା ସୁଶୀଳା ମାଝି, ପୂର୍ବତନ ନଗରପାଳ ଝାଡେଶ୍ୱର ମହାନ୍ତି, କାଲୁ ପଣ୍ଡା, କୈଳାସ ନାୟକ, ଦେବିସିଂ ମାଝି, ରଶ୍ମି ସନ୍ଥା, ଚନ୍ଦନା ମଲିକ, ସୁଧା ଦାଶ, ମିନା ହରିଜନ, ଅଜିତ ପ୍ରଧାନ ଓ ଶୋଭାରାମ ମାଝି, କାଉନସିଲର ତପନ କୁମାର ଦେବନାଥ, ଚିତରଞ୍ଜନ ପାତ୍ର , ମନୋଜ କୁମାର ନାୟକ, ନିଲମ ହରିଜନ, ସରୋଜିନୀ ଶବର ଓ ଶିଖାରଣୀ ସରକାର, ସଲିମ ରାଠୋର, ରାଇଘର ବ୍ଲକ ଅଧକ୍ଷ ଗୁପ୍ତ ପ୍ରସାଦ ଝାଙ୍କର, ଶୁକଦେବ ଗଣ୍ଡ, ପ୍ରଣବ ଭୂୟାଁଙ୍କ ବ୍ୟତୀତ ରାଇଘର, ବେହେଡା, ଜାମରୁଣ୍ଡା, ତୋହରା ପଞ୍ଚାୟତରୁ ଶତାଧିକ ବିଜେଡି କର୍ମୀ ଉପସ୍ଥିତ ଥିଲେ।

## ରକ୍ତଦାନ କରି ଜୀବନ ବଞ୍ଚାଇଲେ ଅଧିକାରୀ



ଉମରକୋଟ,୧୭।୭ (ସମିସ) ଗୁରୁତର ରୋଗୀଙ୍କୁ ରକ୍ତଦାନ କଲେ ପ୍ରଶାସନିକ ଅଧିକାରୀ । ସୂଚନା ଅନୁଯାୟୀ ପୌରାଞ୍ଚଳ ଅଧୀନ ଭିତରଗଡ଼ ସାହିର ଭୁବନେଶ୍ୱର ପାଇକ ଦୁଇଦିନ ତଳେ ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି ହୋଇଥିଲେ। ଉକ୍ତ ରୋଗୀଙ୍କ ହେମୋଗ୍ଲୋବିନ କମ୍ ଥିବା ଦେଖି ଡାକ୍ତର ରକ୍ତ ଆବଶ୍ୟକତା ଥିବା ନେଇ ରୋଗୀଙ୍କ ପରିବାର ଲୋକଙ୍କୁ ସୂଚନା ଦେଇଥିଲେ। ରୋଗୀଙ୍କୁ ରକ୍ତ ଆବଶ୍ୟକତା ରହିଥିଲା। ସ୍ଥାନୀୟ ରକ୍ତ ଭଣ୍ଡାର ଠାରେ ଏହି ଗ୍ରୁପର ରକ୍ତ ନଥିବାରୁ ଅନେକ ଖୋଜା ଖୋଜି କରିବା ପରେ ଉମରକୋଟ ତହସିଲ କାର୍ଯ୍ୟାଳୟ ଠାରେ କାର୍ଯ୍ୟରତ ଅତିରିକ୍ତ ତହସିଲଦାର ନୀଳାମ୍ବର ପୂଜାରୀ ଏହି ରକ୍ତ ଦେବାକୁ ରାଜି ହୋଇଥିଲେ। ସେ ସ୍ୱଇଚ୍ଛାରେ ରକ୍ତ ଭଣ୍ଡାରକୁ ଆସି ରକ୍ତ ଦାନ କରିଥିଲେ। ରକ୍ତ ପାଇ ପୀଡିତ ପରିବାର ଓ ରୋଗୀ ଆଶ୍ୱସ୍ତି ଅନୁଭବ କରିଥିଲେ। ଅଧିକାରୀଙ୍କ ଏହିଭଳି କାର୍ଯ୍ୟକୁ ବିଭିନ୍ନ ମହଲରେ ପ୍ରଶଂସା କରାଯାଇଛି।

## କଳିଙ୍ଗ ବୈଶ୍ୟ ସଂଘର କର୍ମକର୍ତ୍ତା ଚୟନ



ଦାମନଯୋଡି,୧୭।୭(ସମିସ): କୋରାପୁଟ ଜିଲ୍ଲା ମିଗ୍ ଅଞ୍ଚଳ ଅଧିନରେ ଥିବା ଦାମନଯୋଡି କଳିଙ୍ଗ ବୈଶ୍ୟ ସଂଘର କର୍ମକର୍ତ୍ତା ଚୟନ ନିଜସ୍ୱ ମା' କନ୍ୟକା ପରମେଶ୍ୱରୀଙ୍କ ସଭାଗୃହରେ କରାଯାଇଥିଲା। ସଂଘ ସଭ୍ୟ ମାନଙ୍କ ସର୍ବସମ୍ମତି କ୍ରମେ ଶଙ୍କର ପାତ୍ର ସଭାପତି, ନୀଳମାଧବ ପାତ୍ର ସଧାରଣ ସମ୍ପାଦକ ଓ ବାଲାଜୀ ଶରାବ କୋଷାଧକ୍ଷ ଭାବେ ଦାୟିତ୍ୱ ଗ୍ରହଣ କରିଛନ୍ତି। ସେହିପରି ମହିଳା ସଂଘର ସଭାନେତ୍ରୀ ଭାବେ ଝରଣାବାଇ ପାତ୍ର, ସୌମ୍ୟା ବନ୍ଦିତା ଶରାବ ସମ୍ପାଦିକା, ଗିତିପୁଷ୍ପା ଶରାବ କୋଷାଧକ୍ଷା ଭାବେ ମନୋନୀତ ହୋଇଛନ୍ତି। ଚୟନ ପରେ ନୂତନ କର୍ମକର୍ତ୍ତା ମାନଙ୍କୁ ଉପଢୌକନ ପ୍ରଦାନ ପୂର୍ବକ ସମ୍ବର୍ଦ୍ଧିତ କରାଯାଇଥିଲା। ସଂଘର ପ୍ରତିଷ୍ଠାତା ସଭାପତି ଚନ୍ଦ୍ରଶେଖର ପାତ୍ର ଓ ସମ୍ପାଦକ ରାଜଗୋପାଳ ପାତ୍ରଙ୍କ ସମେତ ମିଗ୍ ଅଞ୍ଚଳ କର୍ମକର୍ତ୍ତା ମାନଙ୍କୁ ଇତି ଅବସରରେ ସମ୍ବର୍ଦ୍ଧିତ କରାଯାଇଥିଲା। ସଂଘର ଉନ୍ନତି ଓ ସଭ୍ୟ ମାନଙ୍କ ସ୍ୱାର୍ଥକୁ ଦୃଷ୍ଟିରେ ରଖି ସଭ୍ୟ ମାନଙ୍କ ସହମତିରେ ସମସ୍ତ କାର୍ଯ୍ୟ କରାଯିବ ବୋଲି ନୂତନ କର୍ମକର୍ତ୍ତା ମାନେ କହିଥିଲେ।

## ଫସଲ ବୀମା ଯୋଜନା ଓ କୃଷି ମିଆଦି ଋଣ କର୍ମଶାଳା

ଜୟପୁର, ୧୭।୭(ସମିସ): କୋରାପୁଟ ଜିଲ୍ଲା ଜୟପୁରସ୍ଥିତ କୋରାପୁଟ କେନ୍ଦ୍ରୀୟ ସମବାୟ ବ୍ୟାଙ୍କର ପ୍ରଶାସନିକ ଭବନ ସମ୍ମିଳନୀ କକ୍ଷ ଠାରେ ଫସଲ ବୀମା ଯୋଜନା ଏବଂ କୃଷି ମିଆଦି ଋଣ କର୍ମଶାଳା ବୁଧବାର ଅନୁଷ୍ଠିତ ହୋଇଥିଲା। କେସିସି ବ୍ୟାଙ୍କର ସଭାପତି ଈଶ୍ୱର ଚନ୍ଦ୍ର ପାଣିଗ୍ରାହୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଫସଲ ବୀମା ଯୋଜନା ବିଷୟରେ ଉପସ୍ଥିତ ଚାଷୀ ମାନଙ୍କୁ ବୁଝାଇବା ସହ କୃଷି ମିଆଦି ଋଣ ସମ୍ପର୍କରେ ମଧ୍ୟ ବିସ୍ତୃତ ଭାବେ ସୂଚନା ଦିଆଯାଇଥିଲା। ଏହି ଅବସରରେ ସଭାପତି ଶ୍ରୀ ପାଣିଗ୍ରାହୀ ବ୍ୟାଙ୍କିଙ୍ଗ୍ ଏବଂ କୃଷି ଋଣ ଉପରେ ଆଲୋକପାତ କରିଥିଲେ। ସେହିପରି ସମବାୟ ସମିତି ସମୂହ ଉପନିବନ୍ଧକ ଭୀମସେନ ସାହୁ ନିଜ ବକ୍ତବ୍ୟରେ ଚାଷୀ ଓ ସମବାୟ ସଂସ୍ଥା ମଧ୍ୟରେ ସମନ୍ୱୟ ଉପରେ ଆଲୋକପାତ କରିଥିଲେ। ଏହି ଅବସରରେ କେସିସି ବ୍ୟାଙ୍କ ଜୟପୁର ସଦର ଶାଖା ପକ୍ଷରୁ କୃଷି ଋଣ ମିଆଦି ମାଧ୍ୟମରେ ଗୋଟିଏ ପାୱାର ଟିଲର ଚାଷୀ ସୁଶାନ୍ତ କୁମାର ପାଢୀଙ୍କ ଏବଂ ବୋରିଗୁମ୍ମା ବ୍ୟାଙ୍କ ମାଧ୍ୟମରେ ୨ଟି ଶିଶିର କୁମାର ଷଡଙ୍ଗୀ ଏବଂ ଉଷାରାଣି ପଣ୍ଡାଙ୍କୁ ଋଣ ଭାବେ ପ୍ରଦାନ କରାଯାଇଛି। ଅନ୍ୟମାନଙ୍କ ମଧ୍ୟରେ ନାବାର୍ଡ ଡିଡିଏମ ଦେବେନ୍ଦ୍ର ପ୍ରଧାନ ମଞ୍ଚାସୀନ ରହିଥିବା ବେଳେ କେସିସି ବ୍ୟାଙ୍କ ସମ୍ପାଦକ ଅତୁଲ୍ୟ କୁମାର ମଲ୍ଲିକ ପରିଚାଳନା କରିଥିବା ବେଳେ ସମବାୟ ବିଭାଗର ଏସଆରସିଏସ ଶିଶିର କୁମାର ଦାଶ, ବୋରିଗୁମ୍ମା ଶାଖା ପରିଚାଳକ ମୋନଜ କୁମାର ଦାଶ ସହାୟତା କରିଥିଲେ।

## କର୍ମକ୍ଷେତ୍ରରେ ମହିଳାଙ୍କୁ ଯୌନ ନିର୍ଯାତନା ଆଇନ ସଚେତନତା ଶିବିର




ବୈପାରୀଗୁଡ଼ା,୧୭।୭ (ସମିସ): ଜିଲ୍ଲା ଆଇନ ସେବା ପ୍ରାଧିକରଣ କୋରାପୁଟ -ଜୟପୁର ଆନୁକୂଲ୍ୟରେ ମହିଳାଙ୍କୁ ଯୌନ ନିର୍ଯାତନା ଆଇନ ସଂକ୍ରାନୀୟ ଏକ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। ଜଜ୍ ତଥା ଜିଲ୍ଲା ଆଇନ ସେବା ପ୍ରାଧିକରଣର ଅଧକ୍ଷ ପ୍ରଦୀପ କୁମାର ମହନ୍ତଙ୍କ ନିର୍ଦ୍ଦେଶ କ୍ରମେ ବୈପାରୀଗୁଡା ଠାରେ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। ବ୍ଲକ ସଭାଗୃହ ଠାରେ ଆୟୋଜିତ ଶିବିରରେ କର୍ମକ୍ଷେତ୍ରରେ ମହିଳାଙ୍କୁ ଯୌନ ନିର୍ଯାତନା ଆଇନ ସଂକ୍ରାନୀୟ ଏକ ସଚେତନତା କରାଯାଇଛ। ଏଥିରେ ମୁଖ୍ୟ ଅତିଥି ଭାବରେ ଲୋକ ଅଦାଲତ ସ୍ଥାୟୀ ସଚିବ ପ୍ରଦ୍ୟୋମୟୀ ସୁଜାତା ଯୋଗ ଦେଇଥିଲେ। ଅନ୍ୟ ଅତିଥି ଭାବରେ ଡଃ.ବି.ଗାୟତ୍ରୀ ଦେବୀ ସ୍ପେସିଆଲ ପିପି ସ୍ୱତନ୍ତ୍ର କୋର୍ଟ ପୋକ୍ସ ଜୟପୁର , ସବିତା ବ୍ରହ୍ମା ଶିଶୁ ବିକାଶ ପ୍ରକଳ୍ପ ଅଧିକାରୀ ବୈପାରିଗୁଡା, ପୂର୍ଣ୍ଣିମା ବାରିକ ବ୍ଲକ୍ ଉପାଧକ୍ଷା ବୈପାରିଗୁଡା, ଗ୍ରାମ ପଞ୍ଚାୟତ ବିକାଶ ଅଫିସର ମିଲୁ ପ୍ରଧାନୀ, ସହକାରୀ ଯନ୍ତ୍ରୀ ଲୋମ୍ବଦର ନାୟକ ପ୍ରମୁଖ ମଞ୍ଚସୀନ ହୋଇଥିଲେ। କାର୍ଯ୍ୟକ୍ରମରେ ବ୍ଲକର ସମସ୍ତ କର୍ମଚାରୀଙ୍କ ସହ ଆଶା, ଅଙ୍ଗନୱାଡି କର୍ମୀ, ଏମବିକେ ଉପସ୍ଥିତ ରହିଥିଲେ। ମୁଖ୍ୟଅତିଥି କର୍ମ କ୍ଷେତ୍ର ରେ ମହିଳା ମାନଙ୍କ ପାଇଁ ସୁରକ୍ଷା ପାଇଁ ପ୍ରତ୍ୟେକ କାର୍ଯ୍ୟାଳୟ ଆଇସିସି କମିଟି ଗଠନ କରିବା ସହ ଅଫିସର ସମ୍ମୁଖରେ ଲଗାଇବା ପାଇଁ କହିଥିଲେ। ଏହା ସହ ଡ଼. ଗାୟତ୍ରୀ ଦେବି କାର୍ଯ୍ୟାଳୟ ପରିସରରେ ମହିଳା ମାନେ ଶୋଷଣରୁ ମୁକ୍ତ ପାଇଁ ରହିଥିବା ଆଇନ ସମ୍ପର୍କରେ କହିଥିଲେ। କାର୍ଯ୍ୟକ୍ରମ ଶେଷରେ ସହକାରୀ ଯନ୍ତ୍ରୀ ଆଗାମୀ ଦିନରେ ବୈପାରୀଗୁଡା ବ୍ଲକ ଠାରେ ପୋଷ ଆଇନ କାର୍ଯ୍ୟକାରୀ କରିବା ପାଇଁ କମିଟି ଗଠନ ସହ ସମସ୍ତ କର୍ମଚାରୀଙ୍କୁ ଆଇନ ସମ୍ବନ୍ଧରେ ସଚେତନ କରାଯିବ ବୋଲି ମତ ଦେଇ ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ। କାର୍ଯ୍ୟକ୍ରମକୁ ଆଇନ ସେବା ପ୍ରାଧିକରଣ ର କର୍ମକର୍ତା ଦେବେନ୍ଦ୍ର କଂହର, ସୁବାସ ଦୁରୁଆ, ରାଜେଶ୍ୱର ମହୁରିଆ ପରିଚାଳନା ସହ ସହଯୋଗ କରିଥିଲେ।

## ଓଲଟିଲା ମାରୁତି କାର୍

ନନ୍ଦପୁର, ୧୭।୭ (ସମିସ): ଭୋର ସକାଳେ ଏକ ମାରୁତି ସୁଇପ୍ଟ ଗାଡି ନନ୍ଦପୁର ନଙ୍ଗଲା ଭୈରବୀ ରାସ୍ତା କଡ଼ରେ ଭାରସାମ୍ୟ ହରାଇ ଓଲଟି ପଡି ଥିବା ବେଳେ ଅଳ୍ପକେ ଭର୍ତ୍ତି ଯାଇଥିଲେ ୪ ଜଣ ଯାତ୍ରୀ। ସୂଚନା ଅନୁଯାୟୀ, ଛତିଶଗଡ଼ ରାଜ୍ୟରୁ ଆନ୍ଧ୍ର ପ୍ରଦେଶର ଆରୁକୁ ପର୍ଯ୍ୟଟନ ସ୍ଥଳୀକୁ ବୁଲିବାକୁ ଯାଉଥିବା ବେଳେ ଆଜି ଏହି ଦୁର୍ଘଟଣା ଘଟିଛି। ଗାଡିରେ ୪ଜଣ ଯାତ୍ରୀ ରହିଥିଲେ। ପୁଲିସ ସୂଚନା ଅନୁସାରେ ନଙ୍ଗଲା ଭୈରବି ରାସ୍ତା ବୁଲାଣି ରେ ହଠାତ୍ ଗାଡି ଭାରସାମ୍ୟ ହରାଇଦୁର୍ଘଟଣା ହୋଇଥିଲା। ୪ଜଣ ସାମାନ୍ୟ ଆଘାତ ହୋଇଥିଲେ।

## ଦୁଇ ବାଇକ୍ ମୁହାଁମୁହିଁ ଧକ୍କା, ୨ ମୃତ

କୋଟପାଡ଼,୧୭।୭(ସମିସ): କୋରାପୁଟ ଜିଲ୍ଲା କୋଟପାଡ଼ ଥାନା ଅନ୍ତର୍ଗତ ସୁର୍ଲି ଗ୍ରାମର ଜାତୀୟ ରାଜପଥରେ ଗୁରୁବାର ରାତିରେ ଏକ ମର୍ମନ୍ତୁଦ ଦୁର୍ଘଟଣା ଘଟିଛି। ଦୁଇ ବାଇକ୍ ମଧ୍ୟରେ ମୁହାଁମୁହିଁ ଧକ୍କା ହୋଇ ୨ଜଣ ବ୍ୟକ୍ତିଙ୍କ ଘଟଣାସ୍ଥଳରେ ମୃତ୍ୟୁ ଘଟିଥିବା ବେଳେ ଅନ୍ୟ ୨ଜଣ ଗୁରୁତର ଆହତ ହୋଇଛନ୍ତି। ଖବର ପାଇ କୋଟପାଡ଼ ପୋଲିସ ପହଞ୍ଚି ଆହତମାନଙ୍କୁ ଉଦ୍ଧାର କରି କୋଟପାଡ଼ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରିଛି। ପୋଲିସ ୨ଜଣଙ୍କ ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇ ପଠାଇଛି। ଅନ୍ୟପକ୍ଷେ ପୋଲିସ ଦୁର୍ଘଟଣା ଘଟିଥିବା ଦୁଇ ବାଇକକୁ ଜବତ କରିଛି। ଦୁଇ ମୃତକ ମଧ୍ୟରୁ ଜଣେ କୋଟପୋଡ଼ ଝଡିଗୁଡା ଗ୍ରାମର ବୈଦନାଥ ଭତରା ଏବଂ ଛତିଶଗଡ଼ର ବରିଷ ରାଘୁଆଲି ବୋଲି ଜଣାପଡିଛି। ସେହିପରି ଦୁଇ ଗୁରୁତରଙ୍କ ମଧ୍ୟରେ ଜଣେ ଝଡିଗୁଡାର ମଣିରାମ ପୂଜାରୀ ଏବଂ ଛତିଶଗଡ଼ର ରାଜାରାମ ବାଘେଲ ବୋଲି ସୂଚନା ମିଳିଛି। ପୋଲିସ ଏକ ଦୁର୍ଘଟଣା ମାମଲା ରୁଜୁ କରି ଘଟଣାର ତଦନ୍ତ ଆରମ୍ଭ କରିଛି।

## ଦୁର୍ଗାପୂଜା ନିମନ୍ତେ ପ୍ରସ୍ତୁତି ବୈଠକ

ସେମିଳିଗୁଡ଼ା, ୧୭।୭ (ସମିସ): କୋରାପୁଟ ଜିଲ୍ଲାର ସେମିଳିଗୁଡା ବସଷ୍ଟାଣ୍ଡ ଠାରେ ଚଳିତ ବର୍ଷ ଦୁର୍ଗା ପୂଜା କରିବା ନିମନ୍ତେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଶିବ ଶକ୍ତି ବଣିକ ସଂଘର ୨୦୨୫ ଦୁର୍ଗା ପୂଜା ନିମନ୍ତେ ଗୁରୁବାର ଦିନ ସ୍ଥାନୀୟ ଶିବ ମନ୍ଦିରରେ ପ୍ରଥମ ବୈଠକ ଅନୁଷ୍ଠିତ ହୋଇଥିଲା। ବୈଠକରେ ସଂଘର ସଭାପତି ରାଜେନ୍ଦ୍ର ପାତ୍ରଙ୍କ ସହିତ ବରିଷ୍ଠ କାର୍ଯ୍ୟକର୍ତ୍ତା ଏବଂ ସମସ୍ତ କର୍ମକର୍ତ୍ତାଙ୍କ ଉପସ୍ଥିତିରେ ଚଳିତ ବର୍ଷ ଦୁର୍ଗା ପୂଜା ନିମନ୍ତେ ପୂଜା ସଭାପତି, ସମ୍ପାଦକ ଓ କୋଷାଧକ୍ଷ ଚୟନ କରା ଯାଇଛି। ଚଳିତ ବର୍ଷ ପୂଜା କମିଟିର ସଭାପତି ଭାବରେ ଜିତୁ କୁମାର ସିଓ, ସମ୍ପାଦକ ଭାବରେ ନୀଳାଞ୍ଚଳ ସାହୁ କୋଷାଧକ୍ଷ ଭାବରେ ସନ୍ତୋଷ ପାତ୍ରଙ୍କୁ ସର୍ବ ସମ୍ମତି କ୍ରମେ ଦାୟିତ୍ୱ ଦିଆଯାଇଛି। ଆଗାମୀ ଦିନରେ ପୂଜା ନିମନ୍ତେ ସମସ୍ତ ବ୍ୟବସାୟୀ ସହଯୋଗ କରିବେ ବୋଲି ସଂଘ ପକ୍ଷରୁ ଆଶା କରାଯାଇଛି।

## ସିଡିଓଙ୍କ ନନ୍ଦପୁର ବ୍ଲକ୍ ପରିଦର୍ଶନ

ନନ୍ଦପୁର, ୧୭।୭ (ସମିସ): କୋରାପୁଟ ଜିଲ୍ଲାର ସିଡିଓ ବେଣୁଧର ଶବର ନନ୍ଦପୁର ବ୍ଲକ ପରିଦର୍ଶନ କରି ମନରେଗା ଯୋଜନା ଅନ୍ତର୍ଗତ ଉନ୍ନୟନମୂଳକ କାର୍ଯ୍ୟର ସମୀକ୍ଷା କରିବା ସହ ଆବାସ ଗୃହ ନିର୍ମାଣ କାର୍ଯ୍ୟ ବୁଲି ଦେଖିଥିଲେ। ନନ୍ଦପୁର ବ୍ଲକର ଖୁର୍ଜି ଗ୍ରାମପଞ୍ଚାୟତର ଖିରା ଝୋଲା ଚାପୁରାମ୍, ନନ୍ଦପୁର ସଦର ଗ୍ରାମପଞ୍ଚାୟତ ମନରେଗା ଓ ଆବାସ ଗୃହ ବୁଲି ଦେଖିବା ସହ ତୁରନ୍ତ ଅଧା ପନ୍ତରିଆ କାର୍ଯ୍ୟ ଗୁଡ଼ିକ ଶେଷ କରିବାକୁ ନିର୍ଦ୍ଦେଶ ଦେଇଥିବା ଜଣାପଡିଛି। ସିଡିଓ ଶ୍ରୀ ଶବରଙ୍କ ସହ ଜିଲାସ୍ତରୀୟ ଅଧିକାରୀ ଏପିଡି, ଗ୍ରାମୀଣ ଆବାସ, ଏସବି ମ୍ କୋର୍ଡିନେଟରଙ୍କ ସହ ନନ୍ଦପୁର ବିଡ଼ିଓ ଦୁର୍ଗା ପ୍ରସାଦ ଦୋରା, ଏଇଇ ଝସ କେତନ ବେହେରା ଓ ଅନ୍ୟାନ୍ୟ କର୍ମଚାରୀ ଉପସ୍ଥିତ ରହିଥିଲେ। ପରେ ବ୍ଲକ କାର୍ଯ୍ୟାଳୟରେ ମନରେଗା ଓ ଆବାସ ଗୃହ ଉପରେ ବ୍ଲକ ପ୍ରଶାସନଙ୍କ ସହ ଆଲୋଚନା କରି କୋରାପୁଟ ଫେରିଥିବା ଜଣାପଡିଛି।

## ବିଶାଳ କ୍ୟାଣ୍ଡେଲ ଶୋଭାଯାତ୍ରା




ସେମିଳିଗୁଡ଼ା, ୧୭।୭ (ସମିସ): ସୌମ୍ୟଶ୍ରୀଙ୍କ ପାଇଁ କୋରାପୁଟ ଜିଲ୍ଲାର ସେମିଳିଗୁଡାରେ ବିଶାଳ କ୍ୟାଣ୍ଡେଲ ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। କ୍ୟାଣ୍ଡେଲ ଶୋଭାଯାତ୍ରା ସେମିଳିଗୁଡା ଟାଉନ କ୍ଲବ ତରଫରୁ ଗଙ୍ଗାମ୍ମା ମନ୍ଦିରଠାରୁ ଆରମ୍ଭ ହୋଇ ସହରର ବିଭିନ୍ନ ରାସ୍ତା ଅତିକ୍ରମ କରି ଏହି ସେମିଳିଗୁଡା ବସ୍ ଷ୍ଟାଣ୍ଡ ଠାରେ ଥିବା ବାବା ସାହେବ ଭୀମରାଓ ଆମ୍ବେଦକରଙ୍କ ପ୍ରତିମୂର୍ତ୍ତି ନିକଟରେ ପହଞ୍ଚିଥିଲା। ଦନୀୟଲ ନେତୃତ୍ୱରେ ଅଶୋକ ପ୍ରଧାନ, ସୁମିତ୍, ଜଗନ୍ନାଥ ହନ୍ତାଲ, ଅର୍ଜୁନ ଅଞ୍ଚଳର ଅନେକ ସମାଜସେବୀ, ବୁଦ୍ଧିଜିବୀ ଯୋଗ ଦେଇଥିଲେ।

## ଗଣେଷ ପୂଜା ପ୍ରସ୍ତୁତି ବୈଠକ

ଉମରକୋଟ,୧୭।୭ (ସମିସ): ନବରଙ୍ଗପୁର ଜିଲା ଉମରକୋଟ ପୌରାଞ୍ଚଳ ଅଧୀନ ଗଜପତି ଛକ ଠାରେ ପ୍ରତି ବର୍ଷ ଭଳି ଚଳିତ ବର୍ଷ ପୂଜାର ୩୫ତମ ବର୍ଷ ପୂର୍ତ୍ତି ହେବାକୁ ଯାଉଛି। ଅଗଷ୍ଟ ମାସ ୨୬ରେ ହେବବାକୁ ଥିବା ଗଣେଷ ପୂଜା ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଗଜପତି ଛକ କ୍ଲବ୍ ଗୃହ ଠାରେ ଅନୁଷ୍ଠିତ ହୋଇଯାଇଛି। ଚଳିତ ବର୍ଷ ମହା ଆଡମ୍ବର ସହକାରେ ଗଣେଷ ପୂଜା କରାଯିବ ବୋଲି ବୈଠକରେ ନିଷ୍ପତି ନିଆଯାଇଛି। ବୈଠକରେ ନୂତନ ଓ ପୁରାତନ ସଭ୍ୟ ଉପସ୍ଥିତ ରହି କିଭଳି ଭାବରେ ଚଳିତ ବର୍ଷର ଗଣେଶ ପୂଜାକୁ ମହାଆଡମ୍ବରରେ ପାଳନ କରାଯିବ ଏଥିନିମନ୍ତେ ସର୍ବ ସମ୍ମତି କ୍ରମେ ଆଲୋଚନା କରାଯାଇଥିଲା। ଚଳିତ ବର୍ଷର ଗଣେଶ ପୂଜା ନୂତନ କମିଟି ଗଠନ କରାଯାଇଛି। ଏଥି ନିମନ୍ତେ ସର୍ବସମ୍ମତି କ୍ରମେ ସଭାପତି ଭାବେ ପୁପୁନ ପ୍ରଧାନ, ଉପ ସଭାପତି ଭାବେ ସନ୍ତୋଷ ତିୱାରୀ, ସମ୍ପାଦକ ସୋନୁ ଦଣ୍ଡସେନା, ସହ ସମ୍ପାଦକ ଶୁଭମ ସାହୁ, କୋଷାଧକ୍ଷ ରାହୁଲ ଅଗ୍ରୱାଲଙ୍କୁ ଚୟନ କରାଯାଇଛି।

## ବନ୍ଦେ ଭାରତ ଟ୍ରେନ୍ ଚଳାଚଳ ପାଇଁ ଦାବିପତ୍ର



ଜୟପୁର, ୧୭।୭(ସମିସ) : ଭୁବନେଶ୍ୱର-ବିଶାଖପାଟଣା ମଧ୍ୟରେ ଚଳାଚଳ କରୁଥିବା ବନ୍ଦେ ଭାରତ ଏକ୍ସପ୍ରେସ୍ ଟ୍ରେନ୍‌କୁ କୋରାପୁଟ ପର୍ଯ୍ୟନ୍ତ ବୃଦ୍ଧି ନେଇ ଉତ୍କଳ ସମ୍ମିଳନୀ କୋରାପୁଟ ଶାଖା ପକ୍ଷରୁ ପ୍ରଧାନମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ଦାବିପତ୍ର ବିଶାଖପାଟଣା ରେଳ ଡିଭିଜନର ବାଣିଜ୍ୟ ପରିଚାଳନା ମ୍ୟାନେଜର ପ୍ରବୀଣ କୁମାର ଏବଂ ଏଡିଆରଏମ ଇ.ସାନ୍ଥାରାମଙ୍କୁ ଜୟପୁର ରେଳ ଷ୍ଟେସନ ଠାରେ ପ୍ରଦାନ କରିଥିଲେ। ସେହିପରି ଭୁବନେଶ୍ୱରଠାରୁ ବିଶଖାପଟଣା ପର୍ଯ୍ୟନ୍ତ ବନ୍ଦେଭାରତ ଟ୍ରେନକୁ ଭାୟା ଆରକୁ ଦେଇ କୋରାପୁଟ ପର୍ଯ୍ୟନ୍ତ ବୃଦ୍ଧି ହେଲେ ସ୍ଥାନୀୟ ଉପାନ୍ତ ଅଞ୍ଚଳର ଯାତ୍ରୀ ମାନେ ଭୁବନେଶ୍ୱର ଯାତାୟାତରେ ଅଧିକ ସୁବିଧା ପାଇପାରିବ ବୋଲି ଦାବିପତ୍ରରେ ଉଲ୍ଲେଖ କରାଯାଇଥିବା ବେଳେ ଅନ୍ୟାନ୍ୟ ବିଷୟ ନେଇ ବିସ୍ତୃତ ଭାବେ ଉଲ୍ଲେଖ ରହିଛି। ଏହି ଦାବି ସଂପର୍କିତ ସୂଚନା ରେଳବିଭାଗ ଅବଗତ ରହିଛି ଏଥିନେଇ ତର୍ଜମା ଚାଲିଛି ବୋଲି ଡିଭିଜିନାଲ୍ କମର୍ସିଆଲ୍ ମ୍ୟାନେଜର ପ୍ରବୀଣ କୁମାର କହିଥିଲେ। ସେହିପରି ଦୀର୍ଘ ୧୮ ଦିନ ହେଲା ଯାତ୍ରୀବାହୀ ଟ୍ରେନ୍ ଗୁଡିକ କୋରାପୁଟ- ଜୟପୁର ଯାତାୟାତ ହୋଇପାରୁନାହିଁ। ତେଣୁ ଏହାର ତୁରନ୍ତ ସମାଧାନ କରାଯାଇ ସ୍ୱାଭାବିକ କରିବାକୁ ଦାବି କରାଯାଇଥିଲା। ଜୟପୁରରେ ନିର୍ମାଣାଧିନ ଅମୃତ ଭାରତ ରେଳ ଷ୍ଟେସନ୍‌ରୁ ସିଧା ସଳଖ ଜାତୀୟ ରାଜପଥ ୩୨୬କୁ ଏକ ସଂଯୋଗ ପାଇଁ ନୂତନ ରାସ୍ତା ନିର୍ମାଣ ପାଇଁ ଦାବି କରାଯାଇଥିଲା । ଏହି ଦାବି ପତ୍ର ପ୍ରଦାନ ବେଳେ ଉତ୍କଳ ସମ୍ମିଳନୀ କୋରାପୁଟ ଶାଖାର ଉପସଭାପତି ରାଜେନ୍ଦ୍ର ଗୌଡ, ରାଜ୍ୟ ପରିଷଦ ସଦସ୍ୟ ବାଲା ରାୟ, ପବିତ୍ର ମୋହନ ପାତ୍ର, ବଳରାମ ପାଇକରାୟ, ସତ୍ୟ ନାରାୟଣ ତ୍ରିପାଠୀ, ପ୍ରଭାକର ରଥ, ସୁଶୀଲ ପାଣିଗ୍ରାହୀ ପ୍ରମୁଖ ଉପସ୍ଥିତ ରହିଥିଲେ।

## ବେଆଇନ ଭଡ଼ା ନେଇ ଲୋକଙ୍କୁ ଶୋଷଣ କରୁଛି ପୌର ପରିଷଦ : ଜଗନ୍ନାଥ ମହାପାତ୍ର

ନବରଙ୍ଗପୁର,୧୭।୭ (ସମିସ): ନବରଙ୍ଗପୁର ପୌର ପରିଷଦ ପକ୍ଷରୁ ରହିଥିବା ପୌରାଞ୍ଚଳରେ ପାଇଖାନା ଟ୍ୟାଙ୍କି ସଫେଇ ଗାଡିର ଭଡା ବେଆଇନ ଭାବେ ନେଉଥିବା ନେଇ ଅଭିଯୋଗ ପତ୍ର ମାଧ୍ୟମରେ ଅଭିଯୋଗ କରିଛନ୍ତି ଜିଲ୍ଲା ନାଗରିକ କମିଟି ସଭାପତି ତଥା ଜିଲ୍ଲା ବିଶିଷ୍ଟ ସମାଜସେବୀ ଜଗନ୍ନାଥ ମହାପାତ୍ର। ଶ୍ରୀ ମହାପାତ୍ରଙ୍କ ଅଭିଯୋଗ ପ୍ରକାରେ ଘରମାନଙ୍କର ପାଇଖାନା ଟ୍ୟାଙ୍କି ସଫେଇ ଗାଡି ବାବଦରେ ନବରଙ୍ଗପୁର ପୌର ପରିଷଦ ଅଞ୍ଚଳରେ ରହିଥିବା ନିରୀହ ଜନସାଧାରଣଙ୍କ ଠାରୁ ଅଧିକ ଟଙ୍କା ଆଦାୟ କରାଯାଉଥିବା ସହିତ ପାଇଖାନା ଟ୍ୟାଙ୍କି ସଫେଇ ଗାଡି ବାବଦରେ ଭଡ଼ା ଟଙ୍କା ନେଇ ମଧ୍ୟ ତାହାର ସଠିକ ରସିଦ ପ୍ରଦାନ କରାଯାଉ ନାହିଁ । ଏଥି ସହିତ ଉକ୍ତ ଟଙ୍କା ପୌର ପରିଷଦ ଆକାଉଣ୍ଟରେ ଜମା ହେବା ବଦଳରେ ଟଙ୍କା କର୍ମଚାରୀଙ୍କ ନିଜ ବ୍ୟାଙ୍କ ଖାତାକୁ ଯାଉଥିବା ଜିଲ୍ଲା ନାଗରିକ କମିଟି ପକ୍ଷରୁ ଅଭିଯୋଗ କରିଛନ୍ତି ଶ୍ରୀ ମହାପାତ୍ର। ଏଥି ସହିତ ନବରଙ୍ଗପୁର ପୌରସଂସ୍ଥା ତରଫରୁ ପାଇଖାନା ଟାଙ୍କି ସଫେଇ ପାଇଁ ଆବେଦନକାରୀଙ୍କୁ ଭଡ଼ା ସୂତ୍ରରେ ଯୋଗାଇ ଦିଆଯାଇଥିବା ସଫେଇ ଗାଡି ର ଭଡ଼ା ସରକାରୀ ନିର୍ଦ୍ଧାରିତ ଦରଠାରୁ ବହୁତ ଅଧିକ ନିଆଯାଉଛି। ପ୍ରତ୍ୟେକ ଟାଙ୍କି ପିଛା ୪୨୦୦ ରୁ ୧୪ ହଜାର ଟଙ୍କା ପର୍ଯ୍ୟନ୍ତ ବେଆଇନ ଭାବେ ନିଆଯାଉଛି। କେତେକ କ୍ଷେତ୍ରରେ ପୌର କର୍ମଚାରୀ ନିଜ ବ୍ୟକ୍ତିଗତ ବ୍ୟାଙ୍କ ଖାତାକୁ ଭଡା ଟଙ୍କା ନେବାର ଏକ ଗୁରୁତର ଅଭିଯୋଗ ଦୃଷ୍ଟିକୁ ଆସିଥିବା ଏହି ଅଭିଯୋଗ ପତ୍ରରେ ଉଲ୍ଲେଖ ରହିଛି । ଏହି ସହିତ ରାଜ୍ୟର ଅନ୍ୟ ପୌରସଂସ୍ଥା ସରକାରୀ ନିର୍ଦ୍ଧାରିତ ଦର ସମାନ ଭାବେ ନେଉଥିଲେ ମଧ୍ୟ, ନବରଙ୍ଗପୁର ପୌରସଂସ୍ଥା ଆଇନର ଅବମାନନା କରି ନେଉଛନ୍ତି । ନବରଙ୍ଗପୁର ଜିଲ୍ଲା ବାହାରର ଏବଂ ଓଡିଶା ବାହାରର କେତେକ ପାଇଖାନା ଟାଙ୍କି ସଫେଇ ଗାଡି ନବରଙ୍ଗପୁର ପୌରାଞ୍ଚଳକୁ ଆସି ଜନସାଧାରଙ୍କୁ ସୁଲଭ ମୂଲ୍ୟରେ ସେବା ଯୋଗାଉଥିଲେ। ପୌରସଂସ୍ଥା ତରଫରୁ ସେହି ଗାଡି ଗୁଡିକୁ ଅଟକ ରଖାଯାଉଛି। ଏହି ସବୁ ବିଷୟ ଆଗାମୀ ପାରିଷଦ ବୈଠକରେ ପାରିତ କରି ଏହାର ବିହୀତ ପ୍ରତିକାର ଓ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ନବରଙ୍ଗପୁର ପୌର ଅଧକ୍ଷ କୁନୁ ନାୟକଙ୍କୁ ପତ୍ର ମାଧ୍ୟମରେ ଜିଲ୍ଲା ନାଗରିକ କମିଟି ସଭାପତି ତଥା ଜିଲ୍ଲା ବିଶିଷ୍ଟ ସମାଜସେବୀ ଜଗନ୍ନଥ ମହାପାତ୍ର ନିବେଦନ କରିଥିବା ସୂଚନା ଦେଇଛନ୍ତି।

ବ୍ୟାଟେରି ଦୋକାନରୁ ଚୋରି

## ଦୁର୍ଦ୍ଧାନ୍ତ ଅପରାଧୀ ଗୁପ୍ତ ଦାସ ଗିରଫ



ଜୟପୁର,୧୭।୭(ସମିସ): ଜୟପୁର ସହରର ଏମ.ଜି ରୋଡସ୍ଥିତ ସାଇବାବା ମନ୍ଦିର ପାଖରେ ଥିବା ଏକ ବ୍ୟାଟେରି ଦୋକାନରୁ ୪ଲକ୍ଷ ଟଙ୍କା ଓ ସୁନା ଅଳଙ୍କାର ଚୋରି ହୋଇଥିବା ଅଭିଯୋଗରେ ଆଜି ଟାଉନ ପୁଲିସ ମୁଖ୍ୟ ଅଭିଯୁକ୍ତ ତଥା ଦୁର୍ଦ୍ଧାନ୍ତ ଅପରାଧି ସ୍ଥାନୀୟ ଛୋଟାଗୁଡାର ଗୁପ୍ତ ଦାସ(୩୫)କୁ ଗିରଫ କରାଯାଇ କୋର୍ଟ ଚାଲାଣ କରିଛି। ଅଭିଯୁକ୍ତଙ୍କ ନିକଟରୁ ଚୋରି ହୋଇଥିବା ୨୫ ହଜାର ଏବଂ ଏକ ମୋବାଇଲ ଫୋନ ଜବତ କରାଯାଇଛି। ଅଭିଯୁକ୍ତ ତଥା ଦୁର୍ଦ୍ଧାନ୍ତ ଅପରାଧି ଗୁପ୍ତ ଦାସଙ୍କ ନାମରେ ଚୋରି ଓ ଡକାୟତ ଭଳି ବିଭିନ୍ନ ଥାନାରେ ୩୦ରୁ ଅଧିକ ମାମଲା ରହିଛି ବୋଲି ତଦନ୍ତକାରୀ ଅଧିକାରୀ ଏସ.ଆଇ ସିଦ୍ଧାନ୍ତ ବେହେରା ସୂଚନା ଦେଇଛନ୍ତି। ପ୍ରକାଶ ଯେ, ଗତ ଜୁନ ୨୯ ତାରିଖରେ ଏମ.ଜି ରୋଡ ବ୍ୟାଟେରି ଦୋକାନ କାନ୍ଥ କଣା କରିବା ସହ ଦୋକାନ ଭିତରୁ ଟଙ୍କା ଓ ସୁନା ଅଳଙ୍କାର ଚୋରି ହୋଇଥିବା ନେଇ ମାଲିକ ବଂଶୀ ତୟାଲ ଟାଉନ ଥାନାରେ କୌଣସି ଅଜଣା ଦୁର୍ବୃତ୍ତ ଟଙ୍କା କାଉଣ୍ଟର ଭାଙ୍ଗି ନଗଦ ୪ଲକ୍ଷ, କମ୍ପାନୀର ଉପହାର ପ୍ରଦାନ ନେଇଥିବା କିଛି ରୁପା କଏନ ଓ ସୁନା ଅଳଙ୍କାର ଲୁଟି ନେଇଥିବା ନେଇ ଅଭିଯୋଗ କରିଥିଲେ। ପୁଲିସ ପକ୍ଷରୁ ଏକ ମାମଲା ରୁଜୁ କରାଯାଇ ବିଭିନ୍ନ ସ୍ଥାନରେ ଚଢଉ ସହ ସିସି କ୍ୟାମେରା ଯାଞ୍ଚ କରାଯାଇଥିଲା। ଏଥିରେ ସମୁଦାୟ ୫ ଜଣ ସ୍ଥାନୀୟ ଅପରାଧି ସାମିଲ ରହିଥିବା ନେଇ ସ୍ପଷ୍ଟ ହୋଇଥିଲେ। ଗତ ୧୧ ତାରିଖରେ ୪ଜଣ ଅଭିଯୁକ୍ତଙ୍କୁ ଗିରଫ କରିବା ସହ ସେମାନଙ୍କ ନିକଟରୁ ୭୦ ହଜାର ଟଙ୍କା ଜବତ କରାଯାଇଥିଲା। କିନ୍ତୁ ମୁଖ୍ୟ ଅଭିଯୁକ୍ତ ଫେରାର ରହିଥିଲେ। ସୁନା ଓ ରୁପା ସାମଗ୍ରୀ ତାଙ୍କ ନିକଟରେ ରହିଥିବା ନେଇ ଜଣାପଡିଥିଲା। କିନ୍ତୁ ଅଭିଯୁକ୍ତ ଗିରଫ କରାଯାଇଥିଲେ ସୁଦ୍ଧା ମୁଖ୍ୟ ଅଭିଯୁକ୍ତ ଅସୁସ୍ଥ ରହିଥିବା ଆଳ ଦେଖାଇଥିଲେ । ତେଣୁ ପୁଲିସ ପଚରାଉଚରାରେ ସମସ୍ୟା ସୃଷ୍ଟି ହୋଇଥିଲା । କୋର୍ଟ ଚାଲାଣ କରାଯାଇଛି।



## ୩ ବାଲି ଗାଡ଼ି ଜବତ

ରାୟଗଡ଼ା,୧୭।୭(ସମିସ): ଆବଶ୍ୟକତା ଠାରୁ ଅଧିକ ଲୋଡ ନେବା ଏବଂ ବିନା ରୟାଲିଟିରେ ବାଲି ନେଉଥିବା ଦୁଇଟି ଟିପ୍ପର ଓ ଗୋଟିଏ ହାଇୱା ଗାଡ଼ିକୁ ଜବତ କରିଛି ରାୟଗଡା ଟାଉନ ଥାନା ପୋଲିସ। ବୁଧବାର ଭୋର ସକାଳେ ପୁଲିସ ଏସଆଇ ରାଜେଶ୍ୱର ଶବର ଓ ପୁଲିସ ଟିମ ରାୟଗଡା ବ୍ଲକ ତାଡମା ପଞ୍ଚାୟତ ଅଞ୍ଚଳରେ ଯାଞ୍ଚ ବେଳେ ଉକ୍ତ ତିନୋଟି ଗାଡିକୁ ଅଟକାଇ ଯାଞ୍ଚ କରିଥିଲେ। ସେମାନଙ୍କଠାରୁ ରୟାଲିଟି କାଗଜ ନମିଳିବା ଏବଂ ଆବଶ୍ୟକତା ଠାରୁ ଅଧିକା ବାଲି ଲୋଡ଼ ହୋଇଥିବା ଦେଖିବାକୁ ପାଇଥିଲେ ଏସଆଇ ଶବର । ତିନୋଟି ଯାକ ଗାଡିକୁ ରାୟଗଡା ଟାଉନ ଥାନାକୁ ଆଣି ଅଟକ ରଖିବା ସହିତ ଖଣି ବିଭାଗ ଅଧିକାରୀଙ୍କୁ ସୂଚନା ଦେଇଥିଲେ। ଜବତ ହୋଇଥିବା ତିନୋଟି ଗାଡି ନମ୍ବର ହେଲା ଓଡି ୧୮ ବି ୬୯୯୯, ଓଡି ୧୮ ୯୬୩୪ ଏବଂ ଓଡି ୧୮ପି ୪୪୯୩ । ତେବେ ରାୟଗଡା ବ୍ଲକରେ ଏହିଭଳି ବେଆଇନ ବାଲି ଚାଲାଣ ହେଉଥିବା ନେଇ ବାରମ୍ବାର ଅଭିଯୋଗ ହେଉଥିଲେ ମଧ୍ୟ କଡା କାର୍ଯ୍ୟାନୁଷ୍ଠାନ ହେଉନଥିବାରୁ ବେଆଇନ ଚାଲାଣ ବଢି ଚାଲିଥିବା କହିଛନ୍ତି ସହରର ବୁଦ୍ଧିଜୀବୀ।


# ଟାଙ୍ଗିଆ ଚୋଟରେ ସ୍ୱାମୀ-ସ୍ତ୍ରୀ ଗୁରୁତର: ୩ ଅଟକ



ମୈଦଲପୁର, ୧୭।୭ (ସମିସ): ନବରଙ୍ଗପୁର ଜିଲ୍ଲା ପାପଡାହାଣ୍ଡି ବ୍ଲକ ମୈଦଲପୁର ଥାନା ସାନବାର୍ଲି ପଞ୍ଚାୟତ ଅନ୍ତର୍ଗତ ନୂଆଗୁଡା ଗାଁରେ ଜମି ବାଡ଼ିକୁ ନେଇ ବଡ଼ ଅଘଟଣ ଘଟିଛି। ଗ୍ରାମର ତିନି ଭାଇ ଘାସିରାମ ହରିଜନ, ତୁଲାରାମ ହରିଜନ ଓ ଦୈତାରି ହରିଜନ ମିଶି ନୂଆଗୁଡା ଗ୍ରାମର ବିଜମଲ ହରିଜନ ଓ ତାଙ୍କ ସ୍ତ୍ରୀ ଟଭା ହରିଜନଙ୍କୁ ଟାଙ୍ଗିଆରେ ଆକ୍ରମଣ କରିଥିଲେ। ଆକ୍ରମଣ ଫଳରେ ଦୁଇ ଜଣ ଗୁରୁତର ଅବସ୍ଥାରେ ପ୍ରଥମେ ପାପଡାହାଣ୍ଡି ମେଡିକାଲ ପରେ ନବରଙ୍ଗପୁର ମୁଖ୍ୟ ଚିକିତ୍ସାଳୟରେ ଭର୍ତି ହୋଇଛନ୍ତି। ମୈଦଲପୁର ପୋଲିସ ଏତଲା ପାଇବା ପରେ ତିନି ଜଣ ଅଭିଯୁକ୍ତଙ୍କୁ ଥାନାକୁ ଆଣି ତଦନ୍ତ ଜାରି ରଖିଛି ଏଥିସହ ଅଭିଯୋଗକୁ ଭିତ୍ତି କରି କେସ ନଂ ୬୪/୨୫ରେ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଅଭିଯୋଗ ପ୍ରକାରେ କୁମିଦୋରାରେ ଗୁରୁତର ବିଜମଲ ହରିଜନଙ୍କ ଚାଷ ଜମିରେ ଧାନଚାଷ କରିଥିଲେ। ସେହି ଜମିରେ ଅଭିଯୁକ୍ତ ତିନି ଭାଇ ଟ୍ରାକ୍ଟର ଲଗାଇ ଧାନ ଚାଷକୁ ନଷ୍ଟ କରୁଥିଲେ। ବିଜମଲ ଓ ତାଙ୍କ ସ୍ତ୍ରୀ ମନା କରିବାରୁ ତିନି ଭାଇ ଦୁଇ ଜଣକୁ ଟାଙ୍ଗିଆରେ ଆକ୍ରମଣ କରି ଏକ ବୁଦା ତଳେ ପକାଇଥିଲେ। ପରିବାର ଲୋକେ ଖବର ପାଇ ଆମ୍ବୁଲାନ୍ସ ଯୋଗେ ପାପଡାହାଣ୍ଡି ମେଡିକାଲ ନେଇଥିଲେ। ଅତି ଗୁରୁତର ଥିବାରୁ ନବରଙ୍ଗପୁର ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିବା ସୂଚନା ମିଳିଛି। ଶୁକ୍ରବାର ଦିନ ତିନି ଜଣ ଅଭିଯୁକ୍ତଙ୍କୁ ଥାନାକୁ ଆଣି ତଦନ୍ତ କରୁଥିବା ମୈଦଲପୁର ପୋଲିସ ପକ୍ଷରୁ ସୂଚନା ଦିଆଯାଇଛି।

## ତେଲେଙ୍ଗନାରେ କୁଖ୍ୟାତ ମାଓ ଦମ୍ପତିଙ୍କ ଆତ୍ମସମର୍ପଣ

ମାଲକାନଗିରି,୧୭।୭ (ସମିସ): ମାଲକାନଗିରି ସୀମାନ୍ତ ତେଲେଙ୍ଗନାରେ ମାଓ ସଙ୍ଗଠନର ଦୁଇଜଣ କ୍ୟାଡର ମାଓ ନେତା ତଥା ମାଓ ଦମ୍ପତି ପୋଲିସ ନିକଟରେ ଆତ୍ମସମର୍ପଣ କରିଛନ୍ତି। ତେଲେଙ୍ଗନା ରାଜ୍ୟର ରାଚାକୋଣ୍ଡାରେ ପୋଲିସ କମିଶନରଙ୍କ ଉପସ୍ଥିତିରେ ଏହି ଦୁଇ ମାଓବାଦୀ ମୁଖ୍ୟସ୍ରୋତରେ ସାମିଲ ପାଇଁ ଆତ୍ମସମର୍ପଣ କରିଥିବା ପ୍ରକାଶ କରିଛନ୍ତି। ଏହି ମାଓ ଦମ୍ପତି ହେଲେ ମାଲା ସଞ୍ଜୀବ ଓରଫ ଲେଙ୍ଗୁ ଦାଦା ଏବଂ ତାଙ୍କ ପତ୍ନୀ ପେରୁଗୁଲା ପାର୍ବତୀ ଓରଫ ଦୀନା। ଏମାନେ ପ୍ରାୟ ୪୦ ବର୍ଷରୁ ଅଧିକ ସମୟ ଧରି ମାଓ ସଂଗଠନରେ ରହି ଅନେକ ବଡ ହିଂସାକାଣ୍ଡରେ ଜଡିତ ଥିଲେ। ଏହା ସହ ଏମାନେ ମାଓ ସଂଗଠନର ଜନ ନାଟ୍ୟ ମଣ୍ଡଳୀର ଆରମ୍ଭ ମଧ୍ୟ କରିଥିଲେ। ତେବେ ମାଓ ସଂଗଠନରେ ରହି ଅନେକ ହିଂସାକାଣ୍ଡର ନେତୃତ୍ୱ ନେଉଥିବା ଏହି ମାଓ ଦମ୍ପତି ସାଧାରଣ ଜୀବନ ଯାପନ ପାଇଁ ନିଶାପତ୍ତି ନେଇ ଆତ୍ମ ସମର୍ପଣ କରିଥିବା ବେଳେ ତେଲେଙ୍ଗାନା ସରକାର ଏବଂ ପୁଲିସ ବିଭାଗ ଦ୍ୱାରା ଘୋଷିତ ପୁନର୍ବାସ ଯୋଜନା ଅଧୀନରେ ସୁବିଧା ପ୍ରଦାନ କରାଯିବ ବୋଲି ପୋଲିସ ପକ୍ଷରୁ ସୂଚନା ଦିଆଯାଇଛି।





## ଇଏସଆଇସି ନର୍ସିଂ ଅଫିସର ପରୀକ୍ଷାରେ ଆଶୀର୍ବାଦ ଦେଶରେ ଦ୍ୱିତୀୟ



ଗୁମୁଡା,୧୭।୭(ସମିସ): ୟୁପିଏସ୍‌ସି ଦ୍ୱାରା ପରିଚାଳିତ ଇଏସଆଇସି ନର୍ସିଂ ଅଫିସର ନିଯୁକ୍ତି ପରୀକ୍ଷାରେ ସର୍ବଭାରତୀୟ ସ୍ତରରେ ଦ୍ୱିତୀୟ ସ୍ଥାନ ଅଧିକାର କରିଛନ୍ତି ରାୟଗଡ଼ା ଜିଲ୍ଲା ରାମନାଗୁଡା ବ୍ଲକ ଗୁମୁଡା ବାସିନ୍ଦା ଆଶୀର୍ବାଦ ଚୌଧୁରୀ। କେନ୍ଦ୍ର ଲୋକସେବା ଆୟୋଗ ଦ୍ୱାରା ୧୬ ତାରିଖରେ ଫଳାଫଳ ପ୍ରକାଶ ପାଇଛି। ଏହି ସଫଳତାର ଶ୍ରେୟ ସେ ନିଜ ବାପା,ମା'ଙ୍କ ସମେତ କିଟ୍ ଅନୁଷ୍ଠାନ ଗୁରୁଜନଙ୍କୁ ଦେଇଛନ୍ତି । ବର୍ତ୍ତମାନ ଆର୍ଶିବାଦ ଭୁବନେଶ୍ୱର ଏମ୍ସରେ ନର୍ସିଂ ଅଫିସର ଭାବେ କାର୍ଯ୍ୟରତ ଅଛନ୍ତି। ପ୍ରକାଶ ଥାଉ କି, ଏମ୍ସ ଭୁବନେଶ୍ୱର ନିଯୁକ୍ତି ସମୟରେ ସର୍ବଭାରତୀୟ ସ୍ତରରେ ସପ୍ତମ ସ୍ଥାନ ଅଧିକାର କରିଥିଲେ। ତାଙ୍କ ବାପା ପ୍ରଫୁଲ୍ଲ କୁମାର ଚୌଧୁରୀ ଜଣେ ଶିକ୍ଷକ ଏବଂ ମାତା ତପସ୍ୱିନୀ ଚୌଧୁରୀ ଉଚ୍ଚ ଶିକ୍ଷିତା ମହିଳା ଅଟନ୍ତି।

## ଛାତ୍ରୀକୁ ଅପହରଣ କରି ଯୁବକ ଅଟକ

ବିଷମ କଟକ,୧୭।୭(ସମିସ): ରାୟଗଡ଼ା ଜିଲ୍ଲା ବିଷମ କଟକ ଥାନା ଅଞ୍ଚଳର ଜଣେ ଦଶମ ଶ୍ରେଣୀ ଛାତ୍ରୀଙ୍କୁ ଅପହରଣ କରାଯାଇଥିବା ନେଇ ନାବାଳିକାର ବାପା ବିଷମ କଟକ ଥାନାରେ ଏତଲା ଦେଇଥିଲେ। ଏତଲାକୁ ଆଧାର କରି ବିଷମ କଟକ ପୋଲିସ ଗତକାଲି ରାତିରେ ନାବାଳିକା ଏବଂ ଅପହରଣ କରିଥିବା ଯୁବକକୁ ତାଙ୍କ ଘରୁ ଠାବ କରି ବିଷମ କଟକ ଥାନାରେ ଅଟକ ରଖି ପଚରାଉଚରା କରୁଥିବା ଜଣାପଡିଛି। ସୂଚନା ଅନୁଯାୟୀ, ନାବାଳିକା ଜଣକ କଲ୍ୟାଣସିଂପୁର ବ୍ଲକର ପଲାମା ଅନୁସୂଚୀତ ଜାତି ଓ ଜନଜାତି କଲ୍ୟାଣ ବିଭାଗ ଆବସିକ ବିଦ୍ୟାଳୟରେ ୧୦ମ ଶ୍ରେଣୀରେ ଅଧ୍ୟୟନ କରୁଥିବା ବେଳେ ସେ ବିଷମ କଟକ ଥାନା ଅଞ୍ଚଳର ସ୍ଥାୟୀ ବାସିନ୍ଦା ହୋଇଥିବା ପୁଲିସ ସୂତ୍ରରୁ ଜଣାପଡିଛି। ଗ୍ରୀଷ୍ମଋତୁ ଛୁଟିରେ ଛାତ୍ରୀ ଜଣକ ଘରକୁ ଆସିଥିବା ବେଳେ ଭତପୁର ଗ୍ରାମ ପଞ୍ଚାୟତର ମାଝିହଲମା ଗ୍ରାମର ମିନାରାଓ ହିକାକାଙ୍କ ସହ କେଉଁ ଆଡେ ଚାଲିଯାଇଥିଲେ। ଦୁଇ ମାସ ପରେ ଉଭୟ ଘରକୁ ଫେରିଥିବା ବେଳେ ଝିଅର ବାପା ମିନାରାଓ ତାଙ୍କ ଝିଅକୁ ଅପହରଣ କରିନେଇଥିବା ନେଇ ଗତକାଲି ବିଷମ କଟକ ଥାନାରେ ଏତଲା ଦେଇଥିଲେ। ଏତଲା ପାଇବା ପରେ ଏହାକୁ ଆଧାର କରି ବିଷମ କଟକ ପୋଲିସ ଉଭୟଙ୍କୁ ଥାନାକୁ ଆଣି ଅଟକ ରଖିଛି। ତେବେ ଯୁବକ ଜଣକ ସାବାଳକ ରହିଥିବା ବେଳେ ଝିଅଟି ନାବାଳିକା ରହିଛି। ଏହି ଘଟଣାକୁ ନେଇ ବିଷମ କଟକ ଥାନାରେ ଏକ ମାମଲା ରୁଜୁ କରିବା ସହ ଛାତ୍ରୀଙ୍କ ଡାକ୍ତରୀମାଇନା ପରେ ଜିଲ୍ଲା ଶିଶୁ ମଙ୍ଗଳ କମିଟି ପାଖକୁ ପଠାଇ ଦିଆଯାଇଥିବା ବିଷମ କଟକ ଥାନା ଅଧିକାରୀ ସୂର୍ଯ୍ୟଚନ୍ଦ୍ର ପାଢୀ ସୂଚନା ଦେଇଛନ୍ତି। ଦୀର୍ଘ ଦୁଇ ମାସ ଛାତ୍ରୀ ଜଣକ ବିଦ୍ୟାଳୟରେ ଅନୁପସ୍ଥିତ ରହିଥିବା ସଂକ୍ରାନ୍ତରେ ଆମ୍ଭେ ବିଦ୍ୟାଳୟ ପ୍ରଧାନ ଶିକ୍ଷକ ଅଭିମନ୍ୟୁ ଚୌଧୁରୀଙ୍କ ସହ ମତାମତ ନେବାରୁ ସେ ଛାତ୍ରୀ ଜଣକ ଗ୍ରୀଷ୍ମ ଛୁଟି ପରେ ବିଦ୍ୟାଳୟକୁ ଫେରିନଥିଲା। ଏ ନେଇ ବିଦ୍ୟାଳୟ ପକ୍ଷରୁ ଛାତ୍ରୀର ବାପାଙ୍କ ସହ ନିୟମିତ ଯୋଗାଯୋଗ କରାଯାଇଥିଲା। ହେଲେ ତାଙ୍କ ବାପା ଝିଅକୁ ବିଦ୍ୟାଳୟରେ ଛାଡୁନଥିଲେ। ଝିଅଟି କେଉଁ ଆଡେ ଚାଲିଯାଇଥିବା ନେଇ ପରିବାର ପକ୍ଷରୁ ସ୍କୁଲକୁ କୌଣସି ସୂଚନା ଦିଆଯାଇନଥିବା ସେ ପ୍ରକାଶ କରିଛନ୍ତି।

## ୧୧ କଇଁଛ ଜବତ, ଜଣେ ଗିରଫ



ମାଲକାନଗିରି, ୧୭।୭(ସମିସ): ମାଲକାନଗିରି ବନ ବିଭାଗ ଦ୍ୱାରା ବେଆଇନ ଭାବେ ଚାଲାଣ ପାଇଁ ଗଚ୍ଛିତ ୧୧ଟି କଇଁଛ ଜବତ ହେବା ସହ ଜଣେ ଗିରଫ ହୋଇଛି। ସୂଚନା ଅନୁଯାୟୀ ମାଲକାନଗିରି ଜିଲ୍ଲା କାଲିମେଲା ରେଞ୍ଜ ଅଧିକାରୀ, କର୍ମଚାରୀ ଓ ରାଜସ୍ୱ ବିଭାଗର କର୍ମଚାରୀଙ୍କୁ ନେଇ ଏକ ମିଳିତ ଦଳ ଏମପିଭି-୧୧ ଗ୍ରାମ ସ୍ଥିତ ମିଥୁନ ବେପାରୀଙ୍କ ବାସଭବନରେ ଚଢଉ କରିଥିଲେ। ଏହି ସମୟରେ ଘରର ତଲାସି ବେଳେ ଏକ ବ୍ୟାଗରେ ଥିବା ୧୧ଟି କଇଁଛ ଉଦ୍ଧାର କରିଥିଲେ। ଅଭିଯୁକ୍ତ ମିଥୁନଙ୍କୁ ପଚରା ଉଚରା ବେଳେ ସ୍ୱୀକାର କରିଛି ଯେ, ସେ ପେସାରେ ଜଣେ ମତ୍ସ୍ୟଜୀବୀ ଏବଂ ପୋଟେରୁ ବଜାରରେ ବେଆଇନ ବିକ୍ରୟ ପାଇଁ କଇଁଛ ଗୁଡ଼ିକୁ କିଣିଥିଲା। ତେବେ ଏହାକୁ ବିକ୍ରି ପୂର୍ବରୁ ବନ ବିଭାଗ ଜବତ କରିଥିଲେ। ଅଭିଯୁକ୍ତଙ୍କ କବଜାରୁ ସମସ୍ତ କଇଁଛ ଓ ବିକ୍ରୟରେ ବ୍ୟବାହର ସାମଗ୍ରୀ ଜବତ ପରେ ବନ ବିଭାଗ ପକ୍ଷରୁ ଆଇନଗତ ପ୍ରକ୍ରିୟା ଆରମ୍ଭ ସହ ଅଧିକ ତଦନ୍ତ ଜାରିଥିବା କୁହାଯାଇଛି। ଅଭିଯୁକ୍ତ ବ୍ୟକ୍ତିଙ୍କୁ ଆଜି ମାଲକାନଗିରିର ଏମଭି ୭୯ ଜେଏମଏଫସି କୋର୍ଟରେ ହାଜର କରାଯାଇଛି।

## ଅଜଣା ଗାଡ଼ି ଧକ୍କାରେ ୨ ମୃତ

ଜୟପୁର,୧୭।୭(ସମିସ): ଜୟପୁର ସଦରଥାନା ଅଞ୍ଚଳରେ ଗତକାଲି ଦୁଇଟି ପୃଥକ ପୃଥକ ଘଟଣାରେ ଅଜଣା ଗାଡି ଧକ୍କାରେ ଦୁଇଜଣଙ୍କ ମୃତ୍ୟୁ ହୋଇଛି। ପ୍ରଥମ ଘଟଣାରେ କୁନ୍ଦୁରାଥାନା ଅଞ୍ଚଳର ବଢେଇସାହିର ରବି ପରଜା(୨୭) ଏବଂ ଇଶ୍ୱର ପରଜା(୩୦) ଏକ ବାଇକ୍ ଓଡି୧୦ଏବି୦୮୮୦ ଯୋଗେ ଜୟପୁର ସହରର ନିକଟସ୍ଥ ପାଞ୍ଜିଆଗୁଡା ଗ୍ରାମରୁ ନିଜ ଘରକୁ ଫେରୁଥିବା ସମୟରେ ଘାଟବାଗ୍ରା ଗ୍ରାମ ନିକଟରେ ଏକ ଅଜଣା ଗାଡ଼ି ଧକ୍କାରେ ରାସ୍ତାରେ ଛିଟିକି ପଡିଯିବାରୁ ସେମାନଙ୍କୁ ସ୍ଥାନୀୟ ବାସିନ୍ଦାଙ୍କ ଦ୍ୱାରା ଉଦ୍ଧାର କରାଯାଇ କୁନ୍ଦୁରା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ସେଠାରେ ଚିକିତ୍ସାଧିନ ଅବସ୍ଥାରେ ରବି ପରଜାଙ୍କ ମୃତ୍ୟୁ ହୋଇଥିଲା। ଏ ନେଇ ସଦର ପୁଲିସ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ ଆରମ୍ଭ କରିଛି। ସେହିପରି ୩୨୬ ନମ୍ବର ଜାତୀୟ ରାଜପଥ ବିଷୋୟୀପୁଟ ଗ୍ରାମ ନିକଟରେ ଏକ ଅଜଣା ଗାଡି ଧକ୍କାରେ ଜଣକର ମୃତ୍ୟୁ ହୋଇଛି। ମୃତ ବ୍ୟକ୍ତି ଜଣକ ହେଲେ ବିଷୋୟୀପୁଟ ଗ୍ରାମର ଅର୍ଜୁନ ହରିଜନ(୪୨)। ପ୍ରକାଶ ଯେ, ଅର୍ଜୁନ ଜୟପୁରରୁ ଶ୍ରମିକ ଭାବେ କାର୍ଯ୍ୟ କରୁଥିଲେ ଏବଂ କାର୍ଯ୍ୟ ଶେଷ ପରେ ଗ୍ରାମକୁ ଫେରୁଥିବା ବେଳେ ଏକ ଅଜଣା ଗାଡି ସହ ଧକ୍କା ଦେଇଥିଲା। ଫଳରେ ତାଙ୍କୁ ଗୁରୁତର ଅବସ୍ଥାରେ ସ୍ଥାନୀୟ ଗ୍ରାମବାସୀ ମାନେ ଉଦ୍ଧାର କରିବା ସହ ଜିଲ୍ଲା ଚିକିତ୍ସାଳୟକୁ ନେଇଥିଲେ। କିନ୍ତୁ ସେଠାରେ ଡାକ୍ତର ଅର୍ଜୁନକୁ ମୃତ ଘୋଷଣା କରିଥିଲେ। ପୁଲିସ ଏନେଇ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ କରୁଥିବା ନେଇ ସଦରଥାନା ଅଧିକାରୀ ସଚ୍ଚିନ୍ଦ୍ର ପ୍ରଧାନ ପ୍ରକାଶ କରିଛନ୍ତି।

## ଫେରାର ୱାରେଣ୍ଟି ଗିରଫ



କୋରୁକୋଣ୍ଡା,୧୭।୭ (ସମିସ): ମାଲକାନଗିରି ଜିଲ୍ଲା ଓରକେଲ ପୋଲିସ ଆଜି ଜଣେ ଫେରାର ଥିବା ଜଣେ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ସୂଚନାନୁଯାୟୀ ବାଲିମେଲା ସହରର ୮ ନଂ ୱାର୍ଡ ସ୍ଥିତ ଦୁର୍ଗା ସାହିର ପ୍ରଫୁଲ୍ଲ ପାଙ୍ଗି(୪୦ ଡ୍ରାଇଭର ଭାବେ କାର୍ଯ୍ୟ କରି ଆସୁଥିବା ବେଳେ ୨୦୦୧ ମସିହାରେ ସେ ନିଜ ଗାଡ଼ିରେ ଜଣଙ୍କୁ ଧକ୍କା ଦେବା ଏବଂ ୨୦୦୭ ମସିହାରେ ଜଣେ ବ୍ୟକ୍ତିଙ୍କୁ ଜୀବନରୁ ମାରିଦେବାକୁ ଚେଷ୍ଟା କରିବା ନେଇ ମାମଲା ରହିଥିଲା। ତେବେ ଏହି ୨ ମାମଲାରେ ସେ ଜେଲ ସଜା କାଟି ଜାମିନରେ ବାହାରକୁ ଆସିଥିବା ବେଳେ ଆଉ କୋର୍ଟ ନିର୍ଦ୍ଦେଶ ଥିବା ଧାର୍ଯ୍ୟ ତାରିଖରେ ସେ କୋର୍ଟରେ ପହଞ୍ଚି ନଥିଲେ। ସେ ବାରମ୍ବାର କୋର୍ଟ ନିର୍ଦ୍ଦେଶକୁ ଅବମାନନା କରିବା ପରେ ତାଙ୍କ ନାମରେ ଜାମିନ ବିହୀନ ଗିରଫ ପରୱାନା ଜାରି ହୋଇଥିଲା। ଓରକେଲ ପୁଲିସ ଦୀର୍ଘ ବର୍ଷ ଧରି ଅଭିଯୁକ୍ତକୁ ଖୋଜି ଆସୁଥିବା ବେଳେ କୋରାପୁଟ ଜିଲ୍ଲାର ପାଡୁଆରେ ଅଭିଯୁକ୍ତ ଜଣକ ରହିଥିବା ଖବର ପାଇଥିଲେ। ତେବେ ଆଜି ଅଭିଯୁକ୍ତ ଜଣକ ନିଜର କାର୍ଯ୍ୟରେ ନିଜ ଘର ବାଲିମେଳାକୁ ଆସିଥିବା ବେଳେ ଓରକେଲ ଥାନାଧିକାରୀ ଧୀରେନ ପଟ୍ଟନାୟକ ବିଶେଷ ସୂତ୍ରରୁ ଖବର ପାଇ ତାଙ୍କ ଘରେ ଚଢ଼ଉ କରିଥିଲେ। ଆଜି ଅଭିଯୁକ୍ତ ପ୍ରଫୁଲ୍ଲକୁ ଗିରଫ କରି କୋର୍ଟ ଚାଲାଣ କରାଯାଇଥିବା ଥାନାଧିକାରୀ ଶ୍ରୀ ପଟ୍ଟନାୟକ ସୂଚନା ଦେଇଛନ୍ତି।

### ● ଉତ୍କଳ ଆଲୁମିନାର ବାଫ୍ଲିମାଳି ଖଣି

## ସୁରକ୍ଷା ମାନଦଣ୍ଡରେ ସର୍ବୋତ୍ତମ ପ୍ରଦର୍ଶନ ପାଇଁ ପୁରସ୍କୃତ




ଟିକିରି, ୧୭।୭ (ସମିସ): ରାୟଗଡ଼ା ଜିଲ୍ଲା ଟିକିରି ଅନ୍ତର୍ଗତ ଦୋରାଗୁଡ଼ା ସ୍ଥିତ ଉତ୍କଳ ଆଲୁମିନା, ହିଣ୍ଡାଲ୍‌କୋ ଇଣ୍ଡଷ୍ଟ୍ରିଜ୍ ଆଦିତ୍ୟ ବିର୍ଲା ଗ୍ରୁପ ସହଯୋଗୀ କମ୍ପାନୀର ବାଫ୍ଲିମାଳି ଖଣିକୁ ଭୁବନେଶ୍ୱର ସର୍କଲ ୨ ଅଧୀନରେ ବି୧ ଗ୍ରୁପରେ ଶ୍ରେଷ୍ଠ ପ୍ରଦର୍ଶନ କରିଥିବାରୁ ରାଜ୍ୟସ୍ତରୀୟ ସମ୍ମାନ ପ୍ରଦାନ କରାଯାଇଛି। ସର୍ବୋତ୍ତମ ସୁରକ୍ଷା ପ୍ରଣାଳୀ ସହ କର୍ମଚାରୀଙ୍କ ସ୍ୱାସ୍ଥ୍ୟ ସମ୍ବନ୍ଧୀୟ ସମସ୍ତ ମାନଦଣ୍ଡକୁ ସମ୍ପୂର୍ଣ ଭାବେ ଅନୁପାଳନ କରିଥିବାରୁ କେନ୍ଦୁଝର ଜିଲ୍ଲା ବଡ଼ବିଲ୍ ଠାରେ ଆୟୋଜିତ ୪୨ତମ ବାର୍ଷିକ ଖଣି ସୁରକ୍ଷା ସପ୍ତାହ ପାଳନ ଅବସରରେ ଉତ୍କଳ ଆଲୁମିନା ବାଫ୍ଲିମାଳି ଖଣିକୁ ସମ୍ମାନଜନକ ପୁରସ୍କାର ମିଳିଛି। ଆର୍ସେଲର ମିତ୍ତଲ ନିପନ ଷ୍ଟିଲ ଇଣ୍ଡିଆ ସୌଜନ୍ୟତାରେ ଆୟୋଜିତ ଉକ୍ତ କାର୍ଯ୍ୟକ୍ରମରେ ବାଫ୍ଲିମାଳି ଖଣି ମୁଖ୍ୟ ବିଜୟ ଚୌହାନଙ୍କ ସମେତ ଅନ୍ୟ ବରିଷ୍ଠ କର୍ମଚାରୀ ଏହି ସମ୍ମାନ ଗ୍ରହଣ କରିଥିଲେ। ଏହି ଅବସରରେ ଭୁବନେଶ୍ୱର ସର୍କଲ ୧ ଖଣି ସୁରକ୍ଷା ନିର୍ଦ୍ଦେଶକ ଅଭିନାଶ କୁମାର ମିଶ୍ର, ଭୁବନେଶ୍ୱର ସର୍କଲ ୨ ଖଣି ସୁରକ୍ଷା ନିର୍ଦ୍ଦେଶକ ନଷିନା ବାଲସୁବ୍ରମଣିଙ୍କ ସମେତ ବରିଷ୍ଠ ଅଧିକାରୀ ପ୍ରମୁଖ ଉପସ୍ଥିତ ଥିଲେ। ଖଣି ଉତ୍ତୋଳନ ପ୍ରକ୍ରିୟାରେ ସମସ୍ତ ସୁରକ୍ଷା ପାରଦର୍ଶିତା ମାନଦଣ୍ଡକୁ ଅନୁପାଳନ କରିବା ସହିତ ସର୍ବୋତ୍ତମ ଦକ୍ଷତା ପ୍ରଦର୍ଶନ କରି ଥିବାରୁ ବାଫ୍ଲିମାଳି ଖଣିକୁ ଏହି ସମ୍ମାନ ପ୍ରଦାନ କରାଯାଇଛି। ଏହି ଅବସରରେ ଉତ୍କଳ ଆଲୁମିନା ବାଫ୍ଲିମାଳି ଖଣି ମୁଖ୍ୟ ବିଜୟ ଚୌହାନ କହିଛନ୍ତି ଯେ, ଖଣି ଖନନ ବେଳେ କର୍ମଚାରୀ ନିର୍ଦ୍ଧାରିତ ସୁରକ୍ଷା ମାର୍ଗଦର୍ଶିକାର ମାନଦଣ୍ଡକୁ ପାଳନ କରିବା ସହିତ ଏହାକୁ ଦୈନନ୍ଦିନ କାର୍ଯ୍ୟ ଭାବେ କରିବାକୁ ପରାମର୍ଶ ଦେଇଥିଲେ। ବାଫ୍ଲିମାଳି ଖଣିକୁ ଏହି ସମ୍ମାନ ମିଳିଥିବାରୁ ଏହା ଆଗାମୀ ଦିନରେ କର୍ମଚାରୀଙ୍କ ମଧ୍ୟରେ ଉତ୍ସାହ ବୃଦ୍ଧି କରିବ ବୋଲି ଶ୍ରୀ ଚୌହାନ ପ୍ରକାଶ କରିଛନ୍ତି।

## ଦୁର୍ଘଟଣାରେ ଯୁବକ ଗୁରୁତର

ଲକ୍ଷ୍ମୀପୁର, ୧୭।୭ (ସମିସ) : କୋରାପୁଟ ଜିଲ୍ଲା ଲକ୍ଷ୍ମୀପୁର ଥାନା ଅର୍ନ୍ତଗତ ବନ୍ଧିକାର ନିକଟରେ ଏକ ବାଇକ୍ ଦୁର୍ଘଟଣାରେ ଉଷ୍ଟାଭଟା ଗାଁର ଅକ୍ଷୟ ହିକକା (୨୫) ଅବସ୍ଥା ଗୁରୁତର ରହିଛି। ରାତି ପ୍ରାୟ ୭ ଟା ସମୟରେ ଦୁର୍ଘଟଣା ହେବା ପରେ ମେଡ଼ିକାଲକୁ ଆଣି ଚିକିତ୍ସା କରାଯାଇଥିଲା। ଦେହ ସାରା ଖଣ୍ଡିଆ ଖାବରା ଅବସ୍ଥାରେ ଲକ୍ଷ୍ମୀପୁର ସ୍ୱାସ୍ଥ୍ୟ କେନ୍ଦ୍ରକୁ ଆଣି ଚିକିତ୍ସା କରାଯାଇଥିଲା। ଅକ୍ଷୟଙ୍କ ସମ୍ପର୍କୀୟ କହିବା ଅନୁସାରେ ବୁଧବାର ଦିନ ନିଜ ଗାଁଠାରୁ ଏକ ବାଇକ ଯୋଗେ କୁଟିଙ୍ଗା ଯାଇ ସେଠାରେ ରାତିରେ ରହି ଗୁରୁବାର ଫେରୁଥିବା ସମୟରେ ଏପରି ଘଟଣା ଘଟିଛି। ଖବର ଲେଖା ହେବା ପର୍ଯ୍ୟନ୍ତ ଥାନାରେ କୌଣସି ଲିଖିତ ଅଭିଯୋଗ ହୋଇ ନଥିବା ଜଣାଡିଛି। ଯୁବକ ଜଣଙ୍କର ଅବସ୍ଥା ଅତି ସଙ୍କଟାପନ୍ନ ରହିଥିବା ନେଇ ଚିକିତ୍ସା କରୁଥିବା ଡାକ୍ତର କହିଛନ୍ତି।

# ବିଜେଡିର ନୂତନ ପଞ୍ଚାୟତ ସଭାପତିଙ୍କ ନାମ ଘୋଷଣା

ଚନ୍ଦାହାଣ୍ଡି,୧୭।୭(ସମିସ): ନବରଙ୍ଗପୁର ଜିଲ୍ଲା ବିଜେଡିକୁ ତୃଣମୂଳ ସ୍ତରରୁ ସୁଦୃଢ କରିବା ନେଇ ଗତ କିଛି ଦିନ ତଳେ ୧୦ ଗୋଟି ବ୍ଲକ ଏବଂ ଦୁଇ ଗୋଟି ଏନଏସି ପାଇଁ ବିଜେଡି ସଭାପତିଙ୍କ ନାମ ଜିଲ୍ଲା ନିର୍ବାଚନ ଅଧିକାରୀ ସଚ୍ଚିଦାନନ୍ଦନ ସ୍ୱାଇଁ ବିଧିବଦ୍ଧ ଭାବେ ଘୋଷଣା କରିଛନ୍ତି। ବ୍ଲକ ବିଜେଡି ସଭାପତି ଭାବେ ପୁନର୍ବାର ଗୌରହରି ନାୟକଙ୍କୁ ଚୟନ କରାଯାଇଛି। ଆଜି ଚନ୍ଦାହାଣ୍ଡି ବ୍ଲକ ବିଜେଡି ସଭାପତି ଗୌରହରି ନାୟକ ନୂତନ ଭାବେ ହୋଇଥିବା ୧୪ ଗୋଟି ପଞ୍ଚାୟତ ସଭାପତି ଚୟନ ହୋଇଥିବା ସୂଚନା ଦେଇଛନ୍ତି । ସେମାନେ ହେଲେ ପାଟଖଲିଆ ପଞ୍ଚାୟତ ସଭାପତି ଭାବେ ହର ପୂଜାରୀ, ଦଳବେଡା ପାଇଁ କମଲୁ ମନହିରା, ଧୋବିପାଣି ପାଇଁ ଗଙ୍ଗାରାମ ମାଳି, ମାଲଗାଁ ପାଇଁ ଡମ୍ବରୁ ପାତ୍ର, କୁହୁଡି ପାଇଁ ଶରତ ମାଝୀ, ଗମ୍ଭାରୀଗୁଡା ପାଇଁ ରୋମାଞ୍ଚଳ ସାହୁ, ସରଧାପୁର ପାଇଁ ତୁଳା ବାଗ, ବେହେରାମୁଣ୍ଡା ପାଇଁ ପର୍ଶୁରାମ ନାୟକ, ଅନକାବେଡା ପାଇଁ ପୁରୁନ ସିଂ ସିହ୍ନା, କୋଇଲିମୁଣ୍ଡା ପାଇଁ ଖଗେଶ୍ୱର ବାଗ, ଜମାଦାରପଡା ପାଇଁ ରଥ ହାତୀ, ଚନ୍ଦାହାଣ୍ଡି ପାଇଁ ରଜତ ଜଗତ, ମୋହରା ପାଇଁ ହେମନ୍ତ ସାହୁ ଏବଂ ଫଟକି ପଞ୍ଚାୟତ ପାଇଁ ଗଜେନ୍ଦ୍ର ମନହିରାଙ୍କୁ ଚୟନ କରାଯାଇଛି । ସମସ୍ତ ନୂତନ ପଞ୍ଚାୟତ ସଭାପତି ମାନଙ୍କୁ ଚନ୍ଦାହାଣ୍ଡି ବ୍ଲକ ବିଜୁ ଜନତା ଦଳ ପକ୍ଷରୁ ତାଙ୍କୁ ଶୁଭେଚ୍ଛା ଜଣାଯାଇଛି । ଏଥିପାଇଁ ବ୍ଲକ ସଭାପତି ଗୌରହରି ନାୟକ ଏବଂ ସମସ୍ତ ନୂତନ ପଞ୍ଚାୟତ ସଭାପତି ଦଳର ସୁପ୍ରିମୋ ନବୀନ ପଟ୍ଟନାୟକ, ଜିଲ୍ଲା ସଭାପତି ମନୋହର ରନ୍ଧାରୀ, ପୂର୍ବତନ ମନ୍ତ୍ରୀ ତଥା ପୂର୍ବତନ ରମେଶ ଚନ୍ଦ୍ର ମାଝୀ ଏବଂ ପୂର୍ବତନ ବିଧାୟକ ଇଂ ପ୍ରକାଶ ଚନ୍ଦ୍ର ମାଝୀ ଦଳର ଶୀର୍ଷ ନେତୃତ୍ୱ ସମସ୍ତଙ୍କୁ କୃତଜ୍ଞତା ଜଣାଇଛନ୍ତି । ଆଗାମୀ ଦିନରେ ବ୍ଲକ ବିଜୁ ଜନତା ଦଳ ଅଧିକରୁ ଅଧିକ କିପରି ସଂଗଠିତ ହୋଇ ଝରୀଗାଁ ନିର୍ବାଚନ ମଣ୍ଡଳୀ ତଥା ନବରଙ୍ଗପୁର ଜିଲ୍ଲାରେ ଦଳ ମଜଭୁତ ହେବ ସେଥିପାଇଁ ସମ୍ପୂର୍ଣ୍ଣ ଚେଷ୍ଟା କରିବେ ବୋଲି ସେ ମତପୋଷଣ କରିଛନ୍ତି।

# ବିଭିନ୍ନ ସ୍ଥାନରେ ବନ୍ଦ ପାଳିତ







ଡାବୁଗାଁ, ୧୭।୭ (ସମିସ) : ନବରଙ୍ଗପୁର ଜିଲ୍ଲା ଡାବୁଗାଁରେ ବନ୍ଦ ପାଳିତ ହୋଇଛି। ଡାବୁଗାଁରେ କେବଳ ସରକାରୀ କାର୍ଯ୍ୟାଳୟ ଓ ବିଦ୍ୟାଳୟ, ମହାବିଦ୍ୟାଳୟ ବନ୍ଦ ରହିଥିଲା। ୭ ଦିନରେ ଡାବୁଗାଁ ହାଟ ପ୍ରତ୍ୟେକ ଗୁରୁବାରରେ ପଡୁଥିବାରୁ ଜନସାଧାରଣଙ୍କ ସୁବିଧା ନେଇ "ଓଡ଼ିଶା ବନ୍ଦ" ଡାକରା ସବୁ ଆଡେ ଚାଲୁ ରହିଥିବା ବେଳେ ଡାବୁଗାଁରେ ଦୋକାନ ବଜାର ଖୋଲା ରହିଥିଲା। ତେବେ ବନ୍ଦ ପାଳନ ପାଇଁ ମୁଖ୍ୟ ରାସ୍ତାରେ ଶାନ୍ତିପୂର୍ଣ୍ଣ ଭାବରେ ରାସ୍ତାରୋକ କରାଯାଇଥିଲା। କଂଗ୍ରେସ କର୍ମୀ ମାନେ ପୂର୍ବାହ୍ନରେ ବିଭିନ୍ନ ବ୍ଲକ ସଦର ମହକୁମା ସହ ଗ୍ରାମାଞ୍ଚଳରେ ଥିବା ବିଦ୍ୟାଳୟ, ମହାବିଦ୍ୟାଳୟ ଓ ସରକାରୀ କାର୍ଯ୍ୟାଳୟ ଗୁଡିକୁ ଯାଇ ପିକେଟିଂ କରି ବନ୍ଦ କରିଥିଲେ। ଏହି ଆନ୍ଦୋଳନ ସମୟରେ କଂଗ୍ରେସ ବ୍ଲକ ସଭାପତି ଜି ସାଇରାଜୁ , ପ୍ରକାଶ ଚନ୍ଦ୍ର ପଣ୍ଡା, ବଂଶୀଧର ମାଝୀ, ବାବି ଜେନା, ଆଶୁତୋଷ ଜେନା, ଧବଳ ନାୟକ, ଶଶୀଧର ମାଝୀ, କେଶବ ରେଲି, ରାଜୁ ପୂଜାରୀ ଓ ଅନ୍ୟମାନେ ଉପସ୍ଥିତ ରହି ଶାନ୍ତିପୂର୍ଣ୍ଣ ଭାବରେ ବନ୍ଦ ପାଳନ କରିଥିଲେ। ବ୍ଲକ୍‌ରେ ଶାନ୍ତିଶୃଙ୍ଖଳା ସହ ୧୨ ଘଣ୍ଟା ବନ୍ଦ ପାଳନ ହୋଇଛି। ଶେଷରେ ନୀରବ ପ୍ରାର୍ଥନା କରାଯାଇ ବିଜେପି ସରକାରକୁ ନିନ୍ଦା କରାଯାଇଥିଲା। ଆଜି ସାପ୍ତାହିକ ବଜାର ଥିଲେ ହେଁ ଜନଗହଳି ଶୂନ୍ୟ ବଜାର ରହିଥିଲା।

**ପାପଡାହାଣ୍ଡି :** ସକାଳୁ କଂଗ୍ରେସର କର୍ମୀମାନେ ରାସ୍ତା ଅବରୋଧ ସହ ଦୋକାନ ବଜାର, ସରକାରୀ ବେସରକାରୀ କାର୍ଯ୍ୟାଳୟ ବନ୍ଦ କରିଥିଲେ। କଂଗ୍ରେସ କର୍ମୀମାନେ ରାସ୍ତା ଅବରୋଧ କରିବା ସହ ନାରାବାଜି କରି ରାଜ୍ୟ ସରକାରଙ୍କୁ ଟାର୍ଗେଟ କରିଛନ୍ତି। ବ୍ଲକ କଂଗ୍ରେସ ସଭାପତି ଶ୍ରୀକାନ୍ତ ମିଶ୍ର ଈଶ୍ୱର ମିର୍ଗାନ (ଜୋନ ସଭାପତି ), ୱାଜିର ହୁସେନ, ରବି ପ୍ରଧାନ, ଫାରୁକ ଅହମଦ, ପବିତ୍ର ଗରଡା, ସାମିମ ଖାନ, ମନବୋଧ ହରିଜନ, ରାମକୃଷ୍ଣ ଭତରା, ରାଜକିଶୋର ରାଓ, ଭି. ବିକାଶ ରାଓ କୋଇନ ବେନିୟା ବେଣୁ ବାଘ ସମେତ ଅନେକ କଂଗ୍ରେସ କର୍ମି ଆନ୍ଦୋଳନ କୁ ଓଲ୍ହାଇ ମୁଖ୍ୟମନ୍ତ୍ରୀ ଓ ଉଚ୍ଚ ଶିକ୍ଷାମନ୍ତ୍ରୀ ଙ୍କ ଇସ୍ତଫା ଦାବି କରିଥିଲେ। ପାପଡାହାଣ୍ଡି ପୁଲିସ ଉପସ୍ଥିତ ରହି ଆଇନ ଶୃଙ୍ଖଳା ଉପରେ ସତର୍କ ଦୃଷ୍ଟି ରଖିଥିଲେ।

**ବୈପାରୀଗୁଡା :** ବୈପାରୀଗୁଡାରେ ଶାନ୍ତିପୂର୍ଣ୍ଣ ଭାବେ ଓଡିଶା ବନ୍ଦ ପାଳନ ହୋଇଛି। କୋରାପୁଟ ସାଂସଦ ପ୍ରତିନିଧି ଜଗନ୍ନାଥ ବିଶୋଇଙ୍କ ନେତୃତ୍ୱରେ ବ୍ଲକର ରାମଗିରି, ଦଣ୍ଡାବାଡି, ମହୁଲି, ମାଠପୋଡ଼ା ଆଦି ସ୍ଥାନରେ ବନ୍ଦ ପାଳିତ ହୋଇଛି। ବ୍ଲକର ସରକାରୀ ବେସରକାରୀ କାର୍ଯ୍ୟାଳୟ, ବିଭିନ୍ନ ଶିକ୍ଷା ଅନୁଷ୍ଠାନ, ବ୍ୟାଙ୍କ, ପେଟ୍ରୋଲ ପମ୍ପ, ଦୋକାନ ବଜାର, ଚକଅଖ ଆଦି ବନ୍ଦ ରହିଥିଲା। ଥାନା ଅଧିକାରୀ ରଶ୍ମି ରଞ୍ଜନ ପ୍ରଧାନଙ୍କ ନେତୃତ୍ୱରେ ପୁଲିସ୍ ପ୍ରଶାସନ ପକ୍ଷରୁ ଶାନ୍ତି ଶୃଙ୍ଖଳା ରକ୍ଷା ପାଇଁ ସମସ୍ତ ବ୍ୟବସ୍ଥା କରାଯାଇଥିଲା । ଏଥିରେ କଂଗ୍ରେସର ଜିଲ୍ଲା ପରିଷଦ ସଭ୍ୟା ମଣି ଯାନୀ, କର୍ମୀ ଏମ ବାଲାଜୀ ରାଓ, ମହେନ୍ଦ୍ର ଦଳେଇ, ରାମଖିଲ, ମୋହନ ଶ୍ରୀକରଲିଆ, ସରପଞ୍ଚ ଅଭି ନୟକ, ଜଗନ୍ନାଥ ନାୟକ, ରଘୁ ମାଳି, ଅକ୍ଷୟ ଜେନା, ଘାସି ନାଗ, ଗୁପ୍ତ ଟାକ୍ରି ସମତ ଅନ୍ୟନ୍ୟ କର୍ମୀ ଉପସ୍ଥିତ ଥିଲେ। ଏସ୍‌ୟୁସିଆଇ ପକ୍ଷରୁ ମଧ୍ୟ ବନ୍ଦ ପାଳିନକୁ ସମର୍ଥନ ମିଳିଥିଲା।

**କୁନ୍ଦୁରା :** କୁନ୍ଦୁରା ବ୍ଲକ ସଦର ମହକୁମା ଠାରେ ବ୍ଲକ କଂଗ୍ରେସ ପକ୍ଷରୁ ଓଡିଶା ବନ୍ଦ ପାଳନ କରାଯାଇଛି। କୁନ୍ଦୁରା ବ୍ଲକ ସଭାପତି ଗୋକୁଳ ଚନ୍ଦ୍ର ପଟ୍ଟନାୟକଙ୍କ ନେତୃତ୍ୱରେ ବ୍ଲକର ବିଭିନ୍ନ ସ୍ଥାନରେ ବିକ୍ଷୋଭ ଦେଖିବାକୁ ମିଳିଛି । ଡଙ୍ଗରପାଉଁଶି, ଆସନା, ଲିମା, ବାଗଦେରୀ, ରାଣୀଗୁଡ଼ା ଆଦି ପଞ୍ଚାୟତ ସଦର ମହକୁମାଠାରେ ବନ୍ଦ ପାଳନ ହୋଇଛି। ବନ୍ଦକୁ ସମର୍ଥନ ମଧ୍ୟ ମିଳିଥିଲା। ସମସ୍ତ ସରକାରୀ, ବେସରକାରୀ କାର୍ଯ୍ୟାଳୟ, ସ୍କୁଲ, କଲେଜ, ବ୍ୟାଙ୍କ, ପେଟ୍ରୋଲ ପମ୍ପ, ଦୋକାନ ବଜାର ଆଦି ବନ୍ଦ ରହିଥିଲା। ଏଥିରେ ବ୍ଲକ କଂଗ୍ରେସ ସମ୍ପାଦକ ଦୈତାରୀ ମଲ୍ଲିକ, ଯୁବ ସଭାପତି ରାଜେଶ ଗୁରୁ, ଜିଲ୍ଲା କୃଷକ ସେଲ ସଭାପତି ଭବାନୀ ଶଙ୍କର ରଥ, ପୂର୍ବତନ ବ୍ଲକ ଅଧ୍ୟକ୍ଷ ସଦନ ମୁଦୁଲି, ପିସିସି ସଭ୍ୟ ଲକ୍ଷ୍ମୀକାନ୍ତ ପଟ୍ଟନାୟକ, ପୂର୍ବତନ ଜିଲ୍ଲା ପରିଷଦ ସଭ୍ଯ ଧନୀରାମ ବାରିକଙ୍କ ସମେତ ପଞ୍ଚାୟତ ଓ ବ୍ଲକ ସ୍ତରୀୟ ନେତା ଓ କର୍ମୀ ସାମିଲ ହୋଇଥିଲେ।

SBI
ଷ୍ଟେଟ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ
କେନ୍ଦ୍ରୀୟ ନିଯୁକ୍ତି ଏବଂ ପଦୋନ୍ନତି ବିଭାଗ,
କର୍ପୋରେଟ୍ କେନ୍ଦ୍ର, ମୁମ୍ବାଇ
ଫୋନ୍: 022-22820427
ଆବେଦନ କରିବା ପାଇଁ QR ସ୍କାନ୍ କରନ୍ତୁ

ବିଶେଷଜ୍ଞ କ୍ୟାଡର୍ ଅଧିକାରୀମାନଙ୍କର ନିଯୁକ୍ତି ନିୟମିତ/ଚୁକ୍ତିନାମା ଆଧାରରେ

ନିମ୍ନଲିଖିତ ପୋଷ୍ଟଗୁଡିକ ପାଇଁ ନିୟମିତ/ଚୁକ୍ତିନାମା ଆଧାରରେ ଭାରତୀୟ ନାଗରିକମାନଙ୍କ ଠାରୁ ଆବେଦନ ଗୁଡିକ ଗ୍ରହଣ କରାଯାଉଛି:

ବିଜ୍ଞାପନ ସଂ. CRPD/SCO/2025-26/05

| କ୍ର. ସଂ. | ପୋଷ୍ଟର ନାମ | ଖାଲି ପଦବୀ | ପ୍ରକାର |
|---|---|---|---|
| 1 | ଜେନେରାଲ୍ ମ୍ୟାନେଜର (ଆଇଏସ୍ ଅଡିଟ୍) | 01 | ଚୁକ୍ତିନାମା |
| 2 | ଏଭିପି (ଆଇଏସ୍ ଅଡିଟ୍) | 14 | ଚୁକ୍ତିନାମା |
| 3 | ଡେପୁଟି ମ୍ୟାନେଜର (ଆଇଏସ୍ ଅଡିଟ୍) | 18 | ନିୟମିତ |

ଯୋଗ୍ୟତା ମାନଦଣ୍ଡ (ବୟସ, ଅଭିଜ୍ଞତା, ଜବ୍ ପ୍ରୋଫାଇଲ ଇତ୍ୟାଦି), ଖାଲି ବିବରଣୀ, ଆବଶ୍ୟକ ଫିସ୍ ଏବଂ ଅନ୍ୟାନ୍ୟ ବିବରଣୀ ପାଇଁ ବ୍ୟାଙ୍କର ୱେବସାଇଟ୍ https://bank.sbi/web/careers/current-openings ଅନଲାଇନ୍ ଆପ୍ଲିକେସନ୍ ଫି ଜମା ଏବଂ ଅନଲାଇନ୍ ଦେୟ ଲିଙ୍କ୍ ସହିତ ଲଗ ଇନ୍ କରନ୍ତୁ । ଆବେଦନ ଏବଂ ଫି ପଠାଇବା ପୂର୍ବରୁ ଯୋଗ୍ୟତା ଏବଂ ଅନ୍ୟାନ୍ୟ ବିବରଣୀ ବିଷୟରେ ସୁନିଶ୍ଚିତ ହେବା ପାଇଁ ବିସ୍ତୃତ ବିଜ୍ଞାପନକୁ ଅନୁସରଣ କରନ୍ତୁ । ଯେକୌଣସି ପ୍ରଶ୍ନ ପାଇଁ ଦୟାକରି ଏହି ଲିଙ୍କ୍ ମାଧ୍ୟମରେ ଆମକୁ ଲେଖନ୍ତୁ: "CONTACT US" —> "Post Your Query" ଯାହା ବ୍ୟାଙ୍କର ୱେବସାଇଟ (https://bank.sbi/web/careers/post-your-query) ରେ ଉପଲବ୍ଧ ।

• ଅନଲାଇନ୍ ଆବେଦନ ଏବଂ ଫିସ୍ ଦେୟ ପାଇଁ ତାରିଖ: 11.07.2025 ରୁ 31.07.2025 ପର୍ଯ୍ୟନ୍ତ ।

ସ୍ଥାନ: ମୁମ୍ବାଇ
ତାରିଖ: 11.07.2025
ମହା ପ୍ରବନ୍ଧକ (ଆରପି ଆଣ୍ଡ ପିଏମ୍)

# ସମ୍ପାଦକୀୟ



କେତେକ ବ୍ୟକ୍ତି ପରିବର୍ତ୍ତନ ବିପକ୍ଷରେ ମତ ଦିଅନ୍ତି; କିନ୍ତୁ ବିପର୍ଯ୍ୟୟକୁ ଟାଳିବାକୁ ହେଲେ ପରିବର୍ତ୍ତନ ନିତାନ୍ତ ଆବଶ୍ୟକ।
-ଏଲନ୍ ମସ୍କ

ସକାଳ
THE SAKALA

## ଭାରତକୁ ତ୍ରିମୈତ୍ରୀ ବିପଦ

ଇତିହାସ ସାକ୍ଷୀ, ଯେତେବେଳେ ଦୁଷ୍ଟ ରାଷ୍ଟ୍ରମାନେ ହାତ ମିଳାନ୍ତି ବା ଚୁକ୍ତି କରନ୍ତି ସେତେବେଳେ ବିଶ୍ୱଯୁଦ୍ଧ ଅବଶ୍ୟମ୍ଭାବୀ ହୋଇପଡ଼େ କିମ୍ବା ଆଞ୍ଚଳିକ ଶାନ୍ତି ଓ ସ୍ଥିରତା ପ୍ରତି ଗୁରୁତର ଆହ୍ୱାନ ସୃଷ୍ଟି ହୁଏ। ସମ୍ପ୍ରତି ଚୀନ୍-ପାକିସ୍ତାନ-ବାଂଲାଦେଶ ମଧ୍ୟରେ ଏଭଳି ଏକ ତ୍ରିମୈତ୍ରୀ ମେଣ୍ଟ ଗଠନର ଭିତ୍ତି ପଡ଼ିଛି, ଯାହାର ପ୍ରତ୍ୟକ୍ଷ ପ୍ରଭାବ ଭାରତ ଉପରେ ପଡ଼ିବାର କେତେକ ସଂକେତ ମିଳିସାରିଛି। ଗତ ମାସରେ ଏ ସମ୍ପର୍କିତ ବିଧିବଦ୍ଧ ତ୍ରିପାକ୍ଷିକ ବୈଠକ ମଧ୍ୟ ଅନୁଷ୍ଠିତ ହୋଇଛି। ଏହି ପୃଷ୍ଠଭୂମିରେ ଭାରତର ବୈଦେଶିକ ମନ୍ତ୍ରୀ ଏସ୍ ଜୟଶଙ୍କର ଚୀନ୍ ରାଷ୍ଟ୍ରପତି ସି ଜିନ୍‌ପିଙ୍ଗଙ୍କ ସହିତ ସାକ୍ଷାତ ଆଲୋଚନା ଅନେକ ମହତ୍ତ୍ୱ ରଖେ।

ଚୀନ୍-ପାକିସ୍ତାନ ସମ୍ପର୍କ କାହାକୁ ଅଛପା ନୁହେଁ। ସିପିଇସି (ଚୀନ୍-ପାକିସ୍ତାନ ଇକନୋମିକ୍ କରିଡର) ଓ ବିଆରଆଇ(ବେଲ୍ଟ ଆଣ୍ଡ ରୋଡ୍ ଇନିସିଏଟିଭ୍) ମାଧ୍ୟମରେ ଦୁଇଦେଶ ମଧ୍ୟରେ ଥିବା ବାଣିଜ୍ୟିକ ଓ ଅର୍ଥନୈତିକ ସମ୍ପର୍କ କ୍ରମଶଃ ପ୍ରତିରକ୍ଷା କ୍ଷେତ୍ରକୁ ପରିବ୍ୟାପ୍ତ ହୋଇଛି, ଯାହାର କିଛିଟା ଝଲକ୍ 'ଅପରେସନ୍ ସିନ୍ଦୂର' ବେଳେ ଦେଖିବାକୁ ମିଳିଛି। ଚୀନ୍ ସବୁବେଳେ ଭାରତକୁ ପ୍ରତିବେଶୀ ରୂପେ ଗ୍ରହଣ ନ କରି ପ୍ରତିଦ୍ୱନ୍ଦ୍ୱୀ ଦୃଷ୍ଟିରେ ଦେଖିଆସିଛି। ତେଣୁ ପ୍ରାୟ ସବୁକ୍ଷେତ୍ରରେ ଭାରତକୁ ପରାଭବ ଦେବା ପାଇଁ ସୁବିଧା ସୁଯୋଗର ଅପେକ୍ଷାରେ ରହୁଛି। ଏହି ପୃଷ୍ଠଭୂମିରେ ଭାରତକୁ ଦୁଇ ପଟରୁ ଘେରିବାକୁ ଚୀନ୍‌କୁ ପାକିସ୍ତାନ ଓ ବାଂଲାଦେଶ ଭାବରେ ଦୁଇଟି ମୋହରା ମିଳିଯାଇଛି। ଗତ ମାର୍ଚ୍ଚ ମାସରେ ୟୁନୁସ୍‌ଙ୍କ ଚୀନ୍ ଗସ୍ତ ସମୟରେ ଚୀନ୍-ବାଂଲାଦେଶ ମଧ୍ୟରେ ୯ଟି ଅର୍ଥନୈତିକ ଓ ବୈଷୟିକ କ୍ଷେତ୍ରରେ ବୁଝାମଣା ସ୍ୱାକ୍ଷରିତ ହୋଇଛି। ତୀସ୍ତା ନଦୀ ପ୍ରକଳ୍ପ ନିର୍ମାଣ ଲାଗି ଚୀନ୍ କମ୍ପାନୀଙ୍କୁ ୟୁନୁସ୍ ଆମନ୍ତ୍ରଣ କରିଛନ୍ତି। ଭାରତର ସିଲିଗୁଡ଼ି କରିଡରରୁ ମାତ୍ର ୧୩୫ କିମି ଦୂରରେ ଥିବା ବାଂଲାଦେଶର ଲାଲ୍‌ମୋନିରହାଟ୍ ବିମାନ ଘାଟିର ବିକାଶ ଦାୟିତ୍ୱ ଚୀନ୍ ନେଇଛି। ଦୁଇ ଦେଶ ମଧ୍ୟରେ କିପରି ସାଂସ୍କୃତିକ ଓ ଜନଭାବଗତ ସମ୍ପର୍କରେ ବୃଦ୍ଧି ଘଟିବ ସେ ଦିଗରେ ଚୀନ୍ ସ୍ୱତନ୍ତ୍ର ଯୋଜନା ପ୍ରସ୍ତୁତ କରିଥିବା ଜଣାପଡ଼ିଛି।

ଅପରପକ୍ଷରେ ଶେଖ୍ ହସିନାଙ୍କ ପତନ ଓ ଦେଶାନ୍ତର ପରେ ଭାରତ-ବାଂଲାଦେଶ ମଧ୍ୟରେ ତିକ୍ତତା ବଢ଼ିବାରେ ଲାଗିଛି। ବାଂଲାଦେଶର କାମଚଳା ଶାସନ ମୁଖ୍ୟ ମହମ୍ମଦ ୟୁନୁସ୍ ଚୀନ୍ ପଟକୁ ଅଧିକ ଢଳିବା ସହିତ ଭାରତଠାରୁ କ୍ରମଶଃ ଦୂରେଇ ଯାଉଛନ୍ତି। ଦଲାଇ ଲାମାଙ୍କୁ ଆଶ୍ରୟ ଦେବା ପରେ ଚୀନ୍ ଭାରତ ସମ୍ପର୍କରେ ଯେପରି ତିକ୍ତତା ଆସିଥିଲା, ତାହାର ପୁନରାବୃତ୍ତି ବାଂଲାଦେଶ କ୍ଷେତ୍ରରେ ଘଟିଛି। ଶେଖ୍ ହସିନାଙ୍କୁ ଭାରତ ରାଜନୈତିକ ଆଶ୍ରୟ ଦେବା ପରେ ବାଂଲାଦେଶର ଭାରତ-ଅସୂୟା ବଢୁଛି। ୟୁନୁସ୍ ଅନେକ ସମୟରେ ଭାରତ ବିରୋଧୀ ମନ୍ତବ୍ୟମାନ ଦେଉଛନ୍ତି। ସେହିଭଳି ଶତ୍ରୁର ଶତ୍ରୁ ମିତ୍ର ନ୍ୟାୟରେ ଏବେ ପାକିସ୍ତାନ ବାଂଲାଦେଶ ପ୍ରତି ଅଧିକ ସହାନୁଭୂତିଶୀଳ ଓ ଦୟାଶୀଳ ହେବାର ଉପକ୍ରମ ଆରମ୍ଭ କରିଛି। ଏ ଦିଗରେ ଏକଦା ଭାଇ-ଭାଇ ସମ୍ପର୍କ ଏବଂ ଇସ୍‌ଲାମୀୟ ଭାବାବେଗ ଅଧିକ ପ୍ରଭାବଶାଳୀ ସାବ୍ୟସ୍ତ ହୋଇଛି। ପ୍ରାୟ ୧୨ ବର୍ଷ ପରେ ବାଂଲାଦେଶର ନୌସେନା କରାଚୀରେ ଅନୁଷ୍ଠିତ 'ଅମନ୍ ୨୦୨୫'(ସାମରିକ ଅଭ୍ୟାସ)ରେ ଗତ ଫେବୃଆରୀରେ ଯୋଗ ଦେଇଥିବା ବେଳେ ପ୍ରାୟ ୫୪ ବର୍ଷ ପରେ ପ୍ରଥମ ଥର ପାଇଁ ବାଂଲାଦେଶ(ସେତେବେଳେ ପୂର୍ବପାକିସ୍ତାନ) ସହିତ ପାକିସ୍ତାନର ପ୍ରତ୍ୟକ୍ଷ ବାଣିଜ୍ୟ କାରବାର ଗତ ମାର୍ଚ୍ଚ ମାସରୁ ଆରମ୍ଭ ହୋଇଛି। ବାଂଲାଦେଶର କେତେକ ଗୁରୁତ୍ୱପୂର୍ଣ୍ଣ ସାମରିକ ଓ ବିମାନ ଘାଟିର ଭିତ୍ତିଭୂମି ବିକାଶ କାର୍ଯ୍ୟ ପାକିସ୍ତାନ ହାତକୁ ଯାଇଛି।

ଏହି ପରିବର୍ତ୍ତିତ ଭୂରାଜନୈତିକ ସମୀକରଣରେ ଚୀନ୍-ପାକିସ୍ତାନ-ବାଂଲାଦେଶ ବ୍ୟୂହରେ ଭାରତର ସ୍ଥିତି ପ୍ରାୟତଃ ଅଭିମନ୍ୟୁ ତୁଲ୍ୟ ହୋଇପଡ଼ିଛି କହିଲେ ଅତ୍ୟୁକ୍ତି ହେବ ନାହିଁ। କିନ୍ତୁ ଏହା ମଧ୍ୟ ଭୁଲିଯିବା ଉଚିତ ହେବ ନାହିଁ ଯେ ଭାରତ ଆଉ ବିଗତ ଶତାବ୍ଦୀରେ ନାହିଁ। ଅର୍ଥନୀତି, କୂଟନୀତି, ବିଜ୍ଞାନ ଓ ସୂଚନା ପ୍ରଯୁକ୍ତି ବିଦ୍ୟାରେ ଭାରତ ବିଶ୍ୱର ଏକ ଅଗ୍ରଣୀ ରାଷ୍ଟ୍ରର ମାନ୍ୟତା ପାଇଛି। ଦେଶର ପ୍ରତିରକ୍ଷା ବ୍ୟବସ୍ଥା ଓ ବଜେଟ୍ ବ୍ୟୟବରାଦ ମଧ୍ୟ ବଳିଷ୍ଠ ହୋଇଛି। ତେଣୁ ତ୍ରିମୈତ୍ରୀ ବ୍ୟୂହ ଭେଦ କରିବାର ଶକ୍ତି ଭାରତ ପାଖରେ ରହିଛି। ତଥାପି ଯେତେବେଳେ ପଡ଼ୋଶୀମାନେ ଅସ୍ଥିରତା ସୃଷ୍ଟି କରନ୍ତି ସେତେବେଳେ ଆଭ୍ୟନ୍ତରୀଣ ଶାନ୍ତି ବ୍ୟାହତ ହେବା ସହିତ ପ୍ରଗତି ବାଧାପ୍ରାପ୍ତ ହୁଏ। ଆଗକୁ ଭାରତ ଏଭଳି କିଛି ଆହ୍ୱାନର ସମ୍ମୁଖୀନ ହେବାକୁ ଯାଉଥିବା ଜଣାପଡୁଛି।

ଭାରତ ଆଗରେ ଏବେ ବହୁବିଧ ଆହ୍ୱାନ ରହିଛି, ଯାହାକୁ ସମ୍ମୁଖୀନ ହେବାରେ ଉପରୋକ୍ତ ତ୍ରିମୈତ୍ରୀ ମେଣ୍ଟ ବାଧା ସୃଷ୍ଟି କରିପାରନ୍ତି। ଉଦାହରଣତଃ, ଭାରତ ଇତିମଧ୍ୟରେ ଅକ୍ଷୟ ଶକ୍ତି ଉତ୍ପାଦନ ଲକ୍ଷ୍ୟ ଧାର୍ଯ୍ୟ ସମୟସୀମାର ବହୁ ପୂର୍ବରୁ ହାସଲ କରିସାରିଛି। ୨୦୩୦ ସୁଦ୍ଧା ମୋଟ ବିଦ୍ୟୁତ ଚାହିଦାର ୪୦% ଅଣ-ଜୀବାଶ୍ମ ଇନ୍ଧନରୁ ହାସଲ କରିବ ବୋଲି ୨୦୧୫ ଜଳବାୟୁ ପରିବର୍ତ୍ତନ ସମ୍ପର୍କିତ ପ୍ୟାରିସ୍ ଚୁକ୍ତିନାମାରେ ଭାରତ ସ୍ୱାକ୍ଷର କରିଥିବା ବେଳେ ୨୦୨୫ ଜୁନ୍ ସୁଦ୍ଧା ଉତ୍ପାଦନ ପରିମାଣ ମୋଟ ବିଦ୍ୟୁତ ଚାହିଦାର ୫୦ ପ୍ରତିଶତ ଅତିକ୍ରମ କରିସାରିଛି। ଭାରତ ପ୍ରାୟ ୫ ବର୍ଷ ପୂର୍ବରୁ ଏହି ଲକ୍ଷ୍ୟ ହାସଲ କରିସାରିଥିବାରୁ କାର୍ବନ ନିର୍ଗମନ ହ୍ରାସ ଓ ସବୁଜ ବିକାଶର ଭବିଷ୍ୟତ ଖୁବ୍ ଉଜ୍ଜ୍ୱଳ। କିନ୍ତୁ ଅକ୍ଷୟଶକ୍ତି ଉପରେ ସମ୍ପୂର୍ଣ୍ଣ ନିର୍ଭରଶୀଳତା ଦିଗରେ ଥିବା ମୁଖ୍ୟ ପ୍ରତିବନ୍ଧକ ହେଉଛି ଏହାର ଭଣ୍ଡାରଣ। ଅକ୍ଷୟ ଶକ୍ତିକୁ ଗଚ୍ଛିତ କରି ତିରୋଟ ସମୟରେ ବ୍ୟବହାର କରିବା ପାଇଁ ଯେଉଁ ବୈଜ୍ଞାନିକ ଓ ବୈଷୟିକ ଉପକରଣ ଆବଶ୍ୟକ ତାହାର ଆଧାର ବା କଞ୍ଚାମାଲ୍ ହେଉଛି ଲିଥିୟମ, ବିରଳ ମୃତ୍ତିକା, ଡିଏପି ଆଦି ରାସାୟନିକ ଉପାଦାନ। ଏଥିପାଇଁ ଭାରତ ଅଧିକାଂଶ ଚୀନ୍ ଉପରେ ନିର୍ଭରଶୀଳ ଥିବା ବେଳେ ବିରଳ ମୃତ୍ତିକା ଓ ଡିଏପିର ଭାରତ ରପ୍ତାନୀ ଅଂଶକୁ ଚୀନ୍ ବହୁ କାଣ୍ଟଛାଣ୍ଟ କରିଦେଇଛି। ତେଣୁ ଭାରତରେ ଅକ୍ଷୟ ଶକ୍ତି ଓ ସେମିକଣ୍ଡକ୍ଟର ଉତ୍ପାଦନ କ୍ଷେତ୍ରରେ ଅଧିକ ନିବେଶ ନିରୁତ୍ସାହିତ ହୋଇପାରେ। ସେହିପରି ସେପଟେ ପାକିସ୍ତାନ କାଶ୍ମୀରରେ ଏବଂ ଏପଟେ ବାଂଲାଦେଶ ପଟୁ ଉତ୍ତର-ପୂର୍ବାଞ୍ଚଳ ରାଜ୍ୟମାନଙ୍କରେ ସୀମାପାର ଆତଙ୍କବାଦ ଓ ଅନୁପ୍ରବେଶ ସମସ୍ୟା ଉତ୍କଟ ହୋଇ ଭାରତର ଆଭ୍ୟନ୍ତରୀଣ ଶାନ୍ତି ବ୍ୟାହତ ହୋଇପାରେ।

ତେଣୁ କୁହାଯାଇପାରେ ଯେ ଭାରତ ପାଇଁ ଆଗକୁ ତ୍ରିମୈତ୍ରୀ ମେଣ୍ଟ ଭାରତର ଶାନ୍ତି, ପ୍ରଗତି, ସ୍ଥିରତା ସମେତ କୂଟନୈତିକ ଓ ବୈଦେଶିକ ନୀତି ପ୍ରତି ଏକ ବୃହତ୍ ଆହ୍ୱାନ ସୃଷ୍ଟି କରିଛି, ଯାହାର ପ୍ରଭାବ ସୁଦୂର ବିସ୍ତାରୀ ହେବା ନିଶ୍ଚିତ। ଏହାକୁ ପ୍ରତିହତ କରିବା ଲାଗି ସମୟୋପଯୋଗୀ ରଣନୀତିର ଆବଶ୍ୟକତା ଜରୁରୀ। ଚୀନ୍ ଓ ପାକିସ୍ତାନର ପଞ୍ଝାରୁ ବାଂଲାଦେଶକୁ ମୁକ୍ତ ରଖିବାକୁ ହେଲେ ଭାରତ ପରିସ୍ଥିତି ସହିତ ସାଲିସ୍ କରିବା ଦୂରଦର୍ଶୀର ପରିଚାୟକ ହେବ। ଚୀନ୍‌କୁ ମଧ୍ୟ ଭାରତର ବିଶାଳ ବଜାର ସମ୍ଭାବନା ବିଷୟରେ ପୁଣି ଥରେ ଚେତାଇ ଦେବାକୁ ପଡ଼ିବ। ଆଶା ଏଦିରେ ଜୟଶଙ୍କରଙ୍କ ଚୀନ୍ ଗସ୍ତ କିଛି ନୂଆ ସମ୍ଭାବନା ସୃଷ୍ଟି କରିବ।

## ଜୀବନର ଲକ୍ଷ୍ୟ: ମୃତ୍ୟୁ ନୁହଁ, ଅମୃତପ୍ରାପ୍ତି

ମନୋରଞ୍ଜନ ମହାନ୍ତି

ନିକଟରେ ଓଡ଼ିଶାର ଏକ ସ୍ୱନାମଧନ୍ୟ ଶିକ୍ଷାନୁଷ୍ଠାନର ଜନୈକା ଛାତ୍ରୀ ନିର୍ଯାତନା, ଅବହେଳା ଓ ଅନ୍ୟାୟର ଶିକାର ହୋଇ ମାନସିକ ଭାରସାମ୍ୟ ହରାଇ ଆତ୍ମାହୁତି ଦେଇ ମୃତ୍ୟୁବରଣ କରିଥିବା ଖବର ସାରା ଦେଶରେ ଚର୍ଚ୍ଚିତ ହୋଇଛି। କିଛିଦିନ ତଳେ ଓଡ଼ିଶାର ଜନୈକା ଛାତ୍ରୀ ପରୀକ୍ଷା ହଲ୍‌ରେ ଅପମାନିତ ହୋଇ ଆତ୍ମହତ୍ୟା କରିଥିବାର ଦୁଃଖଦ ଖବର ମଧ୍ୟ ଆସିଛି। ଏଭଳି ଘଟଣା କେବଳ ଶିକ୍ଷାନୁଷ୍ଠାନରେ ନୁହେଁ, ବରଂ ଗ୍ଲାମର, କର୍ପୋରେଟ୍ ଓ ଅନ୍ୟ କେତେକ ମର୍ଯ୍ୟାଦାପୂର୍ଣ୍ଣ ପେସାଦାର କ୍ଷେତ୍ରରେ ମଧ୍ୟ ଦେଖିବାକୁ ମିଳୁଛି। ଗତବର୍ଷ କାମ ଚାପରେ ଜନୈକା ମହିଳା ଚାର୍ଟେଡ୍ ଆକାଉଣ୍ଟାଣ୍ଟ ଆତ୍ମହତ୍ୟା କରିଥିବା ବେଳେ କିଛିବର୍ଷ ତଳେ ଜଣେ ଲୋକପ୍ରିୟ ଉଦୀୟମାନ ଅଭିନେତା ଉତ୍କଟ ମାନସିକ ଅବସାଦର ଶିକାର ହୋଇ ଆତ୍ମହତ୍ୟା କରିଥିବା ଖବର ହୃଦୟ ବିଦାରକ ଥିଲା। ଏସବୁ କ୍ଷେତ୍ରରେ ଧୈର୍ଯ୍ୟ ଓ ଆତ୍ମବିଶ୍ୱାସର ଅଭାବ ପରିଲକ୍ଷିତ ହୁଏ। କିଛି ଲୋକ ବିଭିନ୍ନ କ୍ଷେତ୍ରରେ ପ୍ରତିଭାବାନ୍‌ମାନଙ୍କୁ ଈର୍ଷା କରୁଥିବା ଏବଂ ସେମାନଙ୍କ ପଥରୋଧ ପାଇଁ ଉଦ୍ୟମ କରୁଥିବା ଲକ୍ଷ୍ୟ କରାଯାଏ। ତା'ବୋଲି ପ୍ରତିଭାବାନ୍‌ମାନେ ବିଚଳିତ ହେବା, ମାନସିକ ଅବସାଦଗ୍ରସ୍ତ ହୋଇ ଜୀବନ ନାଶ କରିଦେବା ଆଦୌ ଠିକ୍ ନୁହେଁ। ବରଂ ଆତ୍ମବିଶ୍ୱାସର ସହିତ ଧୈର୍ଯ୍ୟ ଧରି ଜୀବନ-ସଂଗ୍ରାମରେ ନିରତ ହେବା ଉଚିତ।

ମହାଭାରତ ଯୁଦ୍ଧରେ ଅର୍ଜୁନ ବିଷାଦମଗ୍ନ ହୋଇଛନ୍ତି। ଆବ୍ରାହାମ୍ ଲିଙ୍କନ୍, ଏର୍‌ନେଷ୍ଟ ହେମିଂୱେ, ସିଗ୍‌ମଣ୍ଡ ଫ୍ରଏଡ୍, ମାଇକେଲ୍ ଫେଲ୍‌ପ୍ସ, ବ୍ରାଡ୍ ପିଟ୍, ଜେ.କେ. ରାଓଲିଂ, ଲେଡି ଗାଗା ପ୍ରମୁଖଙ୍କ ଜୀବନରେ କିଛି ସମୟ ଅବସାଦର ଅନୁଭବ ହୋଇଛି। କିନ୍ତୁ ପରବର୍ତ୍ତୀ ସମୟରେ ଆତ୍ମବିଶ୍ୱାସ ବଳରେ ସେମାନେ ସେଥିରୁ ମୁକୁଳି ଆସିଛନ୍ତି ଏବଂ ଜୀବନ-ଯୁଦ୍ଧରେ ବିଜୟୀ ହୋଇଛନ୍ତି। ରିଲାଏନ୍ସ କମ୍ପାନୀର ପ୍ରତିଷ୍ଠାତା ଧୀରୁଭାଇ ଅମ୍ବାନୀ, ୱିପ୍ରୋ ପ୍ରତିଷ୍ଠାତା ଅଜିମ୍ ପ୍ରେମ୍‌ଜୀ, ଆଦାନୀ ଗ୍ରୁପ୍‌ର ଗୌତମ ଆଦାନୀ, ଫେସ୍‌ବୁକ୍‌ର ପ୍ରତିଷ୍ଠାତା ମାର୍କ୍ ଜୁକରବର୍ଗ, ମାଇକ୍ରୋସଫ୍ଟର ବିଲ୍ ଗେଟ୍ସ, ଆପଲ୍‌ର ପ୍ରତିଷ୍ଠାତା ଷ୍ଟିଭ୍ ଜବ୍‌ସ୍ ପ୍ରମୁଖ କଲେଜର ପାଠପଢ଼ା ଛାଡ଼ି ଦେଇଥିଲେ। ଆଲବର୍ଟ ଆଇନ୍‌ଷ୍ଟାଇନ୍ ଛାତ୍ର ଜୀବନରେ କେମେଷ୍ଟ୍ରି ଓ ବାୟୋଲୋଜି ପରୀକ୍ଷାରେ ଫେଲ୍ ହେଇଥିଲେ। ଛାତ୍ରାବସ୍ଥାରେ ନିଉଟନ୍‌ଙ୍କ ପାଠପଢ଼ା ଅତି ନିମ୍ନ ମାନର ଥିଲା ବୋଲି ଶିକ୍ଷକମାନେ କହୁଥିଲେ। କ୍ରିକେଟର୍ ସଚିନ୍ ତେନ୍ଦୁଲ୍‌କର, ଚଳଚ୍ଚିତ୍ର ତାରକା ଅମୀର ଖାଁ, ଦୀପିକା ପାଦୁକୋନ୍ ପ୍ରମୁଖ ସ୍କୁଲ ଶିକ୍ଷା ଛାଡ଼ି କ୍ରିକେଟ୍ ଓ ଚଳଚ୍ଚିତ୍ରରେ ନିଜ ନିଜର କ୍ୟାରିଅର୍ ଆରମ୍ଭ କରିଥିଲେ। କେବଳ ଗଭୀର ଆତ୍ମବିଶ୍ୱାସ, ଏକାଗ୍ରତା ଓ ସାଧନା ବଳରେ ସେମାନେ ସମସ୍ତେ ନିଜ ନିଜ କ୍ଷେତ୍ରରେ ସଫଳତା ଅର୍ଜନ କରିବାକୁ ସମର୍ଥ ହୋଇପାରିଲେ।

ମଣିଷର ଜୀବନରେ ଆତ୍ମବିଶ୍ୱାସ ସବୁଠାରୁ ବଡ଼ କଥା। ଆତ୍ମବିଶ୍ୱାସ ହିଁ ମଣିଷକୁ ସକାରାତ୍ମକ ଦୃଷ୍ଟିସମ୍ପନ୍ନ କରେ। ବୈଜ୍ଞାନିକ ଟମାସ୍ ଏଡିସନ୍ ଯେକୌଣସି ବିଷୟରେ ବାରମ୍ବାର ପରୀକ୍ଷା କଲା ପରେ କହୁଥିଲେ, 'ମୁଁ ବିଫଳ ହୋଇନାହିଁ ; ମୋ ଆଖି ଆଗରେ ମୁଁ ଦଶହଜାର ବାଟ ଦେଖିବାକୁ ପାଇଛି, ମୋତେ ଆହୁରି ପରୀକ୍ଷା କରିବାକୁ ହେବ।' ବାରମ୍ବାର ବିଫଳ ହୋଇ ମଧ୍ୟ 'ବିଫଳ ହୋଇଛି' ବୋଲି ସେ କେବେ କହୁନଥିଲେ, ପ୍ରତ୍ୟେକ ବିଫଳତା ତାଙ୍କୁ ଗୋଟିଏ ଗୋଟିଏ ନୂଆ ନୂଆ ବାଟ ଦେଖାଇ ଦେଉଥିଲା, ଆହୁରି ଉତ୍ସାହରେ ସେ ପ୍ରଚେଷ୍ଟା ଜାରି ରଖିଥିଲେ ସଫଳତା ପାଇବା ପର୍ଯ୍ୟନ୍ତ।

ଡ. ଫ୍ରାନ୍‌ସିସ୍ କଲିନ୍ସ ହେଉଛନ୍ତି ଆମେରିକାର ଜାତୀୟ ସ୍ୱାସ୍ଥ୍ୟ ପ୍ରତିଷ୍ଠାନର ନିର୍ଦ୍ଦେଶକ। ବିଜ୍ଞାନ ଓ ବିଶ୍ୱାସର ପରିପୂରକତ୍ୱ ସମ୍ପର୍କରେ ଗବେଷଣା କରି ୨୦୨୦ ବର୍ଷରେ ସେ ପାଇଛନ୍ତି ଜନ୍ ଟେମ୍ପଲ୍‌ଟନ୍ ପୁରସ୍କାର। ସେ ଲେଖିଥିବା ବହି 'ଦି ଲାଙ୍ଗୁଏଜ୍ ଅଫ୍ ଗଡ୍: ଏ ସାଇଣ୍ଟିଷ୍ଟ ପ୍ରେଜେଣ୍ଟସ୍ ଏଭିଡେନ୍ସ ଫର୍ ବିଲିଫ୍' ଏବେ ପୃଥିବୀରେ ବହୁସଂଖ୍ୟାରେ ବିକ୍ରି ହେଉଛି। ଏକ ସାକ୍ଷାତ୍‌କାରରେ ସେ କହିଛନ୍ତି, ବିଜ୍ଞାନ ପ୍ରଶ୍ନ ପଚାରେ 'କିପରି?' ଯଥା 'ଜିନ୍‌ଗୁଡ଼ିକ ପ୍ରୋଟିନ୍ ପାଇଁ କିପରି କୋଡିଂ ହୁଅନ୍ତି?' ଅଥଚ ବିଶ୍ୱାସ ପଚାରେ 'କାହିଁକି?'। ଯଥା 'ଶୂନ୍ୟ ପରିବର୍ତ୍ତେ କିଛି କାହିଁକି ଅଛି? ଗଡ୍(ଈଶ୍ୱର) କାହିଁକି ଅଛନ୍ତି?' ଇତ୍ୟାଦି। ଏତଦ୍ୱାରା ସେ ସିଦ୍ଧାନ୍ତରେ ପହଞ୍ଚିଛନ୍ତି ଯେ ବିଜ୍ଞାନ ଓ ବିଶ୍ୱାସ ପରସ୍ପର ପରିପୂରକ। ଜଣେ ଖ୍ରୀଷ୍ଟିୟାନ୍ ଭାବରେ ସେ ବିଶ୍ୱାସ କରନ୍ତି ଆମେ ମଣିଷମାନେ ସ୍ୱତନ୍ତ୍ର ପ୍ରାଣୀ, ଯାହାଙ୍କର ଗଡ୍‌ଙ୍କ ସହିତ ଏକ ସ୍ୱତନ୍ତ୍ର ସମ୍ବନ୍ଧ ରହିଛି। କେତେକ କହନ୍ତି, ବିବର୍ତ୍ତନ ଏକ ତତ୍ତ୍ୱ ମାତ୍ର। କିନ୍ତୁ ଡ. କଲିନ୍‌ସଙ୍କ ମତରେ ମାଧ୍ୟାକର୍ଷଣ ଭଳି ବିବର୍ତ୍ତନ ଏକ ସୁପ୍ରତିଷ୍ଠିତ ତତ୍ତ୍ୱ। ଗଡ୍ ୧୪୦୦ କୋଟି ବର୍ଷ ତଳେ ବସ୍ତୁ, ଶକ୍ତି ଓ ପ୍ରାକୃତିକ ନିୟମଗୁଡ଼ିକ ସହିତ ବିଶ୍ୱବ୍ରହ୍ମାଣ୍ଡକୁ ସୃଷ୍ଟି କଲେ। ତା'ପରେ ସୃଷ୍ଟି ହେଲେ ପ୍ରାଣୀମାନେ। ସ୍ରଷ୍ଟା ଗଡ୍ ସ୍ଥାନ ଓ ସମୟରେ ସୀମିତ ନୁହନ୍ତି। ଆମେ ମଣିଷମାନେ ସେହି 'ଅସୀମ'ଙ୍କୁ ବସ୍ତୁ, ଶକ୍ତି, ପ୍ରାକୃତିକ ନିୟମ ଓ ପ୍ରାଣୀମାନଙ୍କ ମଧ୍ୟରେ ଉପଲବ୍ଧି କରିପାରିବା, ଯେହେତୁ ମଣିଷର ଶକ୍ତି ଅସୀମ। ନିଜର ଅସୀମ ଶକ୍ତିକୁ ଉପଲବ୍ଧି କଲେ ଯାଇ ମଣିଷ ଆଉ ମାନସିକ ଅବସାଦ, ନୈରାଶ୍ୟରେ ଆକ୍ରାନ୍ତ ହେବ ନାହିଁ, ଜୀବନ ନାଶ କରିବାର କଠୋର ନିଷ୍ପତ୍ତି ନେବ ନାହିଁ। ଡ. କଲିନ୍ସ ଜଣେ ଡାକ୍ତର, ବୈଜ୍ଞାନିକ, ଅଧ୍ୟାତ୍ମବାଦୀ ହେବା ସହିତ ଜଣେ ସଙ୍ଗୀତଜ୍ଞ ମଧ୍ୟ। ତାଙ୍କ ମତରେ, ସଙ୍ଗୀତ ମଣିଷର ଚେତନାକୁ ବହୁ ଊର୍ଦ୍ଧ୍ୱକୁ ଉତ୍ତୋଳନ କରାଇ ପାରିବ। ସଙ୍ଗୀତ ଚିକିତ୍ସା (ମ୍ୟୁଜିକ୍ ଥେରାପି) ଜରିଆରେ ପି.ଟି.ଏସ୍.ଡି (ପୋଷ୍ଟ ଟ୍ରମାଟିକ୍ ଷ୍ଟ୍ରେସ୍ ଡିସ୍‌ଅର୍ଡ଼ର୍), ପାର୍କିନ୍‌ସନ୍ ରୋଗ, ଉତ୍କଟ ଯନ୍ତ୍ରଣା, ଅବସାଦ, ନୈରାଶ୍ୟ ଇତ୍ୟାଦିକୁ ଲାଘବ କରାଯାଇପାରିବ। ଆମେରିକାର ଜାତୀୟ ସ୍ୱାସ୍ଥ୍ୟ ପ୍ରତିଷ୍ଠାନ କିଛି ସ୍ନାୟୁ-ବିଜ୍ଞାନୀ (ନ୍ୟୁରୋସାଇଣ୍ଟିଷ୍ଟ), ସଙ୍ଗୀତଜ୍ଞ (ମ୍ୟୁଜିସିଆନ୍), ସଙ୍ଗୀତ ଜରିଆରେ ଚିକିତ୍ସା କରୁଥିବା ଚିକିତ୍ସକ (ମ୍ୟୁଜିକ୍ ଥେରାପିଷ୍ଟ)ମାନଙ୍କୁ ନେଇ ଏ ଦିଗରେ ଅଧିକତର ଗବେଷଣା ଜାରି ରଖିଛି।

ଆମେରିକାର ରବର୍ଟ ଥର୍‌ମାନ୍ ହେଉଛନ୍ତି ପ୍ରଥମ ତିବ୍ବତୀୟ ବୌଦ୍ଧ ସନ୍ନ୍ୟାସୀ। ଜଟିଳ ତିବ୍ବତୀୟ ବୌଦ୍ଧ ସାହିତ୍ୟକୁ ସେ ଇଂରାଜୀରେ ଅନୁବାଦ କରିଛନ୍ତି। ନ୍ୟୁୟର୍କସ୍ଥିତ ତିବ୍ବତ ଭବନର ପ୍ରତିଷ୍ଠାତା ସଭାପତି ସେ। କଲମ୍ବିଆ ବିଶ୍ୱବିଦ୍ୟାଳୟରେ ଇଣ୍ଡୋ ତିବ୍ବତୀୟ ବୌଦ୍ଧ ସାହିତ୍ୟରେ ଅଧ୍ୟାପନା କରନ୍ତି। ୨୦୧୯ ବର୍ଷରେ ଭାରତ ଭ୍ରମଣରେ ଆସିଥିଲା ବେଳେ ଏକ ସାକ୍ଷାତ୍‌କାରରେ ସେ କହିଥିଲେ ଯେ, ବୌଦ୍ଧ ଚିକିତ୍ସା ପଦ୍ଧତି ଆୟୁର୍ବେଦ ସହିତ ସମାନ୍ତରାଳ। 'ଆୟୁ'ର ଅର୍ଥ 'ଦୀର୍ଘ ଜୀବନ'। ସବୁବେଳେ ବ୍ୟଗ୍ର, ବିଚଳିତ, ମାନସିକ ଅବସାଦଗ୍ରସ୍ତ, ନୈରାଶ୍ୟ-ଜର୍ଜରିତ ମଣିଷକୁ ବାର୍ଦ୍ଧକ୍ୟ ଖୁବ୍ ଶୀଘ୍ର ଗ୍ରାସ କରିଯାଏ। ଅବସାଦ, ନୈରାଶ୍ୟ ହେଉଛି ମଣିଷର ଅନ୍ତର୍ନିହିତ ଶତ୍ରୁ। ସେହି ଶତ୍ରୁକୁ ଦମନ କଲେ ଯାଇ ମଣିଷ-ଶରୀରର କୋଷ ଓ ମାଇକ୍ରୋଅର୍ଗାନିଜମ୍‌ଗୁଡ଼ିକ ଠିକ୍ ଭାବରେ କାର୍ଯ୍ୟ କରେ, ମଣିଷ ଆନନ୍ଦ ଅନୁଭବ କରେ ଓ ଉତ୍ତମ ସ୍ୱାସ୍ଥ୍ୟ ରକ୍ଷା କରିପାରେ। ୫୩ବର୍ଷ ଧରି ବୈବାହିକ ଜୀବନଯାପନ କରିଥିବା ଥର୍‌ମାନ୍ ଭାରତୀୟ ଓ ତିବ୍ବତୀୟ ତନ୍ତ୍ର ସାହିତ୍ୟର ସୂଚନା ଦେବା ସହିତ 'ବିମଳାକୀର୍ତ୍ତି ସୂତ୍ର'ରେ ବର୍ଣ୍ଣିତ ଦେବୀ ପ୍ରଜ୍ଞା ପାରମିତା ଓ ବୌଦ୍ଧ ସନ୍ନ୍ୟାସୀମାନଙ୍କ ଉଦାହରଣ ଦେଇ କହିଲେ ଯେ, ମଣିଷ ଅସୀମ ଶକ୍ତି ଧାରଣ କରିଛି। ତେବେ ଅବସାଦ, ନୈରାଶ୍ୟ ବଳରେ ନୁହଁ, କେବଳ ଆନନ୍ଦ ଓ ବିଶ୍ୱାସ ବଳରେ ହିଁ ସେହି ଶକ୍ତିକୁ ଉପଲବ୍ଧି କରି ହେବ, ଉପଯୁକ୍ତ ଭାବରେ ଉପଯୋଗ କରି ଯାବତୀୟ ପ୍ରତିକୂଳ ପରିସ୍ଥିତିକୁ ଅତିକ୍ରମ କରିଯାଇ ହେବ। ଆତ୍ମବିଶ୍ୱାସ ହିଁ ଭଗବତ୍ ବିଶ୍ୱାସ, ଯାହା ବଳରେ ମଣିଷ ଜୀବନକୁ ଭଲପାଇବ, ଜଗତରେ ତା'ର ଅସ୍ତିତ୍ୱକୁ ରକ୍ଷା କରିବା ପାଇଁ ପ୍ରେରଣାଟିଏ ପାଇବ ଏବଂ ମୁକ୍ତକଣ୍ଠରେ ସ୍ୱୀକାର କରିବ ଯେ, ମୃତ୍ୟୁ ନୁହଁ, ଅମୃତ ପ୍ରାପ୍ତି ହିଁ ତା' ଜୀବନର ସର୍ବଶେଷ ଲକ୍ଷ୍ୟ।

କୌଣସି କ୍ଷେତ୍ରରେ ଜଣେ ପ୍ରତିଭାବାନ୍ ମଣିଷ ଅନ୍ତତଃ ଏତିକି ସ୍ମରଣ ରଖିଲେ ଯାଇ କାହାରି ଈର୍ଷା, ସହଯୋଗ, ନିର୍ଯାତନା, ଅପମାନ ଓ ଅସହିଷ୍ଣୁତାରେ ଆଦୌ ବିଚଳିତ ହେବ ନାହିଁ, ନିଜ ଜୀବନ ନାଶ କରିବାର ନିଷ୍ପତ୍ତି ନେବ ନାହିଁ, ବରଂ ସିଦ୍ଧିର ଅମୃତମୟ ସୋପାନକୁ ସ୍ପର୍ଶ କରିବାକୁ ଅଧିକରୁ ଅଧିକ ସାଧନାରେ ପ୍ରବୃତ୍ତ ହେବ।

(ଅବସରପ୍ରାପ୍ତ ଇଂରାଜୀ ପ୍ରାଧ୍ୟାପକ)
ଧର୍ମଶାଳା(ଯାଜପୁର),
ମୋ: ୯୮୫୩୨୮୨୯୭୨

## ଆମ କୃଷକ କେତେ ସଶକ୍ତ?

କମଳା ପ୍ରସାଦ ମହାପାତ୍ର

ଅଦ୍ୟାବଧି କୃଷି କ୍ଷେତ୍ରରେ ଆମ ଦେଶ ଅପାର ସଫଳତା ହାସଲ କରିବାରେ ସକ୍ଷମ ହୋଇପାରିଛି। ଏହି ସଫଳତାର ଶ୍ରେୟ ସରକାରଙ୍କୁ ଯେତିକି ଯାଉଛି ତା' ଠାରୁ ଅଧିକ ଯାଏ କୃଷି ବୈଜ୍ଞାନିକ ଏବଂ ସଚେତନ କୃଷକ ସମାଜକୁ। କିନ୍ତୁ ଆଜିର ଦିନରେ ଯଦି ପ୍ରଶ୍ନ ହୁଏ କୃଷିକୁ ଜଣେ ବ୍ୟକ୍ତି ବୃତ୍ତି ରୂପେ ଗ୍ରହଣ କରେ ତେବେ ତା' ପାଇଁ କ'ଣ ସୁଯୋଗ ରହିଛି? ଏହାର ନିର୍ଭରଯୋଗ୍ୟ ଉତ୍ତର ମିଳିବ ନାହିଁ। କୃଷିକୁ ବୃତ୍ତି କରି ତିଷ୍ଠି ରହିବାକୁ ହେଲେ କେତେକ ମୌଳିକ ପ୍ରସଙ୍ଗରେ ଧ୍ୟାନ ଦେବାକୁ ହୋଇଥାଏ। ଯଥା ଉନ୍ନତ କୃଷି ପ୍ରଣାଳୀ, ବୈଜ୍ଞାନିକ ପଦ୍ଧତିରେ ଚାଷ, ଉନ୍ନତ ମାନର ଯନ୍ତ୍ରପାତି, ଉନ୍ନତ ବିହନ, ଜଳସେଚନ, ଶୀତଳ ଭଣ୍ଡାର ଆଦିର ଆବଶ୍ୟକତା ପଡ଼ିଥାଏ। ପାରମ୍ପରିକ ରୀତିରେ ଚାଷ କଲେ ଜଣେ କୃଷକ ଅନେକ କ୍ଷତିର ସମ୍ମୁଖୀନ ହୋଇଥାଏ। ଯଦି ବନ୍ୟା, ବାତ୍ୟା ଓ ମରୁଡ଼ି ଭଳି ପ୍ରାକୃତିକ ବିପର୍ଯ୍ୟୟର ପରିସ୍ଥିତି ଉପୁଜେ ତେବେ କ୍ଷୁଦ୍ର ଏବଂ ନାମମାତ୍ର ଚାଷୀମାନେ ବିପୁଳ ଆର୍ଥିକ କ୍ଷତି ସହି ଆତ୍ମହତ୍ୟା ଭଳି ପଦକ୍ଷେପ ନେଇଥା'ନ୍ତି। ଯଦିଓ ସରକାର ଚାଷ ଓ ଚାଷୀର କଲ୍ୟାଣ ପାଇଁ ଅନେକ ଯୋଜନା ଗ୍ରହଣ କରିଛନ୍ତି ଏବଂ ଅନେକ ଆର୍ଥିକ ଓ ବୈଷୟିକ ସୁବିଧା ସୁଯୋଗ ଏବଂ ପ୍ରୋତ୍ସାହନ ଦେଉଛନ୍ତି କିନ୍ତୁ ରୂପାୟନରେ ତ୍ରୁଟି ଯୋଗୁଁ ତାହା ଫଳପ୍ରଦ ହେଉନାହିଁ।

କେବଳ ଓଡ଼ିଶା କଥା ଦେଖାଯାଉ। ଏବେ ଆମ ରାଜ୍ୟର ଯୁବପିଢ଼ି କୃଷିକୁ ବୃତ୍ତି ରୂପେ ଗ୍ରହଣ କରିବାକୁ ନାପସନ୍ଦ କରିବା ପଛରେ ଅନେକ କାରଣ ରହିଛି। କେବଳ ଗତ ଏକବର୍ଷର ସ୍ଥିତି ଉପରେ ଦୃଷ୍ଟି ପକାଯାଉ। ରାଜ୍ୟ ସରକାର କୃଷକ ସଶକ୍ତୀକରଣ ଓ ଓଡ଼ିଆ ଅସ୍ମିତା ନାରା ଦେଇ ନିର୍ବାଚନ ବୈତରଣୀ ପାର ହେଲେ ସତ, ମାତ୍ର ବିଗତ ପ୍ରାୟ ବାର ମାସ ମଧ୍ୟରେ କୃଷି ଓ କୃଷକର ଉନ୍ନତି ପାଇଁ ସେପରି କିଛି ଆଖିଦୃଶିଆ ପ୍ରଦର୍ଶନ କରି ପାରିନାହାନ୍ତି।

କୃଷି କ୍ଷେତ୍ରରେ ଚରମ ସରକାରୀ ଉଦାସୀନତା ସାମନାକୁ ଆସୁଛି। ଧାନ ମଣ୍ଡି କଥା ଆଗେ ବିଚାରକୁ ନେବା। ନିର୍ବାଚନରେ ସରକାର ଘୋଷଣା କଲେ ଧାନ ବିକ୍ରୟ ସହାୟକ ମୂଲ୍ୟ ପୁନଃ ନିର୍ଦ୍ଧାରଣ ହେବ। କୁଇଣ୍ଟାଲ ପିଛା ଜଣେ ଚାଷୀକୁ ୨୩୦୦ ଟଙ୍କା ସହ ରାଜ୍ୟ ସରକାରଙ୍କ ତରଫରୁ ରିହାତି ଆକାରରେ ୮୦୦ ଟଙ୍କା - ଏହିପରି କୁଇଣ୍ଟାଲ୍ ପିଛା ସର୍ବମୋଟ ୩୧୦୦ ଟଙ୍କା ମିଳିବ। ମଣ୍ଡିରେ ସବୁପ୍ରକାର ବ୍ୟବସ୍ଥା କରାଯିବ, କୌଣସି କଟ୍‌ନି ଛଟନି ହେବ ନାହିଁ। ଅଖାର ଉପଯୁକ୍ତ ମୂଲ୍ୟ ପ୍ରଦାନ କରାଯିବ। ଧାନ ବିକ୍ରି ବାବଦ ମୂଲ୍ୟ ୨୪ ଘଣ୍ଟାରେ ଚାଷୀ ବ୍ୟାଙ୍କଖାତାକୁ ଯିବ ଇତ୍ୟାଦି। ଆଳୁ ପିଆଜ ସମସ୍ୟା ଆମ ରାଜ୍ୟରେ ଉପୁଜିବ ନାହିଁ କିମ୍ବା ଆମକୁ ପଡ଼ୋଶୀ ରାଜ୍ୟ ଉପରେ ନିର୍ଭରଶୀଳ ହେବାକୁ ପଡ଼ିବ ନାହିଁ। ପିଆଜ ଓ ଆଳୁ ଚାଷକୁ ପ୍ରୋତ୍ସାହନ ଯୋଗାଇ ଦିଆଯିବ। ଉନ୍ନତ ମାନର ବିହନ ବ୍ଲକ ଜରିଆରେ ସୁଲଭ ମୂଲ୍ୟରେ ପ୍ରଦାନ କରାଯିବ। ପ୍ରତି ଜିଲ୍ଲାରେ ଅନ୍ୟୂନ ଗୋଟିଏ ବା ସ୍ଥଳବିଶେଷରେ ଦୁଇଟି ଉଚ୍ଚକ୍ଷମତା ସମ୍ପନ୍ନ ଶୀତଳଭଣ୍ଡାର ସ୍ଥାପନ କରାଯିବ। ନିର୍ବାଚନ ପୂର୍ବରୁ ଏଭଳି ଯେଉଁ ପ୍ରତିଶ୍ରୁତିର ପାହାଡ଼ ଜନସାଧାରଣଙ୍କ ପାଖରେ ରଖା ଯାଇଥିଲା, ନିର୍ବାଚନ ପରେ ସେହି ପ୍ରତିଶ୍ରୁତିଗୁଡ଼ିକ କେବଳ ପ୍ରହସନ ବୋଲି ଜଣାପଡ଼ିଛି।

ଧାନ ସଂଗ୍ରହ ସମୟରେ ମିଲରମାନଙ୍କ ମନମାନୀ, ଯୋଗାଣ ବିଭାଗ ଅଧିକାରୀ ସମବାୟ ସମିତି ଅଧିକାରୀମାନଙ୍କ ଉଦାସୀନତା ଯୋଗୁଁ କୃଷକମାନେ ହତାଶ ହେଲେ। ଗତ ଡିସେମ୍ବର ମାସରେ ଲଗାଣ ବର୍ଷାରେ ଚାଷୀମାନଙ୍କୁ ପ୍ରଭୂତ କ୍ଷତି ସହିବାକୁ ପଡ଼ିଲା। ସରକାରୀ ସ୍ତରରେ କ୍ଷତିପୂରଣ ଘୋଷଣା ହେଲା। କ୍ଷତିପୂରଣ ଦେବା ତ ଦୂରର କଥା ଫସଲ କ୍ଷୟକ୍ଷତି ଆକଳନ କରିବାକୁ ମଧ୍ୟ କୃଷି ବିଭାଗ ବା ରାଜସ୍ୱ ବିଭାଗ ଅଧିକାରୀ ଯାଇ ନଥିବା ଅଭିଯୋଗ ହେଉଛି। ଅନ୍‌ଲାଇନ ପୋର୍ଟାଲ ଓ ଟୋଲ ଫ୍ରି ନମ୍ବରରେ ପଞ୍ଜିକରଣ କରିବାକୁ ଜଣାଇ ସରକାର ଚୁପ୍‌ଚାପ ବସିଗଲେ। ସେହି ଅନ୍‌ଲାଇନ୍ ପୋର୍ଟାଲ ଖୋଲିଲା ନାହିଁ କି ସେ ଟୋଲ ଫ୍ରି ଫୋନ ନମ୍ବର ଲାଗିଲା ନାହିଁ। ସବୁସମୟରେ ବ୍ୟସ୍ତ ଅଛି ବୋଲି ଉତ୍ତର ମିଳିଲା। ଏହା ହେଲା ରାଜ୍ୟ ସରକାରଙ୍କର କୃଷକମାନଙ୍କ ପ୍ରତି ଦିଆଯାଇଥିବା ପ୍ରତିଶ୍ରୁତି। ଏହି ବ୍ୟବସ୍ଥାରେ କୃଷକମାନେ କେତେ ସଶକ୍ତ ହୋଇପାରିବେ ଏବଂ ଯୁବ ପିଢ଼ି ଶିକ୍ଷା ସମାପନ କଲା ପରେ କୃଷିକୁ ବୃତ୍ତି ରୂପେ ଆପଣେଇବାକୁ କେତେ ଆଗ୍ରହ ପ୍ରକାଶ କରିବେ, ତାହା ବିଚାର୍ଯ୍ୟ।

ବାସ୍ତବ କ୍ଷେତ୍ରରେ ଦେଖିବା ସରକାରଙ୍କ ଲୋଭନୀୟ ଗୋଲାପୀ ପ୍ରତିଶ୍ରୁତି କେତେ କାର୍ଯ୍ୟକ୍ଷେତ୍ରରେ ପ୍ରତିଫଳିତ ହୋଇଛି। ଧାନ ମଣ୍ଡି ଟୋକନ୍ ଆସିବା ବେଳେ ଯେଉଁ ତାରିଖ ବା ଦିନ ଧାର୍ଯ୍ୟ କରାଯାଇଥାଏ, ତା'ର ପ୍ରାୟ ଏକ ମାସ ପରେ ଧାନ ବିକ୍ରି କରିବାର ସୁଯୋଗ ମିଳେ। କାରଣ ପଚାରିଲେ ଉତ୍ତର ମିଳେ ମିଲର ଗାଡ଼ି ପଠାଇବାରେ ବିଳମ୍ବ ହେଉଛି। ଜଣେ ଚାଷୀକୁ ଅନୁଭବ ହୁଏ ଯେପରି ମିଲର ଦୟା ପ୍ରଦର୍ଶନ କରି ଧାନ ସଂଗ୍ରହ କରୁଛି ଏବଂ ଧାନ ମୂଲ୍ୟ ଖଇରାତ ଦାନ ସୂତ୍ରରେ ଚାଷୀଙ୍କୁ ପ୍ରଦାନ କରୁଛି। ମିଲରଙ୍କ ଟ୍ରକ ଆସିବା ପରେ ଧାନ ଓଜନ କରିବାକୁ ବସ୍ତା ପିଛା ୨୫ ଟଙ୍କା ଦେବାକୁ ହୁଏ। ଧାନର ମାନ ପରୀକ୍ଷଣ କଲା ବେଳେ ବସ୍ତା ପିଛା ପ୍ରାୟ ଅଧା କିଲୋ ଧାନ ଚାଷୀକୁ ହରାଇବାକୁ ପଡ଼େ। ତା' ପରେ ପ୍ରତି କୁଇଣ୍ଟାଲ ଧାନରେ ୪ କିଲୋ କଟ୍‌ନି ଛଟନିରେ ମଜୁରା ଦେବାକୁ ହୁଏ। ଅର୍ଥାତ୍ ୧୦୦ କିଲୋ ଧାନରୁ ଚାଷୀକୁ ୯୬ କିଲୋ ଧାନର ମୂଲ୍ୟ ମିଳେ। ଧାନ ବିକ୍ରି ଅର୍ଥ ପଇଠ କରିବାକୁ ଯେଉଁ ୨୪ ଘଣ୍ଟା ଧାର୍ଯ୍ୟ କରାଯାଇଥିଲା ତାହା ପାଣିର ଗାର ସାବ୍ୟସ୍ତ ହେଲା। ଧାନ ମୂଲ୍ୟ ପୈଠ ହେବାକୁ ଅନ୍ୟୂନ ଏକ ସପ୍ତାହ ସମୟ ଲାଗୁଛି। ଆଳୁ ପିଆଜ ବିହନ ବ୍ଲକ ମାଧ୍ୟମରେ ଏପର୍ଯ୍ୟନ୍ତ ଉପଲବ୍ଧ ହେଉନାହିଁ। ଜିଲ୍ଲାସ୍ତରୀୟ ଶୀତଳଭଣ୍ଡାର ପ୍ରତିଷ୍ଠା ପାଇଁ କୌଣସି ସର୍ବେକ୍ଷଣ, ସ୍ଥାନ ନିର୍ଦ୍ଧାରଣ ଏପର୍ଯ୍ୟନ୍ତ କରାଯାଇ ନାହିଁ।

ଚବିଶ ବର୍ଷର ସରକାରକୁ ହଟାଇ ଯେଉଁ ପ୍ରଗତିର ସ୍ୱପ୍ନ ଦେଖି ରାଜ୍ୟବାସୀ ନୂତନ ସରକାରଙ୍କୁ ଗାଦିନସୀନ କରାଇଥିଲେ ସେଥିରୁ ପାଇଲେ କ'ଣ? କେବଳ ପ୍ରତିଶ୍ରୁତି ଓ ପ୍ରତାରଣା ଛଡ଼ା ଆଉ କିଛି ନୁହେଁ। ବିଶ୍ୱସନୀୟତା ହାସଲ କରିବାକୁ ହେଲେ ପ୍ରତିଶ୍ରୁତିଗୁଡ଼ିକୁ କାର୍ଯ୍ୟରେ ରୂପାୟନ କରିବାର ଆବଶ୍ୟକତା ରହିଛି।

ଜଗତସିଂହପୁର, ମୋ: ୭୩୮୦୦୭୩୧୩୬

## ହାଡ଼ଯୋଡ଼ା ହନୁମାନ

ଓଜସ୍ୱିନୀ

କୌଣସି ଦୁର୍ଘଟଣା କିମ୍ବା କ୍ୟାଲସିୟମ୍ ଅଭାବରେ ହାଡ଼ ଅତ୍ୟନ୍ତ ଦୁର୍ବଳ ହୋଇଥିଲେ କିମ୍ବା ଅଷ୍ଟିଓପୋରୋସିସ୍ ନାମକ ରୋଗାକ୍ରାନ୍ତ ହୋଇଥିଲେ ଶରୀରର ହାଡ଼ ଭାଙ୍ଗିଯାଏ। ଏହା ଅତ୍ୟନ୍ତ କଷ୍ଟଦାୟକ ଏବଂ ଏହାର ଚିକିତ୍ସା ମଧ୍ୟ ବ୍ୟୟସାପେକ୍ଷ। ବର୍ତ୍ତମାନର ଚିକିତ୍ସା ବିଜ୍ଞାନ ଏ କ୍ଷେତ୍ରରେ ଅନେକ ଅଗ୍ରଗତି କରିଛି, ଯାହାଦ୍ୱାରା ହାଡ଼ଜନିତ ଅନେକ ସ୍ୱାସ୍ଥ୍ୟ ସମସ୍ୟାର ସମାଧାନ କରାଯାଇପାରୁଛି। କିନ୍ତୁ ବିଜ୍ଞାନର ବିକାଶ ସତ୍ତ୍ୱେ ମଣିଷ ଭଗବାନଙ୍କ ଶରଣାପନ୍ନ ହେଉଛି। ଏମିତିକି ଭଗବତ୍ ବିଶ୍ୱାସ ଯୋଗୁଁ ଭଙ୍ଗା ହାଡ଼ ମଧ୍ୟ ଯୋଡ଼ି ହୋଇ ଯାଉଛି ଏବଂ ଯନ୍ତ୍ରଣା ନିମିଷେକ ଦୂର ହୋଇଯାଉଛି। ଶୁଣିବାକୁ ଆଶ୍ଚର୍ଯ୍ୟ ଲାଗୁଥିଲେ ମଧ୍ୟ ଏହା ସତ। ଭାରତରେ ରାମଭକ୍ତ ହନୁମାନଙ୍କର ଏଭଳି ଗୋଟିଏ ଚମତ୍କାରୀ ମନ୍ଦିର ଅଛି, ଯେଉଁଠି ଭଙ୍ଗାହାଡ଼କୁ ଯୋଡ଼ି ଦେବା ସହିତ ଯନ୍ତ୍ରଣାମୁକ୍ତ କରିବା ପାଇଁ ରୋଗୀମାନେ ପ୍ରାର୍ଥନା କରିଥା'ନ୍ତି ଏବଂ ରୁଦ୍ରାବତାର ଆଶୁତୋଷ ହନୁମାନଙ୍କ କୃପା ଯୋଗୁଁ ଭଙ୍ଗାହାଡ଼ ଯୋଡ଼ି ହୋଇଯାଏ।

ମଧ୍ୟପ୍ରଦେଶର କଟନି ଜିଲ୍ଲାର ରିଠି ତହସିଲ୍ ମୁଖ୍ୟ କାର୍ଯ୍ୟାଳୟଠାରୁ ପ୍ରାୟ ୩ କିଲୋମିଟର ଦୂରରେ ଥିବା ମୁହାସ୍ ଗାଁରେ ଏହି ହନୁମାନ ମନ୍ଦିର ରହିଛି। ମନ୍ଦିରର ଚମତ୍କାରିତା ଦେଶବିଦେଶରେ ଚର୍ଚ୍ଚିତ। ଏପରିକି ରୋଗୀମାନେ ଷ୍ଟ୍ରେଚର୍‌ରେ ମନ୍ଦିରକୁ ଆସିଥା'ନ୍ତି ଏବଂ ସମ୍ପୂର୍ଣ୍ଣ ସୁସ୍ଥ ହୋଇ ଫେରନ୍ତି। ତେଣୁ ଏହି ମନ୍ଦିର 'ହାଡ଼ଯୋଡ଼ା ହନୁମାନ' ବା ସ୍ଥାନର ନାମାନୁସାରେ 'ରିଠି ହନୁମାନ' ମନ୍ଦିର ଭାବେ ପ୍ରସିଦ୍ଧି ଲାଭ କରିଛି। ରୋଗୀମାନେ ଭକ୍ତି ଓ ବିଶ୍ୱାସର ସହିତ ହନୁମାନଙ୍କୁ ଶ୍ରଦ୍ଧାପୂର୍ବକ ପ୍ରାର୍ଥନା କରିବା ସହିତ ଅବିରତ ରାମନାମ ସ୍ମରଣ ବା ଉଚ୍ଚାରଣ କରିବା ପାଇଁ ମନ୍ଦିରର ପୂଜାରୀ ରୋଗୀକୁ କହିଥା'ନ୍ତି। ଏଭଳି ନାମ ସ୍ମରଣ କରୁଥିବା ସମୟରେ ପୂଜାରୀ ନିଜ ହାତରେ ପ୍ରସ୍ତୁତ କରିଥିବା ଜଡ଼ିବୁଟି ଶରୀରରେ ଲେପ ଦେଇଥା'ନ୍ତି ଏବଂ କିଛି ଜଡ଼ିବୁଟି ସେବନ କରିବାକୁ ଦେଇଥା'ନ୍ତି। ହନୁମାନଙ୍କ କୃପାପୂର୍ବକ ଅବିଳମ୍ବେ ରୋଗୀର ଯନ୍ତ୍ରଣା ଦୂର ହୁଏ ଏବଂ ଭଙ୍ଗା ହାଡ଼ ଯୋଡ଼ି ହୋଇଯାଏ। ଅନ୍ୟ କେତେଜଣ ଗମ୍ଭୀର ରୋଗୀଙ୍କୁ ଦୁଇରୁ ତିନିଥର ମନ୍ଦିରକୁ ଆସି ଚିକିତ୍ସିତ ହେବା ପାଇଁ ମନ୍ଦିରର ପୂଜାରୀ ଉପଦେଶ ଦେଇଥା'ନ୍ତି। ଏହାସହିତ କିଛିଦିନ ସେମାନଙ୍କୁ ଘରେ ରହି ବିଶେଷ ଦିନଚର୍ଯ୍ୟା ଓ ଖାଦ୍ୟପେୟର ନିୟମ ପାଳନ କରିବା ସହିତ ରାମନାମ ଜପ କରିବାକୁ ପରାମର୍ଶ ଦିଆଯାଏ। ଯେଉଁ ରୋଗୀମାନେ ବସି ପାରନ୍ତି ନାହିଁ, ସେମାନେ ଶୋଇରହି ରାମନାମ ଜପ କରିବାକୁ ପରାମର୍ଶ ଦିଆଯାଏ। ପ୍ରତିଦିନ ଅନେକ ରୋଗୀ ଏଠାକୁ ଆସୁଥିଲେ ହେଁ ମଙ୍ଗଳବାର ଓ ଶନିବାର ଦିନ ଏଠାରେ ବିଶେଷ କୃପା ପ୍ରାପ୍ତ ହୁଏ ବୋଲି ବିଶ୍ୱାସ ରହିଛି।

### ବିଶ୍ୱାସ ଓ ବିଜ୍ଞାନ

ମନ୍ଦିରର ମହିମା ହେଉଛି ଯେ, ମନ୍ଦିର ଭିତରେ ରହି ରାମନାମ ସ୍ମରଣ କରୁଥିବା ସମୟରେ ଏହି ଜଡ଼ିବୁଟି ପ୍ରଭାବଶାଳୀ ହୋଇଥାଏ। ଯଦି ରୋଗୀ ବା ରୋଗୀର ସମ୍ପର୍କୀୟ ଏହାକୁ ନିଜ ଘରେ ଉପଯୋଗ କରନ୍ତି, ତା'ହେଲେ ଫଳପ୍ରଦ ହୋଇନଥାଏ।

ରାମଭକ୍ତ ହନୁମାନଙ୍କର ନାମ ହାଡ଼ଯୋଡ଼ା ହନୁମାନ କିଭଳି ହେଲା ଏ ସମ୍ପର୍କରେ ଗୋଟିଏ ଲୋକକଥା ଅଛି। ବର୍ତ୍ତମାନ ସେଠାରେ ଯେଉଁ ପୂଜାରୀ ଅଛନ୍ତି, ତାଙ୍କର ବାପାଙ୍କୁ ଜଣେ ସନ୍ନ୍ୟାସୀ ଜଡ଼ିବୁଟି ଦେଇ ଗାଁ ଲୋକଙ୍କର ସେବା କରିବା ପାଇଁ କହିଥିଲେ। ସନ୍ନ୍ୟାସୀଙ୍କଠାରୁ ହାଡ଼ ଯୋଡ଼ିବାର ଚିକିତ୍ସା ବିଦ୍ୟା ମଧ୍ୟ ସେ ଲାଭ କରିଥିଲେ। ଏହି ବିଦ୍ୟା ଓ ଜଡ଼ିବୁଟି ସାହାଯ୍ୟରେ ସେ ପ୍ରଥମେ ତାଙ୍କ ଘରେ ଥିବା ଗୋଟିଏ ଗାଈର ଭଙ୍ଗା ହାଡ଼ ଯୋଡ଼ିବାରେ ସଫଳ ହେଲେ। ଏହାପରେ ସେ ଗାଁରେ ଥିବା ହନୁମାନଙ୍କ ମନ୍ଦିର ପିଣ୍ଡି ଉପରେ ବସି ଲୋକଙ୍କ ସ୍ୱାସ୍ଥ୍ୟ ସେବା କଲେ। ସେହି ହନୁମାନ ମନ୍ଦିର ସମୟକ୍ରମେ ଭବ୍ୟ ମନ୍ଦିରରେ ପରିଣତ ହୋଇଛି।

ତ୍ରେତୟାଯୁଗରେ ସଙ୍କଟମୋଚନ ହନୁମାନ ଲକ୍ଷ୍ମଣଙ୍କୁ ଇନ୍ଦ୍ରଜିତର ଶକ୍ତିଭେଦ ଜନିତ ପ୍ରଭାବରୁ ମୁକ୍ତ କରିବା ପାଇଁ ସଞ୍ଜୀବନୀ ଥିବା ଗନ୍ଧମାର୍ଦ୍ଦନ ପର୍ବତକୁ ଭୂମିରୁ ଉଠାଇ ନେଇ ଆସିଥିଲେ, ସେପରି ଏ ଯୁଗରେ ରିଠି ହନୁମାନ ଭକ୍ତଙ୍କୁ କୃପାଦୃଷ୍ଟିରେ ଆରୋଗ୍ୟ ପ୍ରଦାନ କରୁଛନ୍ତି ବୋଲି ସୁସ୍ଥ ହୋଇ ଫେରିଥିବା ଲୋକଙ୍କ ମୁହଁରୁ ଶୁଣିବାକୁ ମିଳେ।

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

■ ରାୟଗଡ଼ା ରେଳବାଇ ୟାର୍ଡରେ ଅଘଟଣ

## ଟ୍ରେନ୍ ଧକ୍କାରେ ଠିକା ଶ୍ରମିକ ମୃତ, ଦୁଇ ଆହତ

ରାୟଗଡ଼ା,୧୭।୭(ସମିସ): ରାୟଗଡ଼ା ରେଳବାଇ ୟାର୍ଡରେ ଗୁରୁବାର ଦିନ ଏକ ଅଘଟଣ ଘଟିଛି । ଏକ ମାଲବାହୀ ଟ୍ରେନ୍ ଧକ୍କାରେ ଜଣେ ଠିକା ଶ୍ରମିକଙ୍କ ମୃତ୍ୟୁ ହୋଇଥିବା ବେଳେ ଆଉ ଜଣେ ଶ୍ରମିକ ଏବଂ ଅନ୍ୟ ଜଣେ ଟ୍ରଲିମ୍ୟାନ୍ ଆହତ ହୋଇ ଜିଲ୍ଲା ମୁଖ୍ୟ ଡାକ୍ତରଖାନାରେ ଚିକିତ୍ସିତ ହେଉଛନ୍ତି । ମୃତ ଠିକା ଶ୍ରମିକଜଣଙ୍କ ହେଲେ, ସୁନ୍ଦରଗଡ



ଜିଲ୍ଲା ଧରୁଡିହି ଥାନା ଅନ୍ତର୍ଗତ ଅଁଳାଜୋର ଗ୍ରାମର ଦେବର୍ଷି କିଶାନ(୨୦) । ଅନ୍ୟ ଦୁଇ ଆହତ ହେଲେ, ଟ୍ରଲି ମ୍ୟାନ୍ ସୁଶାନ୍ତ ଦାସ ଓ ଠିକା ଶ୍ରମିକ ବାବୁଲା ସାହୁ । ଅପରପକ୍ଷେ, ଟ୍ରେନ୍ ଧକ୍କାରେ ପୁସ ଟ୍ରଲିଟି ଭାଙ୍ଗିରୁଜି ଯାଇଛି । ରେଳବାଇ ସୂତ୍ରରୁ ମିଳିଥିବା ସୂଚନାନୁସାରେ, ଆଜି ସକାଳେ ରାୟଗଡ଼ା ୟାର୍ଡର ୪ ଓ ୫ ନମ୍ବର ଲାଇନ ମଧ୍ୟରେ ଏକ ପୁସ୍ ଟ୍ରଲି ରହିଥିବା ବେଳେ ଏହା କୌଣସି ଟ୍ରାକ୍‌ରେ ନଥିଲା । ଏହି ସମୟରେ ରାୟଗଡ଼ାରୁ ବିଶାଖାପାଟଣମ ଅଭିମୁଖେ ଯାଉଥିବା ଏକ ମାଲବାହୀ ଟ୍ରେନ୍‌ର ୱାଗନ୍ ସହ ଟ୍ରଲିର ଛତା ଫସି ଯାଇଥିଲା । ଫଳରେ ଟ୍ରଲିରେ ଥିବା ଠିକା ଶ୍ରମିକ ଦେବର୍ଷି ଟ୍ରେନ୍ ଚକା ତଳକୁ ଛିଟିକି ପଡ଼ିଥିଲେ ଏବଂ ଟ୍ରେନ୍‌ଟି ତାଙ୍କ ଉପରେ ଚଢ଼ି ଯାଇଥିଲା ।

**ଚଳନ୍ତା ଟ୍ରେନ୍‌ର ୱାଗନରେ ଫସିଗଲା ପୁସ୍ ଟ୍ରଲି ଛତା**

ଘଟଣାସ୍ଥଳରେ ହିଁ ତାଙ୍କ ଶରୀର ଖଣ୍ଡବିଖଣ୍ଡିତ ହୋଇଯିବା ସହ ସେ ପ୍ରାଣ ହରାଇଥିଲେ । ସେହିପରି, ଏହି ଅଘଟଣରେ ଟ୍ରଲିରେ ଥିବା ଟ୍ରଲିମ୍ୟାନ୍ ସୁଶାନ୍ତ ଏବଂ ଠିକା ଶ୍ରମିକ ବାବୁଲା ମଧ୍ୟ ଆହତ ହୋଇଥିଲେ । ସେମାନଙ୍କୁ ରାୟଗଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି ।

ବରିଷ୍ଠ ରେଳ ଅଧିକାରୀ ଓ ଆରପିଏଫ୍ ଘଟଣାସ୍ଥଳରେ ପହଞ୍ଚି ଘଟଣାର ତଦନ୍ତ କରିଥିଲେ । ଠିକାଦାରଙ୍କ ଦ୍ୱାରା ମୃତାହତଙ୍କୁ ଉପଯୁକ୍ତ କ୍ଷତିପୂରଣ ପ୍ରଦାନ କରାଯାଇଥିବା କୁହାଯାଇଛି ।

## ପ୍ରେମିକ ବାଇକ୍‌ରୁ ଖସି ପ୍ରେମିକା ମୃତ

ବାଲିଗୁଡ଼ା, ୧୭।୭ (ସମିସ): କନ୍ଧମାଳ ଜିଲ୍ଲା ବାଲିଗୁଡ଼ା ଥାନା ଅନ୍ତର୍ଗତ ୫୯ ନମ୍ବର ଜାତୀୟ ରାଜପଥର ସୀତାପଡ଼ି ନିକଟରେ ଏକ ଅଭାବନୀୟ ଘଟଣା ଘଟିଛି । ପ୍ରେମିକ ବାଇକ୍‌ରୁ ଖସି ଜଣେ ଯୁବତୀଙ୍କ ମୃତ୍ୟୁ ହୋଇଛି । ମୃତ ଯୁବତୀଜଣଙ୍କ ହେଲେ, କୋଟଗଡ଼ ଥାନା ରାଣୀପଙ୍ଗା ଗାଁର ସୋନାଲି ପ୍ରଧାନ । ସେ ଫୁଲବାଣୀର ଏକ ଶିକ୍ଷାନୁଷ୍ଠାନର ନର୍ସିଂ ଦ୍ୱିତୀୟ ବର୍ଷର ଛାତ୍ରୀ । ତେବେ ସୋନାଲିଙ୍କ ମୃତ୍ୟୁକୁ ତାଙ୍କ ପରିବାରଲୋକ ସହଜରେ ଗ୍ରହଣ କରିପାରିନାହାନ୍ତି । ତାଙ୍କୁ ହତ୍ୟା କରାଯାଇଛି ବୋଲି ସେମାନେ ଅଭିଯୋଗ କରିଛନ୍ତି । ଏହି ଘଟଣାରେ ପୁଲିସ୍ ସୋନାଲିଙ୍କ ପ୍ରେମିକ ଦୀପୁ ନାୟକକୁ ଅଟକ ରଖି ପଚରାଉଚରା ଚଳାଇଛି । ସୋନାଲି ଆଜି ଫୁଲବାଣୀରୁ ଗାଁକୁ ଫେରୁଥିଲେ । ଫୁଲବାଣୀରୁ ବସ୍ ଯୋଗେ ବାଲିଗୁଡ଼ା ଆସିବା ପରେ ବସ୍‌ଷ୍ଟାଣ୍ଡରୁ ନିଜ ଗାଁକୁ ନଯାଇ ବେଲଘର ଥାନା ଅଞ୍ଚଳର ପ୍ରେମିକ ଦୀପୁ ନାୟକଙ୍କ ସହ ବାଇକ୍‌ରେ କେଉଁଆଡ଼େ ଯାଇଥିଲେ । ତେବେ ଦୁର୍ଭାଗ୍ୟକୁ ରାସ୍ତାରେ ସେ ବାଇକ୍‌ରୁ ଖସି ପଡ଼ି ପ୍ରାଣ ହରାଇଥିଲେ । ଦୀପୁଙ୍କ ବେପରୁଆ ବାଇକ୍ ଚାଳନା ଯୋଗୁଁ ସେ ଖସି ପଡ଼ିଥିବା କୁହାଯାଉଛି । ପୁଲିସ୍ ଦୀପୁକୁ ଅଟକ ରଖି ଘଟଣାର ତଦନ୍ତ ଚଳାଇଛି । ଏହାସହ ବାଲିଗୁଡ଼ା ଉପଖଣ୍ଡ ଚିକିତ୍ସାଳୟରେ ମୃତଦେହ ବ୍ୟବଚ୍ଛେଦ ପରେ ପୁଲିସ୍ ତାଙ୍କ ଶବକୁ ପରିବାରକୁ ହସ୍ତାନ୍ତର କରିଛି ।

## ଇଞ୍ଜିନିୟରିଂ ଛାତ୍ରଙ୍କ ଆତ୍ମହତ୍ୟା

ଗୁଣପୁର,୧୭।୭(ସମିସ): ରାୟଗଡ଼ା ଜିଲ୍ଲା ଗୁଣପୁର ଜିଆଇଇଟିର ଏକ ହଷ୍ଟେଲରେ ଗୁରୁବାର ମଧ୍ୟାହ୍ନରେ ଜଣେ ଛାତ୍ର ଆତ୍ମହତ୍ୟା କରିଛନ୍ତି । ଫ୍ୟାନ୍‌ରେ ଝୁଲି ଛାତ୍ରଜଣଙ୍କ ଜୀବନ ହାରିଛନ୍ତି । ମୃତ ଛାତ୍ରଜଣଙ୍କ ହେଲେ, ହିମାଂଶୁ ହୋତା । ତାଙ୍କ ଘର ବାଲେଶ୍ୱର ଜିଲ୍ଲା ସୋର ଗ୍ରାମରେ । ସେ ବାୟୋଟେକ୍‌ନିକ୍ ବିଭାଗର ଦ୍ୱିତୀୟ ବର୍ଷର ଛାତ୍ର । ଖବର ପାଇ ଘଟଣାସ୍ଥଳରେ ଗୁଣପୁର ପୁଲିସ୍ ପହଞ୍ଚି ତଦନ୍ତ କରିଛି । ପୁଲିସ ପ୍ରାଥମିକ ତଦନ୍ତରୁ ଏହା ପ୍ରେମଜନିତ ଆତ୍ମହତ୍ୟା ବୋଲି ସନ୍ଦେହ କରାଯାଉଛି । ସାଇଣ୍ଟିଫିକ୍ ଟିମ୍‌ର ସହାୟତାରେ ତଦନ୍ତ ଚାଲିଛି । ମୃତ ଛାତ୍ରଙ୍କ ପରିବାର ଲୋକେ ପହଞ୍ଚିବା ପରେ ସମସ୍ତ ପ୍ରକ୍ରିୟା ହେବ ବୋଲି ଜଣାପଡ଼ିଛି ।

## ୬୦୯.୪୧ ଫୁଟ୍‌ରେ ପହଞ୍ଚିଲା ହୀରାକୁଦ ଜଳସ୍ତର

ସମ୍ବଲପୁର,୧୭।୭(ସମିସ): ହୀରାକୁଦ ଜଳଭଣ୍ଡାରର ଜଳସ୍ତର ପୁଣି ବୃଦ୍ଧି ପାଇ ଆଜି ୬୦୯.୪୧ ଫୁଟ୍‌ରେ ପହଞ୍ଚିଛି । ବର୍ତ୍ତମାନ ୨ଟି ଗେଟ୍ ଦେଇ ବନ୍ୟାଜଳ ନିଷ୍କାସନ ହେଉଛି । ଗତ ୬ ତାରିଖ ଜଳଭଣ୍ଡାରର ଜଳସ୍ତର ୬୧୦ ଫୁଟ୍ ଅତିକ୍ରମ କରିବା ପରେ ଚଳିତବର୍ଷର ପ୍ରଥମ ବନ୍ୟାଜଳ ନିଷ୍କାସନ ଆରମ୍ଭ ହୋଇଥିଲା । ନିଷ୍କାସନ ସମୟରେ ୨୦ଟି ପର୍ଯ୍ୟନ୍ତ ଗେଟ୍ ଖୋଲାଯାଇଥିବା ବେଳେ ଜଳସ୍ତର ହ୍ରାସ ପାଇବାରୁ ପର୍ଯ୍ୟାୟକ୍ରମେ ଗେଟ୍‌ଗୁଡ଼ିକ ବନ୍ଦ କରି ଦିଆଯାଇଥିଲା । ଉଲ୍ଲେଖଯୋଗ୍ୟ, ହୀରାକୁଦ ନଦୀବନ୍ଧର କର୍ଭରୁଲ୍ ଅନୁଯାୟୀ ଜୁଲାଇ ୩୧ ତାରିଖ ସୁଦ୍ଧା ଜଳସ୍ତର ୬୦୫ ଫୁଟ୍ ରହିବା ଆବଶ୍ୟକ ।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ପାଟନା ହସ୍ପିଟାଲ୍‌ରେ...

ଅପରାଧୀଙ୍କୁ ପିସ୍ତଲ ସହ ଦେଖିବାକୁ ମିଳିଛି । ସେମାନଙ୍କର ବୟସ ୩୫ରୁ ୪୦ ବର୍ଷ ମଧ୍ୟରେ ହେବ । ପିସ୍ତଲ ବାହାର କରି ସେମାନେ ହସପିଟାଲ ୱାର୍ଡ ଭିତରେ ପଶି ଚନ୍ଦନ ମିଶ୍ରାକୁ ଗୁଳି କରି ହତ୍ୟା କରିଥିଲେ । ୩୦ ସେକଣ୍ଡ ମଧ୍ୟରେ ହତ୍ୟାକାଣ୍ଡ ଘଟାଇ ହସପିଟାଲରୁ ବାହାରି ଯାଇଥିଲେ । ଏମାନେ ଚନ୍ଦନକୁ ଗୁଳି ମାରୁଥିବାର ଭିଡିଓ ମଧ୍ୟ ରେକର୍ଡ କରିଥିବା କୁହାଯାଉଛି । ଚନ୍ଦନ ବକ୍ସର ଜେଲ୍‌ରୁ ଭାଗଲପୁର ଓ ଭାଗଲପୁରରୁ ପାଟନାର ବେଉର ଜେଲରେ ସଜା କାଟୁଥିଲା ।

ବିହାରର ବକ୍ସରରେ ରହୁଥିବା ଚନ୍ଦନ ଜଣେ ବଡ଼ ଗ୍ୟାଙ୍ଗଷ୍ଟର ଥିଲା । ତା ବିରୋଧରେ ୧୨ରୁ ଅଧିକ ହତ୍ୟା ମାମଲା ରୁଜୁ ହୋଇଛି ବୋଲି ପୁଲିସ କହିଛି । ସେ ଅପହରଣ କରିବା ସହ ଦାଦା ବଟି ଆଦାୟ କରିଥାଏ । ସେ ବିହାରର କେତୋଟି ସହରରେ ଖୋଲାଖୋଲି ଭାବେ ଘୋଷଣା କରି ହତ୍ୟା କରିଥାଏ । ବକ୍ସରର ଜଣେ ଜଣାଶୁଣା ବ୍ୟବସାୟୀଙ୍କୁ ହତ୍ୟା କରିଥିଲା । ଏହି ହତ୍ୟାକାଣ୍ଡରେ ଚନ୍ଦନର ସାଙ୍ଗ ଶେରୁ ସିଂ ବି ସାମିଲ ଥିଲା । ପରେ କୌଣସି କାରଣ ପାଇଁ ଦୁହେଁ ପରସ୍ପରଠାରୁ ଅଲଗା ହୋଇଥିଲେ । ଏହାପରେ ଶେରୁ ପୃଥକ ଭାବେ ନିଜର ଗ୍ୟାଙ୍ଗ୍ ଗଠନ କରିଥିଲା । ବର୍ତ୍ତମାନ ଶେରୁ ଗ୍ୟାଙ୍ଗ ଚନ୍ଦନକୁ ମାରିଛି ବୋଲି ପୁଲିସ ସନ୍ଦେହ କରୁଛି । ଚନ୍ଦନ ପାରୋଲ୍‌ରେ ୧୫ ଦିନ ପାଇଁ ଜେଲ ବାହରକୁ ଆସିଥିଲା । ଶୁକ୍ରବାର ତା'ର ପାରୋଲ ଶେଷ ହୋଇଥାନ୍ତା । କିନ୍ତୁ ଏହା ପୂର୍ବରୁ ସେ ହତ୍ୟାର ଶିକାର ହୋଇଛି । ଅସୁସ୍ଥ ହେବାରୁ ତାକୁ ପାଟନାର ପାରସ ହସ୍ପିଟାଲ୍‌ରେ ଭର୍ତ୍ତି କରାଯାଇଥିଲା ।

### ବନ୍ଦ ସ୍ୱତଃସ୍ଫୂର୍ତ୍ତ...

ସଭାପତିଙ୍କ ସମେତ କଂଗ୍ରେସ ଓ ବାମ ଦଳର ବହୁ ନେତା ରାଜରାସ୍ତାକୁ ଓହ୍ଲାଇଥିଲେ । ବନ୍ଦ ପାଳନ ସହ କୌଣସି ସ୍ଥାନରେ ଯେପରି ହିଂସାତ୍ମକ ସ୍ଥିତି ସୃଷ୍ଟି ନ ହୁଏ ସେଥିପ୍ରତି ରାଜନୈତିକ ଦଳମାନେ ଗୁରୁତ୍ୱ ଦେଇଥିଲେ । ବିଭିନ୍ନ ଦଳର ନେତାମାନେ ଭାଗ ଭାଗ ହୋଇ ରାଜଧାନୀର ଛକ ଛକରେ ପିକେଟିଂ କରିଥିଲେ କଂଗ୍ରେସ କର୍ମୀ । କିଛି ସ୍ଥାନରେ ଗୋଲାପ ଓ ଚକଲେଟ୍ ଦେଇ ସାଧାରଣ ଲୋକଙ୍କୁ ସହଯୋଗ କରିବାକୁ ନେତାମାନେ ନିବେଦନ କରିଥିଲେ । ରେଳ ଷ୍ଟେସନରେ ପଶିବାକୁ ଉଦ୍ୟମ କରୁଥିବା ବେଳେ କଂଗ୍ରେସ କର୍ମୀଙ୍କ ସହ ସୁରକ୍ଷାକର୍ମୀଙ୍କର ଧସ୍ତାଧସ୍ତି ହୋଇଥିଲା । ଶାନ୍ତିପୂର୍ଣ୍ଣ ଆନ୍ଦୋଳନ ଭିତରେ ଯୁବ କଂଗ୍ରେସର କର୍ମୀମାନେ ଏକ ବାଇକ ରାଲିରେ ଆସି ଲୋକସେବା ଭବନ ଘେରାଉ ପାଇଁ ଉଦ୍ୟମ କରିଥିଲେ । ବ୍ୟାରିକେଡ୍ ଡେଇଁ ଧସେଇ ପଶିବାକୁ ଉଦ୍ୟମ କରିବାବେଳେ ପିସିସି ସଭାପତିଙ୍କ ସମେତ ଅନ୍ୟ ନେତାମାନଙ୍କୁ ପୁଲିସ ଗାନ୍ଧୀମାର୍ଗରୁ ଉଠାଇ ନେଇଥିଲା । ଛାତ୍ରୀଙ୍କୁ ନ୍ୟାୟ ନ ମିଳିବା ପର୍ଯ୍ୟନ୍ତ ଲଢ଼େଇ ଜାରି ରହିବ ବୋଲି ସରକାରଙ୍କୁ କଂଗ୍ରେସ ଚେତାବନୀ ଦେଇଥିବା ବେଳେ ଛାତ୍ର କଂଗ୍ରେସ ଜାତୀୟ ସଭାପତି ବରୁଣ ଚୌଧୁରୀ ଓ ମହିଳା କଂଗ୍ରେସ ସଭାନେତ୍ରୀ ଅଲକା ଲାମ୍ବା ମଧ୍ୟ ବନ୍ଦରେ ଅଂଶଗ୍ରହଣ କରିଥିଲେ । ୩୦ ଟି ଜିଲ୍ଲାରେ କଂଗ୍ରେସ ନେତୃବର୍ଗ ସରକାରଙ୍କ ବିରୋଧରେ ପ୍ରତିବାଦର ସ୍ୱର ଶାଣିତ କରିଛନ୍ତି । ପିସିସି ସଭାପତି ଭକ୍ତ ଚରଣ ଦାସ କହିଛନ୍ତି ଯେ ଏ ଲଢ଼େଇ କେବଳ କଂଗ୍ରେସର ନୁହେଁ ଓଡ଼ିଶାବାସୀଙ୍କର ଲଢ଼େଇ । ଆଜି ସବୁ ବିରୋଧୀ ଦଳ ଏକଜୁଟ ହୋଇ ଛାତ୍ରୀକୁ ନ୍ୟାୟ ଦେବା ପାଇଁ ଆଗେଇ ଆସିଛନ୍ତି । ଏ ସଂଗ୍ରାମର ଅବଧି ଯେତେ ଦୀର୍ଘ ହେଉ ପଛେ ଆମ ଝିଅ ପାଇଁ ଆମେ ଲଢ଼ିବା । ରାଜ୍ୟ ସରକାରଙ୍କ ବ୍ୟବସ୍ଥା ସମ୍ପୂର୍ଣ୍ଣ ଫେଲ ମାରିଛି । ମୁଖ୍ୟମନ୍ତ୍ରୀ ଇସ୍ତଫା ଦିଅନ୍ତୁ ବୋଲି ପିସିସି ସଭାପତି କହିଛନ୍ତି । ସେହିପରି ଓଡ଼ିଶା ବନ୍ଦ ଆନ୍ଦୋଳନରେ ସାମିଲ ହୋଇ କଂଗ୍ରେସ ରାଜ୍ୟ ପ୍ରଭାରୀ ଅଜୟ ଲଲୁ କହିଛନ୍ତି, ଜଣେ ଛାତ୍ରୀ ନ୍ୟାୟ ନପାଇ ଆହୁତି ଦେଲା ଏବଂ ଶେଷରେ ଜୀବନ ଚାଲିଗଲା । ଏ ସରକାର ନ୍ୟାୟ ଦେବାରେ ବିଫଳ ହୋଇଛି । କଂଗ୍ରେସ ଛାତ୍ରୀକୁ ନ୍ୟାୟ ଦେବା ପାଇଁ ରାଜରାସ୍ତାକୁ ଓହ୍ଲାଇଛି । ଆଗକୁ ଏ ଆନ୍ଦୋଳନକୁ ଅଧିକ ତୀବ୍ର କରିବ କଂଗ୍ରେସ । ଛାତ୍ରୀ ମୃତ୍ୟୁ ଘଟଣାରେ ମୁଖ୍ୟମନ୍ତ୍ରୀ, ଉଚ୍ଚ ଶିକ୍ଷାମନ୍ତ୍ରୀଙ୍କ ଇସ୍ତଫା ଦିଅନ୍ତୁ ବୋଲି ଶ୍ରୀ ଲଲୁ କହିଛନ୍ତି ।

ବଜାର, ପରିବହନ, ଶିକ୍ଷାନୁଷ୍ଠାନ, ସରକାରୀ ଅଫିସ୍, ଅଦାଲତ, ବ୍ୟାଙ୍କ୍ ଏବଂ ବୀମା ଭଳି ରାଷ୍ଟ୍ରାୟତ ଉଦ୍ୟୋଗ ଆଗରେ ଆନ୍ଦୋଳନକାରୀମାନେ ବିକ୍ଷୋଭ ପ୍ରତିବାଦ ଜଣାଇଛନ୍ତି । ମୁଖ୍ୟତଃ ଫକୀର ମୋହନ ମହାବିଦ୍ୟାଳୟ ଛାତ୍ରୀ ମୃତ୍ୟୁ ଘଟଣାର ବିଚାର ବିଭାଗୀୟ ତଦନ୍ତ, ଉଚ୍ଚ ଶିକ୍ଷା ମନ୍ତ୍ରୀ, ବାଲେଶ୍ୱର ସାଂସଦ, ବାଲେଶ୍ୱର ସଦର ବିଧାୟକ ନିଜ ପଦରୁ ଇସ୍ତଫା ଦେବା ପାଇଁ ବନ୍ଦ ବେଳେ ମିଳିତ ବିରୋଧୀ ଦଳ ପକ୍ଷରୁ ଦୃଢ଼ ଭାବରେ ଦାବି କରଯାଇଛି । ବାଲେଶ୍ୱର ଜିଲ୍ଲାପାଳ ଏବଂ ଆରକ୍ଷୀ ଅଧିକ୍ଷକଙ୍କ ବିରୋଧରେ ତ୍ୱରିତ କାର୍ଯ୍ୟାନୁଷ୍ଠାନ ପାଇଁ ଦାବି କରାଯିବା ସହ ଡବଲ ଇଞ୍ଜିନ ବିଜେପି ସରକାରଙ୍କ କୁଶାସନ ବିରୋଧରେ ଏହି ବନ୍ଦ ଡକରା ଦିଆଯାଇଥିଲା ବୋଲି ମିଳିତ ବିରୋଧୀଦଳ ପକ୍ଷରୁ କୁହାଯାଇଛି ।

### କେନ୍ଦ୍ର ପାଇଁ...

ସଂସଦରେ ଉଠାଇବ ବୋଲି ସୂଚନା ମିଳିଛି । ଅନ୍ୟପକ୍ଷରେ ଆସନ୍ତା ମୌସୁମୀ ଅଧିବେଶନରେ ୮ଟି ବିଲ୍ ଆଗତ କରିବାକୁ ସରକାର ଯୋଜନା କରିଥିବା ବେଳେ ବିଭିନ୍ନ ପ୍ରସଙ୍ଗ ନେଇ ସରକାର ଓ ବିରୋଧୀ ମଧ୍ୟରେ ମୁହାଁମୁହିଁ ପରିସ୍ଥିତି ସୃଷ୍ଟି ହେବାର ସମ୍ଭାବନା ରହିଛି । ପହଲଗାମ୍ ଆତଙ୍କବାଦୀ ଆକ୍ରମଣ ପରେ ଭାରତ ପକ୍ଷରୁ ଗ୍ରହଣ କରାଯାଇଥିବା 'ଅପରେସନ ସିନ୍ଦୂର' ଏବଂ ଅସ୍ତ୍ରବିରତିରେ ମଧ୍ୟସ୍ଥତା କରିଥିବା ନେଇ ଆମେରିକାର ରାଷ୍ଟ୍ରପତି ଟ୍ରମ୍ପଙ୍କ ଦାବି ଏହି ଅଧିବେଶନରେ କଂଗ୍ରେସ ନିଶାଣ କରିବ ବୋଲି ସୂଚନା ମିଳିଛି । ଅନ୍ୟପକ୍ଷରେ ସାରା ଦେଶରେ ଭୋଟର ତାଲିକା ସଂଶୋଧନରେ ବିହାର ଢାଞ୍ଚା ଅବଲମ୍ବନ ପାଇଁ ନିର୍ବାଚନ କମିସନଙ୍କ ଯୋଜନାକୁ ବିରୋଧୀମାନେ ବିରୋଧ କରୁଛନ୍ତି । ଭୋଟର ତାଲିକା ସଂଶୋଧନ ନାମରେ ଲକ୍ଷ ଲକ୍ଷ ଭୋଟରଙ୍କୁ ସେମାନଙ୍କର ମତାଧିକାରୁ ବଞ୍ଚିତ କରିବାକୁ ଷଡ଼ଯନ୍ତ୍ର କରାଯାଉଛି ବୋଲି ସେମାନେ ଅଭିଯୋଗ କରିଛନ୍ତି । ଆସନ୍ତା ୧୯ ତାରିଖରେ ଏ ସଂକ୍ରାନ୍ତରେ ରଣନୀତି ପ୍ରସ୍ତୁତ ନିମନ୍ତେ କଂଗ୍ରେସ ନେତ୍ରୀ ସୋନିଆ ଗାନ୍ଧୀ ଏହି ମେଣ୍ଟ ବୈଠକ ଡାକିଛନ୍ତି ।

### କ୍ରାଇମବ୍ରାଞ୍ଚ ଟିମ୍‌ର...

ପେଟ୍ରୋଲ ପମ୍ପରୁ ପେଟ୍ରୋଲ କିଣିଥିବା ଅନୁମାନ କରି କ୍ରାଇମବ୍ରାଞ୍ଚ ସେ ଦିଗରେ ମଧ୍ୟ ତଦନ୍ତ କରିଛି । ସେହିପରି ପୀଡ଼ିତାଙ୍କୁ କିଏ ଦିଆସିଲି ଦେଇଥିଲେ, ତାହା ଜାଣିବାକୁ ଚେଷ୍ଟା କରିଛି । ଏଥିପାଇଁ କଲେଜ ପରିସର ଓ ବାହାରେ ଲାଗିଥିବା ସିସିଟିଭି ଏବଂ ନିକଟସ୍ଥ ପେଟ୍ରୋଲ ପମ୍ପର ସିସିଟିଭି ଉପରେ କ୍ରାଇମବ୍ରାଞ୍ଚ ଟିମ୍ ଅଧିକ ଗୁରୁତ୍ୱାରୋପ କରିଛି ।

ଅନ୍ୟପଟେ, ଘଟଣା ଦିନ କଲେଜ ଅଧକ୍ଷଙ୍କ କାର୍ଯ୍ୟାଳୟ ସମ୍ମୁଖରେ ପୀଡ଼ିତା ପେଟ୍ରୋଲ ଢାଳି ନିଜ ଦେହରେ ନିଆଁ ଲଗାଉଥିବା ବେଳେ ତାଙ୍କୁ କାହିଁକି କେହି ବାରଣ କରିନଥିଲେ, ତାହା ମଧ୍ୟ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ । ଏପରିକି, ଛାତ୍ରୀଜଣଙ୍କ ନିଜ ଦେହରେ ପେଟ୍ରୋଲ ଢାଳି ନିଆଁ ଲଗାଇବାକୁ ଉଦ୍ୟମ କରୁଥିବା ବେଳେ ତାଙ୍କଠାରୁ କିଛି ଦୂରରେ ଜଣେ ଛାତ୍ର ଠିଆ ହୋଇ ମୋବାଇଲରେ ଭିଡିଓ ରେକର୍ଡିଂ କରୁଥିଲେ, ଯାହାକି ସିସିଟିଭି ଫୁଟେଜ୍‌ରେ କଏଦ୍ ହୋଇଛି । ଏହି ସିସିଟିଭି ଫୁଟେଜକୁ ମଧ୍ୟ କ୍ରାଇମବ୍ରାଞ୍ଚ ଟିମ୍ ତଦନ୍ତ ପରିସରକୁ ନେଇଛି ।

ଅପରପକ୍ଷେ, ଘଟଣା ଘଟିବାର କିଛି ଘଣ୍ଟା ପୂର୍ବରୁ ଗିରଫ ଅଧକ୍ଷ ଦିଲ୍ଲୀପ ଘୋଷଙ୍କ କାର୍ଯ୍ୟାଳୟରେ ଛାତ୍ରୀଙ୍କୁ ନେଇ ଏକ ବୈଠକ ହୋଇଥିଲା । ବୈଠକ ପରେ ବାହାରକୁ ଆସି ଛାତ୍ରୀଜଣଙ୍କ ହଠାତ ଏଭଳି ଘଟଣା କାହିଁକି ଘଟାଇଲେ, ତା' ଉପରେ ମଧ୍ୟ ଟିମ୍ ଅଧିକ ଗୁରୁତ୍ୱ ଦେଇଛି । ସେହିପରି, ଛାତ୍ରୀଙ୍କ ଅଭିଯୋଗର ଶୁଣାଣି ପାଇଁ ଗଠିତ ହୋଇଥିବା ଆଭ୍ୟନ୍ତରୀଣ ଅଭିଯୋଗ କମିଟି(ଆଇସିସି)ର ସମସ୍ତ ସଦସ୍ୟଙ୍କୁ କ୍ରାଇମବ୍ରାଞ୍ଚ ଟିମ୍ ପଚରାଉଚରା କରିଛି ।

କ୍ରାଇମବ୍ରାଞ୍ଚ ଟିମ୍‌ର ଡିଏସ୍‌ପି ଶ୍ରୀମତୀ ନାୟକ କହିଛନ୍ତି ଯେ ଆମେ ତଦନ୍ତ ଆରମ୍ଭ କରିଛୁ । ସମସ୍ତ ତଥ୍ୟ ଯୋଗାଡ଼ ଚାଲିଛି । ସବୁ ଦିଗ ଉପରେ ଗୁରୁତ୍ୱାରୋପ କରାଯିବ । ଆଇସିସି କମିଟିର ସମସ୍ତ ସଦସ୍ୟ ସାଙ୍ଗକୁ ଛାତ୍ର ଏବଂ କଲେଜ କର୍ମଚାରୀଙ୍କୁ ପଚରାଉଚରା କରାଯିବ ।

ଅପରପକ୍ଷେ ଏସ୍‌ସିବି ବର୍ଣ୍ଣ ୟୁନିଟ୍ ଆଇସିୟୁରେ ଚିକିତ୍ସାଧୀନ ବାଲେଶ୍ୱର ଫକୀରମୋହନ ମହାବିଦ୍ୟାଳୟ ଛାତ୍ର ଜ୍ୟୋତିପ୍ରକାଶ ବିଶ୍ୱାଳଙ୍କୁ କ୍ରାଇମବ୍ରାଞ୍ଚ ପଚରାଉଚରା କରିଛି । ପ୍ରାୟ ୩ ଘଣ୍ଟା ଧରି କ୍ରାଇମବ୍ରାଞ୍ଚର ଦୁଇଜଣିଆ ଟିମ୍ ଆଜି ବର୍ଣ୍ଣ ୟୁନିଟରେ ରହିଥିଲେ । ଅପରାହ୍ନ ୧ଟାରେ ବଡ଼ ମେଡ଼ିକାଲରେ ପହଞ୍ଚି ୪ଟାରେ ଫେରିଥିଲେ । ସମ୍ପୃକ୍ତ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶି ଆତ୍ମାହୁତି ଦେବା ସମୟରେ ଜ୍ୟୋତିପ୍ରକାଶ ସେଠାରେ ଉପସ୍ଥିତ ଥିଲେ । ଏପରିକି, ସୌମ୍ୟାଶ୍ରୀଙ୍କୁ ବଞ୍ଚାଇବାକୁ ଯାଇ ତାଙ୍କ ଶରୀରର ୧୫ ପ୍ରତିଶତ ପୋଡ଼ି ହୋଇଛି । ସୌମ୍ୟାଶ୍ରୀ ଦେହରେ ନିଆଁ ଲଗାଇବା ପୂର୍ବରୁ ଜ୍ୟୋତିପ୍ରକାଶ ସେଠାରେ ଛିଡ଼ା ହୋଇ ଭିଡିଓ ଉତ୍ତୋଳନ କରୁଥିବା ମଧ୍ୟ ସିସି କ୍ୟାମେରା ଫୁଟେଜରୁ ସ୍ପଷ୍ଟ ହୋଇଛି । ପ୍ରାଧ୍ୟାପକଙ୍କଠାରୁ ନିର୍ଯାତନା ପାଇବାରୁ ଆରମ୍ଭ କରି ବାରମ୍ବାର ନ୍ୟାୟ ଭିକ୍ଷା କରି ବିଫଳ ହେବା ପର୍ଯ୍ୟନ୍ତ ସମସ୍ତ ପ୍ରସଙ୍ଗରେ ସୌମ୍ୟାଶ୍ରୀଙ୍କ ବାବଦରେ ବିଭିନ୍ନ ତଥ୍ୟ ଯୋଗାଡ଼ କରିବାକୁ କ୍ରାଇମବ୍ରାଞ୍ଚ ଚେଷ୍ଟା କରିଥିବା କୁହାଯାଇଛି ।

ପ୍ରକାଶଯୋଗ୍ୟ, ବାଲେଶ୍ୱର ଫକୀରମୋହନ ମହାବିଦ୍ୟାଳୟ ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କୁ ବଞ୍ଚାଇବାକୁ ଯାଇ ପୋଡ଼ି ହୋଇଥିବା ଜ୍ୟୋତିପ୍ରକାଶ ବିଶ୍ୱାଳ ଏସ୍‌ସିବିରେ ଚିକିତ୍ସିତ ହେଉଛନ୍ତି । ଘଟଣା ଦିନ ସେ ସୌମ୍ୟାଶ୍ରୀଙ୍କୁ ରକ୍ଷା କରିବାକୁ ଯଥେଷ୍ଟ ଉଦ୍ୟମ କରିଥିଲେ । ଏଥିରେ ତାଙ୍କର ଦୁଇଟି ହାତ, ବାହୁ ଓ ମୁହଁ ପୋଡ଼ିଛି । ତାଙ୍କର ଶ୍ୱାସନଳୀ ମଧ୍ୟ ସାମାନ୍ୟ ପୋଡି ହୋଇଛି । ସ୍ୱାଇରୋମିଟ୍ରି ଏକ୍ସରସାଇଜ୍ କରାଯାଉଥିବା ବେଳେ ହାତର ସ୍କିନ ଗ୍ରାଫଟିଂ ହେବ ବୋଲି ଏସ୍‌ସିବି ଡାକ୍ତର କହିଛନ୍ତି । ପ୍ଲାଷ୍ଟିକ ସର୍ଜରୀ ବିଭାଗୀୟ ମୁଖ୍ୟ ପ୍ରଫେସର ଡାକ୍ତର ବିଭୂତି ଭୂଷଣ ନାୟକଙ୍କ ନେତୃତ୍ୱରେ ଗଠିତ ଏକ ସ୍ୱତନ୍ତ୍ର ଡାକ୍ତରୀ ଦଳ ଜ୍ୟୋତିପ୍ରକାଶଙ୍କ ଚିକିତ୍ସା କରୁଛି ।

### ଆଜିଠୁ ଉଚ୍ଚସ୍ତରୀୟ...

କରିବ । କାହାର ଦାୟିତ୍ୱହୀନତା ପାଇଁ ଛାତ୍ରୀ ନିଜକୁ ଜାଳିଦେଲେ ତାର ପୁଙ୍ଖାନୁପୁଙ୍ଖ ତଦନ୍ତ କରିବ ।

ଆଞ୍ଚଳିକ ଶିକ୍ଷା ନିର୍ଦ୍ଦେଶାଳୟ ବାଲେଶ୍ୱର ପକ୍ଷରୁ ଜାରି ବିଜ୍ଞପ୍ତି ଅନୁଯାୟୀ, ଉଚ୍ଚସ୍ତରୀୟ କମିଟି ଶୁକ୍ରବାର ଓ ଶନିବାର କଲେଜରେ ତନାଘନା କରିବ । ତଦନ୍ତ କମିଟିରେ ଅଧକ୍ଷା ଥିବା ସହକାରୀ ପ୍ରାଧ୍ୟାପକ ଡ. ଜୟଶ୍ରୀ ମିଶ୍ରଙ୍କ ସମେତ ମୋଟ ୯ ଜଣଙ୍କୁ ବିଭିନ୍ନ ପ୍ରଶ୍ନ କରିବ । ସମସ୍ତଙ୍କୁ ବ୍ୟକ୍ତିଗତ ଭାବେ ହାଜର ହୋଇ ଜବାବ ରଖିବାକୁ କୁହାଯାଇଛି । ଅପରପକ୍ଷରେ, ସଦସ୍ୟ ଥିବା ଅନ୍ୟ ଜଣେ ଛାତ୍ର ମଧ୍ୟ ଆଂଶିକ ପୋଡ଼ି ଯାଇଥିବାରୁ ଡାକ୍ତରଖାନାରେ ଚିକିତ୍ସିତ ହେଉଛନ୍ତି । ତଦନ୍ତ କମିଟି ଆଗରେ ସେ ହାଜର ହେବେନାହିଁ ବୋଲି କୁହାଯାଇଛି । ସୂଚନାଯୋଗ୍ୟ ଗତ ଜୁଲାଇ ୧୩ ତାରିଖରେ ଉଚ୍ଚଶିକ୍ଷା ବିଭାଗ ନିର୍ଦ୍ଦେଶକଙ୍କ ନେତୃତ୍ୱରେ ଏକ ୩ଜଣିଆ ଉଚ୍ଚସ୍ତରୀୟ କମିଟି ପ୍ରାଥମିକ ତଦନ୍ତ କରି ଅନ୍ତରୀଣ ରିପୋର୍ଟ ଦାଖଲ କରିଛି ।

### ଛାତ୍ରୀଙ୍କୁ ଯୌନ...

ପରେ ବିଶ୍ୱବିଦ୍ୟାଳୟ ପକ୍ଷରୁ ମଧ୍ୟ ତାଙ୍କୁ ନିଲମ୍ବିତ କରାଯାଇଛି । ଅଧ୍ୟାପକଙ୍କ ଏହି କଳା କାରନାମା ପଦାକୁ ଆସିବା ପରେ ବୁଦ୍ଧିଜୀବୀ, ସମାଜସେବୀ, ଛାତ୍ରଛାତ୍ରୀଙ୍କ ମଧ୍ୟରେ ଭୀଷଣ ଅସନ୍ତୋଷ ଦେଖାଦେଇଛି । ବିଭିନ୍ନ ଅନୁଷ୍ଠାନ ପକ୍ଷରୁ ବିଶ୍ୱବିଦ୍ୟାଳୟ ସମ୍ମୁଖରେ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି । ବିକ୍ଷୋଭକାରୀମାନେ କଲେଜ କର୍ତ୍ତୃପକ୍ଷଙ୍କୁ ଦାୟୀ କରିବା ସହ ଇସ୍ତଫା ଦେବାକୁ ନାରାବାଜି କରିଥିଲେ ।

### ନ୍ୟାୟ ଅପେକ୍ଷାରେ...

ପ୍ରକାଶ ଯେ, ଗତ ଫେବ୍ରୁଆରୀ ୧୯ ତାରିଖ ଦିନ ପଟ୍ଟାମୁଣ୍ଡାଇ କଲେଜରେ ପରୀକ୍ଷା ଚାଲିଥିବା ସମୟରେ ଛାତ୍ରୀ ସୌମ୍ୟା ଶାଶ୍ୱତୀ ନାୟକ ଦୁର୍ବ୍ୟବହାରର ଶିକାର ହେବା ପରେ ମାନସିକ ଭାରସାମ୍ୟ ହରାଇ ୨୪ ତାରିଖରେ ଆତ୍ମହତ୍ୟା କରିଥିଲେ । ଘଟଣାରେ ମୃତା ଛାତ୍ରୀଙ୍କ ମାଆ ପଟ୍ଟାମୁଣ୍ଡାଇ ଗ୍ରାମାଞ୍ଚଳ ଥାନାରେ ଏତଲା ଦେବାକୁ ଚାହିଁଥିଲେ । ହେଲେ ପୁଲିସ କଲେଜ ବିରୁଦ୍ଧରେ ଏତଲା ନଦେବାକୁ ତାଙ୍କ ଉପରେ ଚାପ ପକାଇଥିବା ମୃତା ଛାତ୍ରୀଙ୍କ ମାଆ ଅଭିଯୋଗ କରିଥିଲେ । ଘଟଣାରେ ଏବିଭିପି ରାଜ୍ୟ ସଂଗଠନ ପକ୍ଷରୁ ପଟ୍ଟାମୁଣ୍ଡାଇ ଗ୍ରାମାଞ୍ଚଳ ଥାନାକୁ ଘେରଉ କରାଯାଇଥିଲା । କେନ୍ଦ୍ରାପଡ଼ା ଜିଲ୍ଲା ଗସ୍ତରେ ଆସିଥିବା ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜଙ୍କୁ ଭେଟି ପଟ୍ଟାମୁଣ୍ଡାଇ ବିକାଶ ପରିଷଦ ତଦନ୍ତ ଓ କାର୍ଯ୍ୟାନୁଷ୍ଠାନ ପାଇଁ ଦାବିପତ୍ର ପ୍ରଦାନ କରିଥିଲେ । ଉଚ୍ଚ ଶିକ୍ଷାମନ୍ତ୍ରୀ ଘଟଣାର ତଦନ୍ତ କରାଯିବାକୁ ପ୍ରତିଶ୍ରୁତି ଦେଇଥିଲେ । ମାମଲାରେ ଅଧକ୍ଷଙ୍କୁ ପକ୍ଷଭୁକ୍ତ କରି ତାଙ୍କ ଗିରଫ ଦାବି କରିଥିଲା ଏବିଭିପି ରାଜ୍ୟ ସଂଗଠନ ।

ଗ୍ରାମାଞ୍ଚଳ ଥାନା ପୁଲିସ ଘଟଣାକୁ ଗମ୍ଭୀରତା ସହ ନେଇ ତଦନ୍ତ ତ୍ୱରାନ୍ୱିତ କରିବାକୁ ପ୍ରତିଶ୍ରୁତି ଦେଇଥିଲେ ହେଁ ଏହା ପାଳନ ହୋଇନାହିଁ । ଛାତ୍ର କଂଗ୍ରେସ ପକ୍ଷରୁ ମଧ୍ୟ ଏହି ଘଟଣାର ତଦନ୍ତ ଓ କାର୍ଯ୍ୟାନୁଷ୍ଠାନ ଦାବି କରାଯାଇ ସାମ୍ବାଦିକ ସମ୍ମିଳନୀ କରାଯିବା ସହିତ ମୃତା ଛାତ୍ରୀଙ୍କ ପରିବାରକୁ ଭେଟିଥିଲା ସଂଗଠନ । ପୁନଶ୍ଚ ରାଜ୍ୟ ମାନବିକ ଅଧିକାର ପରିଷଦ ସଭାନେତ୍ରୀ ସସ୍ମିତା ଦାସ ଓ ଜିଲ୍ଲା ସଭାପତି ପ୍ରତାପ ଚନ୍ଦ୍ର ପାଢୀ ମଧ୍ୟ ଏସପିଙ୍କୁ ଭେଟି ଦାବିପତ୍ର ପ୍ରଦାନ କରି କାର୍ଯ୍ୟାନୁଷ୍ଠାନ ପାଇଁ ଅନୁରୋଧ କରିଥିଲେ । ଘଟଣାକୁ ୫ ମାସ ବିତି ଯିବା ପରେ ମଧ୍ୟ ଛାତ୍ରୀ ଆତ୍ମହତ୍ୟା ଘଟଣାରେ ସମ୍ପୃକ୍ତ ଦୋଷୀମାନଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ନିଆନଯିବା ସାଧାରଣରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି ।


**AFFIDAVIT**

I **Kalwant Kaur**, ages about 68years, W/o – Santokh Singh, resident of At-LIG-116, Brit Colony, Near Debray College, PS-Nayapalli, Bhubaneswar-751012, declare by this Affidavit No-447 dated 15/07/2025 that now onwards I shall be known as **Kulwant Kaur** for all future purposes.

**AFFIDAVIT**

By virtue of an affidavit sworn before the Executive Magistrate Darpan, Dhanamandala and Affidavit no.2325 dated 09.07.25. I Amrit Mahanta, S/o-Bhajamana Mahanta, Village/ Purnachandrapur, Po- Kalakala, PS- Byree, Dist.- Jajapur, Pin-754082 have changed my name from Ambrit Mahanta to **Amrit Mahanta.** Henceforth, I shall be known as **Amrit Mahanta** for all purposes.

**AFFIDAVIT**

I, Manasa Kumar Das, S/o- Late, Surendra Nath Das, resident of ward No.- 8, Panchughanta, Po/Ps. - Jaleswar, Dist. - Baleswar, Pin.-756032, Odisha declare by this affidavit No.- 650 Dtd. - 02/05/2025 that now onwards I Shall be known as **MANAS KUMAR DAS** for all future purposes.

B-307

**GOVERNMENT OF ODISHA**
**OFFICE OF THE SUPERINTENDING ENGINEER, MALKANGIRI (R&B) DIVISION, MALKANGIRI**
**E-Procurement Notice**
**Bid Identification No. S.E (R&B)- MLK-06/2025-26**
**No. 3953 Date. 14.07.2025**

| | |
|---|---|
| 1. Name of the work: | Building Work |
| 2. Total No. of Works: | Civil & E.I Work 02 Nos. |
| 3. Estimated cost: | Rs.15.18 to 43.54 lakhs |
| 4. Period of completion: | 01 (one) months To 03 (Three) Month |
| 5. Date & time of availability of bid document in the portal: | From 11.00 hrs. Of 21.07.2025 To 16.00 hrs. of 01.08.2025 |
| 6. Last date / Time for receipt of bids in the Portal; | 16.00 hours of 01.08.2025 |
| 7. Date of opening of Tender; | 11.00 hours of 02.08.2025 |
| 8. Name and address of the Officer Inviting Bid: | Superintending Engineer Malkangiri(R&B) Division |

**Further details can be seen from the e-procurement portal https://tendersorissa.gov.in**

**Superintending Engineer**
**Malkangiri (R&B) Division**

OIPR-34063/11/0016/2526

**VEER SURENDRA SAI UNIVERSITY OF TECHNOLOGY**
PO- ENGINEERING COLLEGE BURLA, DIST-SAMBALPUR,ODISHA-768018
www.vssut.ac.in

**No.VSSUT/PGS&R/ 968/2025** **Date: 17.07.2025**

**ADMISSION NOTICE**
**M.Tech Programme (Aerospace Engineering)**

The Veer Surendra Sai University of Technology, Burla invites application for admission into the following Full Time Regular M.Tech. Programme in Aerospace Engineering w.e.f. 19.07.2025, offered by Centre for Space Sciences. The last date for applying online is **29.07.2025**. The interested candidates may apply online. Candidates have to pay a non-refundable application fee **of Rs.500/- (Rs.200/- in case of SC/ST candidates) for completing online application form.** The candidates have to send the duly filled in and signed copy of online application along with other relevant documents, such as - mark sheets, certificates etc., as applicable, by **Speed/Regd. Post only** so as to reach the **Dean, PGS&R, VSSUT, Burla, Sambalpur-768018** by **01.08.2025 (Friday), 5.00 PM.**

| Department | Specialization | Eligibility Criteria |
|---|---|---|
| Centre for Space Sciences | Aerospace Engineering | AICTE approved B.Tech., B.E., B.Sc. Engg., AMIE or equivalent in Aerospace / Aeronautical /Civil / Mechanical / Electrical / Electronics / Instrumentation /Chemical Engineering / any Allied discipline of Engineering or Technology. |

The envelope containing the application should be superscribed as "**Application for M.Tech Programme in Aerospace Engineering 2025**". ***Detailed link for online application and information regarding eligibility and selection process of the programme, is available in University website www.vssut.ac.in***, The authority reserves the right to accept/reject any or all the applications or the entire selection process without assigning any reason thereof.

Sd/-
**REGISTRAR**

OIPR-14072/11/0029/2526 KK-142

**VEER SURENDRA SAI UNIVERSITY OF TECHNOLOGY**
PO- ENGINEERING COLLEGE BURLA, DIST-SAMBALPUR,ODISHA-768018
www.vssut.ac.in

No.VSSUT/PGS&R/ 970/2025 Date: 17.07.2025

**ADMISSION N OTICE**
**Executive M.Tech Programme (Industrial Safety)**

The Veer Surendra Sai University of Technology, Burla invites application for admission into the following Full Time Regular Executive M.Tech Programme (Industrial Safety), 2nd shift in self-financing mode w.e.f. 19.07.2025, offered by Chemical and Bio-Sciences. The last date for applying online is 29.07.2025. The interested candidates may apply online. Candidates have to pay a non-refundable application fee of Rs.500/- (Rs.200/- in case of SC/ST candidates) for completing online application form. The candidates have to send the duly filled in and signed copy of online application along with other relevant documents, such as - mark sheets, certificates etc., as applicable, by **Speed/Regd. Post only** so as to reach the **Dean, PGS&R, VSSUT, Burla, Sambalpur-768018** by **01.08.2025 (Friday), 5.00 PM.**

| Department | Specialization | Eligibility Criteria |
|---|---|---|
| Chemical and Bio-Sciences | Industrial Safety (2nd shift in self-financing mode) | AICTE approved B.Tech., B.E., B.Sc. Engg., AMIE or equivalent programmes in Engineering or Technology with minimum of 2 years of experience in industry / teaching at the level of Assistant Engineer/ Lecturer/ Assistant Professor or above. The candidates are required to apply through proper channel or with NOC from the employer. |

The envelope containing the application should be superscribed as "Application for Executive M.Tech Programme in Industrial Safety 2025". Detailed link for online application and information regarding eligibility and selection process of the programme, is available in University website www.vssut.ac.in, The authority reserves the right to accept/reject any or all the applications or the entire selection process without assigning any reason thereof.

Sd/-
**REGISTRAR**

OIPR-14072/11/0027/2526 KK-141

**AFFIDAVIT**

By virtue of an affidavit no. 64, dtd. 08.04.2025 in the Court of Executive Magistrate, Bhubaneswar, I, Bhaskar Digal, RAY-137, Biseswar Basti, Bani Vihar, Bhubaneswar-751004 have changed my minor son's name from Papun Digal to Madhaba Digal. Henceforth, he shall be known as **Madhaba Digal** for all purposes.

**Sd/- Bhaskar Digal**

**AFFIDAVIT**

I, Madhumita Agrawal, W/o: Sushil Kumar Agarwal, Resident of Plot No.: 691, Digital Door No.: 074, Keuta Sahi (K11), Choudhury Bazar, PO: Chandnichowk, PS: Purighat, Dist.: Cuttack, Odisha, declared by this affidavit No.: 72AA 494850 dtd 16.07.2025 that now onwards I shall be known as **MADHUMITA AGARWAL** for all future purposes.

**AFFIDAVIT**

I, Sushil Kumar Agrawal, S/o: Motilal Agarwal Resident of Plot No.: 691, Digital Door No.: 074, Keuta Sahi (K11), Choudhury Bazar, PO: Chandnichowk, PS: Purighat, Dist.: Cuttack, Odisha, declared by this affidavit No.: 73AA 111901 dtd 16.07.2025 that now onwards I shall be known as **SUSHIL KUMAR AGARWAL** for all future purposes.

**NOTICE**

By virtue of an affidavit sworn before the Executive Magistrate, Cuttack, dated 07.07.2025 I, Jyoshnamayee Barik, W/o-Pravakar Barik, resident of At-Mathasahi, Tulasipur, VTC, Cuttack Sadar, Cuttack, Pin-753008 have changed my name from Jyotshnamayee Barik to Jyoshnamayee Barik. Henceforth, I shall be known as **Jyoshnamayee Barik** for all purposes.

**Jyoshnamayee Barik**

**AFFIDAVIT**

I, Seemarani Nayak, aged about 61 years, W/o- Dharanidhar Nayak, resident of At-Mardarajapur, Po-Rasol, Dist- Dhenkanal Pin-759021, Odisha declared by this affidavit No. 590, dtd- 16/07/2025 that now onwards I shall be known as **SIMARANI NAYAK** for all future purposes.

**AFFIDAVIT**

I, Somyashree Biswal, aged about 46 years, W/o- Jitendra Biswal, resident of Jorabaga, Belpahar, Dist-Jharsuguda, Pin-768217, Odisha declared by this affidavit No. CF-1070, dtd- 02/05/2025 that now onwards I shall be known as **CHINMAYEE BISWAL** for all future purposes.

**AFFIDAVIT**

I, Sasmita Devi, aged about 53 years, W/o- Basant Kumar Agrawal, resident of 12, Plot No-1534, Avalon valley, Kalyani Nagar, Raghunathpur Jalli, Po-KIIT, Bhubaneswar, Dist-Khurda, Pin- 751024, Odisha declared by this affidavit No. 496, dtd-05/08/2016 that now onwards I shall be known as **SASMITA DEVI AGRAWAL** for all future purposes

**AFFIDAVIT**

I, Ashis Ranjan Mohpatra, aged about 54 years, S/o-Gourang Charan Mohapatra, resident of At-Rekha Nivas, Subhadra Nagar, Ps- Bidanasi, Dist-Cuttack, Odisha, Pin-753014 declare by this affidavit No. 1401, dtd. 17/07/2025, that now onwards I shall be known as **ASHIS RANJAN MOHAPATRA** for all future purposes.

# କୋରାପୁଟ ଓ ନବରଙ୍ଗପୁର ଜିଲ୍ଲାରେ ଜନଜୀବନ ପ୍ରଭାବିତ



**କୋରାପୁଟ,୧୭।୭ (ସମିସ):** ବାଲେଶ୍ୱର ଫକୀର ମୋହନ କଲେଜ ଛାତ୍ରୀ ସୌମ୍ୟାଶ୍ରୀଙ୍କ ଆତ୍ମହତ୍ୟା ଘଟଣାକୁ ନେଇ ଗୁରୁବାର କଂଗ୍ରେସ ପକ୍ଷରୁ ଦିଆଯାଇଥିବା ଓଡ଼ିଶା ବନ୍ଦ ଡାକରା କୋରାପୁଟରେ ଶାନ୍ତିପୂର୍ଣ୍ଣ ରହିଥିଲା। ଏହାର ପ୍ରଭାବ କେବଳ କୋରାପୁଟ ସହର ନୁହେଁ, ଜିଲ୍ଲାର ଜୟପୁର. କୋଟପାଡ଼. ବୋରିଗୁମ୍ମା. ସେମିଲିଗୁଡା, ପଟାଙ୍ଗୀ, ଲମତାପୁଟ, ନନ୍ଦପୁର ଦଶମନ୍ତପୁର, ଲକ୍ଷ୍ମୀପୁର, ନାରାୟଣ ପାଟଣା. ବନ୍ଧୁଗାଁବ୍ଲକରେ ମଧ୍ୟ ଦେଖିବାକୁ ମିଳିଛି। ଜିଲ୍ଲା ସଦର ମହକୁମା ସ୍ଥିତ ତେନ୍ତୁଳି ଗଛ ମୂଖ୍ୟ ଟ୍ରାଫିକ ଛକ ଠାରେ ପିସିସି ସମ୍ପାଦକ ରୂପକ ତୁରୁକ, ପୂର୍ବତନ ସମ୍ପାଦକ ଜଗଦୀଶ ଖୋସଲା, ପୂର୍ବତନ ବିଧାୟକ ନିମାଇ ସରକାର, ବିଧାୟକ ପ୍ରାର୍ଥୀ କୃଷ୍ଣ କୁଲଦୀପ, ସାଂସଦ ପ୍ରତିନିଧି ବାବୁଲା ବେନିଆ, ଜିଲ୍ଲା ସମ୍ପାଦକ ମନୋଜ ହିଆଲ ପ୍ରମୁଖଙ୍କ ନେତୃତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ଜୟପୁର ବିଧାୟକ ତାରାପ୍ରସାଦ ବାହିନୀ ପତି ଉପସ୍ଥିତ ରହି କର୍ମୀ ମାନଙ୍କ ମନୋବଳ ବଢ଼ାଇ ମୋହନ ମାଝି ସରକାର ବିରୋଧରେ ନାରାବାଜି ଦେଇଥିଲେ। ବନ୍ଦ ପାଳନ ଯୋଗୁଁ ଶହ ଶହ ଯାନ ବାହନ ରାଜପଥରେ ଅଟକି ରହିଥିଲା। ଦଳୀୟ ନେତା ଓ କର୍ମୀ ପିକେଟିଂ କରି ସହର ସମସ୍ତ କାର୍ଯ୍ୟାଳୟ, ବ୍ୟାଙ୍କ ବନ୍ଦ କରିବା ସହ ଓଡ଼ିଶା ବନ୍ଦକୁ ସମର୍ଥନ କରିବାକୁ ଅନୁରୋଧ କରିଥିଲେ। ଏହା ବ୍ୟତୀତ ବନ୍ଦ ପ୍ରଭାବରେ କୋରାପୁଟ ସହରର ସମସ୍ତ ଦୋକାନ ବଜାର ବନ୍ଦ ରହିଥିଲା। ଅନ୍ୟମାନଙ୍କ ମଧ୍ୟରେ କୋରାପୁଟ ବ୍ଲକ୍ ଅଧ୍ୟକ୍ଷା ନମିତା ମାଝୀ, ସାଂସଦ ପ୍ରତିନିଧି ମନୋଜ ଆଚାର୍ଯ୍ୟ, ବରିଷ୍ଠ ନେତା ସୁକାନ୍ତ ନାୟକ, କାଉନ୍‌ସିଲେର ଚନ୍ଦ୍ରପ୍ରଭା ହିଆଲ, ସନ୍ଧ୍ୟାରାଣୀ ଜେନା, ଯୁବନେତା ବିରେନ୍ଦ୍ର ଚେଟି, ଗୋପୀନାଥ ମୁଦୁଲି, ଗୁପ୍ତ ନାୟକଙ୍କ ସମେତ ଶତାଧିକ କଂଗ୍ରେସ କର୍ମୀ ଉପସ୍ଥିତ ରହି ଉଚ୍ଚଶିକ୍ଷା ମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀଙ୍କ ଇସ୍ତଫା ଦାବି କରିଥିଲେ।

**ଜୟପୁର :** ଛାତ୍ରୀ ସୌମ୍ୟାଶ୍ରୀଙ୍କ ଆତ୍ମହତ୍ୟା ଘଟଣା ନେଇ ପ୍ରଦେଶ କଂଗ୍ରେସ କମିଟି ପକ୍ଷରୁ ସାରା ରାଜ୍ୟରେ ଦିଆଯାଇଥିବା ବନ୍ଦ ଡାକରାର ପ୍ରଭାବ ଜୟପୁରରେ ପଡ଼ିଛି। ଭାରତୀୟ କମ୍ୟୁନିଷ୍ଟ ପାର୍ଟି, ଟ୍ରକ ମାଲିକ ସଂଘ, ଲରୀ ମାଲିକ ସଂଘ, ଘରୋଇ ବସ ମାଲିକ ସଂଘ, ଜୟପୁର ଚାମ୍ବର ଅଫ କମର୍ସ ଏବଂ ମଟର କର୍ମଚାରୀ ସଂଘ ପକ୍ଷରୁ ବନ୍ଦକୁ ସମର୍ଥନ କରାଯାଇଥିଲା। ଜିଲ୍ଲା କଂଗ୍ରେସ ଦଳର ଆନ୍ଦୋଳନରେ ଜୟପୁର ବିଧାୟକ ତାରା ପ୍ରସାଦ ବାହିନୀପତି ଜୟପୁର ଠାରେ ଯୋଗଦେଇ ରାଜ୍ୟରେ ନାରୀ ନିର୍ଯ୍ୟାତନା ଏବଂ ଆଇନଶୃଙ୍ଖଳା ବ୍ୟବସ୍ଥା ସମ୍ପୂର୍ଣ୍ଣ ଭାବେ ଭୁଶୁଡ଼ି ଯାଇଛି। ତେଣୁ ତୁରନ୍ତ ରାଜ୍ୟ ସରକାର ଇସ୍ତଫା ଦେବା ସହ ରାଜ୍ୟରେ ରାଷ୍ଟ୍ରପତି ଶାସନ ଜାରି



କରିବା ନେଇ ଦାବି କରିଥିଲେ। ଆଜି ଜୟପୁର ସହରରେ ପୂର୍ବାହ୍ନ ୭ଟାରୁ ସହର ଭିତରକୁ ପ୍ରବେଶ କରୁଥିବା ବାରିକିପୁଟ, ଡେଲିଗୁଡା, ବାମୁଣୀ, ଜୟନଗର ଛକ ଠାରେ କଂଗ୍ରେସ କର୍ମୀ ମାନେ ଗାଡି ଗୁଡିକୁ ଅଟକାଇ ରାସ୍ତା ଅବରୋଧ କରିଥିଲେ। ଆଜି ସ୍ୱତଃପ୍ରବୃତ୍ତ ଭାବେ ଦୋକାନ ଓ ବଜାର ବନ୍ଦ ରହିଥିଲା। କଂଗ୍ରେସ କର୍ମୀ ମାନେ ବାଇକ ଶୋଭାଯାତ୍ରା ମାନେ ସାରା ସହରରେ ବୁଲି ଦୋକାନ ବଜାର ବନ୍ଦ କରିଥିଲେ। ବନ୍ଦ ପୂର୍ବରୁ ଛାତ୍ରଛାତ୍ରୀଙ୍କ ସୁରକ୍ଷା ଦୃଷ୍ଟିରୁ ସହରର ସମସ୍ତ ବିଦ୍ୟାଳୟ, ମହାବିଦ୍ୟାଳୟ ଏବଂ ଅନ୍ୟାନ୍ୟ ଶିକ୍ଷାନୁଷ୍ଠାନ, ବ୍ୟାଙ୍କ ଗୁଡିକୁ ଛୁଟି ଘୋଷଣା କରାଯାଇଥିଲା। କଂଗ୍ରେସ କର୍ମୀ ମାନେ ମଧ୍ୟାହ୍ନରେ ସହରର ସରକାରୀ କାର୍ଯ୍ୟାଳୟ ଗୁଡିକକୁ ମଧ୍ୟ ବନ୍ଦ କରିଥିଲେ। ବ୍ଲକ, ଜିଲ୍ଲା ମୁଖ୍ୟ କୃଷି କାର୍ଯ୍ୟାଳୟ, ଜିଲ୍ଲା ଯୋଗାଣ କାର୍ଯ୍ୟାଳୟ ଏବଂ ଅନ୍ୟାନ୍ୟ କାର୍ଯ୍ୟାଳୟ ଗୁଡିକ ମଧ୍ୟ କଂଗ୍ରେସ କର୍ମୀ ମାନେ ବନ୍ଦ କରିଥିଲେ। ଘରୋଇ ଓ ସରକାରୀ ବସ ସେବା ପୂର୍ଣ୍ଣରୂପେ ଚଳାଚଳ ସମ୍ପୂର୍ଣ୍ଣ ଭାବେ ବନ୍ଦ ରହିଥିଲା, କିନ୍ତୁ ସଂଧ୍ୟାରୁ ବସସେବା ସ୍ୱାଭାବିକ ହୋଇଥିଲା। କିନ୍ତୁ ଆମ୍ବୁଲାନ୍ସ ଏବଂ ଅନ୍ୟାନ୍ୟ ଜରୁରୀକାଳୀନ ସେବା ପାଇଁ କୌଣସି ସମସ୍ୟା ସୃଷ୍ଟି ହୋଇନାହିଁ। ବନ୍ଦ ଡାକରା ସହରରେ ସମ୍ପୂର୍ଣ୍ଣ ସଫଳ ହୋଇଛି ବୋଲି କଂଗ୍ରେସ ଏବଂ ଅନ୍ୟାନ୍ୟ ସଂଗଠନ ପକ୍ଷରୁ ଦାବି କରାଯାଇଛି। ବସଷ୍ଟାଣ୍ଡ ସ୍ଥାନୀୟ ଟ୍ରାଫିକ ଛକ ଠାରେ କଂଗ୍ରେସ ଦଳ ପକ୍ଷରୁ ଧାରଣା ଦିଆଯାଇ ରାଜ୍ୟ ସରକାର, ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି, ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜଙ୍କ ବିରୋଧରେ ସ୍ଲୋଗାନ ଦେବା ସହ ତୁରନ୍ତ ଇସ୍ତଫା ଦେବାକୁ ଦାବି କରିଥିଲେ। ଏଥିରେ ଜୟପୁର ସହର କଂଗ୍ରେସ ସଭାପତି ନରେନ୍ଦ୍ର ମହାନ୍ତି, ନିହାର ବିଶୋୟୀ, ବସନ୍ତ ନାୟକ, ସୁକାନ୍ତ ପଟ୍ଟନାୟକ, ପ୍ରଣବ କିଶୋର ନାୟକ, ଗୋପୀନାଥ ମହାନ୍ତି, ସମ୍ପିତ ସାମନ୍ତରାୟ, ପ୍ରଣୟ ଶର୍ମା, ରବିନ୍ଦ୍ର ସାହୁ, ରାଧାମୋହନ ଗୌଡ ଲକ୍ଷ୍ମୀକାନ୍ତ ପଟ୍ଟନାୟକ, ଟୁଟୁ ବାହାଦୁର, ବିଂଶତି ବଣ୍ଡସେନଙ୍କ ସମେତ ଛାତ୍ର, ଯୁବ ଓ ମହିଳା କଂଗ୍ରେସ କର୍ମୀ ମାନେ ଉପସ୍ଥିତ ଥିଲେ। ଭାରତୀୟ କମ୍ୟୁନିଷ୍ଟ ପାର୍ଟି ପକ୍ଷରୁ ଟ୍ରାଫିକ ଛକଠାରୁ ଏକ ଶୋଭାଯାତ୍ରା ମାଧ୍ୟମରେ ସହର ପରିକ୍ରମା କରାଯାଇଥିଲା। ଜିଲ୍ଲା ସମ୍ପାଦକ ଯୁଧିଷ୍ଠିର ରାଉଳ, ସହ ସମ୍ପାଦକ ରାମକୃଷ୍ଣ ବାଗ ପ୍ରମୁଖ ଉପସ୍ଥିତ ରହିଥିଲେ।

**ନବରଙ୍ଗପୁର:** ନବରଙ୍ଗପୁର ଜିଲ୍ଲାରେ ଜିଲ୍ଲା କଂଗ୍ରେସ ପକ୍ଷରୁ ଦିଆ ଯାଇଥିବା ବନ୍ଦ ଡାକରା ଯୋଗୁଁ ଜନଜୀବନ ପ୍ରଭାବିତ ହୋଇଛି। ନବରଙ୍ଗପୁର ଜିଲ୍ଲା ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ମୁନା ତ୍ରିପାଠୀ ଏହାର ନେତୃତ୍ୱ ନେଇଥିଲେ। ଜଣେ ଅଧ୍ୟାପକଙ୍କ ଯୌନ ଅତ୍ୟାଚାର ଓ ନିର୍ଯ୍ୟାତନ ବିରୋଧରେ ଛାତ୍ରୀ ଜଣକ ଦୀର୍ଘ ଦିନ କାଳ ବିଭିନ୍ନ ସମୟରେ କଲେଜ କର୍ତ୍ତୃପକ୍ଷ, ଜିଲ୍ଲା ପ୍ରଶାସନ, ବିଧାୟକ, ସାଂସଦ, ରାଜ୍ୟ ଉଚ୍ଚଶିକ୍ଷା ମନ୍ତ୍ରୀ, ଗୃହ ବିଭାଗ ପ୍ରମୁଖଙ୍କ ନ୍ୟାୟ ପାଇଁ କାକୁତି ମିନତି ହେବା ପରେ ମଧ୍ୟ କେହି ହେଲେ ତାଙ୍କୁ ସାହାଯ୍ୟ କରିବାକୁ ଆଗେଇ ଆସିନଥିଲେ। ସରକାର ରାଜ୍ୟରେ ମହିଳା ମାନଙ୍କୁ ସୁରକ୍ଷା ଦେବାରେ ସମ୍ପୂର୍ଣ୍ଣ ବିଫଳ ହୋଇଥିବା କହିଛନ୍ତି



ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ମୁନା ତ୍ରିପାଠୀ। ଆଜିର ଏହି ବନ୍ଦ ଡାକରାକୁ ବାମପନ୍ଥୀ ଦଳ ମଧ୍ୟ ସମର୍ଥନ କରିଥିଲେ। ଏହି ବନ୍ଦ ଡାକରାରେ ଜିଲ୍ଲାରେ କେବଳ ଜରୁରୀ କାଳୀନ ସେବାକୁ ବାଦ୍ ଦିଆଯାଇଥିବା ବେଳେ ନବରଙ୍ଗପୁରରେ ସମସ୍ତ ଦୋକାନ ବଜାର ସହିତ ଗାଡ଼ି ମୋଟର ସବୁ ଚଳାଚଳ ମଧ୍ୟ ବନ୍ଦ ରହିଥିବାର ଦେଖିବାକୁ ମିଳିଥିଲା। ଆଜିର ଏହି ବନ୍ଦ ଡାକରା ସମୟରେ ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ମୁନା ତ୍ରିପାଠୀଙ୍କ ସମେତ ପିସିସି ସଦସ୍ୟ ଦିଲ୍ଲୀପ କୁମାର ବେହେରା, ସମ୍ପାଦକ ପ୍ରଦୀପ କୁମାର ସାହୁ, ଅଖିଳ ଭତରା, ପି ନାଗରତ୍ନମ୍ମା, ବୃନ୍ଦାବନ ତ୍ରିପାଠୀ, ଅବଦୁଲ ରିଜୱାନ ପ୍ରମୁଖଙ୍କ ସମେତ ଶତାଧିକ କଂଗ୍ରେସ ନେତା ଏବଂ କର୍ମୀମାନେ ସାମିଲ ହୋଇଥିଲେ।



**ନନ୍ଦପୁର:** ନନ୍ଦପୁର ବ୍ଲକରେ ଓଡ଼ିଶା ବନ୍ଦ ଯୋଗୁଁ ଜନଜୀବନ ପ୍ରଭାବିତ ହୋଇଛି। ନନ୍ଦପୁର ବ୍ଲକର ସାମନ୍ତ ଚାଟୁଆ, ପାଡୁଆ, ଜଲପୁଟ, ବାଲେଲ, ବାଲ୍ଡା, ନନ୍ଦପୁର ଇତ୍ୟାଦି ସ୍ଥାନରେ କଂଗ୍ରେସ ନେତା କର୍ମୀ ବ୍ୟାରିକେଡ୍ କରି ଆନ୍ଦୋଳନ କରିଥିଲେ। କୋରାପୁଟ ଜିଲ୍ଲା କଂଗ୍ରେସ ସଭାପତି ଶଶିଭୂଷଣ ପାତ୍ର, ନନ୍ଦପୁର ବ୍ଲକ ସଭାପତି ଦେବେନ୍ଦ୍ର ଖେମୁଣ୍ଡୁ, ବିଧାୟକ ପ୍ରତିନିଧି କାମେଶ କାମୁଡି, ଯୁବନେତା ନାଗାମ୍ମୁର ହଂସ, ବାଲ୍ଡା ସରପଞ୍ଚ ବିକ୍ରମ ସାରା, ପୂର୍ବତନ ସରପଞ୍ଚ ଧନପତି ସାରା, କେଶବ ଖରା, ଖୁରାଧ କୁମାର ଗାଉଡ, ଅରୁଣ ପାଙ୍ଗିଆ, ରବୀନ୍ଦ୍ର ସମାର୍ଟି, ପଞ୍ଚାବ ବିଶାଳ, ଭୁବନ ଆଦନମବରା, ବାବୁ ଗାଓ ଖରା ପ୍ରମୁଖ ଯୋଗ ଦେଇଥିଲେ। ସେବେ କଂଗ୍ରେସର ବନ୍ଦ ପାଳନ ନେଇ ସ୍କୁଲ, କଲେଜ, ଅଫିସ ଗୁଡିକ ବନ୍ଦ ରହିଥିବା ଦେଖିବାକୁ ମିଳିଥିଲା।

**ତେନ୍ତୁଳିଖୁଣ୍ଟି :** ନବରଙ୍ଗପୁର ଜିଲ୍ଲା ତେନ୍ତୁଳିଖୁଣ୍ଟି ବ୍ଲକ୍‌ରେ ଓଡିଶା ବନ୍ଦର ପ୍ରଭାବ ଦେଖିବାକୁ ମିଳିଛି। ତେନ୍ତୁଳିଖୁଣ୍ଟି ସଦର ମହକୁମାରେ ବ୍ଲକ କଂଗ୍ରେସ କମିଟି ସଭାପତି ପ୍ରହ୍ଲାଦ ହିଆଲଙ୍କ ନେତୃତ୍ୱରେ ବରିଷ୍ଠ କଂଗ୍ରେସ ନେତା ଭୀମ ପାଣିଗ୍ରାହୀ, ବରିଷ୍ଠ କର୍ମୀ କିଶୋର ସିଂ, ଅଜୟ ହିଆଲ, ସରପଞ୍ଚ କୁମର ପୂଜାରୀ, ପୂଜାରୀଗୁଡା ସରପଞ୍ଚ ଶଙ୍କର ନାୟକ, ସୁନୀଲ ସିଂ, ସୁବାସ କର୍କରା, ପଙ୍କଜ ଖୁରାଙ୍କ ସମେତ ବିଭିନ୍ନ ୱାର୍ଡ ମେମ୍ବର ଏବଂ କଂଗ୍ରେସ କର୍ମୀ ତେନ୍ତୁଳିଖୁଣ୍ଟି ତହସିଲ କାର୍ଯ୍ୟାଳୟ ସମେତ ତେନ୍ତୁଳିଖୁଣ୍ଟି ପଞ୍ଚାୟତ ସମିତି କାର୍ଯ୍ୟାଳୟ, ସ୍ଥାନୀୟ ପେଟ୍ରୋଲ ପମ୍ପ ସମେତ ସମସ୍ତ ଶିକ୍ଷାନୁଷ୍ଠାନ, ସରକାରୀ କାର୍ଯ୍ୟାଳୟ ଆଦି ବନ୍ଦ କରିବା ସହ ଚକଅଖ ବନ୍ଦ କରାଇଥିଲେ। ତେନ୍ତୁଳିଖୁଣ୍ଟି ବ୍ଲକ୍‌ବାସୀ ସ୍ୱତପ୍ରବୃତ ଭାବେ ବନ୍ଦକୁ ସମର୍ଥନ ଦେଇଥିବା କହିଥିଲେ ବରିଷ୍ଠ କଂଗ୍ରେସ ନେତା ଭୀମ



ପାଣିଗ୍ରାହୀ। ତେନ୍ତୁଳିଖୁଣ୍ଟି ବ୍ଲକର ମୁଖ୍ୟ ବ୍ୟବସାୟିକ ଦପ୍ତର ଇନ୍ଦ୍ରାବତୀ ବଜାରରେ ବନ୍ଦ ପ୍ରଭାବ ରହିଥିଲା। ଇନ୍ଦ୍ରାବତୀରୁ ବିଭିନ୍ନ ସ୍ଥାନକୁ ସଂଯୋଗ ବସ ସେବା ମଧ୍ୟ ବନ୍ଦ ରହି ଥିଲା। ସେହିଭଳି ସମସ୍ତ ଶିକ୍ଷାନୁଷ୍ଠାନ, ସରକାରୀ କାର୍ଯ୍ୟାଳୟ, ବ୍ୟାଙ୍କ, ପୋଷ୍ଟ ଅଫିସ ଆଦିକୁ ବୁଲି ବୁଲି ଶାନ୍ତିଶୃଙ୍ଖଳା ସହ ବନ୍ଦ କରିଥିଲେ କଂଗ୍ରେସ କର୍ମୀ। ଏହି ସମୟରେ ବିଶ୍ୱନାଥ ସିଂ, ସୁନୀଲ ଖୁରା, ଧାନୁ ହରିଜନ, ଗୋପନ ହରିଜନ, ଦୁଲଭ ଗୌଡ଼, ଭଗବାନ ବିଶୋଇ, ତୁଳାରାମ ପୂଜାରୀ, କୁନୁ ସୁନା, ଜଗବନ୍ଧୁ ହରିଜନ, ନରସିଂହ ହରିଜନ, ବାବୁଲା ସିଂ, କିଶୋର ମାହାଙ୍କୁଡଙ୍କ ସମେତ ଅନେକ କଂଗ୍ରେସ କର୍ମୀ ବନ୍ଦରେ ସାମିଲ ହୋଇଥିଲେ।

**କୋଷାଗୁମୁଡା :** ନବରଙ୍ଗପୁର ଜିଲ୍ଲାର କୋଷାଗୁମୁଡା ବ୍ଲକ ସଦର ମହକୁମାରେ ଓଡ଼ିଶା ବନ୍ଦ ପ୍ରଭାବ ଦେଖିବାକୁ ମିଳିଛି। ବ୍ଲକ ମହକୁମାର ସମସ୍ତ ଦୋକାନ, ବଜାର, ସ୍କୁଲ କଲେଜ ବନ୍ଦ ରହିଥିବା ବେଳେ ଯାନବାହନ ଚଳାଚଳ ଠପ୍ ହୋଇଯାଇଥିଲା। ରାସ୍ତାଘାଟ ମଧ୍ୟ ଜନଶୂନ୍ୟ ହୋଇଯାଇଥିଲା। କୋଷାଗୁମୁଡା ବ୍ଲକ ସଭାପତି ପଦ୍ମ ସାଇ ମାଳି, ପୂର୍ବତନ ବ୍ଲକ ଅଧକ୍ଷା ଗୀତମଣି ସମରଥ, ମାଝୀଧନୁଆ ସରପଞ୍ଚ ଦୟାରାମ ମାଝୀ, ସମିତି ସଭ୍ୟ ଯୁଗଧର



ହରିଜନ, କେ ଏନ ରାଜୁ, ରମେଶ ପାତ୍ର, କୁଲୁ ଜଗଦେବ, ସମାରୁ ପୂଜାରୀ, ପୁରଂସିଂ ହରିଜନ, ରଘୁ ମାଝୀ, ସଞ୍ଜୀବ ବିଶୋଇ, ପଦ୍ମନ ବିଶୋଇ, ଶିଶୁପାଳ ରନ୍ଧାରୀ, ମଙ୍ଗଳ ମାଝୀ, କୁମାରୀ ମାଝୀ, ସୀମାଞ୍ଚଳ ବିଶୋଇ ଉପସ୍ଥିତ ଥିଲେ। ସେଭଳି କୋଡ଼ିଙ୍ଗା ଠାରେ ଧରମ ସିଂ, ବାବୁଲି ବାଘ, କୁସିଆ ମାଝୀ, ଦେବାଶିଷ ମହାନ୍ତି, ବାବୁଲି ଗଣ୍ଡ, ଲଚମନ ଭତ୍ରା, ଯୁଗଳ ମାଝୀ, ଶ୍ରୀଧର ପାତ୍ର ପ୍ରମୁଖ ବରିଷ୍ଠ କଂଗ୍ରେସ ନେତା ଓ କର୍ମୀମାନେ ୧୨ଘଣ୍ଟିଆ ବନ୍ଦ ପାଳନରେ ଉପସ୍ଥିତ ରହି କାର୍ଯ୍ୟକ୍ରମ ସଫଳ କରିଛନ୍ତି। ଏହି ବନ୍ଦ ପାଳନରେ ସାଧାରଣ ଲୋକ ଓ କୋଷାଗୁମୁଡା ବଜାର କମିଟି ପକ୍ଷରୁ ପୂର୍ଣ୍ଣ ସମର୍ଥନ କରାଯାଇଥିଲା। କଂଗ୍ରେସ କର୍ମୀମାନେ କୋଷାଗୁମୁଡା ବ୍ଲକର ବିଭିନ୍ନ ଛକ ମାନଙ୍କରେ ଟାୟାର ଜାଳି ନିଜ ପାର୍ଟି ପତାକା ଲଗାଇ ଜଗି ବସିଥିବା ବେଳେ ଯାନବାହାନ ଚଳାଚଳ ବନ୍ଦ ରହିଥିଲା। କଂଗ୍ରେସ କର୍ମୀ ମାନେ ଖୋଲା ରହିଥିବା କାର୍ଯ୍ୟାଳୟ ଓ ସ୍କୁଲ କଲେଜରେ ପହଞ୍ଚି ବନ୍ଦ କରିବାକୁ ଲୋକଙ୍କୁ ଅନୁରୋଧ କରିଥିଲେ। ସ୍ଥାନୀୟ ଥାନାଧିକାରୀ, ଏସ୍‌ଆଇ, କନେଷ୍ଟବଳ ଉପସ୍ଥିତ ରହି ଶାନ୍ତିଶୃଙ୍ଖଳା ରକ୍ଷା କରିଥିଲେ।

**କୋଟପାଡ଼ :** କୋଟପାଡ କଂଗ୍ରେସ ତରଫରୁ ବନ୍ଦ ପାଳନ କରାଯାଇଥିଲା। ୬୩ ନଂ ଜାତୀୟ ରାଜପଥର ଫାଟକ ନିକଟରେ ରାସ୍ତାରୋକ କରି ପ୍ରତିବାଦ କରାଯାଇଥିଲା। ସହରର ଛତିଶଗଡ଼ ଓ ଓଡିଶା ଉଭୟ ପଟ ଫାଟକ ନିକଟରେ ଶତାଧିକ ଭାରି ଯାନ ରାସ୍ତାର ଦୁଇ ପାର୍ଶ୍ୱରେ ଅଟକି ରହିଥିଲା। ଦୋଷୀଙ୍କୁ କଠୋର ଦଣ୍ଡ ଦେବା ପିସିସି ସଦସ୍ୟ ମଣି ପ୍ରସାଦ ପଟ୍ଟନାୟକ ଦାବି କରିଛନ୍ତି। ସହରର ସମସ୍ତ ଦୋକାନ, ବଜାର ସହ ସମସ୍ତ ବ୍ୟାଙ୍କ୍,



ବେସରକାରୀ ସଂସ୍ଥା ଗୁଡ଼ିକ ବନ୍ଦ ରହିଥିଲା। ସରକାରୀ ସ୍କୁଲ୍, କଲେଜ ଓ କାର୍ଯ୍ୟାଳୟ ଗୁଡ଼ିକ ପ୍ରଥମାର୍ଦ୍ଧରେ ଖୋଲା ରହିଥିଲା ବେଳେ ମଧ୍ୟାହ୍ନରେ ବନ୍ଦ ରହିଥିଲା। କୋଟପାଡ଼ କଂଗ୍ରେସ ଦଳର ପିସିସି ସଦସ୍ୟ ମଣି ପ୍ରସାଦ ପଟ୍ଟନାୟକ, ବିଧାୟକ ପ୍ରାର୍ଥୀ ଅନାମୁ ଦିଆନ, ମନହର ବିଷୋୟୀ, ଶଙ୍କର ପଣ୍ଡା, ପ୍ରକାଶ ମହାନ୍ତି, ଘନଶ୍ୟାମ ବିଷୋୟୀ, ମୁନା ଖାନ, ପାର୍ଷଦ ସଲମା ବେଗମ୍ ଓ ମହମ୍ମଦ ୟୁସୁଫ, ରେହେମାନ ଖାନ, ଏନଏସି ଅଧକ୍ଷ ଏମ. ଶଙ୍କର ରାଓଙ୍କ ସହ ଶତାଧିକ ବ୍ଲକ୍ ଓ ଏନ୍‌ଏସିର କଂଗ୍ରେସ କର୍ମକର୍ତ୍ତା ମାନେ ଯୋଗ ଦେଇଥିଲେ।

**ପଟାଙ୍ଗି/ ସୁଙ୍କି :** କୋରାପୁଟ ଜିଲ୍ଲା ପଟାଙ୍ଗି ବ୍ଲକର ପଟାଙ୍ଗି, ସୀମାନ୍ତ ଗ୍ରାମ ସୁଙ୍କି, କୁନ୍ଦୁଲି ହାଟପଦା ସମେତ ସମସ୍ତ ପଞ୍ଚାୟତରେ ବନ୍ଦର ପ୍ରଭାବ ଦେଖିବାକୁ ମିଳିଛି। ପଟାଙ୍ଗି ବ୍ଲକର ପୂର୍ବତନ କଂଗ୍ରେସ ସଭାପତି ତଥା ବିଧାୟକ ପ୍ରତିନିଧି ଅର୍ଜୁନ ବାଙ୍କାଙ୍କ ଅଧକ୍ଷତାରେ ବନ୍ଦ ପାଳନ କରାଯାଇଥିଲା। ପଟାଙ୍ଗି ତହସିଲ କାର୍ଯ୍ୟାଳୟ ସମ୍ମୁଖର ୨୬ ନଂ ଜାତୀୟ ରାଜପଥରେ ଗାଡି ଚଳାଚଳ ବନ୍ଦ କରାଯାଇଥିଲା। ଦୋକାନ, ବଜାର, ପେଟ୍ରୋଲ ଟାଙ୍କି, ବ୍ୟାଙ୍କ ଆଦି ବନ୍ଦ ରହିଥିଲା। କିନ୍ତୁ ଅତ୍ୟାବଶ୍ୟକ ଆମ୍ବୁଲାନ୍ସ ସେବା ଜାରି ରହିଥିଲା। ଏହି ସମୟରେ ପୂର୍ବତନ ବ୍ଲକ ଅଧକ୍ଷ



ତଥା ସାଂସଦ ପ୍ରତିନିଧି ସୁକ୍ରା ଖରା, ପୂର୍ବତନ ବ୍ଲକ ଅଧକ୍ଷା ବିମଳା ପାଙ୍ଗି, ପୂର୍ବତନ ପୁକାଲି ସରପଞ୍ଚ ସାଧୁ ବାଙ୍କା, ପୁକାଲି ସରପଞ୍ଚ ତିରୁପତି ସାରା, ଦେଓପଟାଙ୍ଗି ସରପଞ୍ଚ ନରେନ୍ଦ୍ର ବଡନାୟକ, ମାଳିପୁଟ ସରପଞ୍ଚ ସୋମନାଥ ଗୁଣ୍ଟା, ପୂର୍ବତନ ସରପଞ୍ଚ ତ୍ରିନାଥ ପାଙ୍ଗି, ଦେଓପଟାଙ୍ଗି ସମିତି ସଭ୍ୟା ବାସୁଦେବ ପାଙ୍ଗି, ପୂର୍ବତନ ସମିତି ସଭ୍ୟ ଜଗନ୍ନାଥ ଗେମେଲ୍, ପୂର୍ବତନ ସରପଞ୍ଚ ତ୍ରିନାଥ ପାଙ୍ଗି ପ୍ରମୁଖ ଯୋଗଦାନ ଦେଇଥିଲେ। ସେହିଭଳି ଓଡ଼ିଶା ସୀମାନ୍ତ ସୁଙ୍କି ଗ୍ରାମଠାରେ ମଧ୍ୟ ବନ୍ଦ ପାଳନ କରାଯାଇଛି। ପ୍ରଦେଶ କଂଗ୍ରେସ ମେମ୍ବର ଗୁପ୍ତ ଶଙ୍କର ପଟ୍ଟନାୟକଙ୍କ ଅଧକ୍ଷତାରେ କାର୍ଯ୍ୟକ୍ରମଟି ଆୟୋଜନ ହୋଇଥିଲା। ଏଠାରେ ଜେଟି ଚିରଞ୍ଜିବୀ, ସୋନା ବାଙ୍କା, ମୋଜେଶ ଗାଣ୍ଡେରି, ଶ୍ୟାମସୁନ୍ଦର ମହାନ୍ତି, ଏସ୍ ଚନ୍ଦ୍ର ଶେଖର ରାଓ, ଦୁର୍ଗା ପ୍ରସାଦ ବେହେରା, ପ୍ରସାଦ ପଟ୍ଟନାୟକ, ବେଲାଲ ବାଇରି, ଜାନି ସିମାଦ୍ରୀ ପ୍ରମୁଖ ଉପସ୍ଥିତ ରହି ବନ୍ଦ କାର୍ଯ୍ୟକ୍ରମକୁ ସାଫଳ କରିବାରେ ସହଯୋଗ କରିଥିଲେ।

**ପୋଡ଼ାଗଡ :** କୋରାପୁଟ ଜିଲ୍ଲାର ଦଶମନ୍ତପୁର ବ୍ଲକ ସଦର ମହକୁମା ସହ ପୋଡ଼ାଗଡ ପଞ୍ଚାୟତରେ ଓଡ଼ିଶା ବନ୍ଦ ପ୍ରଭାବ ଦେଖିବାକୁ ମିଳିଛି। ଦଶମନ୍ତପୁର ଓ ପୋଡ଼ାଗଡ଼ରେ ଦୋକାନବଜାର ବନ୍ଦ ରହିଥିବା ବେଳେ ଯାନବାହାନ ଚଳାଚଳ ମଧ୍ୟ ସଂପୂର୍ଣ୍ଣ ଭାବେ ବନ୍ଦ ରହିଥିଲା। ସ୍କୁଲ, କଲେଜ ସରକାରୀ, ବେସରକାରୀ କାର୍ଯ୍ୟାଳୟ, ବ୍ୟାଙ୍କ ବନ୍ଦ ରହିଥିବା ଦେଖିବାକୁ ମିଳିଥିଲା। ଆନ୍ଦୋଳନକାରୀ କଂଗ୍ରେସ କର୍ମୀ ମାନେ ଉଚ୍ଚଶିକ୍ଷା ମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀଙ୍କ ଇସ୍ତଫା ଦାବି କରିଛନ୍ତି। ପୋଡଗଡ ଠାରେ ଜୋନ ଦୁଇ ଜିଲ୍ଲା ପରିଷଦ ସଭ୍ୟ ଧନାପତି ଶାଉନ୍ତାଙ୍କ ନେତୃତ୍ୱରେ ବନ୍ଦ ପାଳନ କରାଯାଇଛି। ବରିଷ୍ଠ କଂଗ୍ରେସ ନେତା ସୁନାମ ଚନ୍ଦ୍ର କଣ୍ଡପାଣ, ସୁବାସ ଚନ୍ଦ୍ର ରାୟ, ବୁଲୁ ଟାକ୍ରି. ଦେବେନ୍ଦ୍ର କୁଲଦୀପ, ଭଗବାନ ବାରିକ, ଦୀପୁନା ଖୋସଲା, ସଲାମ ନାୟକ ସରପଞ୍ଚ ଆସର ସିଦ୍ଧାର୍ଥ, କୁଲଦୀପ ଲାଚନ ବିଶଇଙ୍କ ସମେତ ଜୋନ ୨ର ଜନ ସାଧାରଣ ସମର୍ଥନ କରିଥିବା ଦେଖିବାକୁ ମିଳିଥିଲା। ସେହିପରି ଦଶମନ୍ତପୁର ବ୍ଲକ ସଦମହକୁମାରେ ବ୍ଲକ କଂଗ୍ରେସ ସଭାପତି ବେଣୁଧର ପାତ୍ରଙ୍କ ନେତୃତ୍ୱରେ ଆୟୋଜନ କରା ଯାଇଥିଲା। ଉପସ୍ଥିତି ଥିଲେ ଜୋନ ୧ ଜିଲ୍ଲା ପରିଷଦ ସଭ୍ୟକ୍ଷ ଲଳିତା ଜାନି, ସାଂସଦ ପ୍ରତିନିଧି ପଙ୍କଜ ବାଘ, ପୂର୍ବତନ ବ୍ଲକ ଅଧ୍ୟକ୍ଷ ରାଜେନ୍ଦ୍ର ହୁଇକା ଫରିଦ୍ ଟାକ୍ରୀଙ୍କ ସମେତ କଂଗ୍ରେସ କର୍ମୀ ଓ ଜନ ସାଧାରଣ।



**ସୁନାବେଡ଼ା :** ଓଡ଼ିଶା ବନ୍ଦର ପ୍ରଭାବ ସୁନାବେଡ଼ାରେ ବିଶେଷ ଭାବେ ଦେଖା ଦେଇଥିଲା। ସୁନାବେଡାରେ ସମସ୍ତ ଦୋକାନ ବଜାର ବନ୍ଦ ରହିବା ସହ ୨୬ ନଂ ଜାତୀୟ ରାଜପଥରେ ସମସ୍ତ ପ୍ରକାରର ଯାନବାହାନ ଚଳାଚଳ ବନ୍ଦ ରହିଥିଲା। ସୁନାବେଡା ମ୍ୟୁନିସ୍‌ପାଲଟି କଂଗ୍ରେସ କମିଟିର ସଭାପତି ଦିବାନ୍ କୁଲଦୀପଙ୍କ ନେତୃତ୍ୱରେ ସାଂସଦ ପ୍ରତିନିଧି ପିଣ୍ଟୁ କର, ବରିଷ୍ଠ କର୍ମକର୍ତ୍ତା ଦୁଶା ବାରିକ, ତପନ ଖରା, ମହେଶ ଚେଟ୍ଟି, କିଶାନ ବାରିକ, ଲିପିନ ବାସୁଦେବନ, ଶାନ୍ତି ସିଲୋ ଖରା, ଭୂଦାନ ପାତ୍ର, ସୁରଜ ବାଘ, ସଦାନନ୍ଦ ନାୟକ ସୁନାବେଡ଼ା ପୌର ପରିଷଦ ଟ୍ରାଫିକ୍ ଛକ ଜାତୀୟ ରାଜପଥରେ ଉପସ୍ଥିତ ରହି ସୁନାବେଡା ବନ୍ଦକୁ ଶାନ୍ତି ଶୃଙ୍ଖଳାର ସହ ସଫଳ କରିଥିଲେ।

**ସେମିଳିଗୁଡା :** କୋରାପୁଟ ଜିଲ୍ଲାର ସେମିଳିଗୁଡା ବ୍ଲକ କଂଗ୍ରେସ କମିଟି ପକ୍ଷରୁ ବନ୍ଦକୁ ସମ୍ପୂର୍ଣ୍ଣ ଶାନ୍ତିପୂର୍ଣ୍ଣ ଭାବେ ପାଳନ କରାଯାଇଛି। ସକାଳ ୬ଟାରୁ ସଂଧ୍ୟା ୬ଟା ଯାଏ ୧୨ ଘଣ୍ଟିଆ ବନ୍ଦ ପାଳନ କରାଯାଉଛି। ବନ୍ଦ ଯୋଗୁଁ ସହରରେ ଜୀବନଯାତ୍ରା ପ୍ରଭାବିତ ହୋଇଥିଲା। ବସଷ୍ଟାଣ୍ଡ, ଟ୍ରାଫିକ ଛକରେ ଟାୟାର ଜାଳି ରାସ୍ତାକୁ ଚାରିଆଡ଼େ



ଅବରୋଧ କରାଯାଇ ପ୍ରବେଶ ପଥକୁ ବନ୍ଦ କରାଯାଇଥିଲା। ସହରର ସମସ୍ତ ଶିକ୍ଷାନୁଷ୍ଠାନ, ଦୋକାନ ବଜାର, ସରକାରୀ, ବେସରକାରୀ ଅନୁଷ୍ଠାନ ମଧ୍ୟ ବନ୍ଦ ରହିଥିଲା। ବ୍ଲକ କଂଗ୍ରେସ ସଭାପତି ସନିଆ ମାଝୀ ନେତୃତ୍ୱରେ ବିଧାୟକ ପ୍ରତିନିଧି ମହେଶ୍ୱର ଖିଲ, ରାଜୁପୁଟ ସରପଞ୍ଚ ପୀତାମ୍ବର କିର୍ସାନୀ, ଦୁଧାରୀ ସରପଞ୍ଚ ମାଧବ ନନ୍ଦିବାଲି ରାଜପଲମା ସରପଞ୍ଚ ମଧୁ ମୁଦୁଲି, ସାଡମର ସରପଞ୍ଚ ରବି ହନ୍ତାଳ, ଗୁଣ୍ଠାପୁଟ ସରପଞ୍ଚ ବଲଭଦ୍ର ବୋରା, ପୂର୍ବତନ ସମିତି ଅଧ୍ୟକ୍ଷ ଦୀନେଶ ଖରା, ଅଶୋକ କନ୍ଦ ପାନ, କମୁଲୁ ଧଡ଼କା, ଜଗଦୀଶ ବାଘ , ସାଂସଦ ପ୍ରତିନିଧି ଜଗତରାଇ ଖିନିବୁଡି ବିଜୟ ଇଡିଙ୍ଗ ,ଦିଲୀପ କୁଲଦୀପ, ଅନନ୍ତ ଖିଲ, ରାଜେନ୍ଦ୍ର ପାଙ୍ଗି ଓ କର୍ମୀ ମାନେ ଜାତୀୟ ରାଜପଥ ହୋଇ ଆନ୍ଦୋଳନ କରିଥିଲେ। ରାଜ୍ୟ ସରକାରଙ୍କ ବିରୋଧରେ ସ୍ଲୋଗାନ ଦିଆଯାଇଥିଲା। ସେମିଳିଗୁଡା ଥାନା ଅଧିକାରିଣୀ ଅନିତା କୁଜୁର ନେତୃତ୍ୱରେ କଡ଼ା ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଥିଲା। ସେହିପରି ସୁବାଇ ହାଟପଦା, କୁନ୍ଦିଲି ହାଟପଦାରେ କଂଗ୍ରେସ ଦଳର ନେତା କର୍ମୀ ମାନଙ୍କ ଦ୍ୱାରା ରାସ୍ତା ଅବରୋଧ କରାଯାଇଥିଲା।

**ଉମରକୋଟ :** ଓଡିଶା ବନ୍ଦର ପ୍ରଭାବ ନବରଙ୍ଗପୁର ଜିଲ୍ଲା ଉମରକୋଟ ଠାରେ ଦେଖିବାକୁ ମିଳିଛି। ଉମରକୋଟ ସହର ମଧ୍ୟ ଦେଇ ଯାଇଥିବା ୩୯ ନମ୍ବର ଜାତୀୟ ରାଜପଥକୁ କଂଗ୍ରେସ କର୍ମୀ ଅବରୋଧ କରିଥିଲେ। ଏହାସହ ଉମରକୋଟ ସହରର ଡିଏନକେ ଓ ପୁରୁଣା ବସ୍‌ଷ୍ଟାଣ୍ଡ ଠାରେ କଂଗ୍ରେସ କର୍ମୀ ମାନେ ପ୍ରତିବାଦ



କରିଥିବା ଦେଖିବାକୁ ମିଳିଛି। ସହରର ସମସ୍ତ ଦୋକାନ ବଜାର , ବିଭିନ୍ନ ସରକାରୀ ଏବଂ ବେସରକାରୀ ସଂସ୍ଥା ସହ ଗାଡ଼ି ଚଳାଚଳ ବନ୍ଦ କରି ଆନ୍ଦୋଳନ କରିଥିଲେ। ସହର ମଧ୍ୟ ଦେଇ ଗାଡି ମୋଟର ଚଳାଚଳ ବନ୍ଦ ରହିଥିଲା। ଦୂର ଯାତ୍ରାରୁ ଆସିଥିବା କିଛି ଯାତ୍ରୀଙ୍କୁ ବସ୍ ଗୁଡିକ ସହର ଠାରୁ ତିନି କିଲୋମିଟର ଦୂରରେ ଓହ୍ଲାଇ ଦେଇଥିଲେ। ଫଳରେ ବିକଳ୍ପ ବ୍ୟବସ୍ଥା କରି ଯାତ୍ରୀ ମାନେ ନିଜ ନିଜ ଗନ୍ତବ୍ୟ ସ୍ଥଳକୁ ଯାଇଥିଲେ। ଜରୁରୀ ସେବା ଯୋଗାଉଥିବା ଗାଡି, ଆମ୍ବୁଲାନ୍ସ ସହିତ ଔଷଧ ଦୋକାନ ବନ୍ଦରୁ ବାଦ ଦିଆଯାଇଥିଲା।ବାଲେଶ୍ୱର ଜିଲ୍ଲାର ସାଂସଦ, ବିଧାୟକ, ମୁଖ୍ୟମନ୍ତ୍ରୀ, ଉଚ୍ଚଶିକ୍ଷା ମନ୍ତ୍ରୀଙ୍କ ସହ ଜିଲ୍ଲାପାଳଙ୍କ ଇସ୍ତଫା ଦାବି କରିଛନ୍ତି କଂଗ୍ରେସ ନେତା ତଥା ପିସିସି ସଦସ୍ୟ ଶଙ୍କର ଦେ। ଏହି ଆନ୍ଦୋଳନ ସମୟରେ ଶଙ୍କର ଦେ, ଅମୂଲ୍ୟ ପଟ୍ଟନାୟକ, ନଗର କଂଗ୍ରେସ ସମ୍ପାଦକ ପର୍ଶୁରାମ ନାୟକ, କୃଷ୍ଣଚନ୍ଦ୍ର ମାଝୀ, କପୁର ଚନ୍ଦ୍ର ନାୟକ, ପୂର୍ବତନ କାଉନସିଲର ଗୋପାଳ ରାଓ, ନଗର କଂଗ୍ରେସ ଉପସଭାପତି ଏସ୍.ବିଜୟ, ପୂର୍ବତନ କାଉନସିଲର ନୀଳମାଧବ ନାୟକ, ବରିଷ୍ଠ କଂଗ୍ରେସ ନେତା ସୁରେନ୍ଦ୍ର ନାୟକ, ଆଦିତ୍ୟ ଦାସ, କପୁରଚାନ୍ଦ ନାୟକ , ସୁବଲମ ସାନ୍ତା, ଅମିର ସା, ଜଗନ୍ନାଥ ହରିଜନ, ଗୌତମ ପଟ୍ଟନାୟକଙ୍କ ସହ ବେହେଡା, ସିଂସାରୀରୁ ଶହ ଶହ କଂଗ୍ରେସ କର୍ମୀ ଯୋଗ ଦେଇଥିଲେ।

**ଲକ୍ଷ୍ମୀପୁର :** କୋରାପୁଟ ଜିଲ୍ଲା ଲକ୍ଷ୍ମୀପୁର ସଦର ମହକୁମାରେ ସକାଳୁ ବନ୍ଦ ପାଳନ ଯୋଗୁଁ ଅନେକ ବସ୍, ଗାଡି ଅଟକି ରହିଥିଲା। ଲକ୍ଷ୍ମୀପୁର ଦେଇ ୩୨୬ ଜାତୀୟ ରାଜପଥ ଯାଇଛି। ଅନେକ ଗାଡି ମଟର ସହର ମଝିରେ ଠିଆ ହୋଇ ରହିଥିବା ବେଳେ ଦୋକାନ ବଜାର ସବୁ ବନ୍ଦ ରହିଥିଲା। ଗାଡି ମଟର ପୂର୍ବଭଳି ଚଳାଚଳ ଦେଖିବାକୁ



ମିଳି ନଥିଲେ ସୁଦ୍ଧା ଯେଉଁ ସବୁ ଗାଡି ଆସୁ ଥିଲା ସେସବୁକୁ କଂଗ୍ରେସ୍ କର୍ମୀ ଛାଡ଼ି ନ ଥିଲେ। ଶାନ୍ତିପୂର୍ଣ୍ଣ ଭାବେ ବନ୍ଦ ପାଳନ କରାଯାଉଥିବା ଦେଖିବାକୁ ମିଳିଛି। ଏହାର ନେତୃତ୍ୱ ସ୍ଥାନୀୟ ବିଧାୟକ ପବିତ୍ର ସାଉଁନ୍ତା ନେଉଥିବା ବେଳେ ସାଂସଦ ପ୍ରତିନିଧି କୈଳାସ ଖୋସ୍ଲା, ଜିଲ୍ଲାପରିଷଦ ସଭ୍ୟା ପିଙ୍କି ହିମରିକା, ଯୁବ ସଭାପତି ମଣ୍ଟି ଖରା ଓ କର୍ମୀ ପୁର୍ଣ୍ଣ ମାଣ୍ଡିଙ୍ଗା, କାର୍ତ୍ତିକ ମହାନନ୍ଦିଆଙ୍କ ସହ ଶତାଧିକ କଂଗ୍ରେସ କର୍ମୀ ଯୋଗ ଦେଇ ବନ୍ଦ ପାଳନକୁ ସଫଳ କରାଇ ଥିଲେ। ପୁଲିସ୍ ପକ୍ଷରୁ ବ୍ୟାପକ ବ୍ୟବସ୍ଥା ଗ୍ରହଣ କରାଯାଇଥିଲା। ସନ୍ଧ୍ୟାରେ ଗାଡି ମଟର ଚଳାଚଳ ସ୍ୱାଭାବିକ ହୋଇଥିଲା।

**ଲମତାପୁଟ :** ଆଜି କୋରାପୁଟ ଜିଲ୍ଲା ଲମତାପୁଟ ବ୍ଲକ ଠାରେ ଓଡ଼ିଶା ପ୍ରଦେଶ କଂଗ୍ରେସ ତରଫରୁ ଦିଆଯାଇଥିବା ବନ୍ଦ ଡାକରାରେ ଜନଜୀବନ ପ୍ରଭାବିତ ହୋଇଛି। ପୂର୍ବତନ ବ୍ଲକ ଅଧକ୍ଷ ତଥା ଲମତାପୁଟ ବ୍ଲକ ସଭାପତି କୃପସିନ୍ଧୁ ମୁଦୁଲି, ପୂର୍ବତନ ବ୍ଲକ ଅଧକ୍ଷ ସୋମନାଥ ମୁଦୁଲି, ଈସୁ ଖିଲ, ରାଘବ ପାଲକା, ଲବ ବଡ଼ନାୟକ, ଲବ ଖେମୁଣ୍ଡୁ, କୋରାପୁଟ ସାଂସଦ ପ୍ରତିନିଧି ରାମ ଚନ୍ଦ୍ର ପାଙ୍ଗି, ରାମ ପଡାଲ, ଜିଲ୍ଲା ପରିଷଦ ପୂର୍ଣ୍ଣଚନ୍ଦ୍ର ପାଙ୍ଗି, ମାଧବ ଡାଲି ଏବଂ ବ୍ଲକର ସମସ୍ତ କଂଗ୍ରେସ କର୍ମୀ, ମାଛକୁଣ୍ଡ ଓ ଲମତାପୁଟ ପୁଲିସ ବାହିନୀ ଉପସ୍ଥିତ ଥିଲେ।



# ମାଲକାନଗିରି ଓ ରାୟଗଡ଼ା ଜିଲ୍ଲାରେ 'ଓଡ଼ିଶା ବନ୍ଦ'










ରାୟଗଡ଼ା,୧୭।୭(ସମିସ): ବାଲେଶ୍ୱର ଫକୀର ମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କୁ ନ୍ୟାୟ ଦାବିରେ ଓଡିଶା ପ୍ରଦେଶ କଂଗ୍ରେସ କମିଟି ଆହ୍ୱାନ କ୍ରମେ ଆଜି ରାୟଗଡ଼ାରେ ଓଡ଼ିଶା ବନ୍ଦ ପାଳନ କରାଯାଇଛି। ରାୟଗଡ଼ା ଜିଲ୍ଲା କଂଗ୍ରେସ କମିଟି ସଭାପତି ଦୁର୍ଗା ପ୍ରସାଦ ପଣ୍ଡାଙ୍କ ନେତୃତ୍ୱରେ ସମଗ୍ର ଜିଲ୍ଲାରେ କଂଗ୍ରେସ ପକ୍ଷରୁ ଦିଆଯାଇଥିବା ବନ୍ଦ ଡାକାରା ଯୋଗୁ ଜନଜୀବନ ପ୍ରଭାବିତ ହୋଇଥିଲା। ୩୨୬ନମ୍ବର ଜାତୀୟ ରାଜପଥର ରାୟଗଡ଼ା ସହର ସ୍ଥିତ କପିଳାସ ଛକ ଠାରେ କଂଗ୍ରେସ ନେତା ଓ କର୍ମୀମାନେ ବନ୍ଦ ପାଳନ କରିଥିଲେ। ସକାଳ ୬ରୁ ସନ୍ଧ୍ୟା ୬ଟା ପର୍ଯ୍ୟନ୍ତ ବନ୍ଦ ପାଳନ ହୋଇଥିଲା। ସାଧାରଣ ଲୋକେ ଓଭରବ୍ରିଜ ଦେଇ ଯାତାୟାତ କରିବା ସଂପୂର୍ଣ୍ଣ ବାଧାପ୍ରାପ୍ତ ହୋଇଥିଲା। କେବଳ ମେଡିକଲକୁ ଯାଉଥିବା ଆମ୍ବୁଲାନ୍ସ ଓ ରୋଗୀମାନଙ୍କୁ ଛଡା ଯାଉଥିବା ଦେଖିବାକୁ ମିଳିଥିଲା। ଏହି ବନ୍ଦ ପାଳନ ବେଳେ ରାୟଗଡ଼ା ବିଧାୟକ କାଡ୍ରକା ଆପଲାସ୍ୱାମୀ, ବରିଷ୍ଠ କଂଗ୍ରେସ ନେତା ଚିନ୍ନାରୀ କ୍ରିଷ୍ଣା, ମନୋଜ ରଥ, ହୁତାସେନ ନାୟକ, ବାବୁ ରାଜଗୁରୁ, ଅଶୋକ ପୁଆଲା, ଭୂଷଣ ବିଡିକା, ହରିଶ ପଟ୍ଟନାୟକ, ଆସଲାମ ଖାନ, ମାଝି ଶଙ୍କର ରାଓ, ପାର୍ଥ ବର୍ଦ୍ଧନ, ଏମ୍.ଜଗଦୀଶଙ୍କ ସମେତ ଅନ୍ୟ କଂଗ୍ରେସ କର୍ମୀମାନେ ଉପସ୍ଥିତ ରହିଥିଲେ। ଓଭରବ୍ରିଜ ଠାରେ ରାସ୍ତା ଅବରୋଧ କରାଯାଇଥିବାରୁ ସକାଳୁ ସକାଳୁ ଅନେକ ମାଲବାହୀ ଟ୍ରକଗୁଡିକ ଅଟକି ରହିଥିବା ଦେଖିବାକୁ ମିଳିଥିଲା। ମୁଖ୍ୟମନ୍ତ୍ରୀ ଓ ଉଚ୍ଚଶିକ୍ଷା ମନ୍ତ୍ରୀ ତୁରନ୍ତ ଇସ୍ତଫା ଦିଅନ୍ତୁ ଓ ମୃତା ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କୁ ନ୍ୟାୟ ପ୍ରଦାନ କରନ୍ତୁ ବୋଲି କହିଛନ୍ତି ରାୟଗଡା ବିଧାୟକ କାଡ୍ରକା ଆପଲାସ୍ୱାମୀ। ଆଜି କଂଗ୍ରେସର ବନ୍ଦ ପାଳନ ଯୋଗୁଁ ରାୟଗଡ଼ା ସହରର ସମସ୍ତ ଦୋକାନ ବଜାର,ସ୍କୁଲ କଲେଜ, ସରକାରୀ ବେସରକାରୀ କାର୍ଯ୍ୟାଳୟ, ବ୍ୟାଙ୍କଗୁଡିକ ବନ୍ଦ ରହିଥିବା ବେଳେ କଂଗ୍ରେସ କର୍ମୀମାନେ ବାଇକ୍‌ରେ ପିକେଟିଂ କରି ଖୋଲାଯାଇଥିବା କିଛି ଦୋକାନଗୁଡିକୁ ବନ୍ଦ କରୁଥିବା ଦେଖିବାକୁ ମିଳିଥିଲା। ବନ୍ଦ ପାଳନ ବେଳେ ଜିଲ୍ଲା ଓ ପୁଲିସ ପ୍ରଶାସନ ପକ୍ଷରୁ ବ୍ୟାପକ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଥିଲା। ପ୍ରଶାସନିକ ଅଧିକାରୀମାନେ ବୁଲି ବୁଲି ଦାୟିତ୍ୱ ନିର୍ବାହ କରିଥିଲେ।

**ମାଲକାନଗିର :** ମାଲକାନଗିରି ଜିଲ୍ଲାରେ ଓଡିଶା ବନ୍ଦର ପ୍ରଭାବ ପଡିଛି, ଜିଲ୍ଲା କଂଗ୍ରେସ ଦଳ ସଭାପତି ଜି ଶ୍ରୀନିବାସ ରାଓ ଙ୍କ ନେତୃତ୍ୱ ରେ ଜିଲ୍ଲା ସଦର ମହାକୁମା ଠାରେ ଓଡିଶା ବନ୍ଦକୁ ସମର୍ଥନ କରି ବସଷ୍ଟାଣ୍ଡ, ଡିଏନକେ, କଲେଜ, ବାଲିମେଳା ଛକ ସହ ବିଭିନ୍ନ ଛକ ଠାରେ ଶତାଧିକ କଂଗ୍ରେସ କର୍ମୀ ପିକେଟିଂ କରିବା ସହ ଯାନ ବାହନ ଅଟକାଇ ଥିଲେ। ଏହା ଦ୍ୱାରା ଜିଲ୍ଲା ସଦର ସହିତ ସାତଟି ଯାକ ବ୍ଲକ ରେ ଦୋକାନ ବଜାର, ଯାନବାହାନ ଚଳାଚଳ ଆଜି ସକାଳ ୬ଟା ଠାରୁ ବନ୍ଦ ରହିଥିଲା। ଏହା ଦ୍ୱାରା ଯାତ୍ରୀ ଓ ସାଧାରଣ ଯାତାୟତରେ ମଧ ସମସ୍ୟା ଭୋଗିଥିଲେ। ବାଲେଶ୍ୱର ଏଫ ଏମ୍ କଲେଜ ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ମୃତ୍ୟୁ ଘଟଣା କୁ ନିନ୍ଦା କରି, ମୁଖ୍ୟମନ୍ତ୍ରୀ, ଉଚ୍ଚଶିକ୍ଷା ମନ୍ତ୍ରୀ ଙ୍କ ଇସ୍ତଫା, ମୃତ ପରିବାର କୁ ନ୍ୟାୟ, କ୍ଷତିପୂରଣ ଦାବି କରିଛି କଂଗ୍ରେସ ଦଳ। ସମଗ୍ର ମାଲକାନଗିରି ଜିଲ୍ଲାରେ ଓଡ଼ିଶା ବନ୍ଦ ପ୍ରଭାବ ପଡିଛି। ବନ୍ଦ ଯୋଗୁଁ ପେଟ୍ରୋଲ ପମ୍ପ, ସ୍କୁଲ, କଲେଜ ଭଳି ବିଭିନ୍ନ ଅନୁଷ୍ଠାନ ମଧ ବନ୍ଦ ରହିଥିଲା। ଏଥିରେ ମାଲକାନଗିରି ନଗର କଂଗ୍ରେସ ଓ ଜିଲ୍ଲା କଂଗ୍ରେସ ସମେତ ସିପିଆଇ, ସିପିଏମ୍ ଆଦି ଦଳ ସାମିଲ୍ ହୋଇଛନ୍ତି। ମାଲକାନଗିରି ଜିଲ୍ଲା ବନ୍ଦ ଡାକରାରେ ସହରରେ ଆଇନ ଶୃଙ୍ଖଳା ପରିସ୍ଥିତିକୁ ନିୟନ୍ତ୍ରଣ କରିବା ପାଇଁ ସହର ଓ ବିଭିନ୍ନ ବ୍ଲକ, ଜିଲ୍ଲାପାଳ ଅଫିସ ସହିତ ଅନ୍ୟାନ ଅଫିସ ସମ୍ମୁଖରେ ପୁଲିସ ମୁତୟନ ସହିତ କଡା ସୁରକ୍ଷା ବ୍ୟବସ୍ଥା କରା ଯାଇଥିଲା। ଏହା ବ୍ୟତିତ ମୋବାଇଲ୍ ପାଟ୍ରୋଲିଂ ଟିମ୍ ସହ ପିସିଆର୍ ଭ୍ୟାନ କଡ଼ାକଡ଼ି ପାଟ୍ରୋଲିଂ ବ୍ୟବସ୍ଥା ରଖାଯାଇଥିଲା। ଏହି ଆନ୍ଦୋଳନରେ ଜିଲ୍ଲା କଂଗ୍ରେସ ସଭାପତି ଜି ଶ୍ରୀନିବାସ ରାଓ, ଜିଲ୍ଲା କଂଗ୍ରେସ କମିଟି ପୂର୍ବତନ ସଭାପତି ଗୋବିନ୍ଦ ପାତ୍ର, କେଶୁ ରାଓ, ପଦ୍ମ ପାଙ୍ଗି, ପ୍ରଭାକର ପାଲ, ପର୍ଶୁରାମ ଭକ୍ତ, ପ୍ରାଣକୃଷ୍ଣ ମଣ୍ଡଳ, ରହିମ ଖାନ, କୃଷ୍ଣ ଚନ୍ଦ୍ର ଅନୁଗୁ, ଇର୍ମା ପଡିଆମୀ, ପୁଷ୍ପା ରାଣୀ କବାସୀ, ଭୀମା ବକ୍ଷର୍ଶେ ପ୍ରମୁଖ କଂଗ୍ରେସ ନେତା ଓ କର୍ମୀ ମାନେ ଉପସ୍ଥିତ ଥିଲେ।ଏହା ବ୍ୟତିତ ବାଲିମେଳା ଛକଠାରେ ସିପିଆଇଏମ ଜିଲ୍ଲା ସମ୍ପାଦକ ବ୍ରଜ ମାଝୀ ଙ୍କ ନେତୃତ୍ୱ ରେ ପିକେଟିଂ ସହ ବନ୍ଦପାଳନ ହୋଇଥିଲା।

**ଗୁଣୁପୁର :** ଓଡିଶା ବନ୍ଦ ଡାକରାର ପ୍ରଭାବ ଗୁଣୁପୁର ଠାରେ ପଡିଛି। ଗୁଣୁପୁର ନିର୍ବାଚନ ମଣ୍ଡଳୀର ୫ଟି ବ୍ଲକ୍ ଯଥା ଗୁଣୁପୁର, ପଦ୍ମପୁର, ରାମନାଗୁଡ଼ା, ଗୁଡାରି, ଚନ୍ଦ୍ରପୁର ବ୍ଲକ୍‌ରେ କଂଗ୍ରେସ ବିଧାୟକ ସତ୍ୟଜିତ ଗମାଙ୍ଗ ଙ୍କ ନେତୃତ୍ୱରେ ବନ୍ଦ ପାଳନ କରାଯାଇଛି। ଗୁଣୁପୁର ବାଇପାସ୍ ଛକରେ କଂଗ୍ରେସ ବିଧାୟକ ଓ କର୍ମୀ ମାନେ ଟାୟାର ଜାଳି ରାସ୍ତା ଅବୋରଧ କରି ପ୍ରତିବାଦ କରିଛନ୍ତି। ସରକାର ବିରୋଧରେ ନାରା ଦିଆଯାଇଛି। ମୁଖ୍ୟ ରାସ୍ତା ଅବୋରଧ କରିବା ସହ ଗାଡି ଚଳାଚଳ , ଦୋକାନ ବଜାର ବନ୍ଦ ରହିଛି। ମୁଖ୍ୟମନ୍ତ୍ରୀ ଓ ଗଣ ଶିକ୍ଷା ମନ୍ତ୍ରୀ ଇସ୍ତଫା ଦେବା ପାଇଁ ଦାବି କରିଛନ୍ତି କଂଗ୍ରେସ ବିଧାୟକ ସତ୍ୟଜିତ ଗମାଙ୍ଗ। ସେହିଭଳି ଏହି ବନ୍ଦ ପାଳନକୁ ସମର୍ଥନ ଜଣାଇଥିଲା ବାମପନ୍ଥୀ ଦଳ ସିପିଆଇଏମ୍ଏଲ ଲିବରେସନ ପାର୍ଟୀ।

**ବିଷମକଟକ :** ବନ୍ଦର ପ୍ରଭାବ ବିଷମ କଟକ ବ୍ଲକରେ ମଧ ଦେଖିବାକୁ ମିଳିଛି। ବିଷମ କଟକ ବିଧାୟକ ନିଳ ମାଧବ ହିକକା ଙ୍କ ନେତୃତ୍ୱରେ ଚାଲିଥିବା ଆନ୍ଦୋଳନରେ ବିଷମ କଟକ ବ୍ଲକ କାର୍ଯ୍ୟାଳୟ ନିକଟରେ, ମାର୍କମା ମନ୍ଦିର ଛକ, ମାମାର୍କମା ମହାବିଦ୍ୟାଳୟ ଛକରେ କଂଗ୍ରେସ କର୍ମୀ ମାନେ ରାସ୍ତା ଅବରୋଧ କରିଥିଲେ। ଫଳରେ ଯାନବାହାନ ଚଳାଚଳ ସଂପୂର୍ଣ୍ଣ ଠପ୍ ହୋଇଯାଇଛି। ସ୍ୱାସ୍ଥ୍ୟସେବା ଏବଂ ଅଗ୍ନିଶମ ସେବା ଭଳି ଜରୁରୀକାଳିନ ସେବାକୁ ବାଦ ଦେଇ ଅନ୍ୟ ସମସ୍ତ ଦୋକାନ ବଜାର ଗାଡି ଚଳାଚଳ ସଂପୂର୍ଣ୍ଣ ବନ୍ଦ ରହିଛି। ସହରର ରାସ୍ତାଘାଟ ଏକ ପ୍ରକାର ଶୂନଶାନ ଦେଖିବାକୁ ମିଳିଥିଲା। ସହରରେ ଦୋକାନ ବଜାର, ସରକାରୀ, ବେସରକାରୀ ଶିକ୍ଷାନୁଷ୍ଠାନ, ବ୍ୟାଙ୍କ ପ୍ରତିଷ୍ଠାନ ସବୁ ବନ୍ଦ ରହିଛି। ଏହି ବନ୍ଦ ପାଳନରେ ବ୍ଲକ ସଭାପତି କୃଷ୍ଣଚନ୍ଦ୍ର ନାଣକା, ଅଜିତ ସାରକା, ବୃନ୍ଦାବନ ପଟ୍ଟନାୟକ, ଶିବ ଶଙ୍କର ମହାପାତ୍ର, ଅନିରୁଦ୍ଧ ବେହେରା, ପୁରୁଷୋତ୍ତମ ତୁଳ, ଶୁଭେନ୍ଦୁ ଚୌଧୁରୀ, ନିଖିଳ ପଟ୍ଟନାୟକ, ଅମିତାଭ ପଟ୍ଟନାୟକଙ୍କ ସମେତ ବ୍ଲକ୍‌ର ବିଭିନ୍ନ ଅଞ୍ଚଳରୁ ଶତାଧିକ କଂଗ୍ରେସ କର୍ମୀମାନେ ଯୋଗଦେଇ ଶାନ୍ତିପୂର୍ଣ୍ଣ ଭାବେ ବନ୍ଦକୁ ସଫଳ କରିଥିଲେ।

**ଟିକିରି :** ଓଡିଶା ବନ୍ଦର ପ୍ରଭାବ ରାୟଗଡ଼ା ଜିଲ୍ଲା କାଶୀପୁର ବ୍ଲକର ଟିକିରିରେ ଦେଖିବାକୁ ମିଳିଛି। ପ୍ରଦେଶ କଂଗ୍ରେସ କମିଟିର ସଭାପତି ଭକ୍ତ ଦାସଙ୍କ ଡାକରାରେ ରାୟଗଡ଼ା ଜିଲ୍ଲା ସଭାପତି ଦୁର୍ଗା ପ୍ରସାଦ ପଣ୍ଡାଙ୍କ ଆହ୍ୱାନ କ୍ରମେ ରାୟଗଡ଼ା ଆସେମ୍ବ୍ଲି ଯୁବ କଂଗ୍ରେସ ସଭାପତି ଜସେଫ କସ୍ପା ଓ ଏସିସେଲ ସଭାପତି ରାଜେନ୍ଦ୍ର ଦୁରିଆଙ୍କ ନେତୃତ୍ୱରେ ବହୁ କଂଗ୍ରେସ ଦଳର କର୍ମୀ, ନେତା ଉପସ୍ଥିତ ରହି ଶାନ୍ତିପୂର୍ଣ୍ଣ ଭାବେ ବନ୍ଦ ପାଳନ କରିଛନ୍ତି। ରୋଗୀବୁହା, ଅଗ୍ନିଶମ ଜରୁରୀକାଳୀନ ସେବାକୁ ବାଦ ଦେଇ ସ୍କୁଲ, କଲେଜ, ଛୋଟବଡ଼ ଦୋକାନ ବଜାର, କାର୍ଯ୍ୟାଳୟ ଗୁଡିକ ସକାଳ ୬ ରୁ ସନ୍ଧ୍ୟା ୬ ପର୍ଯ୍ୟନ୍ତ ବନ୍ଦ ରହିଥିଲା। କାଶୀପୁର ବ୍ଲକର କାଶୀପୁର, ଟିକିରି, ଡଙ୍ଗାସିଲ ସମେତ କାଶୀପୁର ବ୍ଲକର ସମସ୍ତ ପଞ୍ଚାୟତରେ ଏହାର ପ୍ରଭାବ ଦେଖିବାକୁ ମିଳିଥିଲା। ଶାନ୍ତି ଶୃଙ୍ଖଳା ରକ୍ଷା କରିବା ପାଇଁ ପୁଲିସ ଓ ଯବାନମାନେ ମୁତୟନ ରହିଥିଲେ। ସକାଳ ୬ଟାରୁ କଂଗ୍ରେସ କର୍ମୀମାନେ କାଶୀପୁର ବ୍ଲକର ବିଭିନ୍ନ ଛକରେ ବ୍ୟାନର ଲଗାଇ ରାସ୍ତା ଅବରୋଧ କରିବା ସହ ସରକାରଙ୍କ ବିରୁଦ୍ଧରେ ନାରାବାଜି କରିଥିଲେ। କଂଗ୍ରେସର ବନ୍ଦ ପାଳନ ଯୋଗୁଁ କାଶୀପୁର ବ୍ଲକର ସମସ୍ତ ସ୍ଥାନରେ ଦୋକାନ ବଜାର ବନ୍ଦ ରହିଥିବା ବେଳେ ଯାନବାହାନ ଚଳାଚଳ ମଧ୍ୟ ସଂପୂର୍ଣ୍ଣ ଭାବେ ବନ୍ଦ ରହିଛି। ଆନ୍ଦୋଳନକାରୀ କଂଗ୍ରେସ କର୍ମୀ ମାନେ ଉଚ୍ଚଶିକ୍ଷା ମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀଙ୍କ ଇସ୍ତଫା ଦାବି କରିଛନ୍ତି।

**ମୁନିଗୁଡା :** ରାୟଗଡ଼ା ଜିଲ୍ଲା ମୁନିଗୁଡା ସଦର ମହକୁମା ଓ ଅମ୍ବାଦଳା ଠାରେ ଶହ ଶହ କଂଗ୍ରେସ କର୍ମୀ କଳାହାଣ୍ଡି ଓ ରାୟଗଡାକୁ ସଂଯୋଗ କରୁଥିବା ୫ ନମ୍ବର ରାଜ୍ୟ ରାଜପଥକୁ ଅବରୋଧ କରି ରଖିଥିଲେ। ଜିଲ୍ଲାର ବିଭିନ୍ନ ସ୍ଥାନରେ ବ୍ଲକ କଂଗ୍ରେସ କର୍ମୀ ମାନେ ରାସ୍ତାରେ ଟାୟାର ଜାଳି ରାସ୍ତାରୋକ କରି ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ରାସ୍ତାର ଉଭୟ ପାଶ୍ୱର୍ରେ ଗାଡି ଗୁଡିକ ଅଟକି ରହିଥିଲା। ସ୍କୁଲ କଲେଜ ଓ ବଜାର ବନ୍ଦ ରହିଥିଲା। ମୁନିଗୁଡା ଠାରେ ମୁନିଗୁଡା ବ୍ଲକ କଂଗ୍ରେସ ସଭାପତି ନୀଳାମ୍ବର ବିଭାରଙ୍କ ନେତୃତ୍ୱରେ ଅଞ୍ଚଳର ଶତାଧିକ କଂଗ୍ରେସ କର୍ମୀ ଯୋଗ ଦେଇ ମୁନିଗୁଡା ଗୁଣ୍ଡିଚା ନଗର ଛକ, ସହିଦ ଲକ୍ଷ୍ମଣ ନାୟକ ଛକ ଓ ମୁନିଖୋଲ ଛକ ଠାରେ ରାସ୍ତା ଅବରୋଧ କରିଥିବା ବେଳେ କର୍ମୀ ମାନେ ଏକ ଶୋଭାଯାତ୍ରାରେ ଯାଇ ବିଭିନ୍ନ କାର୍ଯ୍ୟାଳୟ ଓ ଅନୁଷ୍ଠାନକୁ ବନ୍ଦ କରାଇଥିଲେ। ସେହିପରି ଅମ୍ବାଦଳା ଠାରେ ସାଂସଦ ପ୍ରତିନିଧି ରଜନୀ କାନ୍ତ ପୋଡାଲଙ୍କ ନେତୃତ୍ୱରେ ଅମ୍ବାଦଳା ଓ ଏହାର ଆଖ ପାଖ ଅଞ୍ଚଳରୁ ଶତାଧିକ କଂଗ୍ରେସ କର୍ମୀ ଉପସ୍ଥିତ ରହିବା ସହ ଅମ୍ବାଦଳାର ଷ୍ଟେସନ ଛକରେ ରାସ୍ତା ଅବରୋଧ କରିବା ସହ ବିଭିନ୍ନ ସ୍ଲୋଗାନ ଦେଇ ପୀଡ଼ିତା ଛାତ୍ରୀଙ୍କୁ ନ୍ୟାୟ ଦାବୀ କରିବା ସହ ଶିକ୍ଷା ମନ୍ତ୍ରୀ ଓ ମୁଖ୍ୟ ମନ୍ତ୍ରୀଙ୍କ ଇସ୍ତଫା ଦାବି କରିଥିଲେ। ଅଞ୍ଚଳର କଂଗ୍ରେସ କର୍ମୀ ମାନେ ଅମ୍ବାଦଳା ସହରର ସମସ୍ତ ଦୋକାନ ବଜାର ଓ ସମସ୍ତ ସରକାରୀ, ବେସରକାରୀ କାର୍ଯ୍ୟାଳୟକୁ ବନ୍ଦ କରାଇଥିଲେ। ରାସ୍ତା ଅବରୋଧ ଯୋଗୁଁ ମୁନିଗୁଡା ଓ ଆମ୍ବଦଳା ନିକଟରେ ଶତାଧିକ ଯାନ ବାହାନ ଅଟକି ରହିଥିଲା। ଏହି ୧୨ ଘଣ୍ଟିଆ ଧର୍ମଘଟ ଯୋଗୁଁ ଦୂର ଦୁରାନ୍ତରୁ ଆସିଥିବା ଯାତ୍ରୀ ମାନେ ବହୁ ସମସ୍ୟାର ସମ୍ମୁଖୀନ ହୋଇଥିଲେ। ଯଦି ଦାବୀ ପୂରଣ ନହୁଏ ଆଗାମୀ ଦିନରେ ଏହି ଆନ୍ଦୋଳନକୁ ଜୋରଦାର କରାଯିବ ବୋଲି ବିଷମ କଟକ ବିଧାୟକ ନୀଳମାଧବ ହିକକା ମତ ରଖିଥିଲେ।

**କାଶୀପୁର :** ରାୟଗଡା ଜିଲ୍ଲା କାଶୀପୁର ବ୍ଲକରେ ବନ୍ଦର ପ୍ରଭାବ ଦେଖିବାକୁ ମିଳିଛି। ସକାଳ ୬ଟାରୁ କଂଗ୍ରେସ କର୍ମୀମାନେ ଜିଲ୍ଲାର ବିଭିନ୍ନ ଛକରେ ବ୍ୟାନର ଲଗାଇ ରାସ୍ତା ଅବରୋଧ କରିବା ସହ ସରକାରଙ୍କ ବିରୁଦ୍ଧରେ ନାରାବାଜି କରିଥିଲେ। କଂଗ୍ରେସର ବନ୍ଦ ପାଳନ ଯୋଗୁଁ କାଶୀପୁର ବ୍ଲକର ସମସ୍ତ ସ୍ଥାନରେ ଦୋକାନ ବଜାର ବନ୍ଦ ରହିଥିବା ବେଳେ ଯାନବାହାନ ଚଳାଚଳ ମଧ ସଂପୂର୍ଣ୍ଣ ଭାବେ ବନ୍ଦ ରହିଥିଲା। ସ୍କୁଲ ,କଲେଜ,ବ୍ୟାଙ୍କ ମଧ ବନ୍ଦ ରହିଥିଲା। ଆନ୍ଦୋଳନକାରୀ କଂଗ୍ରେସ କର୍ମୀ ମାନେ ଉଚ୍ଚଶିକ୍ଷା ମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀଙ୍କ ଇସ୍ତଫା ଦାବି କରିଛନ୍ତି। ଯାହାଫଳରେ ସାଧାରଣ ଲୋକେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଏହି ଆନ୍ଦୋଳନ ସମୟରେ କାଶୀପୁର ବ୍ଲକ କଂଗ୍ରେସ ସଭାପତି ଅଙ୍ଗଦ ନାଏକ, ପି ଦେବେନ୍ଦ୍ର ରାଓ, ଅନିଲ ଜୈନ, ପୁରନ୍ଦର ସିଂ, ବାଳକୃଷ୍ଣ ବୈଦ୍ୟ, ଜୟନ୍ତୁ ବୈଠାରୁ, ମିଥୁନ ନାଏକଙ୍କ ସହ ଦଳୀୟ କର୍ମୀ ଉପସ୍ଥିତ ଥିଲେ।

**ରାମନାଗୁଡ଼ା :** ରାମନାଗୁଡା ବ୍ଲକ୍‌ରେ ବନ୍ଦର ପ୍ରଭାବ ଦେଖିବାକୁ ମିଳିଥିଲା। ରାମନାଗୁଡା ବ୍ଲକର ମୁଖ୍ୟ କର୍ମୀ ଓ ସମର୍ଥକଙ୍କ ସହାୟତାରେ ଦୋକାନ, ବଜାର, ସ୍କୁଲ, କଲେଜ ଓ ସରକାରୀ କାର୍ଯ୍ୟାଳୟ ସବୁ ବନ୍ଦ ରହିଥିଲା। ତେବେ ଅତ୍ୟାବଶ୍ୟକ ଯାନବାହାନ ଗୁଡିକୁ ଛଡାଯାଇଥିଲା। ଏହି ରାସ୍ତା ଅବରୋଧରେ ରାମନାଗୁଡା ବ୍ଲକ୍ କଂଗ୍ରେସ ସଭାପତି ବାଞ୍ଛାନିଧି ବେହେରାଙ୍କ ନେତୃତ୍ୱରେ ରଞ୍ଜିତନାୟକ ବେହେରା, ଗୁଣୁପୁର ନିର୍ବାଚନ ମଣ୍ଡଳୀର ଓବିସି ସେଲର ସଭାପତି ତାଂଗୁଡୁ ଶ୍ରୀଧ. ଏସଟି ସେଲର ଉପସଭାପତି ପ୍ରକାଶ କୋଣ୍ଡାଗୋରୀ, ଭାସ୍କର କଦ୍ରାକା, ଯୁବନେତା ସନ୍ତୋଷ ଲାବଲା, ସୁଦର୍ଶନ ନାଗଭୁଷଣ ଆପାରାଓ, ପାଲଟା ପଦ୍ମମନ ଗାଣ୍ଟଲଙ୍କ ସମେତ ଅନେକ କଂଗ୍ରେସ କର୍ମୀ ଉପସ୍ଥିତ ରହି ଶାନ୍ତି ଶୃଙ୍ଖଳା ସହ ବନ୍ଦ ଡାକରା ସଫଳ କରିଥିଲେ।

**ଗୁଡାରୀ :** ଗୁଡାରୀ ବ୍ଲକ୍ ଏବଂ ପରିଷଦରେ ବନ୍ଦର ପ୍ରଭାବ ଦେଖିବାକୁ ମିଳିଛି। ସକାଳ ୯ ଟା ସମୟରେ ଶତାଧିକ କର୍ମୀମାନଙ୍କ ସହ ଏମ୍‌ପି ପ୍ରତିନିଧି ଏସ. ମିନେକେଶ୍ୱରୀ କଂଗ୍ରେସର ରାମକୃଷ୍ଣ ଏବଂ ବାମଦଳର ମୁଖ୍ୟ ବୃନ୍ଦାଭାଇଙ୍କ ନେତୃତ୍ୱରେ ଗୁଡାରୀ ସହରରେ ବାଇକ୍ ରାଲି କରିଥିଲେ। ୧୨ ଘଣ୍ଟିଆ ଆନ୍ଦୋଳନ ଯୋଗୁଁ ସ୍କୁଲ କଲେଜ ଦୋକାନ ବଜାର ବନ୍ଦ ରହିଥିଲା। ବାହାରରୁ ଆସି ବସ୍‌କୁ ଅପେକ୍ଷା କରିଥିବା ଯାତ୍ରୀ ବହୁ ଅସୁବିଧାର ସମ୍ମୁଖୀନ ହୋଇଥିଲେ। ଆନ୍ଦୋଳନକୁ ଆଖି ଆଗରେ ରଖି ଗୁଡାରୀ ଥାନାଅଧିକାରୀ ସମର୍ପିତା ସ୍ୱାଇଁ ସହରର ମୁଖ୍ୟ ସ୍ଥାନରେ ପୋଲିସ ମୁତୟନ କରିଥିଲେ। ବରିଷ୍ଠ କଂଗ୍ରେସ ନେତା ପି.ରାମେଶାଙ୍କ ଆନ୍ଦୋଳନରେ ଦେଖା ନଦେବା ସାଧାରଣରେ ଚର୍ଚ୍ଚା ହେଉଛି।

**ପଦ୍ମପୁର :** ରାୟଗଡ଼ା ଜିଲ୍ଲାର ପଦ୍ମପୁର ଠାରେ କଂଗ୍ରେସ ଦଳ ତରଫରୁ ବନ୍ଦ ପାଳନ ଶାନ୍ତିଶୃଙ୍ଖଳା ସହ ଶେଷ ହୋଇଛି। କଂଗ୍ରେସ ସମର୍ଥକ ମାନେ ପଦ୍ମପୁର ସୁନାରିଘାଇ ଛକ ଠାରେ ଟାଇର୍ ଜାଳି ରାସ୍ତା ଅବରୋଧ କରିବା ସହ ଦୋକାନ ବଜାର ବନ୍ଦ କରିଥିଲେ। ବଜାର, ପରିବହନ, ଶିକ୍ଷାନୁଷ୍ଠାନ, ସରକାରୀ ଅଫିସ୍, ଅଦାଲତ, ବ୍ୟାଙ୍କ୍ ଏବଂ ବୀମା ଭଳି ରାଷ୍ଟ୍ରାୟତ ଉଦ୍ୟୋଗ ବନ୍ଦ ରହିଥିଲା। ବିଧାୟକ ଗୁଣୁପୁର ସତ୍ୟଜିତ ଗମାଙ୍ଗଙ୍କ ନେତୃତ୍ୱରେ ପଦ୍ମପୁର ବ୍ଲକ କଂଗ୍ରେସ କମିଟି ତରଫରୁ ଓଡିଶା ବନ୍ଦ ପାଳନ କରାଯାଇଥିଲା। ସାଂସଦ ପ୍ରତିନିଧି ଏମ. ସୁରେଶ କୁମାର, ବ୍ଲକ ସଭାପତି ସାହେବ ଶବର, ପୂର୍ବତନ ବ୍ଲକ ଅଧକ୍ଷ ରମାକାନ୍ତ ମାଝୀ,ଅନିଲ ଚୌଧୁରୀ, ଖଇରା ମାଝୀ, ଦିଗାମ୍ବର ଦାସ,ସୂର୍ଯ୍ୟ ନାରାୟଣ, ପାଉଲ ମାଝୀ, ବୁଦ୍ଧ ଶବର,ଜ୍ଞାନ ରଞ୍ଜନ ମିଶ୍ର, କିଶୋର ପାଲାକା,ବାଲା ଶବର, ଚିରଞ୍ଜିବି ଗାଣ୍ଟା, ରାମୂର୍ତ୍ତିଙ୍କ ସହ ବହୁ କଂଗ୍ରେସ କର୍ମୀ ଯୋଗ ଦେଇଥିଲେ। ଶାନ୍ତି ଶୃଙ୍ଖଳା ରକ୍ଷା ପାଇଁ ପଦ୍ମପୁର ଥାନା ଆଇଆଇସି ଧରଣୀଧର ପ୍ରଧାନଙ୍କ ସହ କେନ୍ଦୁଗୁଡା ଓ ଗୁମୁଡା ପୁଲିସ ପାଟ୍ରୋଲିଂ କରିଥିଲେ।

**ଚନ୍ଦ୍ରପୁର :** ରାୟଗଡ଼ା ଜିଲ୍ଲା ଚନ୍ଦ୍ରପୁର ବ୍ଲକରେ ବିଭିନ୍ନ ସ୍ଥାନରେ ରାସ୍ତା ଅବରୋଧ କରାଯାଇ ଯାନବାହାନ ଚଳାଚଳ ବନ୍ଦ କରାଯାଇଥିଲା। ଚନ୍ଦ୍ରପୁରରେ ମା ଝଲିଆ ମନ୍ଦିର ମୁଖ୍ୟ ରାସ୍ତାରେ ସକାଳ ୬ ରୁ ସନ୍ଧ୍ୟା ୬ ଘଣ୍ଟା ପର୍ଯ୍ୟନ୍ତ କଂଗ୍ରେସ ଦଳ ପକ୍ଷରୁ ଶାନ୍ତିପୂର୍ଣ୍ଣ ବନ୍ଦ ଡାକରା ଦିଆଯାଇଥିଲା। ବନ୍ଦ ଡାକରା ଯୋଗୁଁ ଜନଜୀବନ ଅସ୍ତବ୍ୟସ୍ତ ହୋଇଥିବା ବେଳେ ସମସ୍ତ ବ୍ୟବସାୟ ପ୍ରତିଷ୍ଠାନ ଦୋକାନ ବଜାର, ହନୁମନ୍ତପୁର ସାପ୍ତାହିକ ହାଟ, ସ୍କୁଲ, କଲେଜ, ବ୍ଲକ ଅଫିସ, ତହସିଲ ଅଫିସ ଆଇସିଡିସ ଅଫିସ, ପଞ୍ଚାୟତ ଅଫିସ୍,ବ୍ୟାଙ୍କ୍, ବେସରକାରୀ ବସ, ଲକ୍ଷ୍ମୀ ବସ ଓ ସରକାରୀ ବସ ଚଳାଚଳ ବନ୍ଦ ରହିଥିଲା। ଚନ୍ଦ୍ରପୁରରେ ବନ୍ଦ ଡାକରାରେ ବ୍ଲକ କଂଗ୍ରେସ କମିଟି ସଭାପତି ଜର୍ଜ କାଡ଼ାଇସିକା, ବୁଡୁବାଲି ସରପଞ୍ଚ ଭୀମ ଗଗେରେଙ୍ଗା, ରତନ ମାଳବିଶୋଇ, ମୁରାରି ପ୍ରସାଦ ଦଣ୍ଡସେନା, ସୁବାସ ମାଝୀ, ପରୀକ୍ଷିତ ବେହେରା, କାହ୍ନୁ ରାଜୁ, ରାଜୁ ପାଲାକା, ରୁଙ୍ଗାସା ପିଡିକାକା, ଜଗନ୍ନାଥ ବିଭାର, କାଳିଆ କାହ୍ନୁ ପଅସ୍କା, ଅଭି ଦିବାକା, ଅଙ୍କୁର ନାୟକ ସମେତ ଶତାଧିକ କଂଗ୍ରେସ କର୍ମୀ ଯୋଗ ଦେଇଥିଲେ। ସେହିପରି ଡ଼ାଙ୍ଗସୋରଡ଼ାରେ ବିଜୟ ପ୍ରସାଦ ଉଲାକା, ସୁବ୍ରତ କୁମାର ମଣ୍ଡଳ, ସନ୍ୟାସୀ ଗଗେରେଙ୍ଗା, ପତି ଗର୍ଡନାକା, ହନୁମନ୍ତପୁରରେ ପୂର୍ଣ୍ଣ ବିଏସ୍କା, ବାବାଜି କୁସୁଲିଆ ,ମଦନ ବିଏସ୍କା, ଲେମ୍ବୁଡୁ ଗାଡ଼ାକା, ଗଙ୍ଗା ଦିବାକା, ସୁନିଲ ବଳିଆର, କପିଳ ମୁଗୁଲି ପ୍ରମୁଖ ଉପସ୍ଥିତ ଥିଲେ। ଚନ୍ଦ୍ରପୁର ଥାନା ଅଧିକାରୀ ପ୍ରଶାନ୍ତ କୁମାର ସେଠୀଙ୍କ ନେତୃତ୍ୱରେ ପୁଲିସ କର୍ମଚାରୀ ହରେକୃଷ୍ଣ ମୁଣ୍ଡାରୀ, ଖଗେଶ୍ୱର ଦେଉରୀ, ରଜନୀ ମିଶ୍ର, ରବି ମୁଟୁକା, ଏଙ୍କେଟି ରାଓ ଶବର, ତନୁଜା ଭାଟ ବନ୍ଦ ଡାକରା ଉପସ୍ଥିତ ରହି ଶାନ୍ତି ଶୃଙ୍ଖଳା ରକ୍ଷା କରିଥିଲେ।

**କଲ୍ୟାଣସିଂହପୁର :** ବାମପନ୍ଥୀ ଓ କଂଗ୍ରେସ ଦଳ ପକ୍ଷରୁ ୧୨ ଘଣ୍ଟିଆ ଓଡିଶା ବନ୍ଦ ଡାକରା ଦେଇଥିବାରୁ ତାହାର ପ୍ରଭାବରେ ରାୟଗଡା ଜିଲ୍ଲା କଲ୍ୟାଣସିଂହପୁରରେ ପଡ଼ିଥିଲା। ରାୟଗଡା ଜିଲ୍ଲା ସଭାପତି ଦୁର୍ଗା ପ୍ରସାଦ ପଣ୍ଡାଙ୍କ ଆହ୍ୱାନ କ୍ରମେ ବ୍ଲକ ସଭାପତି ଚିନ୍ତାଲୀ ନାଗେଶ୍ୱର ରାଓଙ୍କ ନେତୃତ୍ୱରେ ବହୁ କଂଗ୍ରେସ ଦଳର କର୍ମୀ ନେତା ଉପସ୍ଥିତ ରହି ଶାନ୍ତିପୂର୍ଣ୍ଣ ଭାବେ ବନ୍ଦ ପାଳନ କରିଛନ୍ତି। ରୋଗୀବୁହା, ଅଗ୍ନିଶମ ଜରୁରୀକାଳୀନ ସେବା କୁ ବାଦ ଦେଇ ସ୍କୁଲ, କଲେଜ, ଛୋଟବଡ଼ ଦୋକାନ ବଜାର କାର୍ଯ୍ୟାଳୟ ଗୁଡିକ ସକାଳ ୬ରୁ ସନ୍ଧ୍ୟା ୬ ପର୍ଯ୍ୟନ୍ତ ବନ୍ଦ ରହିଥିଲା। ଏଥିରେ ସାଂସଦ ପ୍ରତିନିଧି କୁମାରସ୍ୱାମୀ କୌଶଲ୍ୟା, ବିଧାୟକ ପ୍ରତିନିଧି ପ୍ରଶାନ୍ତ କୌଶଲ୍ୟା, ନିୟମଗିରି ପାହାଡ଼ରେ ଆବାହକ ଲଦ ଶିକକା, କଞ୍ଚାଙ୍ଗମାଣ୍ଡି ବୋଳି ମାଝୀ, ପାର୍ସାଲି ସଭାପତି ଅଣ୍ଡେଲ ଭତ୍ରା, ଏସି ସେଲର ଜିଲ୍ଲା ଉପସଭାପତି (ବୁଡୁ) ଚିତ୍ତରଞ୍ଜନ ଗାଣ୍ଟା, ଲକ୍ଷ୍ମଣ ଲିଙ୍ଗିରି, ଆପୁଲୁ ସ୍ୱାମୀ କୌଶଲ୍ୟା, ଗୁଡୁଲ୍ଲା ପ୍ରସାଦ ରାଓ ପ୍ରମୁଖ ଉପସ୍ଥିତ ରହିଥିଲେ।

**ଚିତ୍ରକୋଣ୍ଡା :** ଓଡ଼ିଶା ବନ୍ଦ ର ପ୍ରଭାବ ଚିତ୍ରକୋଣ୍ଡା ବ୍ଲକରେ ମଧ ଦେଖିବାକୁ ମିଳିଛି। ଚିତ୍ରକୋଣ୍ଡା ବ୍ଲକରେ ଚିତ୍ରକୋଣ୍ଡା ବିଧାୟକ ମଙ୍ଗୁ ଖିଲଙ୍କ ନେତୃତ୍ୱ ପ୍ରତିବାଦ କରାଯାଇଥିଲା। ଚିତ୍ରକୋଣ୍ଡାର ସମସ୍ତ ସରକାରୀ ଅନଷ୍ଠାନ ଠାରୁ ବେସରକାରୀ ଅନୁଷ୍ଠାନ ସ୍କୁଲ,କଲେଜ, ବଜାର,ପେଟ୍ରୋଲ ପମ୍ପ ବସ ସେବା ଗୁଡିକ ବନ୍ଦ ଥିଲା। ବିଧାୟକ କହିଥିଲେ,ବିଜେପି ସରକାର ଙ୍କ ଦାୟିତ୍ୱହୀନତା ଏପରି ଘଟଣା ଘଟିଛି। ଏହୀ ଘଟଣା ନିମନ୍ତେ ମୁଖ୍ୟମନ୍ତ୍ରୀ ଓ ଉଚ୍ଚ ଶିକ୍ଷା ମନ୍ତ୍ରୀ ଦାୟୀ। ସୌମ୍ୟାଶ୍ରୀ ଓ ତାଙ୍କ ପାରିବାରକୁ ନ୍ୟାୟ ନ ମିଳିଲା ଯାଏଁ ଆଗକୁ ଆନ୍ଦୋଳନ ତୀବ୍ରତର ହେବ ବୋଲି ସେ କହିଥିଲେ। ଏହି ବନ୍ଦରେ ବିଧାୟକଙ୍କ ସହିତ ମାଲକାନଗିରି ଜିଲ୍ଲା ପୂର୍ବତନ କଂଗ୍ରେସ ସଭାପତି ଗୋବିନ୍ଦ ପାତ୍ର, ଜିଲ୍ଲାପରିଷଦ ସଭ୍ୟା ବିନତି ଖିଲ, ଚିତ୍ରକୋଣ୍ଡା ବ୍ଲକ ସଭାପତି ବିଦେଶୀ ଗୌଡ଼ ଚିତ୍ରକୋଣ୍ଡା ବ୍ଲକର ଶହ ଶହ କଂଗ୍ରେସ କର୍ମୀ ଉପସ୍ଥିତ ଥିଲେ।

**କୋରୁକୋଣ୍ଡା/ବାଲିମେଳା, :** ମାଲକାନଗିରି ଜିଲ୍ଲାର କୋରୁକୋଣ୍ଡା ବ୍ଲକ ସଦର ସମେତ ବାଲିମେଳା ଏନଏସିରେ ମଧ ଏହାର ପ୍ରଭାବ ଦେଖିବାକୁ ମିଳିଛି। କଂଗ୍ରେସର ବ୍ଲକ ସ୍ତରୀୟ ନେତାମାନେ ଅଞ୍ଚଳରେ ଥିବା ପ୍ରବେଶ ପଥ ଗୁଡିକରେ କଂଗ୍ରେସ ପତାକା ଲଗାଇ ବିଭିନ୍ନ ନାରା ବାଜି ସ୍ଲୋଗାନ ଦେଇ ବନ୍ଦ ଡାକରାକୁ ସଫଳ କରିଛନ୍ତି। ଏହି ବନ୍ଦ ଡାକରାରେ ଆଜି ଚିତ୍ରକୋଣ୍ଡା ବିଧାୟକ ମଙ୍ଗୁ ଖିଲ ଯୋଗ ଦେଇଥିଲେ। ସେହିପରି ବାଲିମେଳା ନଗର କଂଗ୍ରେସ ସଭାପତି ସୁରେଶ ଖୋସଲାଙ୍କ ନେତୃତ୍ୱରେ ବାଲିମେଳା ସହରରେ ବନ୍ଦ ଡାକରା ସଫଳ ହୋଇଥିବା ବେଳେ ଚିତ୍ରକୋଣ୍ଡା ବିଧାୟକ ମଙ୍ଗୁ ଖିଲ ପହଂଚି ସହରର ୧ ନଂ ୱାର୍ଡ ନୂଆ ସାହି ସ୍ଥିତ ଚେକ ଗେଟ ଠାରୁ ଏକ ବାଇକ ରାଲି ଯୋଗେ ସମଗ୍ର ସହର ପରିକ୍ରମା କରିଥିଲେ। ବିଜେପି ସରକାର ବିରୁଦ୍ଧରେ ବିଭିନ୍ନ ସ୍ଲୋଗାନ ଦେଇ ଏହି ରାଲି ଟି ସମଗ୍ର ସହର ପରିକ୍ରମା କରିଥିଲା। ପରେ ଏକ ସାଧାରଣ ସଭାର ଆୟୋଜନ ହୋଇଥିଲା। ଆଜିର ଏହି ବନ୍ଦ ଡାକରାରେ ଯୁବ କଂଗ୍ରେସ ନେତା ଇସାକ୍ ଖୋସଲା, ପିସିସି ସଦସ୍ୟ ରବି ହରିଜନ, ବିଜୟ ଖିଲ, ଚେତନା ଦାସ, ରାଜୀବ ଚନ୍ଦ୍ର ଖରାଙ୍କ ସମେତ କଂଗ୍ରେସର ବହୁ କର୍ମୀମାନେ ଉପସ୍ଥିତ ଥିଲେ। ସେହିପରି କୋରୁକୋଣ୍ଡା ରେ ମଧ ବନ୍ଦ ର ପ୍ରଭାବ ଦେଖିବାକୁ ମିଳିଥିଲା। କୋରୁକୋଣ୍ଡା ବ୍ଲକ କଂଗ୍ରେସ ସଭାପତି ବିନାୟକ ପାତ୍ର ଙ୍କ ନେତୃତ୍ୱରେ ଏହି ବନ୍ଦ ଡାକରା ସଫଳ ହୋଇଥିବା ବେଳେ ମାଲକାନଗିରି ଠାରୁ କୋରୁକୋଣ୍ଡା ସଦର ମହକୁମ ଦେଇ ବାଲିମେଳାକୁ ଯାତାୟାତ ସମ୍ପୂର୍ଣ୍ଣ ଠପ ହୋଇ ଯାଇଥିଲା। କୋରୁକୋଣ୍ଡା ସଦର ପେଟ୍ରୋଲ ପମ୍ପ ଠାରେ ରାସ୍ତା ଅବରୋଧ କରାଯାଇଥିଲା। ସେହିପରି ଭାବେ ସମ୍ପୂର୍ଣ୍ଣ ଜିଲ୍ଲା ବନ୍ଦ ରହିଥିବା ବେଳେ ଗାଡି ଚଳାଚଳ, ଦୋକାନ ବଜାର ସମ୍ପୂର୍ଣ୍ଣ ବନ୍ଦ ରହିଥିଲା।

**ଏମ୍‌ଭି-୭୯ :** ମାଲକାନଗିରି ଜିଲ୍ଲା କାଲିମେଳା ବ୍ଲକ ଅନ୍ତର୍ଗତ ଏମଭି-୭୯ର ପ୍ରମୁଖ ଛକରେ କଂଗ୍ରେସ ପକ୍ଷରୁ ଜୋରଦାର ଆନ୍ଦୋଳନ କରାଯାଇଛି। ଏମଭି-୭୯ର ବଜାରଛକ, ଡି.ଏନ.କେ ଛକ, ମାର୍କେଟ ଛକ ସମେତ ଅନ୍ୟ ପ୍ରମୁଖ ଛକରେ କଂଗ୍ରେସ କର୍ମୀମାନେ ପିକେଟିଂ କରିବା ସହିତ ଟାୟାର ଓ ବେନର ରଖିରାସ୍ତା ରୋକ କରିଛ ଲୋକଙ୍କୁ ଶାନ୍ତି ଶୃଙ୍ଖଳା ଭାବେ ବୁଝାଇବା ସହ ପୂର୍ଣ୍ଣ ସମର୍ଥନ କରିବା ପାଇ କହିଥିଲେ। ଛାତ୍ରୀଙ୍କୁ ନ୍ୟାୟ ଦେବା ଦାବି କରି କଂଗ୍ରେସ ନେତୃତ୍ୱରେ ଅଲ୍ ଇଣ୍ଡିଆ ଫରୱାର୍ଡ ବ୍ଲକ୍ ସହିତ ଅନ୍ୟାନ୍ୟ ବିରୋଧୀ ଦଳଗୁଡ଼ିକ ସହିତ ଓଡ଼ିଶା ବନ୍ଦ ପାଳନ କରିଥିଲେ। ଏହି ନ୍ୟାୟ ଦାବିରେ ଏମଭି-୭୯ର କଂଗ୍ରେସର ବରିଷ୍ଠ ନେତା ପଞ୍ଚୁରାମ ସରକାର,ବିଷ୍ଣୁ ସ୍ୱାଇଁ, ଯୁବ ସଭାପତି ମାନସ ହାଲଦାର,ଜନ୧ ସଭାପତି ମନୁ ଜେନା ଏବଂଯୁବ ଛାତ୍ର ସଂଗଠନ ସଭାପତି ପ୍ରସଞ୍ଜିତ ରଙ୍ଗ ପ୍ରମୁଖ ଉପସ୍ଥିତ ରହି ଏହାକୁ ସଫଳ କରିବା ପାଇଁ ରହିଥିବା ବେଳେ ଏମଭି-୭୯ ପୋଲିସ କିଭଳି କିଛି ଅଘଟଣ ନ ଘଟୁ ସେଥିପାଇଁ ଏମ୍.ଭି-୭୯ ପ୍ରତ୍ୟେକ ଛକ ଠାରେ ରହି ସଜାଗ ରହିଥିଲେ।









# ଓଡ଼ିଶା ବନ୍ଦ ଜନଜୀବନ ପ୍ରଭାବିତ, କାରବାର ବାଧାପ୍ରାପ୍ତ

ଭୁବନେଶ୍ୱର,୧୭।୭(ସମିସ): ଏଫ୍ଏମ୍ ବିଶ୍ୱବିଦ୍ୟାଳୟ ଛାତ୍ରୀ ଆତ୍ମାହୁତି ଘଟଣାର ପ୍ରତିବାଦରେ କଂଗ୍ରେସ ପକ୍ଷରୁ ଗୁରୁବାର ଓଡ଼ିଶା ବନ୍ଦ ରହିଥିଲା। ଏହି ବନ୍ଦର ପ୍ରଭାବରେ ସାରା ରାଜ୍ୟରେ ବ୍ୟବସାୟିକ କାରବାର ଗୁରୁତର ଭାବେ ପ୍ରଭାବିତ ହୋଇଥିଲା। ବ୍ୟାଙ୍କଠାରୁ ଆରମ୍ଭ କରି ଶିକ୍ଷ ସଂସ୍ଥା, ବୀମା, ଡାକ ସେବା ସବୁ ଅଚଳ ହୋଇଯାଇଥିଲା। ଏଥିଯୋଗୁ ଲୋକେ ନାହିଁ ନ ଥିବା ସମସ୍ୟାର ସମ୍ମୁଖୀନ ହୋଇଥିଲେ।

ଓଡ଼ିଶା ବନ୍ଦ ଯୋଗୁ ରାଜ୍ୟ ପ୍ରମୁଖ ବ୍ୟବସାୟିକ ପେଣ୍ଠସ୍ଥଳ ବା ପାଇକାରୀ ମଣ୍ଡି କଟକ ମାଲଗୋଦାମ, ଛତ୍ରବଜାର, ଭୁବନେଶ୍ୱରର ଆଇଗିଣିଆ,ୟୁନିଟ୍-୧ ହାଟ,ସମ୍ବଲପୁର କ୍ଷେତରାଜପୁର ଏବଂ ବ୍ରହ୍ମପୁରର ପାଇକାରୀ ମଣ୍ଡିଗୁଡିକ ସମ୍ପୂର୍ଣ୍ଣ ରୂପେ ବନ୍ଦ ରହିଥିଲା। ରାଜ୍ୟର ପ୍ରମୁଖ ତନଖି ଫାଟଗୁଡିକରେ ବାହାର ରାଜ୍ୟରୁ ଏହି ମଣ୍ଡିଗୁଡିକୁ ଆସୁଥିବା ଟ୍ରକ୍‌ଗୁଡିକ ଲମ୍ବାଧାଡିରେ ଛିଡା ହୋଇଥିବା ପରିଲକ୍ଷିତ ହୋଇଥିଲା। ଏହାବାଦ୍ ପାରାଦୀପ, ଧାମରା ଏବଂ ଗୋପାଳପୁର ବନ୍ଦରରେ ମଧ୍ୟ ପଣ୍ୟ କାରବାର ବିଶେଷ ଭାବ ପ୍ରଭାବିତ ହୋଇଥିଲା। ଆନ୍ଦୋଳନକାରୀମାନେ ପିକେଟିଂ କରି ବନ୍ଦର ଗେଟ୍ ନିକଟରେ କର୍ମଚାରୀଙ୍କୁ ଯିବାରୁ ବନ୍ଦ କରିଥିଲେ। ବନ୍ଦର ସବୁଠାରୁ ବଡ଼ ପ୍ରଭାବ ବ୍ୟାଙ୍କ କାରବାର ଉପରେ ପଡିଥିଲା। ଏଥିଯୋଗୁ ସମଗ୍ର ରାଜ୍ୟରେ ସରକାରୀଠାରୁ ଆରମ୍ଭ କରି ଘରୋଇ ବ୍ୟାଙ୍କ ସବୁ ବନ୍ଦ ରହିଥିଲା। ରାଜଧାନୀ ଭୁବନେଶ୍ୱରର ଭାରତୀୟ ରିଜର୍ଭ ବ୍ୟାଙ୍କ(ଆର୍‌ବିଆଇ), ଷ୍ଟେଟ୍ ବ୍ୟାଙ୍କର ସ୍ଥାନୀୟ ପ୍ରଧାନ କାର୍ଯ୍ୟାଳୟ ଏବଂ ମୁଖ୍ୟ ଶାଖା ସମ୍ମୁଖରେ ଆନ୍ଦୋଳନକାରୀମାନେ ପିକେଟିଂ କରି ବନ୍ଦ କରିଥିଲେ।

ବନ୍ଦ ପରିପ୍ରେକ୍ଷୀରେ ସୁରକ୍ଷା ବ୍ୟବସ୍ଥାକୁ ଦୃଷ୍ଟିରେ ରଖି ପେଟ୍ରୋଲ ପମ୍ପମାଲିକମାନେ ଆଗୁଆ ପେଟ୍ରୋଲ ଟାଙ୍କି ବନ୍ଦ ରଖିବାକୁ ନିଷ୍ପତ୍ତି ନେଇଥିଲେ। ଯାହାଫଳରେ ଆଜି ସାରା ରାଜ୍ୟରେ ପ୍ରାୟ ୩୧୦୦ ପେଟ୍ରୋଲ ପମ୍ପ ବନ୍ଦ ରହିଥିଲା। ଏ ସମ୍ପର୍କରେ ସର୍ବଭାରତୀୟ ପେଟ୍ରୋଲ ପମ୍ପ ଡିଲର ମହାସଂଘର ମହାସଚିବ ସଞ୍ଜୟ ଲାଠ୍ କହିଛନ୍ତି ଯେ, ଓଡ଼ିଶା ବନ୍ଦକୁ ନଜରରେ ରଖି ଡିଲରମାନେ ପମ୍ପ ବନ୍ଦ ରଖିଥିଲେ। ପରେ ଦିନ ୩ଟା ପରେ ଅପରାହ୍ନ ପରେ ଧୀରେ ଧୀରେ ଚାରିଆଡେ ପମ୍ପଗୁଡିକ ଖୋଲିଥିଲା। ଆଜି ହୋଇଥିଲା ଏହି ବନ୍ଦ ଯୋଗୁ ରାଜ୍ୟରେ ପ୍ରାୟ ୫୧ କୋଟି ଟଙ୍କାର କାରବାର ପ୍ରଭାବିତ ହୋଇଛି। ଏହାଛଡା ବନ୍ଦ ପ୍ରଭାବରେ ଡିପୋଗୁଡିକରେ ଟ୍ୟାଙ୍କରରେ ତେଲ ଲୋଡିଂ ମଧ୍ୟ ହୋଇ ପାରି ନ ଥିଲା। ବନ୍ଦ ଉପରେ ମତ ରଖି ଓଡ଼ିଶା ବ୍ୟବସାୟୀ ସଂଘର ସାଧାରଣ ସମ୍ପାଦକ ସୁଧାକର ପଣ୍ଡା କହିଛନ୍ତି ଯେ, ସାରା ରାଜ୍ୟରେ ବନ୍ଦ ପାଳନ ଯୋଗୁ ପାଇକାରୀ ମଣ୍ଡିଗୁଡିକୁ ମାଲ ପରିବହନ ବନ୍ଦ ହୋଇଯାଇଛି।

## ପେଟ୍ରୋଲ ପମ୍ପଠାରୁ ବ୍ୟାଙ୍କ, ବୀମା, ଡାକ ସେବା ସବୁ ଅଚଳ




ରାୟଗଡ଼ା


ନବରଙ୍ଗପୁର


ବ୍ରହ୍ମପୁର


ରାଉରକେଲା


ବଲାଙ୍ଗିର


ବାଲେଶ୍ୱର


କେନ୍ଦ୍ରାପଡ଼ା



ଜଗତସିଂହପୁର


ବାରିପଦା


କେନ୍ଦୁଝର


ରାଉରକେଲା


ତରଭା


ଅନୁଗୁଳ



କଳାହାଣ୍ଡି


ପୁରୀ

## ଆଜିର ରାଶିଫଳ

**ମେଷ:** ଶିକ୍ଷା କ୍ଷେତ୍ରରେ ସଫଳତା ପ୍ରାପ୍ତ ହେବ। ଚାକିରିରେ ପରିବର୍ତ୍ତନ ହେବ। ରାଜନୀତିରେ ସଫଳ ହେବେ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ। ସନ୍ତାନଙ୍କ ଭବିଷ୍ୟତ ଲାଗି ଚାପାମାପା ଅର୍ଥ ନିବେଶ କରିବେ।

**ବୃଷ:** ବ୍ୟସ୍ତତା ଭିତରେ ଦିନଟି କଟିବ। ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ପରିବାର ସଦସ୍ୟଙ୍କ ସହ ଧାର୍ମିକ ସ୍ଥାନକୁ ଯାତ୍ରା କରିବେ। ସୃଜନାତ୍ମକ କ୍ଷେତ୍ରରେ ସଫଳତା ହାସଲ କରିବେ।

**ମିଥୁନ:** ଚାକିରିରେ ପଦୋନ୍ନତି ସମ୍ଭାବନା ଅଛି। ସ୍ୱାସ୍ଥ୍ୟରେ ସୁଧାର ଆସିବ। ଅଧିକ ପରିଶ୍ରମ କରିବେ। ପାରିବାରିକ ଜୀବନ ସୁଖମୟ ହେବ। ବାଦବିବାଦରୁ ଦୂରେଇ ରହିବେ। ଖର୍ଚ୍ଚରେ ନିୟନ୍ତ୍ରଣ ରଖା କରିବେ।

**କର୍କଟ:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ଉଧାର ଧନ ଫେରି ପାଇବେ। ସମ୍ପର୍କୀୟଙ୍କ ଘରକୁ ବୁଲିବାକୁ ଯିବେ। ମାନସିକ ଶାନ୍ତି ପାଇଁ ଧାର୍ମିକ କାର୍ଯ୍ୟରେ ସମୟ ଅତିବାହିତ କରିବେ।

**ସିଂହ:** ନିବେଶରୁ ଲାଭ ପାଇବେ। କାର୍ଯ୍ୟରେ ସଫଳତା ମିଳିବ। ବ୍ୟବହାରରେ ସଂଯମତା ରକ୍ଷା କରିବେ। ତରବରିଆ ଭାବେ କୌଣସି ନିଷ୍ପତ୍ତି ନେବେ ନାହିଁ। ଶିକ୍ଷା କ୍ଷେତ୍ରରେ ସମ୍ମାନ ମିଳିବ।

**କନ୍ୟା:** ନୂଆ ରଣନୀତିରେ କାରବାରକୁ ଆଗକୁ ନେବେ। ଘର ସାଜସଜ୍ଜାରେ ଅଧିକ ଖର୍ଚ୍ଚାନ୍ତ ହେବେ। ଭାଇ, ଭଉଣୀଙ୍କ ସହ ସୁଖଦୁଃଖ ବାଣ୍ଟିବେ। ଚାକିରିରେ ସହକର୍ମୀଙ୍କ ସହଯୋଗ ମିଳିବ।

**ତୁଳା:** ସରକାରୀ କ୍ଷେତ୍ରରେ ଲାଭ ମିଳିବ। ଧାର କରଜ କରିବାରୁ ରକ୍ଷା ପାଇବେ। ଭବିଷ୍ୟତ ପାଇଁ ବଡ଼ ନିଷ୍ପତ୍ତି ନେବେ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି। ଛାତ୍ରଛାତ୍ରୀ ଖେଳକୁଦରେ ସମୟ ଅତିବାହିତ କରିବେ।

**ବିଛା:** ଘରେ ମାଙ୍ଗଳିକ କାର୍ଯ୍ୟ ଆୟୋଜନ କରିବେ। ସମୟ ପୂର୍ବରୁ ସମସ୍ତ କାର୍ଯ୍ୟ ପୂରା କରିବେ। ଇଚ୍ଛା ପୂରଣ ହେବ। ଦାମ୍ପତ୍ୟ ଜୀବନ ଖୁସିରେ ବିତିବ। ବନ୍ଧୁଙ୍କ ସହ ବୁଲିବାକୁ ଯିବେ।

**ଧନୁ:** ଧାର୍ମିକ ସ୍ଥାନକୁ ଯାତ୍ରାଯୋଗ ଅଛି। ବ୍ୟବସାୟ ଜନିତ ସମସ୍ୟା ସମାଧାନ ହେବ। ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ। ଆର୍ଥିକ ଉନ୍ନତିକୁ ନେଇ ପ୍ରସନ୍ନ ରହିବେ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ।

**ମକର:** ନାଚ, ଗୀତରେ ସଫଳତା ମିଳିବ। ଛାତ୍ରଛାତ୍ରୀ ପଢ଼ା ପ୍ରତି ଆଗ୍ରହ ପ୍ରକାଶ କରିବେ। ବିଦେଶ ଯାତ୍ରା ଯୋଗ ଅଛି। ଭଉଣୀଙ୍କ ସ୍ୱାସ୍ଥ୍ୟରେ ସୁଧାର ଆସିବ। ଦାମ୍ପତ୍ୟ ଜୀବନରେ ସମସ୍ୟା ଦେଖା ଦେବ।

**କୁମ୍ଭ:** ପ୍ରେମିକ ପ୍ରେମିକାଙ୍କ ଲାଗି ଦିନଟି ଭଲ। ଘର ପାଇଁ ନୂଆ ଜିନିଷ କିଣିବେ। ସନ୍ତାନଙ୍କ ସହ ସମୟ ଅତିବାହିତ କରିବେ। ବନ୍ଧୁଙ୍କ ସାହାଯ୍ୟ ଓ ସହଯୋଗ ମିଳିବ। ଛାତ୍ରଛାତ୍ରୀ ପରୀକ୍ଷାରେ କୃତକାର୍ଯ୍ୟ ହେବେ।

**ମୀନ:** ବ୍ୟସ୍ତତା ଭିତରେ ନିଜ ପାଇଁ ସମୟ ବାହାର କରିବେ। ଧାର୍ମିକ କାର୍ଯ୍ୟରେ ନିୟୋଜିତ ହେବେ। ଶିକ୍ଷାରେ ସଫଳତା ମିଳିବ। ପୈତୃକ ସମ୍ପତ୍ତି ବିବାଦର ସମାଧାନ ହେବ। ବ୍ୟବସାୟରେ ପରିବର୍ତ୍ତନ ଆଣିବେ।

## ଆଜିର ଇତିହାସ

- ୧୮୫୭- ବମ୍ବେ ବିଶ୍ୱବିଦ୍ୟାଳୟର ସ୍ଥାପନା।
- ୧୯୪୩- ବ୍ରିଟିଶ ସେନା ଇଟାଲୀର କଟାନିୟା ସହର ଉପରେ ଆକ୍ରମଣ କଲା।
- ୧୯୭୭- ଭିଏତନାମ ଜାତିସଂଘର ସଦସ୍ୟ ହେଲା।
- ୧୯୮୦- ସଂପୂର୍ଣ୍ଣ ଭାବେ ଭାରତ ଦ୍ୱାରା ନିର୍ମିତ ଉପଗ୍ରହ 'ରୋହିଣୀ-୧' ପୃଥିବୀ କକ୍ଷରେ ସ୍ଥାପିତ ହେଲା।
- ୨୦୧୨- ବଲିଉଡ୍ ଅଭିନେତା ରାଜେଶ ଖାନ୍ନାଙ୍କ ଦେହାନ୍ତ।



## ଅନ୍ତର୍ଜାତୀୟ ନେଲସନ ମଣ୍ଡେଲା ଦିବସ

ପ୍ରତିବର୍ଷ ଜୁଲାଇ ୧୮ ତାରିଖକୁ ଅନ୍ତର୍ଜାତୀୟ ନେଲସନ ମଣ୍ଡେଲା ଦିବସ ଭାବେ ପାଳନ କରାଯାଇଛି। ଦକ୍ଷିଣ ଆଫ୍ରିକାର ପୂର୍ବତନ ରାଷ୍ଟ୍ରପତି ନେଲସନ ମଣ୍ଡେଲା ଜଣେ ବର୍ଣ୍ଣବୈଷମ୍ୟ ବିରୋଧୀ ନେତା ଭାବେ ସାରା ବିଶ୍ୱରେ ପରିଚିତ। ୧୯୧୮ ଜୁଲାଇ ୧୮ ରେ ସେ ଜନ୍ମଗ୍ରହଣ କରିଥିବାରୁ ଏହି ଦିନଟିକୁ ନେଲସନ ମଣ୍ଡେଲା ଦିବସ ଭାବେ ପାଳନ କରାଯାଇଆସୁଛି। ତାଙ୍କ ନୀତି ଏବଂ ଆଦର୍ଶକୁ ମନେ ପକାଇବା ତଥା ଭେଦଭାବ ଭୁଲି ବିଶ୍ୱକୁ ଏକତାର ବନ୍ଧନରେ ବାନ୍ଧି ରଖିବା ଏହି ଦିବସ ପାଳନର ଉଦ୍ଦେଶ୍ୟ। ଏହି ଦିନ ସମସ୍ତଙ୍କୁ ଦାରିଦ୍ର ତଥା ସାମାଜିକ ଅନ୍ୟାୟ ବିରୁଦ୍ଧରେ ପଦକ୍ଷେପ ନେବାକୁ ଉତ୍ସାହିତ କରାଯାଏ। ଜାତିସଂଘର ଅନୁମୋଦନ କ୍ରମେ ୨୦୧୦ ମସିହାରୁ ପ୍ରତିବର୍ଷ ଜୁଲାଇ ୧୮ ତାରିଖକୁ 'ମଣ୍ଡେଲା ଦିବସ' ଭାବେ ପାଳନ କରାଯାଉଛି। ଦକ୍ଷିଣ ଆଫ୍ରିକାର ପ୍ରଥମ କୃଷ୍ଣକାୟ ରାଷ୍ଟ୍ରପତି ହେବାର ସେ ସୌଭାଗ୍ୟ ଅର୍ଜନ କରିଥିଲେ। ସେ ଆଫ୍ରିକାରେ ସାମାଜିକ ନ୍ୟାୟ ପାଇଁ ୬୭ ବର୍ଷ ଧରି ସଂଗ୍ରାମ ଜାରି ରଖିଥିଲେ। ୬୭ ବର୍ଷର ଜୀବନକାଳ ମଧ୍ୟରେ ଜେଲ୍ ଯିବା, ଦେଶଦ୍ରୋହ ମାମଲାର ସମ୍ମୁଖୀନ ହେବା ପରେ ବି ସେ ନିଜ ମନୋବଳରୁ ବିଚ୍ୟୁତ ହୋଇ ନ ଥିଲେ। ସେ ଦକ୍ଷିଣ ଆଫ୍ରିକାରେ ଜାତିବାଦ ପ୍ରଥା ବିରୋଧରେ ସ୍ୱର ଉତ୍ତୋଳନ କରିବା ସହ ସାମାଜିକ ସମାନତା ପାଇଁ ତାଙ୍କ ଜୀବନକୁ ଉତ୍ସର୍ଗ କରିଥିଲେ। ତାଙ୍କର ଏହି ନିଃସ୍ୱାର୍ଥପର କାମ ପାଇଁ ତାଙ୍କୁ ୨୫୦ରୁ ଅଧିକ ପୁରସ୍କାର ମିଳିଥିଲା। ୧୯୯୦ ମସିହାରେ ତାଙ୍କୁ ଭାରତ ରତ୍ନ ଏବଂ ୧୯୯୩ ମସିହାରେ ନୋବେଲ ଶାନ୍ତି ପୁରସ୍କାରରେ ସମ୍ମାନିତ କରାଯାଇଥିଲା। ୨୦୧୩ ଡିସେମ୍ବର ୫ ତାରିଖରେ ତାଙ୍କର ପରଲୋକ ଘଟିଥିଲା।



## ଭାରତର ପ୍ରଥମ ମହିଳା ଡାକ୍ତର କାଦମ୍ବିନୀ ଗାଙ୍ଗୁଲି


ଭାରତର ପ୍ରଥମ ତାଲିମପ୍ରାପ୍ତ ମହିଳା ଡାକ୍ତର ହେବାର ସୌଭାଗ୍ୟ ଅର୍ଜନ କରିଥିଲେ କାଦମ୍ବିନୀ ଗାଙ୍ଗୁଲି। ସେ ୧୮୬୧ ମସିହାରେ ଆଜିର ଦିନରେ ବିହାରସ୍ଥିତ ଭାଗଲପୁରରେ ଜନ୍ମ ଗ୍ରହଣ କରିଥିଲେ। ସେ ସମୟରେ ଝିଅମାନଙ୍କ ଶିକ୍ଷାକୁ ଗୁରୁତ୍ୱ ଦିଆଯାଉ ନ ଥିଲା। ମାତ୍ର ସେହି ସମୟରେ ଡାକ୍ତରୀ ପଢ଼ି ନିଜର ଏକ ଭିନ୍ନ ପରିଚୟ ସୃଷ୍ଟି କରିବାରେ ସଫଳ ହୋଇଥିଲେ କାଦମ୍ବିନୀ। ୧୮୮୨ରେ କାଦମ୍ବିନୀ ଓ ତାଙ୍କ ସାଙ୍ଗବା ଚନ୍ଦ୍ରମୁଖୀ ବସୁ ଦେଶର ପ୍ରଥମ ମହିଳା ସ୍ନାତକ ହେବାର ଗୌରବ ଅର୍ଜନ କରିଥିଲେ। ସ୍ନାତକ ପରେ ୨୧ ବର୍ଷ ବୟସରେ ସେ ପ୍ରଫେସର ତଥା ସାମାଜିକ କାର୍ଯ୍ୟକର୍ତ୍ତା ଦ୍ୱାରକାନାଥ ଗାଙ୍ଗୁଲିଙ୍କ ବିବାହ କଲେ। ଦ୍ୱାରକାନାଥ ମହିଳା ସଶକ୍ତୀକରଣ ଦିଗରେ କାମ କରୁଥିଲେ। ସେ ହିଁ କାଦମ୍ବିନୀଙ୍କୁ ଡାକ୍ତରୀ ପାଠ ପଢ଼ିବାକୁ ଉତ୍ସାହିତ କରିଥିଲେ। ୧୮୮୬ରେ ସେ କଲିକତା ବିଶ୍ୱବିଦ୍ୟାଳୟରୁ ମେଡିସିନ୍ ଡିଗ୍ରୀ ପ୍ରାପ୍ତ କରି ପ୍ରଥମ ଭାରତୀୟ ମହିଳା ଡାକ୍ତର ହେବାର ପରିଚୟ ହାସଲ କଲେ। କେବଳ ସେତିକି ନୁହେଁ, ସେ ଥିଲେ ପ୍ରଥମ ଦକ୍ଷିଣ ଏସୀୟ ମହିଳା, ଯାହାଙ୍କୁ ୟୁରୋପୀୟ ମେଡିସିନ୍‌ରେ ପ୍ରଶିକ୍ଷଣ ମିଳିଥିଲା। ବ୍ରିଟେନ୍‌ରେ କାମ ଓ ଅଧ୍ୟୟନ କରିବା ସହ ସେ ସ୍ତ୍ରୀରୋଗ ବିଶେଷଜ୍ଞତା ହାସଲ କଲେ। ଏହାପରେ ୧୮୯୦ରେ ସେ ଭାରତ ଫେରିଲେ ଓ ଏଠାରେ ଡାକ୍ତରୀ ଅଭ୍ୟାସ ଜାରି ରଖିଲେ। ତାଙ୍କ ଭୂମିକା କେବଳ ଚିକିତ୍ସା କ୍ଷେତ୍ରରେ ସୀମିତ ନ ଥିଲା, ମହିଳାଙ୍କ ଅଧିକାର ଦିଗରେ ମଧ୍ୟ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଇ ଥିଲେ କାଦମ୍ବିନୀ। ୧୮୮୯ରେ ସେ ଅନ୍ୟ ଛଅ ଜଣଙ୍କ ସହ ମିଶି ଭାରତୀୟ ରାଷ୍ଟ୍ରୀୟ କଂଗ୍ରେସର ପ୍ରଥମ ମହିଳା ପ୍ରତିନିଧିମଣ୍ଡଳ ଗଠନ କରିଥିଲେ। ୧୯୨୩ ମସିହା ଅକ୍ଟୋବର ୩ରେ ତାଙ୍କର ଦେହାନ୍ତ ହୋଇଥିଲା।



## ୪୦୦୦ କୋଟି ଟଙ୍କାର ପ୍ରୋଜେକ୍ଟ 'ରାମାୟଣ'

ନୀତେଶ ତିୱାରିଙ୍କ ଫିଲ୍ମ 'ରାମାୟଣ'କୁ ନେଇ ଦର୍ଶକେ ବେଶ୍ ଉତ୍ସାହିତ ଅଛନ୍ତି। ଏହି ଫିଲ୍ମ ଦୁଇଟି ପାର୍ଟରେ ରିଲିଜ୍ ହେବ। ଏହାର ପ୍ରଥମ ପାର୍ଟ ୨୦୨୬ ଦୀପାବଳି ଓ ଏହାର ଦ୍ୱିତୀୟ ପାର୍ଟ ୨୦୨୭ ଦୀପାବଳିରେ ଆସିବ। ପୂର୍ବରୁ ଫିଲ୍ମର ବଜେଟ୍ ୧୬୦୦ କୋଟି ହେବ ବୋଲି କୁହାଯାଉଥିଲା। ନିକଟରେ ଏକ ପଡକାଷ୍ଟରେ ଏହାର ବଜେଟ୍ ସମ୍ପର୍କରେ ପଚାରାଯିବାରୁ ପ୍ରଯୋଜକ ନମିତ ମଲହୋତ୍ରା କହିଛନ୍ତି- 'ରାମାୟଣ' ଏକ ଲାଇଫ୍‌ଟାଇମ୍ ପ୍ରୋଜେକ୍ଟ। ଦୁଇଟିଯାକ ପ୍ରୋଜେକ୍ଟ ପୂର୍ଣ୍ଣ ହେବା ବେଳକୁ ପାଖାପାଖି ୪୦୦୦ କୋଟି ଟଙ୍କା ଖର୍ଚ୍ଚ ହୋଇ ଯାଇଥିବ। ଆମେ ଏକ ବଡ଼ ପୌରାଣିକ କାହାଣୀକୁ ସାରା ବିଶ୍ୱକୁ ଦେଖେଇବାକୁ ଚାହୁଁଛୁ।' ଯଦି ଏହାର ବଜେଟ୍ ୪୦୦୦ କୋଟି ହେଉଛି ତାହେଲେ ଭାରତୀୟ ସିନେମା ଇତିହାସରେ ଏହା ସବୁଠୁ ବଡ଼ ବଜେଟ୍‌ର ଫିଲ୍ମ ହେବ। 'ରାମାୟଣ'ର ପ୍ରଯୋଜନା ଦାୟିତ୍ୱରେ ନମିତ ମଲହୋତ୍ରାଙ୍କ ପ୍ରାଇମ୍ ଫୋକସ୍ ଷ୍ଟୁଡିଓ ଓ ବିଏଫ୍ଏକ୍ସ ଷ୍ଟୁଡିଓ ଡିଏନ୍‌ଜି ରହିଛି। ଏହାବାଦ୍ ଏଥିରେ ରାବଣ ଭୂମିକାରେ ଅଭିନୟ କରୁଥିବା ସାଉଥ୍ ଇଣ୍ଡଷ୍ଟ୍ରୀର ଲୋକପ୍ରିୟ ଅଭିନେତା ଯଶ୍ ମଧ୍ୟ ସହ ପ୍ରଯୋଜକ ଅଛନ୍ତି।

## ଧୂମପାନ ଭଳି କ୍ଷତିକାରକ ଡେସ୍କ ଚାକିରି



ଦୀର୍ଘ ସମୟ ପର୍ଯ୍ୟନ୍ତ ବସିରହି କାମ କରିବା ଶରୀର ପାଇଁ କ୍ଷତିକାରକ। ଏହା ମଧୁମେହ, ମାଂସପେଶୀ ଦୁର୍ବଳତା, ପିଠି ଯନ୍ତ୍ରଣା, ଡିପ୍ ଭେନ୍ ଥ୍ରୋମ୍ବୋସିସ୍, ଅବସାଦ ଏବଂ କୋଲନ କ୍ୟାନସର୍ ଭଳି ଅନେକ କର୍କଟ ରୋଗର କାରଣ ସାଜିପାରେ ବୋଲି ଅନେକ ଅଧ୍ୟୟନରୁ ମଧ୍ୟ ପ୍ରକାଶ ପାଇଛି। ତେଣୁ ଧୂମପାନ ଯେଉଳି ପ୍ରାଣଘାତୀ, ଅଧିକ ସମୟ ବସିବା ତାହା ସହ ସମାନ ବୋଲି ବିବେଚନା କରାଯାଉଛି। ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ଅନୁସାରେ, ଗତିହୀନ ଭାବେ ବା ସ୍ଥିର ଭାବେ ଦୀର୍ଘ ସମୟ ବସି ରହି କାମ କରିବା ମୃତ୍ୟୁର ଚତୁର୍ଥ ସବୁଠୁ ବଡ଼ କାରଣ ବୋଲି କୁହାଯାଉଛି। ଦୀର୍ଘ ସମୟ ପର୍ଯ୍ୟନ୍ତ ବସି ରହିବା ସହ ମେଦବୃଦ୍ଧି, ଉଚ୍ଚ ରକ୍ତଚାପ, ମଧୁମେହ ଆଦି ଅନେକ ସ୍ୱାସ୍ଥ୍ୟ ସମସ୍ୟା ମଧ୍ୟରେ ଏକ ମଜଭୁତ ସମ୍ପର୍କ ଥିବା କଥାକୁ ସୂଚାଇଛି। ଯାହାକି ମେଟାବଲିକ୍ ସିଣ୍ଡ୍ରୋମ, ହୃଦ୍‌ରୋଗ ଏବଂ କର୍କଟର କାରଣ ହୋଇପାରେ। ତେବେ ଯେଉଁମାନେ ନିତିଦିନ ୮ ଘଣ୍ଟାରୁ ଅଧିକ ସମୟ ବସି ରହି କାମ କରୁଛନ୍ତି ସେମାନଙ୍କୁ ମେଦବୃଦ୍ଧି ଏବଂ ଧୂମପାନ ଯୋଗୁଁ ହେଉଥିବା ମୃତ୍ୟୁ ଭଳି ପରିସ୍ଥିତି ସାମ୍ନା କରିବାକୁ ପଡ଼ିଥାଏ। ତେଣୁ ଦୀର୍ଘ ସମୟ ବସି ରହି କାମ କରୁଥିବା ଲୋକଙ୍କୁ ମଝିରେ ମଝିରେ ବ୍ରେକ୍ ନେବା, କାମ ମଧ୍ୟରେ ହାଲକାଫୁଲକା ବ୍ୟାୟାମ କରିବା ପାଇଁ ପରାମର୍ଶ ଦିଆଯାଇଛି।




## ଟୁଟୁକା ଚିକିତ୍ସା



## ଦେହକୁ ହିତ ଅଞ୍ଜିର

ଅଞ୍ଜିର ଏକ ସ୍ୱାଦିଷ୍ଟ ଏବଂ ପୌଷ୍ଟିକ ଫଳ। ଏଥିରେ ସବୁ ଫଳ ଓ ପନିପରିବାଠାରୁ ଅଧିକ ଆଲକାଲାଇନ୍ ଥାଏ। ଏହା ପଟାସିୟମ, କ୍ୟାଲସିୟମ, ଭିଟାମିନ୍-ଏ, ବି୨, ସି, କ୍ୟାଲସିୟମ, ଲୌହସାର, ମାଙ୍ଗାନିଜ୍ ଆଦି ପୌଷ୍ଟିକତତ୍ତ୍ୱରେ ଭରପୁର। ତେଣୁ ଏହା ମନୁଷ୍ୟ ଶରୀରର ପୁଷ୍ଟିସାଧନ କରି ନାନା ରୋଗ ଦୂର କରିଥାଏ।

- ଅଞ୍ଜିର ତନ୍ତୁଯୁକ୍ତ ହୋଇଥିବାରୁ ପେଟ ସଫା କରିବା ସହ କୋଲେଷ୍ଟ୍ରଲ, ଶ୍ୱାସ, ଅର୍ଶ ଓ ଯକୃତ ସମ୍ବନ୍ଧୀୟ ରୋଗ ନିୟନ୍ତ୍ରଣ କରିଥାଏ।
- ଅଞ୍ଜିରରେ ଆଣ୍ଟି ଅକ୍ସିଡାଣ୍ଟ ଗୁଣ ଥିବାରୁ ଏହା ଓଜନ ହ୍ରାସ, ଉଚ୍ଚ ରକ୍ତଚାପ ନିୟନ୍ତ୍ରଣ ପାଇଁ ହିତକର। କୋଷ୍ଠକାଠିନ୍ୟର ଉପଶମ ପାଇଁ ଏହା ବହୁତ ଉପଯୋଗୀ। ଏଥପାଇଁ ରାତିରେ ୨ଟି ଅଞ୍ଜିରକୁ ପାଣିରେ ଭିଜାଇ ପରଦିନ ସକାଳୁ ପାଣି ପିଇବା ସହିତ ଅଞ୍ଜିର ଖାଇବା ଦ୍ୱାରା ଅସ୍ଥି ଶକ୍ତ ହୁଏ। ରୋଗପ୍ରତିରୋଧକଶକ୍ତି ମଧ୍ୟ ବୃଦ୍ଧି ପାଇଥାଏ। ଏହା ରକ୍ତଚାପ ନିୟନ୍ତ୍ରଣ କରି ହୃଦ୍‌ରୋଗ ଆଶଙ୍କାକୁ ମଧ୍ୟ ହ୍ରାସ କରିପାରେ।
- ସେହିପରି ୨ଟି ଅଖରୋଟ୍, ଆଲମଣ୍ଡ ୨ଟି, ୨ଟି ଶୁଖିଲା ଖଜୁରୀ, ମୁଠାଏ କିସ୍‌ମିସ୍ ସହିତ ୨ଟି ଅଞ୍ଜିରକୁ ଭଲଭାବେ ସଫା କରି ରାତିରେ ଏକ ଗ୍ଲାସ ପାଣିରେ ଭିଜାଇ ରଖି ପରଦିନ ସକାଳୁ ସେହି ପାଣି ସହିତ ଭିଜିଥିବା ନଟ୍‌ସ ଖାଇବା ଦ୍ୱାରା ଶାରୀରିକ ଓ ମାନସିକ ପୁଷ୍ଟିସାଧନ ହୋଇ ତ୍ୱଚା ଉଜ୍ଜ୍ୱଳ ହୁଏ। ପାଚନ ପ୍ରକ୍ରିୟା ସକ୍ରିୟ ରୁହେ।
- ଅନ୍ୟପଟେ ମାତ୍ରାଧିକ ଅଞ୍ଜିର ଖାଇଲେ ଏହା ସ୍ୱାସ୍ଥ୍ୟ ସମସ୍ୟା ସୃଷ୍ଟି କରିପାରେ। ଆଲର୍ଜି, ରକ୍ତ ପତଳା କରିବାକୁ ଔଷଧ ଖାଉଥିଲେ, ଯକୃତଜନିତ ସମସ୍ୟା, ପାଚନପ୍ରକ୍ରିୟା ଅତି ସମ୍ବେଦନଶୀଳ ହୋଇଥିଲେ ସେମାନେ ଡାକ୍ତରଙ୍କ ପରାମର୍ଶ କରି ଅଞ୍ଜିର ଖାଇବା ଆବଶ୍ୟକ।

## 'ସକାଳ'ର ସ୍ୱାସ୍ଥ୍ୟ

## ବାରିଆଟ୍ରିକ୍ ସର୍ଜରୀ



ଫିଟ୍ ଆଉ ସ୍ଲିମ୍ ରହିବା ସମସ୍ତଙ୍କର ଇଚ୍ଛା ଥାଏ। ହେଲେ ଅଧୁନା ଜୀବନଶୈଳୀ, ଅଧିକ ତେଲ ଓ ମସଲାଯୁକ୍ତ ଖାଦ୍ୟ ସେବନ ଓ ବ୍ୟାୟାମ ଅଭାବରୁ ମେଦବହୁଳତା ସମସ୍ୟା ଦିନକୁ ଦିନ ବୃଦ୍ଧି ପାଇବାରେ ଲାଗିଛି। ତେବେ ଦୀର୍ଘ ସମୟ ଧରି ଡାଏଟ୍, ବ୍ୟାୟାମ ଓ ଔଷଧ ସେବନ ଦ୍ୱାରା ଓଜନ ହ୍ରାସ ନ ହେଲେ ଏଥିପାଇଁ ସର୍ଜରୀ ବିକଳ୍ପ ରହିଛି। ଏହି ସର୍ଜରୀ ନାଁ ହେଉଛି ବାରିଆଟ୍ରିକ୍ ସର୍ଜରୀ। ଏହି ସର୍ଜରୀ ଏବେ ମେଟାବୋଲିକ ସର୍ଜରୀ ଭାବେ ଅଭିହିତ ହେଉଛି। ତେବେ ଅଧିକ ମେଦବହୁଳତାକୁ ନେଇ ଚିନ୍ତିତ ଥିବା ବ୍ୟକ୍ତିଙ୍କ ପାଇଁ ଏହି ସର୍ଜରୀ ଭଲ ବିକଳ୍ପ ହୋଇଥିଲେ ମଧ୍ୟ ଏହା ବ୍ୟୟ ବହୁଳ। ମୁଖ୍ୟତଃ ବିଏମ୍ଆଇ ୩୫ରୁ ଅଧିକ ହେଲେ ଏହି ସର୍ଜରୀ କରାଯାଇଥାଏ। ନିର୍ଦ୍ଦିଷ୍ଟ ବୟସ ମଧ୍ୟରେ ଏହି ସର୍ଜରୀ କରାଯିବାର ନିୟମ ରହିଛି। ସ୍ୱାସ୍ଥ୍ୟ ବିଶେଷଜ୍ଞଙ୍କ ମତାନୁସାରେ, ମେଦବହୁଳତା କେବଳ ସୌନ୍ଦର୍ଯ୍ୟକୁ ପ୍ରଭାବିତ କରେ ନାହିଁ, ଧୀରେ ଧୀରେ ଏହା ମଧୁମେହ, ଉଚ୍ଚ ରକ୍ତଚାପ, ହୃଦ୍‌ସମ୍ପର୍କିତ ରୋଗ, ଯକୃତ ରୋଗ, ନିଦ୍ରାହୀନତା ଆଦି ରୋଗ ସୃଷ୍ଟି କରାଏ। ତେଣୁ ଡାଏଟ୍, ଔଷଧ ସେବନ, ଶାରୀରିକ ବ୍ୟାୟାମ ଦ୍ୱାରା ଓଜନ ହ୍ରାସ ହୋଇ ନ ପାରିଲେ ଏହି ବାରିଆଟ୍ରିକ୍ ସର୍ଜରୀ କରାଯାଇଥାଏ। ମୁଖ୍ୟତଃ ଏହି ସର୍ଜରୀରେ ପାକସ୍ଥଳୀର ଆକାରକୁ ଛୋଟ କରାଯାଇଥାଏ। ଏହି ସର୍ଜରୀ ଦ୍ୱାରା ଶରୀରର ଭୋକ, ମେଟାବୋଲିଜିମ୍ ଏବଂ ଇନ୍‌ସୁଲିନ୍ ପ୍ରକ୍ରିୟାର ପରିବର୍ତ୍ତନ ହୋଇଥାଏ। ଏହାଦ୍ୱାରା ଭୋକ ନିୟନ୍ତ୍ରଣରେ ରହୁଥିବାରୁ ଓଜନ ମଧ୍ୟ ନିୟନ୍ତ୍ରଣରେ ରହେ। ସେହିପରି ବିଭିନ୍ନ ଗବେଷଣାରୁ ପ୍ରମାଣିତ ହୋଇଛି ଯେ, ବାରିଆଟ୍ରିକ୍ ବା ମେଟାବୋଲିକ ସର୍ଜରୀ ଟାଇପ୍-୨ ମଧୁମେହ, ଉଚ୍ଚ ରକ୍ତଚାପ, ପିସିଓଏସ୍ ଏବଂ ସ୍ଲିପ୍ ଏପନିଆ ପରି ରୋଗ ନିୟନ୍ତ୍ରଣ କରିପାରେ। ତେବେ ସର୍ଜରୀ ପୂର୍ବ ଏବଂ ପରେ ଡାକ୍ତରଙ୍କ ପରାମର୍ଶରେ ରହିବାକୁ ହୋଇଥାଏ।

## ହୃଦ୍‌ଘାତ ପୂର୍ବର ସଙ୍କେତ



ମଣିଷ ଶରୀରର ହାର୍ଟ ବା ହୃତ୍‌ପିଣ୍ଡ ଏକ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ। ଏହା ଶରୀରକୁ ଶକ୍ତି ଯୋଗାଏ। ଆଜିକାଲିର ଜୀବନ ଓ ଖାଦ୍ୟପେୟ ଶୈଳୀ, କାର୍ଯ୍ୟଚାପ, ନିଶା ସେବନ ଆଦି ଯୋଗୁଁ ଅଧିକାଂଶ ହୃଦ୍‌ରୋଗର ଶିକାର ହେଉଛନ୍ତି। ହୃଦ୍‌ଘାତ ଯୋଗୁଁ ବିଶ୍ୱରେ ପ୍ରତିବର୍ଷ ଅନେକ ଲୋକଙ୍କ ଜୀବନ ଯାଉଛି। ତେଣୁ ହୃଦ୍‌ଘାତ ପୂର୍ବର ସଙ୍କେତ ପାଇବା ପାଇଁ ଆମେରିକା, ମିସିସିପି ବିଶ୍ୱବିଦ୍ୟାଳୟର ଇଞ୍ଜିନିୟରମାନେ ଏକ ପିନ୍ଧିବାଯୋଗ୍ୟ ଉପକରଣ ତିଆରି କରିଛନ୍ତି। ଏହା ଦ୍ୱିତୀୟ ପର୍ଯ୍ୟାୟ ଗବେଷଣାର ଅନ୍ତର୍ଭୁକ୍ତ ରହିଛି। ଏହି ଉପକରଣ ହୃଦ୍‌ଘାତ ଆଶଙ୍କା ପୂର୍ବରୁ ଚେତାବନୀ ଦେଇପାରିବ ବୋଲି ଆଶା କରାଯାଉଛି। ଆଖପାଖରେ କୌଣସି ଡାକ୍ତରୀ ପରୀକ୍ଷଣର ସୁବିଧା ନ ଥିଲେ ଏହି ଉପକରଣ ପିନ୍ଧିଥିଲେ ଦୂରଦୂରାନ୍ତ ସମୟରେ ମଧ୍ୟ ହୃଦ୍‌ଘାତର ଆଶଙ୍କା ସମ୍ବନ୍ଧରେ ପୂର୍ବ ସୂଚନା ପାଇପାରିବେ। ତେଣୁ ଇଂଜିନିୟରମାନେ ଉପକରଣକୁ ହାଲୁକା ଏବଂ ଶକ୍ତି ସଂରକ୍ଷଣକାରୀ ସହ ଅଧିକ ସଠିକ୍ ସୂଚନା ଦେବାକୁ ସ୍ୱତନ୍ତ୍ର ଭାବେ ବନାଇଛନ୍ତି। ଏଥିରେ ଏଆଇ ଏବଂ ଉନ୍ନତ ଗଣିତର ଉପଯୋଗ କରାଯିବା ସହ ଇଲେକ୍ଟ୍ରୋକାର୍ଡିଓଗ୍ରାମର ବିଶ୍ଳେଷଣ କରିବାକୁ ଏହି ଉପକରଣରେ ଏକ ଚିପ୍ ଡିଜାଇନ୍ ମଧ୍ୟ କରାଯାଇଛି। ଏହା ହୃତ୍‌ପିଣ୍ଡର ବିଦ୍ୟୁତ୍ ସଙ୍କେତ ଗ୍ରାଫ୍। ଏହା ହୃଦ୍‌ଘାତ ଆଶଙ୍କା ସଙ୍କେତ ଦେଇଥାଏ। ଡାକ୍ତରଙ୍କ କହିବାନୁସାରେ, ହୃଦ୍‌ଘାତର ସମୟଟି ବହୁତ ମହତ୍ତ୍ୱପୂର୍ଣ୍ଣ ହୋଇଥାଏ। ଯେତେ ଶୀଘ୍ର ଏହାକୁ ଚିକିତ୍ସା କରାଯାଏ ବିପଦକୁ ଏଡାଇ ଦିଆଯାଇପାରେ। ଏ ଦୃଷ୍ଟିରୁ ନୂତନ ଉପଯୋଗଉପକରଣଟି ଭବିଷ୍ୟତରେ ହୃଦ୍‌ରୋଗଜନିତ ମୃତ୍ୟୁକୁ ସ୍ୱଳ୍ପ ମାତ୍ରାରେ ହ୍ରାସ କରିପାରିବ ବୋଲି ଆଶା ଓ ବିଶ୍ୱାସ ରହିଛି।

## ଚକୋଲେଟ୍, ଚିପ୍‌ସରୁ ହୋଇପାରେ ଟାଇପ୍ ୨-ମଧୁମେହ



ଆଜିକାଲି ପିଲାମାନେ ଘରୋଇ ଖାଦ୍ୟ ବଦଳରେ ଅଧିକ ତେଲମସଲା ଯୁକ୍ତ ଜଙ୍କ୍‌ଫୁଡ, ଚକୋଲେଟ୍, ଚିପ୍‌ସ ଆଦି ଖାଇବାକୁ ଗୁରୁତ୍ୱ ଦେଉଛନ୍ତି। ପିଲାଙ୍କ ଦୈନିକ କ୍ୟାଲୋରୀରେ ମାତ୍ର ୫ ପ୍ରତିଶତ ଚିନି ଗ୍ରହଣ କରିବା ନିୟମ ରହିଥିବାବେଳେ ଏବେ ୪ରୁ ୧୦ବର୍ଷ ପିଲା ଦୈନିକ ୧୩ ପ୍ରତିଶତ ଚିନି ଓ ୧୧ରୁ ୧୮ ବର୍ଷ ମଧ୍ୟରେ ପିଲାମାନେ ୧୫ ପ୍ରତିଶତ ଚିନି ସେବନ କରୁଛନ୍ତି। ଯାହାଫଳରେ ସ୍ୱଳ୍ପ ବୟସରୁ ସେମାନେ ଟାଇପ୍-୨ ମଧୁମେହର ଶିକାର ହେଉଛନ୍ତି। ସେହିପରି ଜଙ୍କଫୁଡ୍, ସ୍ନାକ୍ସ, ଚକୋଲେଟ ଏବଂ ଶର୍କରାଯୁକ୍ତ ପାନୀୟରେ କୃତ୍ରିମ ଚିନି ଓ ଅନ୍ୟାନ୍ୟ ରାସାୟନିକ ପଦାର୍ଥ ମିଶାଯାଉଥିବାରୁ ଏହାକୁ ସେବନ କରିବା ଦ୍ୱାରା ପିଲାଙ୍କ ସ୍ୱାସ୍ଥ୍ୟ ପ୍ରଭାବିତ ହେଉଛି। ତେଣୁ ସ୍ୱାସ୍ଥ୍ୟ ବିଶେଷଜ୍ଞଙ୍କ ମୁତାବକ, ପିଲାଙ୍କ ଜଳଖିଆରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ଯଥା- ଫଳ ଏବଂ ଦୁଗ୍ଧ, ମଧ୍ୟାହ୍ନଭୋଜନରେ ରୁଟି, ଗଜା ମୁଗ, ଡାଲି, ସିଝା ପରିବା, ପନୀର ଆଦି ସାମିଲ କରିପାରିବେ। ସନ୍ଧ୍ୟାରେ ପିଲାଙ୍କୁ ସନ୍ତୁଳିତ ସ୍ନାକ୍ସ, ରାତ୍ରୀଭୋଜନରେ ରୁଟି, ସବ୍‌ଜି ସାମିଲ କରିବା ଆବଶ୍ୟକ। ଡାଲି, ରାଜମା ତଥା ସମସ୍ତ ପ୍ରକାର ଶସ୍ୟ ଆଦି ଖାଇବା ଦ୍ୱାରା ମଧ୍ୟ ଟାଇପ୍-୨ ମଧୁମେହକୁ କିଛି ମାତ୍ରାରେ ନିୟନ୍ତ୍ରଣ କରାଯାଇପାରିବ। ସେହିପରି ଅଦା, ହଳଦୀ, ଗୋଲମରିଚ ଆଦିକୁ ଖାଦ୍ୟପ୍ରସ୍ତୁତିରେ ବ୍ୟବହାର କରିବା ଉଚିତ। ଡାକ୍ତରଙ୍କ ଅନୁଯାୟୀ, ଡାଏଟ୍‌ରେ ଅଖରୋଟ୍, ପିସ୍ତା ଏବଂ ବ୍ରାଜିଲ୍ ନଟ୍‌ସ, ଚିଆ ସିଡ୍‌ସ, କଖାରୁ ମଞ୍ଜି ଆଦି ସାମିଲ କଲେ ସେମାନେ ବଳଶାଳୀ ହୋଇଥାନ୍ତି। ତେଣୁ ଖାଦ୍ୟପେୟରେ ସତର୍କତା ଅବଲମ୍ବନ ସହିତ ପିଲାମାନେ ଶାରୀରିକ ସକ୍ରିୟ ରହିବା ଜରୁରି। ଦୈନିକ ସନ୍ତୁଳିତ ଖାଦ୍ୟ ଗ୍ରହଣ ସହ ତିନି ଲିଟର ପାଣି ପିଇବା ଦ୍ୱାରା ପିଲାମାନେ ସୁସ୍ଥ ଓ ନୀରୋଗ ରହିପାରନ୍ତି।

ସକାଳ
THE SAKALA
www.sakalaepaper.com


# ଚତୁର୍ଥ ଟେଷ୍ଟରୁ ବାଦ୍ ପଡ଼ିପାରନ୍ତି କରୁନ

ମାଞ୍ଚେଷ୍ଟର ୧୭ ।୭ (ଏଜେନ୍ସି):

ଚଳିତ ଆଣ୍ଡରସନ-ତେନ୍ଦୁଲକର ଟ୍ରଫିର ୪ର୍ଥ ଟେଷ୍ଟ ମ୍ୟାଚ୍ ଜୁଲାଇ ୨୩ରୁ ସ୍ଥାନୀୟ ଓଲ୍ଡ ଟ୍ରାଫୋର୍ଡ ଗ୍ରାଉଣ୍ଡରେ ଖେଳାଯିବ। ଏଥିଲାଗି ଭ୍ରମଣକାରୀ ଭାରତୀୟ ଦଳ ଗୁରୁବାରଠାରୁ ଅଭ୍ୟାସ ଆରମ୍ଭ କରିଦେଇଛି। ଲର୍ଡ୍ସରେ ଅନୁଷ୍ଠିତ ସିରିଜ ୩ୟ ଟେଷ୍ଟକୁ ଘରୋଇ ଇଂଲଣ୍ଡ ନାଟକୀୟ ଭାବେ ୨୨ ରନରେ ଜିତି ସିରିଜରେ ୨-୧ରେ ଅଗ୍ରଣୀ ରହିଛି। ପାଞ୍ଚ ମ୍ୟାଚ୍‌ବିଶିଷ୍ଟ ଏହି ସମ୍ମାନଜନକ ସିରିଜକୁ ବଞ୍ଚାଇ ରଖିବାକୁ ହେଲେ ଶୁବମନ ଗିଲ୍‌ଙ୍କ ନେତୃତ୍ୱାଧୀନ ଭାରତୀୟ ଦଳକୁ ୪ର୍ଥ ଟେଷ୍ଟରେ ବିଜୟ ଜରୁରୀ ହୋଇପଡ଼ିଛି।

ମୁଖ୍ୟ ପ୍ରଶିକ୍ଷକ ଗୌତମ ଗମ୍ଭୀରଙ୍କ ତତ୍ତ୍ୱାବଧାନରେ ଭାରତୀୟ ଖେଳାଳିମାନେ ଗୁରୁବାର ଏଠାରେ ହାଲ୍‌କା ଅଭ୍ୟାସ କରିଛନ୍ତି। ଏଥିରେ ଦଳର ପ୍ରାୟ ସମସ୍ତ ଖେଳାଳି ଅଂଶଗ୍ରହଣ କରିଥିଲେ। ତେବେ ଲର୍ଡ୍ସ ପରାଜୟ ପରେ ଭାରତୀୟ ମ୍ୟାନେଜମେଣ୍ଟ ଦଳରେ କେତୋଟି ପରିବର୍ତ୍ତନ କରିବା ନେଇ ସମ୍ଭାବନା ରହିଛି। ବିଶେଷ କରି ୮ ବର୍ଷ ପରେ ଟେଷ୍ଟ କ୍ରିକେଟ୍‌କୁ ପ୍ରତ୍ୟାବର୍ତ୍ତନ କରିଥିବା ଭେଟେରାନ ବ୍ୟାଟର୍ କରୁନ ନାୟାରଙ୍କୁ ୪ର୍ଥ ଟେଷ୍ଟରେ ବାଦ୍ ଦେବାନେଇ ରିପୋର୍ଟ ପ୍ରକାଶ ପାଇଛି। ତାଙ୍କ ସ୍ଥାନରେ ଅନ୍ୟତମ ଇନଫର୍ମ ବ୍ୟାଟର୍ ସାଇ ସୁଦର୍ଶନ ମାଞ୍ଚେଷ୍ଟର ଟେଷ୍ଟରେ ଚୂଡ଼ାନ୍ତ ଏକାଦଶରେ ସାମିଲ ହୋଇପାରନ୍ତି। ପ୍ରଥମ ୩ଟି ମ୍ୟାଚ୍‌ରେ ଖେଳିବାର ସୁଯୋଗ ପାଇଥିବା ୩୩ ବର୍ଷୀୟ ବିଦର୍ଭ ବ୍ୟାଟର୍ କରୁନ ୬ଟି ପାଳିରେ ଯଥାକ୍ରମେ ୦, ୨୦, ୩୧, ୨୬, ୪୦ ଓ ୧୪ ସହ ମୋଟ୍ ୧୩୧ ରନ କରିଛନ୍ତି। ତାଙ୍କର ଆଭରେଜ ୨୧.୮୩ ରହିଥିବାବେଳେ ୪୦ ରନ ଶ୍ରେଷ୍ଠ ପାଳି ରହିଛି। ନାୟାରଙ୍କ ଏହି ନୈରାଶ୍ୟଜନକ ପ୍ରଦର୍ଶନ ହିଁ ଟିମ୍ ମ୍ୟାନେଜମେଣ୍ଟ ପାଇଁ ଚିନ୍ତାର କାରଣ ପାଲଟିଛି। ଅପରପକ୍ଷରେ ୪ର୍ଥ ଟେଷ୍ଟରେ ମଧ୍ୟ ବାମହାତୀ ଦ୍ରୁତ ବୋଲର ଅର୍ଶଦୀପ୍ ସିଂହଙ୍କୁ ସାମିଲ କରାଯାଇପାରେ। ୱାର୍କଲୋଡ୍‌କୁ ନଜରରେ ରଖି ଅଭିଜ୍ଞ ବୋଲର ଯଶପ୍ରୀତ୍ ବୁମ୍‌ରାଙ୍କୁ ପୁଣିଥରେ ବିଶ୍ରାମ ଦେବାନେଇ ଟିମ୍ ମ୍ୟାନେଜମେଣ୍ଟ ଚିନ୍ତା କରୁଛି। ଫଳରେ ପ୍ରଥମ ୩ଟି ମ୍ୟାଚରେ ଖେଳିବାର ସୁଯୋଗ ପାଇ ନ ଥିବା ଅର୍ଶଦୀପ୍ ଏଠାରେ ଟେଷ୍ଟ ପଦାର୍ପଣ କରିପାରନ୍ତି।


ଏକ ହାଲ୍‌କା ମୁହୂର୍ତ୍ତରେ କୋଚ୍ ଗମ୍ଭୀରଙ୍କ ସହ ଜାଡେଜା

## ଭାରତ ପାଇଁ ମାଞ୍ଚେଷ୍ଟର ଅଭେଦ୍ୟ ଦୁର୍ଗ

ମାଞ୍ଚେଷ୍ଟରର ଓଲ୍ଡ ଟ୍ରାଫୋର୍ଡ ଗ୍ରାଉଣ୍ଡରେ ଭାରତୀୟ ଦଳର ରେକର୍ଡ ବହୁତ ଖରାପ ରହିଛି। ୮୯ ବର୍ଷ ହେଲା ଭାରତ ଏହି ଗ୍ରାଉଣ୍ଡରେ ଟେଷ୍ଟ ମ୍ୟାଚ୍ ଖେଳି ଆସୁଥିଲେ ମଧ୍ୟ ଏପର୍ଯ୍ୟନ୍ତ ବିଜୟ ସ୍ୱାଦ ଚାଖିପାରିନି। ୧୯୩୬ରେ ଭାରତ ଏଠାରେ ପ୍ରଥମ ଟେଷ୍ଟ ମ୍ୟାଚ୍ ଖେଳିଥିଲା। ରାଜକୁମାର ଅଫ୍ ବିଜିନଗରମ ଭାବେ ପରିଚିତ ବିଜୟ ଆନନ୍ଦଙ୍କ ନେତୃତ୍ୱରେ ଭାରତ ଏହି ଟେଷ୍ଟ ଖେଳିଥିଲା। ଭାରତ ପ୍ରଥମ ପାଳିରେ ମାତ୍ର ୨୦୩ ରନ କରି ଅଲ୍‌ଆଉଟ୍ ହୋଇଥିଲା। ଜବାବରେ ଘରୋଇ ଇଂଲଣ୍ଡ ୱାଲି ହାମଣ୍ଡଙ୍କ ୧୬୭ ରନ ବଳରେ ୫୭୧/୮ରେ ପ୍ରଥମ ପାଳି ଘୋଷଣା କରିଥିଲା। ଏହାପରେ ଭାରତ ଦୁଇ ଓପନର୍ ବିଜୟ ମର୍ଚ୍ଚାଣ୍ଟ (୧୧୪) ଓ ମୁସ୍ତାକ ଅଲି (୧୧୨)ଙ୍କ ଶତକ ବଳରେ ଦ୍ୱିତୀୟ ପାଳିରେ ୫ ୱିକେଟ୍‌ରେ ୩୯୦ ରନ କରି ମ୍ୟାଚକୁ ଡ୍ର ରଖିବାରେ ସଫଳ ହୋଇଥିଲା। ଅଦ୍ୟାବଧି ଏହି ଗ୍ରାଉଣ୍ଡରେ ଭାରତ ୯ ଟେଷ୍ଟ ଖେଳି ୪ଟି ହାରିଥିବାବେଳେ ୫ଟି ଡ୍ର ରଖିଛି। ଶେଷଥର ଲାଗି ଭାରତ ୨୦୧୪ରେ ଏଠାରେ ଟେଷ୍ଟ ଖେଳି ଏକ ପାଳି ଓ ୫୪ ରନରେ ଆଲିଷ୍ଟର୍ କୁକ୍‌ଙ୍କ ନେତୃତ୍ୱାଧୀନ ଇଂଲଣ୍ଡଠାରୁ ହାରିଥିଲା। ତେଣୁ ଏଥର ଗିଲ୍‌ଙ୍କ ନେତୃତ୍ୱରେ ଭାରତ ଏଠାରେ ସ୍ମରଣୀୟ ବିଜୟ ହାସଲ ଲକ୍ଷ୍ୟରେ ରହିଛି।

# ଭାରତର ଦ୍ୱିତୀୟ ସର୍ବବୃହତ୍ ରନ୍‌ଚେଜ୍

ସାଉଥାମ୍ପଟନ, ୧୭ ।୭ (ଏଜେନ୍ସି): ଘରୋଇ ଇଂଲଣ୍ଡ ବିପକ୍ଷରେ ଏଠାରେ ଖେଳାଯାଇଥିବା ପ୍ରଥମ ଏକଦିବସୀୟ ମ୍ୟାଚରେ ଭାରତୀୟ ମହିଳା କ୍ରିକେଟ୍ ଦଳ ୪ ୱିକେଟ୍‌ରେ ବିଜୟୀ ହୋଇଛି। ୨୫୯ ରନର ଲକ୍ଷ୍ୟକୁ ପିଛା କରିଥିବା ଭାରତ ଦୀପ୍ତି ଶର୍ମା ଅପରାଜିତ ଅର୍ଦ୍ଧଶତକ ବଳରେ ୬ ୱିକେଟ ହରାଇ ୧୦ ବଲ୍ ପୂର୍ବରୁ ଲକ୍ଷ୍ୟ ହାସଲ କରିନେଇଥିଲା। ଏହି ଫର୍ମାଟ୍‌ରେ ଭାରତର ଦ୍ୱିତୀୟ ଶ୍ରେଷ୍ଠ ରନ ଚେଜ୍ ହୋଇଛି। ଏଥିସହ ୩ ମ୍ୟାଚ୍‌ବିଶିଷ୍ଟ ସିରିଜରେ ଭାରତ ୧-୦ରେ ଅଗ୍ରଣୀ ରହିଛି। ସିରିଜର ଦ୍ୱିତୀୟ ମ୍ୟାଚ୍ ଶନିବାର ଐତିହାସିକ ଲର୍ଡ୍ସ ଗ୍ରାଉଣ୍ଡରେ ଖେଳାଯିବ।

ସ୍ଥାନୀୟ ରୋଜ୍ ବାଉଲ୍ ଗ୍ରାଉଣ୍ଡରେ ଅନୁଷ୍ଠିତ ପ୍ରଥମ ଏକଦିବସୀୟ ମ୍ୟାଚରେ ଟସ୍ ଜିତି ବ୍ୟାଟିଂ କରିଥିବା ଘରୋଇ ଇଂଲଣ୍ଡ ମହିଳା କ୍ରିକେଟ୍ ଦଳ ୫୦ ଓଭରରେ ୬ ୱିକେଟ୍ ହରାଇ ୨୫୮ ରନ କରିଥିଲା। ଦଳ ପକ୍ଷରୁ ସୋଫି ଡଙ୍କଲୀ ୮୩, ଡେଭିଡସନ ରିଚାର୍ଡ୍ସ ୫୩, ଅଧିନାୟିକା ନାଟାଲୀ ସ୍କିଭର-ବ୍ରଣ୍ଟ ୪୧, ଇମା ଲାମ୍ବ୍ ୩୯ ଓ ସୋଫି ଇକଲେଷ୍ଟୋନ ଅପରାଜିତ ୨୩ ରନ କରିଥିଲେ। ଭ୍ରମଣକାରୀ ଭାରତୀୟ ଦଳ ପକ୍ଷରୁ ସ୍ନେହ ରାଣା ଓ କ୍ରାନ୍ତି ଗୌଡ଼ ୨ଟି ଲେଖାଏ ୱିକେଟ୍ ନେଇଥିଲେ। ଜବାବରେ ସମସ୍ତ ବ୍ୟାଟର୍‌ଙ୍କ ମିଳିତ ସଫଳତା ବଳରେ ସହଜରେ ମ୍ୟାଚ୍ ଜିତିନେଇଥିଲା। ଦୁଇ ଓପନର୍ ସ୍ମୃତି ମନ୍ଧାନା ୩୬, ପ୍ରତୀକ ରାୱଲ ୨୮, ହର୍ଲିନ ଦେଓଲ ୨୭, ଜେମିମା ରୋଡ୍ରିଗ୍ସେଜ ୪୮, ଅଧିନାୟିକା ହର୍‌ମନପ୍ରୀତ୍ କୌର ୧୭ ରନ କରିଥିଲେ। ସେହିଭଳି ଦୀପ୍ତି ୬୨ ଓ ଅମନଜୋତ୍ କୌର ୨୦ ରନ କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହି ଦଳକୁ ଜିତାଇଥିଲେ। ଦୀପ୍ତି ତାଙ୍କ ୧୪ତମ ଅର୍ଦ୍ଧଶତକୀୟ ପାଳିରେ ୬୪ ବଲ୍ ଖେଳି ୩ ଚୌକା ଓ ଗୋଟିଏ ହାତରେ ଏକ ସୁନ୍ଦର ଛକା ମାରିଥିଲେ। ଦୀପ୍ତି ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ।



**ଏକଦିବସୀୟ ମହିଳା କ୍ରିକେଟ୍‌ରେ ଭାରତର ସଫଳ ରନଚେଜ୍**

| ଟାର୍ଗେଟ୍ | ପ୍ରତିପକ୍ଷ | ବର୍ଷ |
|---|---|---|
| ୨୬୫ | ଅଷ୍ଟ୍ରେଲିଆ | ୨୬୫ |
| ୨୫୯ | ଇଂଲଣ୍ଡ | ୨୦୨୫ |
| ୨୫୨ | ନ୍ୟୁଜିଲାଣ୍ଡ | ୨୦୨୨ |
| ୨୪୮ | ଦ.ଆଫ୍ରିକା | ୨୦୧୯ |
| ୨୪୫ | ଦ.ଆଫ୍ରିକା | ୨୦୧୭ |

## ଡୁରାଣ୍ଡ କପ୍ ପୁରସ୍କାର ରାଶି ୩ ଗୁଣା ବଢ଼ିଲା

କୋଲକାତା, ୧୭ ।୭ (ଏଜେନ୍ସି): ଏସିଆ ମହାଦେଶର ସର୍ବପୁରାତନ ଫୁଟ୍‌ବଲ ଟୁର୍ଣ୍ଣାମେଣ୍ଟ ଡୁରାଣ୍ଡ କପ୍ ଆସନ୍ତା ୨୩ରୁ ଆରମ୍ଭ ହେବାକୁ ଯାଉଛି। ସମ୍ମାନଜନକ ଡୁରାଣ୍ଡ କପ୍‌ର ଏହି ୧୩୪ତମ ସଂସ୍କରଣ ଲାଗି ଗୁରୁବାର ଆୟୋଜକଙ୍କ ପକ୍ଷରୁ ପୁରସ୍କାର ରାଶି ଘୋଷଣା କରାଯାଇଛି। ଏଥର ପୁରସ୍କାର ବାବଦରେ ୩ କୋଟି ଟଙ୍କା ପ୍ରଦାନ କରାଯିବ। ଯାହାକି ଗତ ସଂସ୍କରଣ ତୁଳନାରେ ପାଖାପାଖି ୩ଗୁଣ। ଗତ ବର୍ଷ ପୁରସ୍କାର ବାବଦକୁ ୧ କୋଟି ୨୦ ଲକ୍ଷ ଟଙ୍କା ପ୍ରଦାନ କରାଯାଇଥିଲା। ଚାମ୍ପିଅନ ଓ ରନର୍ସଅପ୍ ବାଦ ଏଥର ସେମିଫାଇନାଲ, କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଥିବା ଦଳଙ୍କୁ ମଧ୍ୟ ଆର୍ଥିକ ପୁରସ୍କାର ଦିଆଯିବ। ସେହିଭଳି ୩ଟି ବ୍ୟକ୍ତିଗତ ପୁରସ୍କାର ବାବଦକୁ ୩ଟି ଏସ୍‌ୟୁଭି କାର୍ ପ୍ରଦାନ କରାଯିବ ବୋଲି ଡୁରାଣ୍ଡ କପ୍‌ର ଅଧ୍ୟକ୍ଷ ତଥା ଭାରତୀୟ ଆର୍ମିର ଇଷ୍ଟର୍ଣ୍ଣ କମାଣ୍ଡ ମୁଖ୍ୟ ଲେଫନାଣ୍ଟ ଜେନେରାଲ ମୋହିତ ମାଲ୍‌ହୋତ୍ରା କହିଛନ୍ତି। ଜୁଲାଇ ୨୩ରେ ଇଷ୍ଟ ବେଙ୍ଗଲ୍ ଏଫ୍‌ସି ଓ ସାଉଥ ୟୁନାଇଟେଡ୍ ଏଫ୍‌ସି ମଧ୍ୟରେ ଉଦ୍‌ଘାଟନୀ ମ୍ୟାଚ୍ ସ୍ଥାନୀୟ ଯୁବା ଭାରତୀ କ୍ରୀଡ଼ାଙ୍ଗନରେ ଖେଳାଯିବ।

■ ଡ. ବିସି ରାୟ ଟ୍ରଫି

## ୨୧ ଜଣିଆ ଓଡ଼ିଶା ଦଳ ଘୋଷିତ



କଟକ,୧୭।୭ (ସମିସ): ଜାତୀୟ କନିଷ୍ଠ ବାଳକ ଫୁଟବଲ ଚାମ୍ପିଅନସିପ୍ ଡ. ବିସି. ରାୟ ଟ୍ରଫି ଆସନ୍ତା ୨୦ ତାରିଖରୁ ଆରମ୍ଭ ହେବ। ପଞ୍ଜାବର ଅମୃତସରରେ ୧୦ଦିନ ଧରି ହେବାକୁ ଥିବା ଏହି ଚାମ୍ପିଅନସିପ୍ ନିମନ୍ତେ ଗୁରୁବାର ଫୁଟବଲ ଆସୋସିଏସନ ଅଫ ଓଡ଼ିଶା(ଫାଓ) ୨୧ ଜଣିଆ ରାଜ୍ୟ ଦଳ ଘୋଷଣା କରିଛି। ଦଳରେ ସୌମ୍ୟରଞ୍ଜନ ଦେବତା, ଉଦୟ ଏକ୍କା, ବିଷ୍ଣୁପ୍ରସାଦ ସାହୁ, କିରଣ ମୁଣ୍ଡା, ଶିବ ମୁଣ୍ଡା, ଆୟୁଷ ଅଶ୍ରୁଜିତ, ଶଙ୍କର ଭୁଏ, ଜେଙ୍ଗା ଲାକ୍ରା, କୃଷ୍ଣଚନ୍ଦ୍ର ହାଁସଦା, ଅନିକେତ ଖାଡିଆ, ସ୍ୱାଗତମ ସାହୁ, ସତ୍ୟ ନାଏକ, ରାଜ କୁମାର ରାଓ, ସମୀର ଟପ୍ପୋ, ଅମନ ଲାକ୍ରା, ପିଣ୍ଟୁ ନାଗ, ବିକି ମାଝୀ, ଇଶାନ୍ତ କୁଜୁର, ପ୍ରସନ୍ନଜିତ ବାଡା, ବିଜୟ ମୁର୍ମୁ, ମହମ୍ମଦ ଫରହାନ ଏହସାନ ସ୍ଥାନ ପାଇଛନ୍ତି। ସେଖ ମନଜୁର ଦଳର ମୁଖ୍ୟ କୋଚ୍ ରହିଥିବା ବେଳେ ଧନେଶ୍ୱର ତିର୍କୀ ସହକାରୀ କୋଚ୍, ଚିତ୍ତରଞ୍ଜନ ବେହେରା ମ୍ୟାନେଜର, ସରୋଜ କୁମାର ବେହେରା ଫିଜିଓ ଭାବେ ଦଳ ସହ ଗସ୍ତ କରିବେ। ଓଡ଼ିଶା ଗ୍ରୁପ-ସିରେ ସ୍ଥାନ ପାଇଛି। ଏହି ଗ୍ରୁପରେ ଝାଡ଼ଖଣ୍ଡ, ମଣିପୁର ଏବଂ କର୍ଣ୍ଣାଟକ ରହିଛନ୍ତି। ଜିଏନଡିୟୁ ସ୍ପୋର୍ଟସ କମ୍ପ୍ଲେକ୍ସରେ କର୍ଣ୍ଣାଟକ ବିପକ୍ଷରେ ଓଡ଼ିଶା ପ୍ରଥମ ମ୍ୟାଚ୍ ଖେଳିବ।

## ଗୋଟିଏ ଓଭରରେ ହେଟ୍‌ମାୟରଙ୍କ ୫ ଛକା

ଗୁୟାନା, ୧୭ ।୭ (ଏଜେନ୍ସି): କ୍ରିକେଟ୍ ୱେଷ୍ଟଇଣ୍ଡିଜ ଆନୁକୂଲ୍ୟରେ ଆୟୋଜିତ ଗ୍ଲୋବାଲ୍ ସୁପର୍ ଲିଗ୍‌ର ୯ମ ସଂସ୍କରଣରେ ସିମ୍ରନ ହେଟ୍‌ମାୟରଙ୍କ ବିସ୍ଫୋରକ ବ୍ୟାଟିଂ ଦେଖିବାକୁ ମିଳିଛି। ସ୍ଥାନୀୟ ପ୍ରୋଭିଡେନ୍ସ ଷ୍ଟାଡିୟମରେ ଅନୁଷ୍ଠିତ ଏକ ମ୍ୟାଚରେ ହେଟ୍‌ମାୟର ଗୋଟିଏ ଓଭରରେ ୫ଟି ଛକା ମାରିଛନ୍ତି। ହୋବାର୍ଟ ହରିକେନ୍ସ ଓ ଗୁୟାନା ଆମାଜନ ୱାରିୟର୍ସ ମଧ୍ୟରେ ଏହି ମ୍ୟାଚ୍ ଖେଳାଯାଉଥିଲା। ଏଥିରେ ଗୁୟାନା ଆମାଜନ ପକ୍ଷରୁ ଖେଳୁଥିବା ହେଟ୍‌ମାୟର ପ୍ରତିପକ୍ଷ ବାମହାତୀ ସ୍ପିନର ଫାବିଆନ ଆଲେନଙ୍କ ଏକ ଓଭରରେ ଏହି ବିସ୍ଫୋରକ ବ୍ୟାଟିଂ କରିଥିଲେ। ଗୁୟାନା ପାଳିର ୧୦ମ ଓଭର ବୋଲିଂ କରିଥିବା ଆଲେନଙ୍କ ପ୍ରଥମ ୪ଟି ବଲ୍‌କୁ ହେଟ୍‌ମାୟର ଛକା ମାରିଥିଲେ। ତେବେ ୫ମ ବଲ୍‌ରୁ ୨ ରନ ହୋଇଥିବାବେଳେ ଅନ୍ତିମ ବଲ୍‌ରୁ ପୁଣି ଏକ ଛକା ହୋଇଥିଲା। ଫଳରେ ଆଲେନ ଏହି ଓଭରରେ ୩୨ ରନ ବ୍ୟୟ କରିଥିଲେ। ହେଟ୍‌ମାୟର ୧୦ ବଲରେ ୩୯ ରନର ବିସ୍ଫୋରକ ପାଳି ଖେଳିବାରୁ ଗୁୟାନା ଆମାଜନ ୧୨୬ ରନର ଲକ୍ଷ୍ୟକୁ ୧୬.୩ ଓଭରରେ ୬ ୱିକେଟ୍ ହରାଇ ହାସଲ କରିନେଇଥିଲା।

## ଡୋପ୍ ଟେଷ୍ଟରେ ରୁଥ୍ ବିଫଳ

ନାଇରୋବି, ୧୭ ।୭ (ଏଜେନ୍ସି): ମହିଳା ମାରାଥନରେ ବିଶ୍ୱ ରେକର୍ଡର ଅଧିକାରିଣୀ ରହିଥିବା କେନିଆର ରୁଥ୍ ଚେପନଗେଇଟ୍ ଡୋପ୍ ଟେଷ୍ଟରେ ବିଫଳ ହୋଇ ସାମୟିକ ବାସନ୍ଦ ହୋଇଛନ୍ତି। ଟ୍ରାକ୍ ଆଣ୍ଡ ଫିଲ୍ଡ ଆଥ୍‌ଲେଟିକ ଇଣ୍ଟେଗ୍ରିଟି ୟୁନିଟ୍ ପକ୍ଷରୁ ଗୁରୁବାର ଏହି ସୂଚନା ଦିଆଯାଇଛି। ଗତ ଅକ୍ଟୋବରରେ ଅନୁଷ୍ଠିତ ଚିକାଗୋ ମାରାଥନରେ ୩୦ ବର୍ଷୀୟା ରୁଥ୍ ୨ ଘଣ୍ଟା ୯ ମିନିଟ୍ ଓ ୫୬ ସେକେଣ୍ଡରେ ରେସ୍ ଫିନିଶ କରି ବିଶ୍ୱରେକର୍ଡ କରିଥିଲେ।

## ପ୍ରଫେସନାଲ୍ ଫୁଟ୍‌ବଲରୁ ଅବସର ନେଲେ ଆଦିତି



ନୂଆଦିଲ୍ଲୀ, ୧୭ ।୭ (ଏଜେନ୍ସି): ପ୍ରଥମ ଭାରତୀୟ ମହିଳା ଭାବେ ୟୁରୋପରେ ପ୍ରଫେସନାଲ ଫୁଟ୍‌ବଲ୍ ଖେଳିଥିବା ଆଦିତି ଚୌହାନ ଅବସର ଘୋଷଣା କରିଛନ୍ତି। ୧୭ ବର୍ଷର ଲମ୍ବା କ୍ୟାରିୟରରେ ଗୋଲ୍‌ରକ୍ଷକ ଆଦିତି ଜାତୀୟ ଦଳ ପକ୍ଷରୁ ୫୭ ମ୍ୟାଚ୍ ଖେଳିଛନ୍ତି। ୨୦୧୨, ୨୦୧୬ ଓ ୨୦୧୯ରେ ସାଫ୍ ଚାମ୍ପିଅନସିପ୍ ଜିତିଥିବା ଭାରତୀୟ ମହିଳା ଫୁଟ୍‌ବଲ ଦଳର ସେ ପ୍ରମୁଖ ସଦସ୍ୟା ରହିଥିଲେ। ୨୦୧୧ରେ ଅନ୍ତର୍ଜାତୀୟ ପଦାର୍ପଣ କରିଥିବା ଆଦିତି ୨୦୨୩ରେ ତାଙ୍କର ଶେଷ ମ୍ୟାଚ୍ ଖେଳିଥିଲେ। ୩୨ ବର୍ଷୀୟା ଆଦିତି ୨୦୧୫ରେ ଇଂଲଣ୍ଡରେ ଆୟୋଜିତ ମହିଳା ସୁପର୍ ଲିଗ୍‌ରେ ୱେଷ୍ଟ ହାମ୍ ୟୁନାଇଟେଡ୍ ପକ୍ଷରୁ ଖେଳିବାକୁ ଚୁକ୍ତି କରିଥିଲେ। ଏଥିସହ ସେ ଦେଶର ପ୍ରଥମ ମହିଳା ଫୁଟ୍‌ବଲ ଖେଳାଳି ଭାବେ ୟୁରୋପରେ ପ୍ରଫେସନାଲ ଲିଗ୍ ଖେଳି ଚର୍ଚ୍ଚାକୁ ଆସିଥିଲେ। ୱେଷ୍ଟ ହାମ୍ ଦଳ ପାଇଁ ସେ ଦୁଇ ବର୍ଷ ଖେଳିଥିଲେ। ଅବସର ପରେ ଦେଶରେ ଫୁଟ୍‌ବଲର ଉନ୍ନତି ଲାଗି କାର୍ଯ୍ୟ କରିବେ ବୋଲି ଆଦିତି କହିଛନ୍ତି।

ଜାପାନ ଓପନ୍

## ଲକ୍ଷ୍ୟ, ସାତ୍ୱିକ-ଚିରାଗଙ୍କ ବିଦାୟ

ଟୋକିଓ, ୧୭ ।୭ (ଏଜେନ୍ସି): ଚଳିତ ଜାପାନ ଓପନ୍ ବ୍ୟାଡ୍‌ମିଣ୍ଟନ ପ୍ରତିଯୋଗିତାର ଦ୍ୱିତୀୟ ରାଉଣ୍ଡରୁ ଭାରତର ଲକ୍ଷ୍ୟ ସେନଙ୍କୁ ବିଦାୟ ନେବାକୁ ପଡ଼ିଛି। ଗୁରୁବାର ଅନୁଷ୍ଠିତ ପୁରୁଷ ସିଙ୍ଗଲ୍ସ ପ୍ରି-କ୍ୱାର୍ଟର ମୁକାବିଲାରେ ଲକ୍ଷ୍ୟ ୧୯-୨୧, ୧୧-୨୧ ସିଧାସଳଖ ଗେମ୍‌ରେ ଘରୋଇ ଖେଳାଳି କୋଡାଇ ନାରାଓକାଙ୍କ ନିକଟରୁ ପରାସ୍ତ ହୋଇଛନ୍ତି। ଫଳରେ ଚଳିତ ବର୍ଷ ଅଲ୍ ଇଂଲଣ୍ଡ ଟୁର୍ଣ୍ଣାମେଣ୍ଟ ପରେ ଲକ୍ଷ୍ୟ କ୍ରମାଗତ ୫ମଥର ଲାଗି କ୍ୱାର୍ଟର ଫାଇନାଲକୁ ଉଠିବାରେ ବିଫଳ ହୋଇଛନ୍ତି। ଅପରପକ୍ଷରେ ପୁରୁଷ ଡବଲ୍ସରେ ବିଶ୍ୱର ପୂର୍ବତନ ଏକ ନମ୍ବର ଯୋଡ଼ି ଭାରତର ସାତ୍ୱିକସାଇରାଜ ରାଙ୍କିରେଡ୍ଡୀ ଓ ଚିରାଗ ସେଟ୍ଟୀ ମଧ୍ୟ ଦ୍ୱିତୀୟ ରାଉଣ୍ଡରେ ଅଟକିଯାଇଛନ୍ତି। ଏହି ଭାରତୀୟ ଯୋଡ଼ି ୨୨-୨୪, ୧୪-୨୧ ଗେମ୍‌ରେ ଚାଇନାର ଲିଆଙ୍ଗ କେଙ୍ଗ୍ ୱି ଓ ୱାଙ୍ଗ୍ ଚାଙ୍ଗ୍ ଯୋଡ଼ିଙ୍କ ନିକଟରୁ ପରାସ୍ତ ହୋଇଥିଲେ। ପୂର୍ବରୁ ଗତକାଲି ପିଭି ସିନ୍ଧୁ ମଧ୍ୟ ପ୍ରଥମ ରାଉଣ୍ଡରେ ପରାଜୟର ସମ୍ମୁଖୀନ ହୋଇଥିଲେ।

ସାହାଣୀ କପ୍

## ଇଞ୍ଜୁରୀ ଟାଇମ୍‌ରେ ଜିତିଲା ଖୋର୍ଦ୍ଧା

କଟକ,୧୭।୭ (ସମିସ): ଫୁଟବଲ ଆସୋସିଏସନ ଅଫ୍ ଓଡ଼ିଶା(ଫାଓ) ଏବଂ ରାଜ୍ୟ କ୍ରୀଡ଼ା ବିଭାଗ ମିଳିତ ଆନୁକୂଲ୍ୟରେ ୬୪ତମ ବରିଷ୍ଠ ପୁରୁଷ ଆନ୍ତଃଜିଲ୍ଲା ଫୁଟବଲ ଚାମ୍ପିଅନସିପ୍ ସାହାଣୀ କପ୍ ୪ଟି ଜୋନ୍‌ରେ ଖେଳାଯାଉଛି। ଗୁରୁବାର ଦ୍ୱିତୀୟ ଦିବସରେ କେନ୍ଦ୍ରାପଡ଼ା ଜୋନ୍‌ରେ ଅନୁଷ୍ଠିତ ଏକ ମ୍ୟାଚ୍‌ରେ ଖୋର୍ଦ୍ଧା ଇଞ୍ଜୁରୀ ଟାଇମ୍‌ରେ ୨ଟି ଗୋଲ୍ ସ୍କୋର କରି ରୋମାଞ୍ଚକ ବିଜୟ ହାସଲ କରିଥିଲା। ଖୋର୍ଦ୍ଧା ଏବଂ ପାରାଦୀପ ମଧ୍ୟରେ ମ୍ୟାଚ୍ ଖେଳାଯାଇଥିଲା। ଉଭୟ ଦଳ ପ୍ରଥମାର୍ଦ୍ଧରେ ୨ଟି ଲେଖାଏ ଗୋଲ ସ୍କୋର କରିଥିଲେ। ପାରାଦୀପର କେ. ରିତିକ୍, ପ୍ରକାଶ ନାୟକ, ଖୋର୍ଦ୍ଧାର ତୋଫାନ ନାୟକ ଏବଂ ରଞ୍ଜନ ସ୍ୱାଇଁ ଗୋଟିଏ ଲେଖାଏ ଗୋଲ ଦେଇଥିଲେ। ଦ୍ୱିତୀୟାର୍ଦ୍ଧର ୭୬ତମ ମିନିଟରେ ପ୍ରକାଶ ବ୍ୟକ୍ତିଗତ ଦ୍ୱିତୀୟ ଗୋଲ ଦେଇ ପାରାଦୀପକୁ ୩-୨ରେ ଆଗୁଆ ରହିଥିଲେ। ନିର୍ଦ୍ଧାରିତ ୯୦ ମିନିଟ ପର୍ଯ୍ୟନ୍ତ ପାରାଦୀପ ବିଜୟ ଆଶାରେ ରହିଥିଲା। ମାତ୍ର ଇଞ୍ଜୁରି ଟାଇମ୍‌ରେ ଖୋର୍ଦ୍ଧା ମ୍ୟାଚ୍‌ର ଚିତ୍ରପଟ୍ଟ ବଦଳାଇ ଦେଇଥିଲା। ୯୧ତମ ମିନିଟରେ ଚନ୍ଦନ ନାୟକ ଏବଂ ୯୫ତମ ମିନିଟରେ ତୋଫାନ ନାୟକଙ୍କ ଗୋଲ୍ ବଳରେ ଖୋର୍ଦ୍ଧା ଅବିଶ୍ୱସନୀୟ ବିଜୟ ହାସଲ କରିଥିଲା। କେନ୍ଦ୍ରାପଡ଼ା ଜୋନରେ ଅନ୍ୟ ଏକ ମ୍ୟାଚ୍‌ରେ କଟକ ୫-୦ ଗୋଲରେ ପୁରୀକୁ ହରାଇଛି। ସେହିପରି ବୌଦ୍ଧ ଜୋନରେ ବରଗଡ ୪-୦ ଗୋଲରେ କଳାହାଣ୍ଡିକୁ, ଦେବଗଡ଼ ୨-୦ ଗୋଲରେ ନୟାଗଡ଼କୁ, କେନ୍ଦୁଝର ଜୋନରେ ସୁବର୍ଣ୍ଣପୁର ୬-୦ ଗୋଲରେ ବାଲେଶ୍ୱରକୁ ହରାଇଥିବା ବେଳେ ସୁନ୍ଦରଗଡ଼ ଏବଂ ଢେଙ୍କାନାଳ ବିପକ୍ଷ ମ୍ୟାଚ୍ ୧-୧ ଗୋଲରେ ଡ୍ର ରହିଥିଲା। ବ୍ରହ୍ମପୁର ଜୋନରେ କୋରାପୁଟ ୪-୦ ଗୋଲରେ ମୟୂରଭଞ୍ଜକୁ ଏବଂ ମାଲକାନଗିରି ୮-୧ ଗୋଲରେ ରାୟଗଡାକୁ ହରାଇଛି।


କେଉଁଝର ଜୋନ୍‌ରେ ଅନୁଷ୍ଠିତ ଏକ ମ୍ୟାଚ୍


### ଅଗଷ୍ଟ ୧୦ରେ କଳିଙ୍ଗରେ ୱାର୍ଲ୍ଡ ଆଥ୍‌ଲେଟିକ୍ସ କଣ୍ଟିନେଣ୍ଟାଲ୍ ଟୁର୍

## ଯୋଗ୍ୟତା ମାନଦଣ୍ଡ ଜାରି କଲା ଏଏଫ୍‌ଆଇ

ଭୁବନେଶ୍ୱର, ୧୭ ।୭ (ସମିସ):

ଆଇକନିକ କଳିଙ୍ଗ ଷ୍ଟାଡିୟମରେ ଅଗଷ୍ଟ ୧୦ରେ ୱାର୍ଲ୍ଡ ଆଥ୍‌ଲେଟିକ୍ସ କଣ୍ଟିନେଣ୍ଟାଲ୍ ଟୁର୍ ବ୍ରୋଞ୍ଜ ଲେଭଲ୍ ମିଟ୍ ଅନୁଷ୍ଠିତ ହେବ। ୱାର୍ଲ୍ଡ ଆଥ୍‌ଲେଟିକ୍ସ (ଡବ୍ଲ୍ୟୁଏ), ଆଥ୍‌ଲେଟିକ୍ ଫେଡେରେସନ ଅଫ୍ ଇଣ୍ଡିଆ (ଏଏଫ୍‌ଆଇ) ଓ ରାଜ୍ୟ ସରକାରଙ୍କ ମିଳିତ ସହଯୋଗରେ ଏହି ଏକଦିବସୀୟ ମେଗା ଇଭେଣ୍ଟ ଆୟୋଜିତ ହେବ। ଏଥିରେ ଅଂଶଗ୍ରହଣ କରିବା ଲାଗି ଏଏଫ୍‌ଆଇ ପକ୍ଷରୁ ଗୁରୁବାର ଯୋଗ୍ୟତା ମାନଦଣ୍ଡ ଘୋଷଣା କରାଯାଇଛି। ପୁରୁଷ ଓ ମହିଳା ୧୦୦ ମିଟର ଲାଗି ଯଥାକ୍ରମେ ଯୋଗ୍ୟତା ମାନଦଣ୍ଡ ୧୦.୬୦ ଓ ୧୧.୮୦ ସେକେଣ୍ଡ ଧାର୍ଯ୍ୟ କରାଯାଇଛି। ସେହିଭଳି ପୁରୁଷ ୨୦୦ ମିଟର ଲାଗି ୨୧.୩୦ ସେକେଣ୍ଡ ଓ ମହିଳାଙ୍କ ଲାଗି ୨୩.୫୦ ସେକେଣ୍ଡ ରଖାଯାଇଛି। ତେବେ ଜାଭେଲିନ୍ ଇଭେଣ୍ଟରେ ଦୁଇଥରର ଅଲିମ୍ପିକ୍ସ ପଦକ ବିଜେତା ନୀରଜ ଚୋପ୍ରା ଏହି ପ୍ରତିଯୋଗିତାରେ ଭାଗନେବେ ନାହିଁ ବୋଲି ବୋଲି ଜଣାପଡ଼ିଛି।

**ଭାଗନେବେନି ନୀରଜ**



ଉଲ୍ଲେଖଯୋଗ୍ୟ, ୱାର୍ଲ୍ଡ ଆଥ୍‌ଲେଟିକ୍ସ ଆନୁକୂଲ୍ୟରେ ଆୟୋଜିତ ଏହି କଣ୍ଟିନେଣ୍ଟାଲ୍ ଟୁର୍ ହେଉଛି ଏକ ଟ୍ରାକ୍ ଆଣ୍ଡ ଫିଲ୍ଡ ପ୍ରତିଯୋଗିତାର ଏକ ବାର୍ଷିକ ସିରିଜ। ସମ୍ମାନଜନକ ଡାଏମଣ୍ଡ ଲିଗ୍ ପରେ ଏହା ଦ୍ୱିତୀୟସ୍ତରର ଏକଦିବସୀୟ ପ୍ରତିଯୋଗିତା। ସେହିଭଳି ବ୍ରୋଞ୍ଜ-ଲେଭଲ୍ ଟୁର୍ ମିଟ୍ ସ୍ୱର୍ଣ୍ଣ ଓ ରୌପ୍ୟସ୍ତରଠାରୁ କମ୍ ମାନ୍ୟତା। କଳିଙ୍ଗ ଷ୍ଟାଡିୟମରେ ଆୟୋଜିତ ହେବାକୁ ଥିବା ୱାର୍ଲ୍ଡ ଆଥ୍‌ଲେଟିକ୍ସ କଣ୍ଟିନେଣ୍ଟାଲ୍ ଟୁର୍ ବ୍ରୋଞ୍ଜ ଲେଭଲ୍ ମିଟ୍‌ରେ ଆୟୋଜକ ଭାରତ ସମେତ ୧୦ ଦେଶର ୧୫୦ରୁ ଊର୍ଦ୍ଧ୍ୱ ଆଥ୍‌ଲେଟ୍ ଭାଗନେବେ। ପୁରୁଷ, ମହିଳା ଓ ମିକ୍ସଡ୍ ବର୍ଗରେ ୨୦ଟି କ୍ରୀଡ଼ା ଇଭେଣ୍ଟରେ ଏହି ପ୍ରତିଯୋଗିତା ଆୟୋଜିତ ହେବ। ଏହି ପ୍ରତିଯୋଗିତା ସହ ଦୀର୍ଘ ୮ ବର୍ଷ ପରେ ଆଇକନିକ କଳିଙ୍ଗ ଷ୍ଟାଡିୟମକୁ ଏକ ବିଶ୍ୱସ୍ତରୀୟ ଦୌଡ଼କୁଦ ଇଭେଣ୍ଟ ଫେରିଛି। ଶେଷ ଓ ପ୍ରଥମଥର ଲାଗି ୨୦୧୭ରେ କଳିଙ୍ଗ ଷ୍ଟାଡିୟମରେ ଏସିଆନ୍ ଆଥ୍‌ଲେଟିକ ଚାମ୍ପିଅନସିପ୍ ଅନୁଷ୍ଠିତ ହୋଇଥିଲା।

**ଯୋଗ୍ୟତା ମାନଦଣ୍ଡ**

**ପୁରୁଷ**

| | |
|---|---|
| ୧୦୦ମି | ୧୦.୬୦ ସେକେଣ୍ଡ |
| ୨୦୦ମି | ୨୧.୩୦ ସେକେଣ୍ଡ |
| ୪୦୦ମି | ୪୬.୨୦ ସେକେଣ୍ଡ |
| ୮୦୦ମି | ୧:୪୮.୫୦ ସେକେଣ୍ଡ |
| ୫୦୦୦ମି | ୧୪:୧୦.୦୦ ସେକେଣ୍ଡ |
| ଲଙ୍ଗ ଜମ୍ପ | ୭.୮୦ ମିଟର |
| ଟ୍ରିପଲ ଜମ୍ପ | ୧୬.୬୦ ମିଟର |
| ଜାଭେଲିନ୍ | ୭୫ ମିଟର |

**ମହିଳା**

| | |
|---|---|
| ୧୦୦ମି | ୧୧.୮୦ ସେକେଣ୍ଡ |
| ୨୦୦ମି | ୨୩.୫୦ ସେକେଣ୍ଡ |
| ୪୦୦ମି | ୫୩.୦୦ ସେକେଣ୍ଡ |
| ୮୦୦ମି | ୨:୦୫.୦୦ ସେକେଣ୍ଡ |
| ୧୫୦୦ମି | ୪:୧୮.୦୦ ସେକେଣ୍ଡ |
| ୧୦୦ମି ହର୍ଡଲ୍ସ | ୧୩.୫୫ ସେକେଣ୍ଡ |
| ଲଙ୍ଗ ଜମ୍ପ | ୬.୦୦ ମିଟର |
| ଜାଭେଲିନ୍ | ୫୨ ମିଟର |


PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS